



- RNI REGD NO: 42041/83
- www.sakalaepaper.com
- /sakalanews
- /sakalanews
- www.thesakala.in

# ସକାଳ
THE SAKALA

PRINTED AT BHUBANESWAR ■ JEYPORE ■ SAMBALPUR ■ PANIKOILI

♦VOLUME- 43 ♦ISSUE-152 ♦FRIDAY ♦28 NOVEMBER 2025 ♦PAGE-12 ♦₹ 6.00 | PANIKOILI | ♦ବର୍ଷ-୪୩ ♦ସଂଖ୍ୟା-୧୫୨ ♦ଶୁକ୍ରବାର ♦୨୮ ନଭେମ୍ବର ୨୦୨୫ ♦ପୃଷ୍ଠା-୧୨ ♦ଟ.୬.୦୦


### ବିଧାନସଭାରେ ଜନପ୍ରତିନିଧିଙ୍କୁ ରାଷ୍ଟ୍ରପତିଙ୍କ ଗୁରୁମନ୍ତ୍ର

# ଉଚ୍ଚାରଣ, ଆଚରଣରେ ସଂଯମ ରହୁ

- ଗୃହରେ କ'ଣ କହୁଛନ୍ତି, କିପରି କହୁଛନ୍ତି ତାହା ସମସ୍ତେ ଜାଣି ପାରୁଛନ୍ତି
- ଏଠାକାର ଆତ୍ମୀୟ ପରିବେଶ କାରଣରୁ ମୁଁ ଭାବପ୍ରବଣ ହୋଇ ପଡ଼ିଛି
- ଓଡ଼ିଶାରେ ନାରୀ ସଶକ୍ତିକରଣର ଏକ ପ୍ରାଚୀନ ପରମ୍ପରା ରହି ଆସିଛି
- ଓଡ଼ିଶା କୋଳରେ ପ୍ରକୃତି ସବୁ ପ୍ରକାରର ପ୍ରାଚୁର୍ଯ୍ୟ ଅଜାଡ଼ି ଦେଇଛି
- ଏହାର ସଦୁପଯୋଗ ଓଡ଼ିଶାକୁ ଅଗ୍ରଣୀ ପ୍ରଦେଶରେ ପରିଣତ କରିପାରିବ

■ ଭୁବନେଶ୍ୱର, ୨୭।୧୧ (ସମିସ): ବର୍ତ୍ତମାନ ଟେକ୍ନୋଲୋଜିର ସମୟ, ଜନ ପ୍ରତିନିଧି ଭାବେ ଆପଣମାନେ ସାରା ରାଜ୍ୟରେ ଚିହ୍ନାମୁହଁ। ଆପଣମାନଙ୍କର ବହୁ ପ୍ରଶଂସକ ଏବଂ ଅନୁଗାମୀ ମଧ୍ୟ ରହିଛନ୍ତି। ଆପଣମାନେ କଣ କରୁଛନ୍ତି, କହୁଛନ୍ତି ତାହା ଜାଣିବା ପାଇଁ ସେମାନେ ଉତ୍ସୁକ ଥାଆନ୍ତି। ତେଣୁ ଆପଣମାନଙ୍କର ଉଚ୍ଚାରଣ ଓ ଆଚରଣ ଉଭୟ ମୂଲ୍ୟବାନ। ନେତା ଯାହା କରିବେ ଜନତା ତାହାକୁ ଅନୁସରଣ କରିବେ। ତେଣୁ ଆପଣମାନେ ନିଜ ଆଚରଣ ଏବଂ ଉଚ୍ଚାରଣକୁ ସଂଯମ ରଖିବାର ଆବଶ୍ୟକତା ରହିଛି ବୋଲି ପରାମର୍ଶ ଦେଇଛନ୍ତି ରାଷ୍ଟ୍ରପତି ଦ୍ରୌପଦୀ ମୁର୍ମୁ।

ବୁଧବାର ଅପରାହ୍ନରେ ବିଧାନସଭାକୁ ସମ୍ବୋଧନ କରି ରାଷ୍ଟ୍ରପତି କହିଛନ୍ତି ଯେ ଆଜି ଘରକୁ ଆସିଲା ପରି ଲାଗୁଛି। ଦେଶର ଏକାଧିକ ରାଜ୍ୟ, ରାଜ୍ୟ ବିଧାନସଭା, ବିଶ୍ୱର କେତେକ ଦେଶର ସଂସଦକୁ ସମ୍ବୋଧନ କରିବାର ସୁଯୋଗ ଲାଭ କରିଛି। ମାତ୍ର ଓଡ଼ିଶା ବିଧାନସଭାକୁ ସମ୍ବୋଧନ କରିବା ମୋ ପାଇଁ ଖୁସିର ବିଷୟ। ମୁଁ ଗାଁରୁ ଏକ ସାଧାରଣ ଝିଅ ହୋଇ ଆସିଥିଲି। ଏହି ଗୃହ ମୋତେ କଥା କୁହା ଶିଖାଇଛି। ଆଜି ମୁଁ ଯେଉଁଠି ଅଛି ତାହାର ସମସ୍ତ ଶ୍ରେୟ ଏହି ଗୃହର। ଯଦି ଓଡ଼ିଶାର ଜନସାଧାରଣ, ଜଗନ୍ନାଥଙ୍କର ଆଶୀର୍ବାଦ ନଥାନ୍ତା, ତାହେଲେ ମୁଁ ଆଜି ଯେଉଁଠି ଅଛି ସେଇଠି ପହଞ୍ଚି ପାରିନଥାନ୍ତି ବୋଲି ରାଷ୍ଟ୍ରପତି କହିଛନ୍ତି। ସେ ପୁଣି କହିଛନ୍ତି ଯେ ଏହି ଗୃହରେ ମୁଁ ବିଧାୟକ ଭାବେ ପ୍ରଶ୍ନ ପଚାରିଛି। ମନ୍ତ୍ରୀ ଭାବେ ବିଭିନ୍ନ ପ୍ରଶ୍ନର ଉତ୍ତର ମଧ୍ୟ ଦେଇଛି। ବିଭିନ୍ନ ସ୍ଥାୟୀ



କମିଟିର ଅଧ୍ୟକ୍ଷ ତଥା ସଦସ୍ୟ ଭାବେ ମୁଁ ମୋର ଚିନ୍ତା ପ୍ରକଟ କରିବାର ସୁଯୋଗ ପାଇଛି। ବିଧାୟକ ଭାବେ କେନ୍ଦ୍ରମନ୍ତ୍ରୀ ଧର୍ମେନ୍ଦ୍ର ପ୍ରଧାନ, ମୁଖ୍ୟମନ୍ତ୍ରୀ ମୋହନ ଚରଣ ମାଝୀଙ୍କ ସହ ସେ ବିଧାନସଭାରେ ପ୍ରବେଶ କରିଥିଲି। ଓଡ଼ିଶା କେବଳ ଏକ ପ୍ରାଚୀନ ଭୂଖଣ୍ଡ କିମ୍ବା ଆଧୁନିକ ପ୍ରଦେଶ ▶ପୃଷ୍ଠା-୭

### ସାମାଜିକ ଗଣମାଧ୍ୟମରେ ଅଶ୍ଳୀଳତାକୁ ନେଇ ସୁପ୍ରିମକୋର୍ଟ ଚିନ୍ତିତ

# ୪ ସପ୍ତାହ ମଧ୍ୟରେ କଠୋର ନିୟମ ଆଣିବାକୁ ନିର୍ଦ୍ଦେଶ

■ ନୂଆଦିଲ୍ଲୀ, ୨୭।୧୧ (ଏଜେନ୍ସି): ସାମାଜିକ ଗଣମାଧ୍ୟମରେ ଅଶ୍ଳୀଳ ବିଷୟବସ୍ତୁ (କଣ୍ଟେଣ୍ଟ)କୁ ନେଇ ସୁପ୍ରିମକୋର୍ଟ ଚିନ୍ତା ପ୍ରକଟ କରିଛନ୍ତି। ଏ ସମ୍ବନ୍ଧିତ ଦୁଇଟି ମାମଲାର ଶୁଣାଣି କରି ଗୁରୁବାର ବଡ଼ ନିର୍ଦ୍ଦେଶ ଦେଇଛନ୍ତି। ସାମାଜିକ ଗଣମାଧ୍ୟମରେ ପୋଷ୍ଟ କରାଯାଉଥିବା ଫଟୋ, ଭିଡିଓ ଏବଂ ଅନ୍ୟ ସବୁ ବିଷୟବସ୍ତୁ ପାଇଁ କାହାକୁ ନା କାହାକୁ ଉତ୍ତରଦାୟୀ କରିବାକୁ ହେବ ବୋଲି ସର୍ବୋଚ୍ଚ ନ୍ୟାୟାଳୟ କହିଛନ୍ତି। ଏ ସମ୍ବନ୍ଧରେ ୪ ସପ୍ତାହ ମଧ୍ୟରେ ନୂଆ ଆଇନ ଆଣିବାକୁ କେନ୍ଦ୍ର ସରକାରଙ୍କୁ ନିର୍ଦ୍ଦେଶ ଦେଇଛନ୍ତି। ଏହାକୁ ଏସ୍‌ସି/ଏସ୍‌ଟି ଆଇନ ଭଳି କଠୋର କରିବାକୁ କୋର୍ଟ ପରାମର୍ଶ ଦେଇଛନ୍ତି। ସେହିପରି ଦିବ୍ୟାଙ୍ଗଙ୍କୁ ଅପମାନିତ କରିବା ମାମଲାରେ 'ଇଣ୍ଡିଆଜ ଗଟ୍ ଲାଟେଣ୍ଟ'ର ଉପସ୍ଥାପକ ତଥା ୟୁଟ୍ୟୁବର ସମୟ ରୈନାଙ୍କୁ ନିଜ ଦାୟିତ୍ୱ ପ୍ରତି ସଚେତନ କରାଇଛନ୍ତି। ନିଜ ଶୋ'ରେ ଦିବ୍ୟାଙ୍ଗ ଲୋକଙ୍କ ସଫଳତାର କାହାଣୀ ଦେଖାଇବାକୁ ଏବଂ ଦିବ୍ୟାଙ୍ଗଙ୍କ ପାଇଁ ପାଣ୍ଠି ସଂଗ୍ରହ କରିବାକୁ ନିର୍ଦ୍ଦେଶ ଦେଇଛନ୍ତି। ରୈନାଙ୍କୁ ପ୍ରଧାନ ବିଚାରପତି (ସିଜେଆଇ) ସୂର୍ଯ୍ୟକାନ୍ତ କହିଥିଲେ ଯେ ଆଗାମୀ ଶୁଣାଣି ପୂର୍ବରୁ କିଛି ଭଲ କାର୍ଯ୍ୟ କରି ଏଠାକୁ ଆସିବେ ବୋଲି ▶ପୃଷ୍ଠା-୭




**ନିଜ ଦାୟିତ୍ୱ ପ୍ରତି ସଚେତନ ରୁହନ୍ତୁ ୟୁଟ୍ୟୁବର୍**

## ରାଷ୍ଟ୍ରପତିଙ୍କ ସାମଗ୍ରିକ ଜୀବନ ଅନୁକରଣୀୟ



ମହାମହିମ ରାଷ୍ଟ୍ରପତି ଦ୍ରୌପଦୀ ମୁର୍ମୁ ଆମ ବିଧାନସଭାରୁ ତାଙ୍କର ସକ୍ରିୟ ରାଜନୈତିକ ଜୀବନ ଆରମ୍ଭ କରିଥିଲେ। ସେ ନିଜର କଠୋର ଅଧ୍ୟବସାୟ ଓ ତ୍ୟାଗ ଫଳରେ ଦେଶର ସର୍ବୋଚ୍ଚ ସ୍ଥାନ ଅଲଙ୍କୃତ କରିଛନ୍ତି। ବିଧାୟକ, ମନ୍ତ୍ରୀ, ରାଜ୍ୟପାଳ ଏବଂ ରାଷ୍ଟ୍ରପତି ଭାବେ ସେ ଅନନ୍ୟ ଉଦାହରଣ ସୃଷ୍ଟି କରିଛନ୍ତି। ତାଙ୍କ ସାର୍ବଜନୀନ ଏବଂ ରାଜନୈତିକ ଜୀବନ ସମସ୍ତଙ୍କ ପାଇଁ ଅନୁକରଣୀୟ ବୋଲି ମୁଖ୍ୟମନ୍ତ୍ରୀ ମୋହନ ଚରଣ ମାଝୀ କହିଛନ୍ତି। ବିଧାନସଭାରେ ରାଷ୍ଟ୍ରପତିଙ୍କ ସମ୍ବୋଧନ ପ୍ରରିପେକ୍ଷୀରେ ମୁଖ୍ୟମନ୍ତ୍ରୀ ନିଜ ଅଭିଭାଷଣ ରଖି କହିଥିଲେ ଯେ ଦୀର୍ଘ ୭୫ ବର୍ଷର ଓଡ଼ିଶା ବିଧାନ ସଭା ଇତିହାସରେ ପ୍ରଥମ ଥର ପାଇଁ ଦେଶର ପ୍ରଥମ ନାଗରିକ ବିଧାନସଭାକୁ ସମ୍ବୋଧନ ଓ ମାର୍ଗଦର୍ଶନ ସମସ୍ତଙ୍କ ପାଇଁ ଶିକ୍ଷଣୀୟ। ପ୍ରାୟ ଏକ ଚତୁର୍ଥାଂଶ ଜନଜାତି ସଂପ୍ରଦାୟ ଥିବା ରାଜ୍ୟ ଓଡ଼ିଶାର ସେହି ସଂପ୍ରଦାୟରୁ ଦେଶର ରାଷ୍ଟ୍ରପତି ତଥା ପ୍ରଥମ ନାଗରିକ ଭାବେ ସେବା ▶ପୃଷ୍ଠା-୭

## ରାଷ୍ଟ୍ରପତି ଏ ମାଟିର ଗୌରବ ବୃଦ୍ଧି କରିଛନ୍ତି



ଏ ମାଟିର ଝିଅ ଆଜି ଦେଶର ରାଷ୍ଟ୍ରପତି, ଏଥିପାଇଁ ଏ ମାଟି ଗୌରବାନ୍ୱିତ। ଆହୁରି ଗର୍ବର କଥା ଯେ ସେ ତାଙ୍କର ରାଜନୈତିକ ଜୀବନ ୨୫ ବର୍ଷ ତଳେ ଓଡ଼ିଶା ବିଧାନସଭାରୁ ଆରମ୍ଭ କରିଥିଲେ। ଆଜି ସେ ଦେଶର ରାଷ୍ଟ୍ରପତି ହୋଇ ଏ ମାଟିର ଗୌରବ ବୃଦ୍ଧି କରିଛନ୍ତି ବୋଲି କହିଛନ୍ତି ବିରୋଧୀ ଦଳ ନେତା ନବୀନ ପଟ୍ଟନାୟକ। ବିଧାନସଭାରେ ରାଷ୍ଟ୍ରପତିଙ୍କ ଉଦ୍‌ବୋଧନ ପୂର୍ବରୁ ନିଜ ଅଭିଭାଷଣରେ କହିଛନ୍ତି ଯେ ଓଡ଼ିଶା ଓ ଓଡ଼ିଶାବାସୀଙ୍କ ପାଇଁ ଏହା ଏକ ଗୌରବର ମୁହୂର୍ତ୍ତ। ଆମ ରାଜ୍ୟରୁ ଆସିଥିବା ଭାରତର ରାଷ୍ଟ୍ରପତି ଆଜି ଓଡ଼ିଶା ବିଧାନସଭାକୁ ସମ୍ବୋଧିତ କରୁଛନ୍ତି। ରାଷ୍ଟ୍ରପତିଙ୍କ ଅଭିଭାଷଣ, ଆମ ଦେଶ ବର୍ତ୍ତମାନ ସମ୍ମୁଖୀନ ହେଉଥିବା ଆହ୍ୱାନ ପରିପ୍ରେକ୍ଷୀରେ ବିଶେଷ ଗୁରୁତ୍ୱ ବହନ କରୁଛି। ବିବିଧତା ମଧ୍ୟରେ ଏକତା ହେଉଛି ଆମ ରାଷ୍ଟ୍ରର ସୌନ୍ଦର୍ଯ୍ୟ। ଭାରତୀୟ ରାଜନୀତିକୁ ସୁଦୃଢ଼ କରିବାରେ ବିଭିନ୍ନ ଭାଷା, ▶ପୃଷ୍ଠା-୭

# ରେକର୍ଡ ଭାଙ୍ଗିଲା ନଭେମ୍ବର ଶୀତ

- ୭୧ ବର୍ଷ ପରେ ଝାରସୁଗୁଡ଼ାରେ ପାରଦ ସର୍ବନିମ୍ନ ସ୍ତରରେ
- ଦୁଇ ଦିନ ମଧ୍ୟରେ ଆହୁରି ୩ ଡ଼ିଗ୍ରୀ ଖସିବ ତାପମାତ୍ରା
- ବଙ୍ଗୋପସାଗରରେ ସୃଷ୍ଟି ହେଲା ଆଉ ଏକ ବାତ୍ୟା 'ଡିଟୱା'
- ଓଡ଼ିଶା ଉପରେ ପ୍ରଭାବହୀନ, ରାଜ୍ୟକୁ ବହିବ ଥଣ୍ଡା ପବନ

■ ଭୁବନେଶ୍ୱର, ୨୭ ।୧୧ (ସମିସ): ରାଜ୍ୟକୁ ପୁଣି ଫେରିଛି ଶୀତ। ଦୁଇ ତିନି ଦିନ ହେବ ତାପମାତ୍ରାରେ କ୍ରମାଗତ ହ୍ରାସ ଫଳରେ ଥଣ୍ଡାର ପ୍ରଭାବ ବୃଦ୍ଧି ପାଇଛି।ଅନେକ ସ୍ଥାନରେ ସର୍ବନିମ୍ନ ତାପମାତ୍ରା ୧୦ ଡିଗ୍ରୀ ତଳକୁ ଖସିଛି। ଗତ ୨୪ ଘଣ୍ଟାରେ ରାଜ୍ୟର ଝାରସୁଗୁଡ଼ାରେ ତାପମାତ୍ରା ସର୍ବନିମ୍ନ ତାପମାତ୍ରା ୮.୧ ଡିଗ୍ରୀକୁ ହ୍ରାସ ହୋଇଛି। ଗତ ୭୧ ବର୍ଷ ପରେ ନଭେମ୍ବର ମାସରେ ଝାରସୁଗୁଡ଼ାରେ ଶୀତ ରେକର୍ଡ ସ୍ତରକୁ ଖସିଛି। ସେହିପରି ଜି. ଉଦୟଗିରିରେ ତାପମାତ୍ରା ୭.୪ ଡିଗ୍ରୀ ରେକର୍ଡ ହୋଇଥିବା ବେଳେ ରାଉରକେଲା ୭.୭, ସେମିଳିଗୁଡ଼ା ୮.୬, କିରେଇ ୯.୩, ▶ପୃଷ୍ଠା-୭





| MODEL | 125 CF | NS 125 | 150 | N160 | NS 160 | NS 200 |
| --- | --- | --- | --- | --- | --- | --- |
| 100% GST ଲାଭ | ₹7 963/-* | ₹9 240/-* | ₹10 059/-* | ₹11 424/-* | ₹11 636/-* | ₹12 943/-* |
| PF + ବୀମା ସଞ୍ଚୟ | ₹2 900/-* | ₹3 300/-* | ₹3 600/-* | ₹4 200/-* | ₹4 200/-* | ₹4 800/-* |
| ହ୍ୟାଟ୍-ଟ୍ରିକ୍ ସଞ୍ଚୟ | ₹10 863/-* | ₹12 540/-* | ₹13 659/-* | ₹15 624/-* | ₹15 836/-* | ₹17 743/-* |

10 YEAR WARRANTY | BAJAJ SECURE • AMC • ROAD SIDE ASSISTANCE | 72198 21111 | HDFC BANK | SHRIRAM Finance | IDFC FIRST Bank ALWAYS YOU FIRST | BAJAJ AUTO CREDIT | L&T Finance | TATA CAPITAL Two Wheeler Loans

*ସର୍ତ୍ତ ଓ ନିୟମାବଳୀ ଲାଗିବ । ହ୍ୟାଟ୍-ଟ୍ରିକ୍ ସଞ୍ଚୟ 25 ନଭେମ୍ବର 2025 ଠାରୁ 25 ଡିସେମ୍ବର 2025 ପର୍ଯ୍ୟନ୍ତ ପ୍ରଯୁଜ୍ୟ । ଉଦ୍ଧୃତ ମୋଟ ସଞ୍ଚୟ ହେଉଛି 100% ଜିଏସ୍‌ଟି ବେନିଫିଟ୍ ରୁ ସଞ୍ଚୟ (ଏକ୍ସ ଶୋ-ରୁମ୍ ମୂଲ୍ୟ ଓ ତଦ୍‌ଜନିତ ଆର୍‌ଟିଓ ଟ୍ୟାକ୍ସ ରେ), ଶୂନ୍ୟ ପ୍ରୋସେସିଙ୍ଗ ଫୀ ଓ 1 ବର୍ଷର ଓନ୍ ଡ୍ୟାମେଜ୍ ବୀମା (ଓଡି), ଶୂନ୍ୟ ପିଏଫ୍ ଏବଂ ଓଡି ରେ ସଞ୍ଚୟ ଫ୍ୟୁଏଡ ଫାଇନାନ୍ସର/ଇନସ୍ୟୋରର୍ ଉପରେ ନିର୍ଭର କରି ବିଭିନ୍ନ ଅଞ୍ଚଳରେ ଅଲଗା ହୋଇପାରେ । ଫାଇନାନ୍ସର୍ ଙ୍କ ନିଜସ୍ୱ ବିବେଚନା ଆଧାରରେ ଫାଇନାନ୍ସ । ଷ୍ଟଣ୍ଟଗୁଡ଼ିକ ଏକ୍ସପର୍ଟ ମାନଙ୍କ ଦ୍ୱାରା, ପେଶାଦାରମାନଙ୍କ ତତ୍ତ୍ୱାବଧାନରେ, ନିୟନ୍ତ୍ରିତ ଓ ଆବଦ୍ଧ ବାତାବରଣରେ, ଜନସାଧାରଣ ବା ପବ୍ଲିକ୍ ରୋଡ୍ ଠାରୁ ଅଲଗାରେ କରାଯାଇଛି । ଏସବୁ ଷ୍ଟଣ୍ଟ ନକଲ କରିବାର ଅପଚେଷ୍ଟା କରନ୍ତୁ ନାହିଁ ଏବଂ ସବୁବେଳେ ଟ୍ରାଫିକ୍ ଓ ସେଫ୍‌ଟୀ ନିୟମଗୁଡ଼ିକ ପାଳନ କରନ୍ତୁ ।

**Authorised Dealers for BAJAJ Auto Ltd.: Jajpur Road** PARIDA BAJAJ 7381012602 • **Dhenkanal** SHIVAM BAJAJ 7873922722 • **Jajpur Road** PARIDA BAJAJ 7381012602 • **Rahama** MAITREE BAJAJ 9668801781 • **Cuttack: Badambadi** SURAJ BAJAJ 8093066603 • **Shikharpur RASHMI BAJAJ 9237379210** • **Satichaura RASHMI BAJAJ 9237379211** • **Chandikhole** TARINI BAJAJ 9937310800. • **Pattamundai MAITREE BAJAJ 7064987720/9668801781**, • **Kendrapara** TARINI BAJAJ 8338944471 • **Rajnagar** MAITREE BAJAJ 7064987720/9668801781 • **Anandapur** PARIDA BAJAJ 7381670007, • **Udala** BALA BAJAJ 8260843646 • **Jaleswar** SURAJ BAJAJ **9124626016**, • **Markona** SURAJ BAJAJ **9124626001** • **Basudevpur SHANKAR BAJAJ 9040902802** • **Rairangpur BALA BAJAJ 9583777236** • **Harichandanpur JR BAJAJ 7008484029 Authorised Service Centre: Balianta 7978570067, Balipatna** 9861061389, **Khurda** 9937785586, **Jatni** 8339062656, **Jagamara 9777042612, Sundarpada 9777042612, Iginia** 7064422415, **Nimapada 9437030368, Charichak 8018881850, Kakatpur 9776125534**,, **Tangi (Khurda)** 8984562569, **Phulnakhara 9437410737, Niali 9437511829, Choudwar 7735864350, Salepur** 9040452661, **Jagatsinghpur** 9437273939, **Ersama** 8018800801, **Kuakhia** 9937312014, **Chhatia** 9040084846, **Jajpur Town** 9937888777, **Bhuban 9438570111/9583574510, Rasol 9938656276/9937513419, Athgarh** 9937289417, **Bidharpur** 7008503281, **Banki 7978336450, Rambha** 7381099445. **Kostha** 7735338348

● ଦିଲ୍ଲୀ ପ୍ରଦୂଷଣକୁ ନେଇ ସୁପ୍ରିମକୋର୍ଟ ଅସହାୟ

# ବାୟୁ ସଫା ହେବା ଭଳି ଯାଦୁବାଡ଼ି ଆମ ପାଖରେ ନାହିଁ

ନୂଆଦିଲ୍ଲୀ, ୨୭।୧୧ (ଏଜେନ୍ସି): ଦିଲ୍ଲୀ-ଏନ୍‌ସିଆରରେ ପ୍ରଦୂଷଣରୁ ଜନତାଙ୍କୁ ତ୍ରାହି ମିଳୁନାହିଁ। ଲୋକେ ପ୍ରଦୂଷଣରେ ଅତିଷ୍ଠ ହୋଇ ଚାଲିଥିବାବେଳେ ସୁପ୍ରିମକୋର୍ଟ ଗୁରୁବାର ଏହି ମାମଲା ଉପରେ ଶୁଣାଣି କରି ସ୍ଥିତିକୁ ନେଇ ଅସହାୟତା ପ୍ରକାଶ କରିଛନ୍ତି। ପ୍ରଧାନ ବିଚାରପତି (ସିଜେଆଇ) ସୂର୍ଯ୍ୟକାନ୍ତ ଏବଂ ଜଷ୍ଟିସ ଜୟମାଲ୍ୟ ବାଗଚୀଙ୍କ ଖଣ୍ଡପୀଠ କହିଛନ୍ତି ଯେ ଦିଲ୍ଲୀ-ଏନସିଆରକୁ ପ୍ରଦୂଷଣରୁ ମୁକ୍ତି ଦେବା ଭଳି କୌଣସି ଯାଦୁର ଛଡ଼ ସୁପ୍ରିମକୋର୍ଟଙ୍କ ପାଖରେ ନାହିଁ। ଏହା ଦିଲ୍ଲୀ ବାସୀଙ୍କ ପାଇଁ ବିପଜ୍ଜନକ ବୋଲି ଆମେ ଜାଣିଛୁ। ଏପରି କି ନିର୍ଦ୍ଦେଶ ଦେଲେ ବାୟୁ ତୁରନ୍ତ ସଫା ହୋଇଯିବ ତାହା ଜଣାନ୍ତୁ ବୋଲି ବରିଷ୍ଠ ଓକିଲ ଅପରାଜିତା ସିଂହଙ୍କୁ ଖଣ୍ଡପୀଠ ପଚାରିଛନ୍ତି। ସିଜେଆଇ କହିଥିଲେ ଯେ ଆମେ ବି ଦିଲ୍ଲୀ-ଏନ୍‌ସିଆରର ବାସିନ୍ଦା। ବିଚାରପତି ମଧ୍ୟ ଏହି ସ୍ଥିତିର ସମ୍ମୁଖୀନ ହେଉଛନ୍ତି। ଦିଲ୍ଲୀର ବାୟୁ ମାନ ସୂଚକାଙ୍କ (ଏକ୍ୟୁଆଇ) ବିଗିଡ଼ିବା ପଛରେ ଅନେକ କାରଣ ରହିଛି। କେବଳ ଗୋଟିଏ କାରଣକୁ କାରକ ଧରିବା ବହୁତ ବଡ଼ ଭୁଲ ହେବ। ସମସ୍ୟା କ'ଣ ତାହା ସମସ୍ତେ ଜାଣନ୍ତି। ପ୍ରଦୂଷଣର ସବୁ କାରଣ ସନ୍ଧାନ କରି ଏହାର ସମାଧାନ ଖୋଜିବା ଜରୁରୀ। ଡିସେମ୍ବର ୧ରେ ଏହି ମାମଲାର ପରବର୍ତ୍ତୀ ଶୁଣାଣି ହେବ।

ବରିଷ୍ଠ ଓକିଲ ଅପରାଜିତା ସିଂହ କହିଥିଲେ ଯେ ଦିଲ୍ଲୀ ପ୍ରଦୂଷଣ ସ୍ୱାସ୍ଥ୍ୟ ଜନିତ ଜରୁରୀ ପରିସ୍ଥିତି ସୃଷ୍ଟି କରୁଛି। ଏହାର ସମାଧାନ କେବଳ କାଗଜପତ୍ରରେ ସୀମିତ ରହୁଛନ୍ତି। ତୃଣମୂଳସ୍ତରରେ କିଛି କାରାଯା ନାହିଁ।



ଖଣ୍ଡପୀଠ କହିଥିଲେ ଯେ ଏହି ମାମଲା ଉପରେ କ'ଣ କରାଯାଇପାରିବ ତାହା ସୋମବାର ଦେଖାଯିବ। କେବଳ ଦୀପାବଳି ଭଳି ସ୍ୱତନ୍ତ୍ର ଦିନରେ ଏହି ମାମଲା ଉଠାଇଲେ ସମାଧାନ ବାହାରି ପାରିବ ନାହିଁ। ଶୀତ ପରେ ଏହି ମାମଲା ଶୀଥିଳ ହୋଇଯାଏ। ତେଣୁ ଏହାର ନିୟମିତ ଶୁଣାଣି ହେବା ଉଚିତ।

● ଦିଲ୍ଲୀ ହାଇକୋର୍ଟଙ୍କ ନିର୍ଦ୍ଦେଶ

# କ୍ରିକେଟ ବେଟିଂରୁ ଲାଭ ଉପାର୍ଜନ ଅପରାଧ

ନୂଆଦିଲ୍ଲୀ, ୨୭।୧୧ (ଏଜେନ୍ସି): ଅନ୍ତର୍ଜାତୀୟ କ୍ରିକେଟ ବେଟିଂ ର୍‍ୟାକେଟ ସମ୍ବନ୍ଧିତ ୬ ଆବେଦନକୁ ଦିଲ୍ଲୀ ହାଇକୋର୍ଟ ଖାରଜ କରିଦେଇଛନ୍ତି। ଏହି ନେଟୱର୍କ ଅପରାଧ ଉପରେ ଛିଡ଼ା ହୋଇଥିଲା। ତେଣୁ ଏଥିରୁ ଉପାର୍ଜିତ ପ୍ରତ୍ୟେକ ଲାଭ ଅପରାଧ ବୋଲି ହାଇକୋର୍ଟ କହିଛନ୍ତି। କ୍ରିକେଟ ବେଟିଂ ସହ ଜଡ଼ିତ ମୁକେଶ କୁମାର, ଉମେଶ ଚୌଟାଲିଆ, ନରେଶ ବଂଶଲ, ଘନଶ୍ୟାମ ଭାଇ ପଟେଲ ଏବଂ ଅନ୍ୟମାନେ ଏହି ଆବେଦନ ଉପରେ ଆସିଛି। ପ୍ରବର୍ତ୍ତନ ନିର୍ଦ୍ଦେଶାଳୟ (ଇଡି) ଜାରି କରିଥିବା ଅସ୍ଥାୟୀ ସମ୍ପତ୍ତି ଜବତ ଏବଂ ନୋଟିସକୁ ରଦ୍ଦ କରିବାକୁ ଦାବି କରାଯାଇଥିଲା। କ୍ରିକେଟ ବେଟିଂ ପିଏମଏଲଏରେ ଅପରାଧ ନୁହେଁ। ତେଣୁ ସମ୍ପତ୍ତିକୁ ବେଆଇନ ଧରାଯାଇପାରିବ ନାହିଁ ବୋଲି କୁହାଯାଇଥିଲା। ରାୟ ଦେଇ ହାଇକୋର୍ଟ କହିଥିଲେ ଯେ ଆବେଦନକୁ ଖାରଜ କରାଯାଉଛି। ଏହି ର୍‍ୟାକେଟ ଅପରାଧ ଉପରେ



ତିଷ୍ଠି ଥିଲା। ଡିଜିଟାଲ ଠକେଇ, ଜାଲ୍ କେୱାଇସି, ହାୱାଲା ଚେନ୍ ଏବଂ ବିନା କାଗଜପତ୍ରରେ ସୁପର ମାଷ୍ଟର ଲଗଇନ ଆଇଡି ମୁଖ୍ୟ ଅପରାଧର ମୂଳଦୁଆ ଥିଲା। ଏହି ସବୁ ବିଷାକ୍ତ ଗଛ ଭଳି। ଗଛ ବିଷ ହୋଇଥିଲେ, ଫଳ କେମିତି ବୈଧ ହୋଇଯିବ। ତେବେ କୋର୍ଟ ବେଟିଂକୁ ବିଷାକ୍ତ ଗଛ କହିନାହାନ୍ତି। ପିଏମଏଲଏ ଅଧିନରେ ଏହା ଅପରାଧ ନୁହେଁ। ଠକେଇ, ଜାଲ୍ ପରିଚୟ ପତ୍ର, ହାୱାଲା, ଜାଲ୍ ସିମ ଆଧାରିତ ଡିଜିଟାଲ ନେଟୱର୍କ ବିଷାକ୍ତ ବିଷ ଭଳି। ଏହା ମାଧ୍ୟମରେ ସୁପର ମାଷ୍ଟର ଆଇଡି କ୍ରୟ ଏବଂ ର୍‍ୟାକେଟ ପରିଚାଳନା କରାଯାଉଥିଲା। ଏହା ମାଧ୍ୟମରେ ମାରୁତି ଅହମଦାବାଦ ନେଟୱର୍କ ୨୦୧୪ ଡିସେମ୍ବରରୁ ୨୦୧୫ ମାର୍ଚ୍ଚ ମଧ୍ୟରେ ୨୪୬୯ କୋଟି ଟଙ୍କା ଆୟ କରିଥିଲା। ଏଥିରୁ ୬୦ କୋଟି ଆବେଦନକାରୀଙ୍କ ପାଖରେ ପହଞ୍ଚି ଥିଲା। ତେଣୁ ଇଡି ଉଚିତ କାର୍ଯ୍ୟାନୁଷ୍ଠାନ ଗ୍ରହଣ କରିଛି।

## ଏକରୁ ଅଧିକ ବିବାହ କଲେ ୧୦ ବର୍ଷ ଜେଲ୍

ଗୌହାଟୀ, ୨୭।୧୧(ଏଜେନ୍ସି): ଆସାମ ବିଧାନସଭାରେ ବହୁ ବିବାହକୁ ରୋକିବା ପାଇଁ ପଲିଗାମୀ ବିଲ୍ ପାସ୍ ହୋଇଛି। ଏହି ଆସାମ ପ୍ରୋହିବିସନ ଅଫ୍ ପଲିଗାମୀ ବିଲ୍ ଅନୁସାରେ ଜଣେ ବ୍ୟକ୍ତି ଏକରୁ ଅଧିକ ବିବାହ କରିପାରିବେ ନାହିଁ। ତେବେ ଏହି ଆଇନ୍ ଷଷ୍ଠ ସିଡ୍ୟୁଲ ଅଞ୍ଚଳ ଓ ସିଡ୍ୟୁଲ ଟ୍ରାଇବ୍ ବର୍ଗ ଉପରେ ଲାଗୁ ହେବ ନାହିଁ। ଏହି କ୍ଷେତ୍ରରେ ଆଞ୍ଚଳିକ ପ୍ରଥାକୁ ଦୃଷ୍ଟିରେ ରଖି ଏପରି ନିଷ୍ପତ୍ତି ନିଆଯାଇଛି ବୋଲି କୁହାଯାଇଛି। ଗୁରୁବାର ଏହି ବିଲ୍ ପାସ୍ ହୋଇଛି। ଏହା ଅନୁସାରେ ଯଦି ଜୀବନସାଥି ଜୀବିତ ଅଛନ୍ତି ଓ ତାଙ୍କଠାରୁ ଆଇନଗତ ଭାବେ ଛାଡ଼ପତ୍ର ନିଆଯାଇନାହିଁ, ତେବେ ଅନ୍ୟ କାହା ସହ ବିବାହ କଲେ ତାହକୁ ଅପରାଧ ବୋଲି ବିବେଚନା କରାଯାବ। ଏଭଳି କ୍ଷେତ୍ରରେ ଜଣେ ବ୍ୟକ୍ତିଙ୍କୁ ୭ ବର୍ଷ ଜେଲ ଓ ଜରିମାନାରେ ଦଣ୍ଡିତ କରାଯିବ। ଏଥିସହ ପୀଡିତାଙ୍କୁ ୧.୪୦ ଲକ୍ଷ ଟଙ୍କା ଅନୁକମ୍ପାମୂଳକ ରାଶି ଭାବେ ଦେବାକୁ ହେବ। ପୁଣି ଯଦି କୌଣସି ବ୍ୟକ୍ତି ନିଜର ପ୍ରଥମ ବିବାହକୁ ଲୁଚାଇ ଦ୍ୱିତୀୟ ବିବାହ କରିଛନ୍ତି, ତେବେ ତାଙ୍କୁ ୧୦ ବର୍ଷ ଜେଲ ଓ ଜରିମାନା ଦେବାକୁ ହେବ। ଏହି ଅପରାଧ ଦୋହରାଇଲେ ଦଣ୍ଡ ମଧ୍ୟ ସେହି ଅନୁସାରେ ବୃଦ୍ଧି ପାଇବ। ପୁଣି ଏହି ଅପରାଧ କରିଥିବା ବ୍ୟକ୍ତି ସ୍ଥାନୀୟ ସଂସ୍ଥାଗତ ନିର୍ବାଚନ ଲଢିପାରିବେ ନାହିଁ ଓ ସରକାରୀ ଚାକିରି କରିପାରିବେ ନାହିଁ ବୋଲି କୁହାଯାଇଛି।

## ୧୫ ବର୍ଷ ପରେ ଚୀନ୍‌ରେ ରେଳ ଦୁର୍ଘଟଣା; ୧୧ ମୃତ

ବେଜିଂ, ୨୭।୧୧(ଏଜେନ୍ସି): ଚୀନର ଦାକ୍ଷିଣାତ୍ୟ ରାଜ୍ୟ ୟୁନାନ୍‌ରେ ଗୁରୁବାର ସକାଳେ ଏକ ଟ୍ରେନ୍ ଦୁର୍ଘଟଣାରେ ୧୧ ଜଣ ରେଳବାଇ କର୍ମଚାରୀଙ୍କ ମୃତ୍ୟୁ ହୋଇଛି। ଏଥିରେ ୨ଜଣ ଆହତ ମଧ୍ୟ ହୋଇଛନ୍ତି। ଭୂକମ୍ପ ସହିତ ଜଡ଼ିତ କ୍ଷତିର ଯାଞ୍ଚ କରାଯାଉଥିବା ବେଳେ ଟ୍ରେନ୍ ରେଳ କର୍ମଚାରୀଙ୍କ ଉପରେ ମାଡିଯାଇଥିଲା। ଏହି ଦୁର୍ଘଟଣା କୁନମିଙ୍ଗ ସହରର ଲୁଓୟାଙ୍ଗଜେନ୍ ରେଳ ଷ୍ଟେସନରେ ଘଟିଥିଲା। ରେଳ କର୍ମଚାରୀମାନେ ଏକ ଟର୍ଣ୍ଣିଂ ଟ୍ରାକ୍‌ର ଅଂଶରେ କାର୍ଯ୍ୟ କରୁଥିଲେ। ଏତିକି ବେଳେ ଅଚାନକ ଟ୍ରେନ ଆସି ସେମାନଙ୍କୁ ଧକ୍କା ଦେଇଥିଲା। ୧୫ ବର୍ଷ ପରେ ଏହାକୁ ଚୀନ୍‌ର ପ୍ରଥମ ରେଳ ଦୁର୍ଘଟଣା ବୋଲି କୁହାଯାଉଛି। ଏହାପୂର୍ବରୁ ୨୦୧୧ରେ ଘଟିଥିବା ଟ୍ରେନ ଦୁର୍ଘଟଣାରେ ୪୦ ଲୋକ ମୃତ୍ୟୁବରଣ କରିଥିଲେ।

## ହାସିନାଙ୍କୁ ପୁଣି ୨୧ ବର୍ଷ ଜେଲ୍

ଢାକା, ୨୭।୧୧(ଏଜେନ୍ସି): ବାଂଲାଦେଶର ବିତାଡିତ ପ୍ରଧାନମନ୍ତ୍ରୀ ଶେଖ ହସିନାଙ୍କ ସମସ୍ୟା ବଢ଼ିବାରେ ଲାଗିଛି। ବାଂଲାଦେଶର ଏକ କୋର୍ଟ ଗୁରୁବାର ତାଙ୍କୁ ୩ଟି ଦୁର୍ନୀତି ମାମଲାରେ ୨୧ ବର୍ଷ ଜେଲ ଦଣ୍ଡାଦେଶ ଦେଇଛନ୍ତି। ଏହାପୂର୍ବରୁ କୋର୍ଟ ତାଙ୍କୁ ଫାସି ଦଣ୍ଡାଦେଶ ଦେଇଥିଲେ। କିନ୍ତୁ ଏଥର କୋର୍ଟ ତାଙ୍କୁ ସରକାରୀ ହାଉସିଂ ପ୍ରୋଜେକ୍ଟ ଓ ପୂର୍ବାଚଳ ପ୍ଲଟ୍ ଦୁର୍ନୀତିର ୩ଟି ମାମଲାରେ ଦଣ୍ଡିତ କରିଛନ୍ତି। ହସିନାଙ୍କ ପୁଅ ସଜିବ ୱାଜେଦ ଓ ଝିଅ ସାଇମା ୱାଜେଦଙ୍କ ୫ ବର୍ଷ ଲେଖା।।ଏ ଜେଲ ଦଣ୍ଡ ଶୁଣାଯାଇଛି। ଏହି ମାମଲାରେ ବାକି ଅନ୍ୟ ୨୦ ଅଭିଯୁକ୍ତଙ୍କ ମଧ୍ୟରୁ ୧୯ ଜଣଙ୍କୁ ଭିନ୍ନ ଭିନ୍ନ ଦଣ୍ଡାଦେଶ ହୋଇଛି। ଜଣେ ଅଭିଯୁକ୍ତଙ୍କୁ ନିର୍ଦ୍ଦୋଷରେ ଖଲାସ ମଧ୍ୟ କରାଯାଉଛି।

ଚାପ ବଢ଼ାଉଛି ଏସ୍‌ଆଇଆର୍

# ୨୨ ଦିନରେ ୭ ରାଜ୍ୟରେ ୨୫ ବିଏଲ୍‌ଓଙ୍କ ମୃତ୍ୟୁ

ନୂଆଦିଲ୍ଲୀ, ୨୭।୧୧ (ଏଜେନ୍ସି): ଦେଶରେ ୧୨ଟି ରାଜ୍ୟରେ ଭୋଟର ତାଲିକାର ସ୍ୱତନ୍ତ୍ର ଯାଞ୍ଚ ତଥା ଏସଆଇଆର ପ୍ରକ୍ରିୟା ଆରମ୍ଭ ହୋଇଛି। ଏଥିପାଇଁ ବୁଥ୍ ଲେଭୁଲ ଅଫିସର (ବିଏଲଓ)ଙ୍କୁ ଦିନରାତି କାମ କରିବାକୁ ପଡୁଛି। ୧୨ ରାଜ୍ୟର ୫୧ କୋଟିରୁ ଅଧିକ ଭୋଟରଙ୍କ ପାଖରେ ପହଞ୍ଚୁଥିବା ବିଏଲଓଙ୍କ ଉପରେ ପ୍ରବଳ ଚାପର ସମ୍ମୁଖୀନ ହେଉଛନ୍ତି। ଦିନକୁ ୧୬ରୁ ୧୭ ଘଣ୍ଟା କାମ କରୁଛନ୍ତି। ଆଉ ଏହି କାର୍ଯ୍ୟଚାପ ଯୋଗୁଁ ତାଙ୍କ ସ୍ୱାସ୍ଥ୍ୟାବସ୍ଥା ବିଗିଡ଼ି ଯାଉଛି ଏବଂ କେହି କେହି ଅବସାଦଗ୍ରସ୍ତ ହୋଇ ଜୀବନ ହାରୁଛନ୍ତି। ଏସ୍‌ଆଇଆର ପ୍ରକ୍ରିୟା ଆରମ୍ଭ ହେବାର ୨୨ ଦିନ ମଧ୍ୟରେ ୭ ରାଜ୍ୟରେ ୨୫ ବିଏଲଓ ପ୍ରାଣ ହରାଇଲେଣି। ତେବେ ପଶ୍ଚିମବଙ୍ଗରେ କେବଳ ୩୪ ବିଏଲଓଙ୍କ ମୃତ୍ୟୁ ହୋଇଥିବା କ୍ଷମତାସୀନ ଟିଏମ୍‌ସି ପକ୍ଷରୁ ଦାବି କରାଯାଇଛି। ଏହି ସବୁ ମୃତ୍ୟୁକୁ ନେଇ ପଶ୍ଚିମବଙ୍ଗ, ମଧ୍ୟପ୍ରଦେଷ ରାଜସ୍ଥାନ, ଉତ୍ତର ପ୍ରଦେଶରେ ରାଜନୀତି ଜୋର୍ ଧରିଛି। ଏହି ପ୍ରକ୍ରିୟାକୁ ବନ୍ଦ କରିବା ପାଇଁ ବିରୋଧୀ ଦାବି କରୁଛନ୍ତି। ସେହିପରି ନିର୍ବାଚନ କମିଶନ (ଇସି)ଙ୍କ ସୂତ୍ରରୁ ମିଳିଥିବା ସୂଚନା ଅନୁଯାୟୀ ଏ ପର୍ଯ୍ୟନ୍ତ କାର୍ଯ୍ୟଚାପରେ କାହାର ମୃତ୍ୟୁ ହୋଇ ନ ଥିବା କୁହାଯାଇଛି।

■ ପଶ୍ଚିମବଙ୍ଗରେ ୩୪ ଜଣ ଜୀବନ ହାରିଥିବା ଟିଏମସିର ଦାବି
■ ମଧ୍ୟପ୍ରଦେଶରେ ୯, ୟୁପି-ଗୁଜରାଟରେ ୪ ଜଣ ଲେଖାଏଁ ମୃତ



ପଶ୍ଚିମବଙ୍ଗ ମନ୍ତ୍ରୀ ଅରୁପ ବିଶ୍ୱାସ କହିଛନ୍ତି ଯେ ଏସଆଇଆର ଯୋଗୁଁ ୩୪ ଲୋକ ଜୀବନ ହାରିଲେଣି। ମୁଖ୍ୟମନ୍ତ୍ରୀ ମମତା ବାନାର୍ଜୀ କହିଛନ୍ତି ଯେ ଗଳାବାଟ ଦେଇ ଏନ୍‌ଆରସି ଲାଗୁ କରିବାକୁ ଏବଂ ଭୟର ସ୍ଥିତି ସୃଷ୍ଟି ପାଇଁ ଏସଆଇଆର କରାଯାଉଛି। ସେହିପରି ଟିଏମସି ଚାପରେ ଜାଲ୍ ଏବଂ ସନ୍ଦେହଜନକ ବ୍ୟକ୍ତିଙ୍କ ନାମ ତାଲିକାରେ ସାମିଲ କରାଯାଉଛି ବୋଲି ବିଜେପି ଆଇଟି ସେଲ୍ ମୁଖ୍ୟ ଅମିଲ ମାଲବୀୟ ଅଭିଯୋଗ କରିଛନ୍ତି। ସୂଚନା ଅନୁଯାୟୀ ଏ ପର୍ଯ୍ୟନ୍ତ ମଧ୍ୟପ୍ରଦେଶରେ ସର୍ବାଧିକ ୯ ଜଣ, ଉତ୍ତର ପ୍ରଦେଶ ଓ ଗୁଜରାଟରେ ୪ ଜଣ ଲେଖାଏଁ, ପଶ୍ଚିମବଙ୍ଗ ଓ ରାଜସ୍ଥାନରେ ୩ ଜଣ ଲେଖାଏଁ ଏବଂ ତାମିଲନାଡୁ, କେରଳରେ ଜଣେ ଲେଖାଏଁ ବିଏଲଓ ପ୍ରାଣ ହରାଇଲେଣି।

ଉତ୍ତରପ୍ରଦେଶ ଗୋଣ୍ଡାର ବିଏଲଓ ତଥା ଶିକ୍ଷକ ବିପିନ ଯାଦବ ସୋମବାର ବିଷ ଖାଇ ଆତ୍ମହତ୍ୟା କରିଥିଲେ। ତାଙ୍କ ବାପା ପ୍ରଶାସନ ବିରୋଧରେ ଗୁରୁତର ଅଭିଯୋଗ ଲଗାଇ କହିଛନ୍ତି ଯେ ଓବିସି ଭୋଟରଙ୍କ ନାମ ହଟାଇବା ଏବଂ ସାଧାରଣ ବର୍ଗର ନାମ ବଢ଼ାଇବାକୁ ବିଡିଓ ପୁଅ ଉପରେ ଚାପ ପକାଇ ଥିଲେ। ଏପରି ମନା କରିବାରୁ ନିଲମ୍ବନ ଏବଂ ଗିରଫ ଧମକ ଦିଆଯାଇଥିଲା। ସେହିପରି ବୁଧବାର ବରେଲିର ବିଏଲଓ ସର୍ବେଶ ଗଙ୍ଗୱାର ପ୍ରାଣ ହରାଇ ଥିଲେ। ତାଙ୍କ ଭାଇ ଯୋଗେଶ କହିଥିଲେ ଯେ ଏସଆଇଆର ଚାପ ଯୋଗୁ ବେଶୀ ରାତି ପର୍ଯ୍ୟନ୍ତ କାମ କରିବାକୁ ପଡୁଥିଲା। ଫଳରେ ତାଙ୍କ ସ୍ୱାସ୍ଥ୍ୟାବସ୍ଥା ବିଗିଡ଼ି ଯାଇଥିଲା। ସେ ଛିଡ଼ା ହୋଇଥିବାବେଳେ ଅଚାନକ ଖସି ପଡ଼ି ପ୍ରାଣ ହରାଇ ଥିଲେ।

## ଏସ୍‌ଆଇଆର୍ ଆଳରେ ଭଉଣୀଙ୍କ ଜମିକୁ ନିଜ ନାମରେ କରିନେଲେ

ଲକ୍ଷ୍ନୌ, ୨୭।୧୧ (ଏଜେନ୍ସି): ଉତ୍ତର ପ୍ରଦେଶ ଫିରୋଜାବାଦରେ ଏସ୍‌ଆଇଆରକୁ ନେଇ ବଡ଼ ଠକେଇ ମାମଲା ସାମ୍‌ନାକୁ ଆସିଛି। ଏସଆଇଆର ବାହାନାରେ ଭଉଣୀର ଜମିକୁ ଭାଇ ନିଜ ନାମରେ କରାଇ ନେଇଛି। ଅଭିଯୁକ୍ତର ଭଉଣୀ ପାଠ ପଢ଼ାଲେଖା ଜାଣିନାହାନ୍ତି। ତେଣୁ ଭାଇର ଏହାର ସୁଯୋଗ ଉଠାଇ ଥିଲା। ଭଉଣୀକୁ ହରିୟାଣାର ଗୁରୁଗ୍ରାମକୁ ଡାକି ଏସଆଇଆର କାମ ପାଇଁ ତହସିଲ ଯାଇ ଦସ୍ତଖତ କରିବାକୁ କହିଥିଲା। ଏପରି ନ କଲେ ସରକାର ଦେଶରୁ ବାହାର କରିଦେବେ ବୋଲି ଧମକ ଦେଇଥିଲା। ତହସିଲରେ କୋଠା ଏବଂ ଦୋକାନକୁ ଭାଇକୁ ଗିଫ୍ଟରେ ଦେଉଛନ୍ତି କି ବୋଲି ମହିଳାଙ୍କୁ ପଚରା ଯାଇଥିଲା। ଗିଫ୍ଟର ଅର୍ଥ ବୁଝି ନ ପାରି ମହିଳା ହଁ କରି ଦସ୍ତଖତ କରିଦେଇଥିଲେ। ଏବେ ପୀଡ଼ିତା ସରତାଜ ଖାନମ ଏସଏସପି ଏବଂ କୋର୍ଟରେ ଅଭିଯୋଗ ଦାଏର କରିଛନ୍ତି। ରେଜେଷ୍ଟ୍ରି ରଦ୍ଦ କରିବାକୁ ନିବେଦନ କରିଛନ୍ତି।

ଅନ୍ୟପଟେ ଏସ୍‌ପି ମୁଖ୍ୟ ଅଖିଳେଶ ଯାଦବ ଗୁରୁବାର ଏସଆଇଆର ଫର୍ମ ପୂରଣ କରିଛନ୍ତି। କିଛି ତ୍ରୁଟି ଥିଲେ ଜଣାଇବାକୁ ସେ ଲୋକଙ୍କୁ ନିବେଦନ କରିଛନ୍ତି। ଏହା ମଧ୍ୟରେ ଗାଜିଆବାଦରେ ବିଏଲଓ ଡ୍ୟୁଟିରେ ମୁତୟନ ୨୧ ଜଣଙ୍କ ବିରୋଧରେ ଜିଲ୍ଲା ପ୍ରଶାସନ ଏତଲା ରୁଜୁ କରିଛି। ଏମାନଙ୍କ ମଧ୍ୟରେ ୪ ଶିକ୍ଷକ ସାମିଲ ଅଛନ୍ତି। ଗୋଣ୍ଡାରେ ବିଏଲଓ ବିପିନ ଯାଦବଙ୍କ ଆତ୍ମହତ୍ୟାକୁ ନେଇ ରାହୁଲ ସରକାରଙ୍କୁ ନିଶାଣ କରିଛନ୍ତି। ସେ କହିଛନ୍ତି ଯେ ଏସଆଇଆର ନାମରେ ପଛୁଆ, ଦଳିତ, ବଞ୍ଚିତ ବର୍ଗଙ୍କୁ ଭୋଟର ତାଲିକାରୁ ହଟାଯାଇ ବିଜେପି ନିଜ ମନଇଛା ତାଲିକା ପ୍ରସ୍ତୁତ କରୁଛି। ଗଣତନ୍ତ୍ରର ହତ୍ୟା ପାଇଁ ନିର୍ବାଚନ କମିଶନ ଦାୟୀ।


# ହ୍ୱାଇଟ୍ ହାଉସ୍ ନିକଟରେ ଗୁଳିମାଡ଼; ୨ ଆହତ

ୱାଶିଂଟନ, ୨୭।୧୧(ଏଜେନ୍ସି): ଆମେରିକାରେ ବୁଧବାର ହ୍ୱାଇଟ୍ ହାଉସ୍ ନିକଟରେ ଗୁଳିକାଣ୍ଡ ଘଟିଛି। ଏଥିରେ ଦୁଇଜଣ ନ୍ୟାସନାଲ ଗାର୍ଡ ଆହତ ହୋଇଛନ୍ତି। ଏହି ଘଟଣାରେ ଆଫଗାନିସ୍ତାନର ଜଣେ ଶରଣାର୍ଥୀଙ୍କୁ ଗିରଫ କରାଯାଇଛି। ଏଫ୍‌ବିଆଇର ଅଧିକାରୀ ଦେଇଥିବା ସୂଚନା ଅନୁସାରେ ଆକ୍ରମଣରେ ସାମିଲ ହୋଥିବା ସନ୍ଦିଗ୍ଧର ହେଉଛି ୨୯ ବର୍ଷୀୟ ରହମାନୁଲ୍ଲା ଲାକନବାଲ। ସେ ୨୦୨୧ ଅଗଷ୍ଟରେ ଆଫଗାନିସ୍ତାନରୁ ଆମେରିକା ଆସିଥିଲା। ସେ ୨୦୨୪ରେ ଶରଣାର୍ଥୀର ମାନ୍ୟତା ପାଇବା ପାଇଁ ଆବେଦନ ମଧ୍ୟ କରିଥିଲା। ୨୦୨୫ରେ ତା'ର ଅବେଦନକୁ ମଞ୍ଜୁରୀ ପ୍ରଦାନ କରାଯାଇଥିଲା। ଆମେରିକା ରାଷ୍ଟ୍ରପତି ଡୋନାଲ୍ଡ ଟ୍ରମ୍ପ ଏହାକୁ ଆତଙ୍କବାଦୀ ଆକ୍ରମଣ ବୋଲି କହିଛନ୍ତି। ଏହି ଘଟଣାରେ ଯିଏବି ସାମିଲ ଥାନ୍ତୁ ନା କାହିଁକି ତାଙ୍କୁ ଗମ୍ଭୀର ପରିଣାମ ଭୋଗିବାକୁ ହେବ ବୋଲି ଟ୍ରମ୍ପ କହିଛନ୍ତି। ଏଥିସହ ଆମେରିକାରେ ଆଫଗାନ ଶରଣାର୍ଥୀଙ୍କ ପ୍ରବେଶକୁ ସମ୍ପୂର୍ଣ୍ଣ ଭାବେ ନିଷିଦ୍ଧ କରିବାକୁ ଘୋଷଣା କରିଛନ୍ତି।

ଏହି ଘଟଣା ଫାରାଗୁଟ୍ ୱେଷ୍ଟ ମେଟ୍ରୋ ଷ୍ଟେସନ ନିକଟରେ ଘଟିଥିଲା। ଆମେରିକାର ସମୟ ଅନୁସାରେ ରହମାନୁଲ୍ଲା ଦ୍ୱିପହର ୨.୧୫ରେ ଅଚାନକ ଗୁଳି ଚଳାଇଥିଲା। ସେ ପ୍ରଥମେ ଜଣେ ମହିଳା ଗାର୍ଡଙ୍କ ମୁଣ୍ଡ ଓ ଛାତିକୁ ଲକ୍ଷ୍ୟକରି ଗୁଳି ମାରିଥିଲା। ଏହାପରେ ସେ ଅନ୍ୟଜଣେ ଗାର୍ଡଙ୍କୁ ଗୁଳି ମାରିଥିଲା। କିନ୍ତୁ ଏହି ସମୟରେ ସେଠାରେ ଉପସ୍ଥିତ ଥିବା ତୃତୀୟ ଗାର୍ଡ ଜଣକ ରମହାନୁଲ୍ଲା ଉପରକୁ ଗୁଳି ଚଳାଇଥିଲେ। ଫଳରେ ତାଙ୍କୁ କାବୁ କରାଯାଇଥିଲା।

# ଦେଶର ପ୍ରଥମ ଘରୋଇ ଅର୍ବିଟାଲ ରକେଟ ଉନ୍ମୋଚନ କଲେ ମୋଦୀ

ନୂଆଦିଲ୍ଲୀ, ୨୭।୧୧(ଏଜେନ୍ସି): ପ୍ରଧାନମନ୍ତ୍ରୀ ନରେନ୍ଦ୍ର ମୋଦୀ ଗୁରୁବାର ଭିଡିଓ କନଫରେନ୍ସିଂ ମାଧ୍ୟମରେ ଦେଶର ପ୍ରଥମ ଘରୋଇ ଅର୍ବିଟାଲ ରକେଟ୍ ଉନ୍ମୋଚନ କରିଛନ୍ତି। ଏହି ରକେଟର ନାମ ବିକ୍ରମ-୧ ରଖାଯାଇଛି। ଏହି ରେକେଟର ଉଚ୍ଚତା ୭ ମହଲା କୋଠା ସହିତ ସମାନ। ଅର୍ଥାତ ରକେଟର ଉଚ୍ଚତା ଅର୍ଥାତ ୨୬ମିଟର ବା ୮୫ ଫୁଟ। ଏହି ରକେଟକୁ ଏକ ଘରୋଇ ସ୍ପେସ୍ କମ୍ପାନୀ 'ସ୍କାଏରୁଟ୍ ଏରୋସ୍ପେଶ୍' ନିର୍ମାଣ କରିଛି। ଏହାକୁ ୨୦୨୬ରେ ଲଞ୍ଚ୍ କରାଯିବ। ଏହି ରକେଟ ନିଜ ସହିତ ୩୦୦ କେଜି ଓଜନର ଉପଗ୍ରହ ଅନ୍ତରୀକ୍ଷ ନେବାକୁ ସକ୍ଷମ ବୋଲି କୁହାଯାଇଛି। ରକେଟକୁ ବାଦ୍ ଦେଲେ ପ୍ରଧାନମନ୍ତ୍ରୀ କମ୍ପାନୀର ଇନ୍‌ଫିନିଟି କ୍ୟାମ୍ପସର ମଧ୍ୟ ଉଦ୍‌ଘାଟନ କରିଛନ୍ତି। ଏହି କ୍ୟାମ୍ପସରେ ଏକାଧିକ ଲଞ୍ଚ୍ ଭେଇକଲର ଡିଜାଇନ୍, ଡେଭଲପମେଣ୍ଟ, ଇଣ୍ଟିଗ୍ରେସନ ଓ



ଟେଷ୍ଟିଂର କାର୍ଯ୍ୟ କରାଯିବ। ଏହି କ୍ୟାମ୍ପସ ତେଲେଙ୍ଗାନାର ହାଇଦରାବାଦ୍‌ରେ ନିର୍ମାଣ କରାଯାଇଛି। କମ୍ପାନୀର ମୁଖ କାର୍ଯ୍ୟାଳୟ ମଧ୍ୟ ହାଇଦରାବାଦ୍‌ରେ ନିର୍ମିତ ହୋଇଛି। ସ୍କାଇରୁଟ ଏରୋସ୍ପେଶ କମ୍ପାନୀକୁ ୨୦୧୮ରେ ପବନ ଚନ୍ଦନା ଓ ଭାରତ ଡାକ ସ୍ଥାପନ କରିଥିଲେ। ଏହି ଦୁଇଜଣ ଆଇଆଇଟି ପାସ୍‌ଆଉଟ୍ ଓ ପୂର୍ବତନ ଇସ୍ରୋ ବୈଜ୍ଞାନିକ। ପୂର୍ବରୁ ଏହି କମ୍ପାନୀ ୨୦୨୨ରେ ବିକ୍ରମ-ଏସ୍ ରକେଟ ଲଞ୍ଚ୍ କରିଥିଲା ଓ ଏହା ଏକ ସବ-ଅର୍ବିଟାଲ ରକେଟ ଥିଲା। ଅର୍ଥାତ ଏହି ରକେଟ ୧୦୦ କିମି ଉପରକୁ ଯାଇପାରିବ ଓ ପୃଥିବୀ କକ୍ଷପଥରେ ପ୍ରବେଶ କରିବ ନାହିଁ। ଏବେ ଏହି କମ୍ପାନୀ ଆମେରିକାର ଏଲନ ମସ୍କଙ୍କ ସହ ପ୍ରତିଦ୍ୱନ୍ଦ୍ୱିତା କରୁଛି। ସ୍ପେଶ କ୍ଷେତ୍ରରେ ମସ୍କ ମଧ୍ୟ ବେଶ୍ ସକ୍ରିୟ ଅଛନ୍ତି।

## କାନାଡ଼ାରେ ଜଳିଗଲା ଘର; ପଞ୍ଜାବୀ ପରିବାରର ୪ ମୃତ

ଲୁଧିଆନା, ୨୭।୧୧ (ଏଜେନ୍ସି): କାନାଡ଼ାର ବ୍ରାମ୍ପଟନ ସହରରେ ରହୁଥିବା ପଞ୍ଜାବର ଲୁଧିଆନାରେ ଏକ ପରିବାରର ଘରେ



ଅଚାନକ ନିଆଁ ଲାଗିବା ଫଳରେ ୪ ଜଣ ଲୋକ ମୃତ୍ୟୁବରଣ କରିଛନ୍ତି। କିନ୍ତୁ ନିଆଁ ଲାଗିବା ପରେ ପରିବାରର ଜଣେ ଗର୍ଭବତୀ ମହିଳା ଛାତ ଉପରେ ଡେଇଁ ନିଜ ଜୀବନ ବଞ୍ଚାଇଥିଲେ ମଧ୍ୟ ପେଟରେ ଥିବା ପିଲା ମୃତ୍ୟୁବରଣ କରିଛି। ମହିଳାଙ୍କ ସ୍ୱାମୀ ପୂର୍ବରୁ ଘରୁ ବାହାରକୁ ଯାଇଥିବା କାରଣରୁ ବର୍ତ୍ତି ଯାଇଛନ୍ତି। ଦୁଇଜଣଙ୍କୁ ହସ୍ପିଟାଲରେ ଭର୍ତ୍ତି କରାଯାଇଛି। କିନ୍ତୁ ଏହି ପରିବାରର ୪ ଜଣ ଜିଅନ୍ତା ଜଳିଯାଇଛନ୍ତି। ଏହାର ଭିଡିଓ ସାମ୍ନାକୁ ଆସିବା ପରେ ଲୁଧିଆନାରେ ଏହି ଘଟଣା ଜଣାପଡ଼ିଥିଲା। ଏବେ ଏହି ପରିବାରର ସମ୍ପର୍କୀୟ କାନାଡ଼ା ଯିବେ। ଏହାପରେ ପୂରା ଘଟଣା ସମ୍ପର୍କରେ ଜଣାପଡ଼ିବ। ତେବେ ଏହା ଏକ ଦୁର୍ଘଟଣା ନା ଷଡ଼ଯନ୍ତ୍ର ସେ ନେଇ କିଛି ସ୍ୱଷ୍ଟ ହୋଇନାହିଁ। ନିଆଁ କିପରି ଲାଗିଲା ତା'ର କାରଣ ସମ୍ପର୍କରେ କିଛି ଜଣାପଡ଼ିନାହିଁ। କାନାଡ଼ାର ଯାଞ୍ଚ୍ ଏଜେନ୍ସି ଏହି ଘଟଣାର ତଦନ୍ତ କରୁଛି ବୋଲି କୁହାଯାଇଛି। ଏହି ପରିମରା ଲୁଧିଆନାର ଗୁରମ ଗାଁରେ ରୁହନ୍ତି। ଗୁରମ ଗାଁରେ ଏବେ ଶୋକର ଛାୟା ଖେଳିଯାଇଛି।

# ଇଣ୍ଡୋନେସିଆରେ ୩୦ ଦିନରେ ୧, ୪୦୦ ଭୂକମ୍ପ

ଜାକର୍ତ୍ତା, ୨୭।୧୧(ଏଜେନ୍ସି): ଇଣ୍ଡୋନେସିଆରେ ଗୁରୁବାର ଆସେ ରାଜ୍ୟ ନିକଟରେ ସୁମାତ୍ରା ଦୀପରେ ୬.୩ ତୀବ୍ରତାର ଭୂକମ୍ପ ଅନୁଭୁତ ହୋଇଛି। ଭୂକମ୍ପର କେନ୍ଦ୍ର ଭୂପୃଷ୍ଠର ୧୦ କିମି ତଳେ ଥିଲା। ଭୂକମ୍ପ ଦୃଷ୍ଟିକୋଣରୁ ସକ୍ରିୟ ଥିବା ଏହି ସମ୍ପୂର୍ଣ୍ଣ ଅଞ୍ଚଳ ଧରି ଉଠିଥିଲା। ସିନାବାଗର ପଶ୍ଚିମରୁ ୬୩ କିମି ଦୂରରେ ଭୂକମ୍ପର କେନ୍ଦ୍ର ଥିଲା। ଫଳରେ ଏହି ଅଞ୍ଚଳରେ ଆତଙ୍କ ସୃଷ୍ଟି ହୋଇଥିଲା। ତେବେ ଏପର୍ଯ୍ୟନ୍ତ କୌଣସି କ୍ଷୟକ୍ଷତିର ସୂଚନା ମିଳିନାହିଁ। ଏଥିସହ ଇଣ୍ଡୋନେସିଆରେ ଗତ ୩୦ ଦିନ ମଧ୍ୟରେ ୬.୪ ତୀବ୍ରତା ପର୍ଯ୍ୟନ୍ତ ୧, ୪୦୦ଟି ଭୂକମ୍ପର ରେକର୍ଡ ହୋଇଛି ବୋଲି ୟୁନାଇଟେଡ ଷ୍ଟେଟ୍ସ ଜିଓଲୋଜିକାଲ ସର୍ଭେ (ୟୁଏସ୍‌ଜିଏସ୍) ଓ ଭଲକାନୋ ଡିସ୍‌କଭରୀ ଡାଟା ତରଫରୁ କୁହାଯାଇଛି। ଇଣ୍ଡୋନେସିଆ ପ୍ରଶାନ୍ତ ମହାସାରଗର ଚାରିପଟେ ଥିବା 'ରିଙ୍ଗ ଅଫ୍ ଫାୟାର' ଉପରେ ଅବସ୍ଥିତ। ଏହା ବିଶ୍ୱର ସବୁଠାରୁ ବିପଜ୍ଜନକ ଭୂକମ୍ପ ହେଉଥିବା ସ୍ଥାନ ଉପରେ ସ୍ଥିତ। ଏହି ଅଞ୍ଚଳରେ ଥିବା ୧୫ଟି ବଡ଼-ବଡ଼ ଟେକ୍ଟୋନିକ ପ୍ଲେଟ ପରସ୍ପରକୁ ଧକ୍କା ଦେବା ସହ ଦୂରେଇ ମଧ୍ୟ ଯାଇଥାନ୍ତି। ବିଶ୍ୱର ୯୦ ପ୍ରତିଶତ ଭୂକମ୍ପ ଏହି ଅଞ୍ଚଳରେ ହିଁ ଆସିଥାଏ। ପ୍ରତିବର୍ଷ ଇଣ୍ଡୋନେସିଆରେ ଛୋଟବଡ଼ ଭୂକମ୍ପ ଆସିଥାଏ ଓ ଏହା କୌଣସି ବଡ଼ କଥା ନୁହେଁ। ସୁମାତ୍ରା ଦୀପ ତଳେ ଥିବା ଇଣ୍ଡୋ- ଅଷ୍ଟ୍ରେଲିଆନ ପ୍ଲେଟ ଧିରେ-ଧିରେ ଅର୍ଥାତ ପ୍ରତିବର୍ଷ ୫-୭ ସେଣ୍ଟିମିଟର ୟୁରେସିଆନ ପ୍ଲେଟ୍ ତଳକୁ ଧସିଯାଉଛି। ଏହା



ଦ୍ୱାରା ବହୁତ ଚାପ ସୃଷ୍ଟି ହୋଇଥାଏ। ଯେତେବେଳେ ଏହି ଚାପ ଏକଦମ ଆସିଛି ସେତେବେଳେ ଭୂକମ୍ପ ଆସିଥାଏ। ପୁଣି ସୁମାତ୍ରାରେ ଗ୍ରେଟ୍ ସୁମାତ୍ରା ଫଲ୍ଟ ନାମକ ଏକ ବଡ଼ ଫାଟ ମଧ୍ୟ ରହିଛି। ଏହା ଫଳରେ ପ୍ରାୟ ଭୂକମ୍ପର ଝଟ୍‌କା ଆସିଥାଏ। ଗତ କିଛିଦିନ ମଧ୍ୟରେ ଆସିଥିବା ୬.୬ ଓ ୬.୩ ତୀବ୍ରତାର ଭୂକମ୍ପ ଏହି କାରଣରୁ ହିଁ ଆସିଥିଲା। ପୂର୍ବରୁ ୨୦୦୪ରେ ସୁମାତ୍ରା ନିକଟରେ ୯.୧ ତୀବ୍ରତାର ଏକ ବଡ଼ ଭୂକମ୍ପ ଆସିଥିଲା ଓ ଏଥିରେ ୨ ଲକ୍ଷ ୩୦ ହଜାର ଲୋକ ମୃତ୍ୟୁବରଣ କରିଥିଲେ। ଏଥର କିନ୍ତୁ ୧୦ କିମି ଗଭୀରରେ ଭୂକମ୍ପର କେନ୍ଦ୍ର ଥିଲା। ଏଥିପାଇଁ ଭୂମି ଜୋରରେ ଥରି ଉଠିଥିଲା। କିନ୍ତୁ ସୁନାମୀର କୌଣସି ବିପଦ ନଥିଲା। କିଛିଦିନ ତଳେ ଆସିଥିବା ଘୁର୍ଣ୍ଣିବାତ୍ୟା ଓ ବନ୍ୟାରେ ଇଣ୍ଡୋନେସିଆରେ ବହୁତ କ୍ଷୟକ୍ଷତି ହୋଇଛି। ୮ ହଜାର ଲୋକଙ୍କୁ ସୁରକ୍ଷିତ ସ୍ଥାନକୁ ସ୍ଥାନାନ୍ତର କରାଯାଇଛି। ଏହାପରେ ଭୂକମ୍ପର ଝଟ୍‌କା ବାରମ୍ବାର ଆସୁଥିବାରୁ ଲୋକେ ବହୁତ ଭୟଭିତ ଅବସ୍ଥାରେ ଅଛନ୍ତି। ଆଗକୁ ଆହୁରି ମଧ୍ୟ ଭୂକମ୍ପର ଝଟ୍‌କାର ଆଶଙ୍କା ରହିଛି ବୋଲି ବୈଜ୍ଞାନିକମାନ କହିଛନ୍ତି। ଇଣ୍ଡୋନେସିଆରେ ଭୂକମ୍ପ ଓ ବନ୍ୟା ପ୍ରତିବର୍ଷ ଆସିଥାଏ। ଏବେ ଜଳବାୟୁ ପରିବର୍ତ୍ତନ କାରଣରୁ ଅଧିକ ବର୍ଷା ଓ ଭୂକମ୍ପର ପ୍ରଭାବ ବଢ଼ିବାରେ ଲାଗିଛି ବୋଲି କୁହାଯାଉଛି।

# ଇମ୍ରାନ୍‌ଙ୍କୁ ନେଇ ଥମୁନି ଚର୍ଚ୍ଚା

ଇସଲାମାବାଦ୍, ୨୭।୧୧(ଏଜେନ୍ସି): ପାକିସ୍ତାନ ପୂର୍ବତନ ପ୍ରଧାନମନ୍ତ୍ରୀ ଇମ୍ରାନ ଖାନ୍‌ଙ୍କ ମୃତ୍ୟୁ ନେଇ ସାମାଜିକ ଗଣମାଧ୍ୟମରେ ଗୁଜବ ଜୋରଶୋରେ ପ୍ରଚାରିତ ହେଉଛି। ସେ ୨୦୨୩ ଅଗଷ୍ଟରେ ତାଙ୍କୁ ରାୱଲପିଣ୍ଡିର ଅଡିଆଲ ଜେଲ୍‌ରେ ରଖାଯାଇଥିଲା। ତାଙ୍କ ସ୍ୱାସ୍ଥ୍ୟ ଅବସ୍ଥା ଖରାପ ଅଛି ବୋଲି କେତେକ ଗଣମାଧ୍ୟମ ସେମାନଙ୍କ ରିପୋର୍ଟରେ ଉଲ୍ଲେଖ କରିଛନ୍ତି। ଗତ ୩ ସପ୍ତାହ ହେବ ଇମ୍ରାନଙ୍କ ୩ ଭଉଣୀ ତାଙ୍କୁ ଭେଟିବାକୁ ପ୍ରୟାସ କରୁଛନ୍ତି। କିନ୍ତୁ ଜେଲ ପ୍ରଶାସନ ସେମାନଙ୍କୁ ଅନୁମତି ଦେଉନାହିଁ। ଫଳରେ ଇମ୍ରାନଙ୍କ ସ୍ୱାସ୍ଥ୍ୟାବସ୍ଥା ଠିକ୍ ନାହିଁ ବୋଲି ଅନୁମାନ କରାଯିବା ସହ ଗୁଜବ ପ୍ରସାରିତ ହୋଇଛି। ଇମାନଙ୍କ ଭଉଣୀମାନେ ସତ କହିବାକୁ ଦାବି କରିଛନ୍ତି। ଏ ନେଇ ଦ୍ୱନ୍ଦ୍ୱ ବୃଦ୍ଧି ପାଇବା ଫଳରେ ଜେଲ ପ୍ରସାସନ ତାଙ୍କ ସ୍ୱାସ୍ଥ୍ୟ ନେଇ ସ୍ପଷ୍ଟୀକରଣ ଦେଇଛନ୍ତି। ଇମ୍ରାନ ପୂରା



ଠିକ୍ ଅଛନ୍ତି ବୋଲି ଜେଲ ପ୍ରଶାସନ କହିଛି। ଇମ୍ରାନଙ୍କ ପାର୍ଟି ପାକିସ୍ତାନ ତେହେରିକ-ଇ-ଇନ୍‌ସାଫ୍ (ପିଟିଆଇ) ତାଙ୍କ ସ୍ୱାସ୍ଥ୍ୟାବସ୍ଥା ନେଇ ପ୍ରଚାରିତ ହେଉଥିବା ଗୁଜବ ବିଷୟରେ ସ୍ପଷ୍ଟିକରଣ ମାଗିଛି। ସେହିପରି ପରିବାରର ଲୋକଙ୍କ ସହ ଇମ୍ରାନଙ୍କୁ ସକ୍ଷାତ କରାଇବାର ବ୍ୟବସ୍ଥା କରିବାକୁ ମଧ୍ୟ ପାର୍ଟି ଦାବି କରିଛି। ଯଦି ଇମ୍ରାନଙ୍କର କିଛି ହୁଏ ତେବେ ତାକୁ ବରାଦାସ୍ତ କରାଯିବ ନାହିଁ ବୋଲି ପାର୍ଟି ତରଫରୁ କୁହାଯାଇଛି। ପୂର୍ବରୁ ଜେଲ୍ ବାହାରେ ଧାରଣାରେ ବସିଥିବା ଇମ୍ରାନଙ୍କ ଭଉଣୀମାନଙ୍କ ଉପରେ ଲାଠିଚାର୍ଜ କରାଯାଇଥିଲା। ଗତ ଦୁଇବର୍ଷ ହେବ ସେ ଜେଲ୍‌ରେ ବନ୍ଦ ଅଛନ୍ତି। ଇସଲାମାବାଦ ହାଇକୋର୍ଟ ମଧ୍ୟ ଇମ୍ରାନଙ୍କୁ ତାଙ୍କ ପରିବାର ସହ ସକ୍ଷାତ କରିବାକୁ ଅନୁମତି ଦେଇଛନ୍ତି। ଏହା ସତ୍ତ୍ୱେ ଜେଲ ପ୍ରଶାସନ ଅନୁମତି ଦେଉନାହିଁ ବୋଲି ଅଭିଯୋଗ ହେଉଛି।



ବିଧାନସଭାରେ ଅଭିଭାଷଣ ପୂର୍ବରୁ ରାଷ୍ଟ୍ରପତି ଦ୍ରୌପଦୀ ମୁର୍ମୁଙ୍କୁ ସ୍ୱାଗତ କରୁଛନ୍ତି ବିରୋଧୀ ଦଳ ନେତା ନବୀନ ପଟ୍ଟନାୟକ



ଏକ ବିଶେଷ ମୁହୂର୍ତ୍ତରେ ନବୀନ ପଟ୍ଟନାୟକଙ୍କ ସହ କେନ୍ଦ୍ରମନ୍ତ୍ରୀ ଧର୍ମେନ୍ଦ୍ର ପ୍ରଧାନ

### ରାଜ୍ୟ ସରକାରଙ୍କୁ ହାଇକୋର୍ଟଙ୍କ ଝଟ୍‌କା

## ବିଧାୟକ, ସାଂସଦଙ୍କ ସୁପାରିସରେ ଶିକ୍ଷକ ବଦଳି ନିଷ୍ପତ୍ତି ରଦ୍ଦ

କଟକ, ୨୭।୧୧ (ସମିସ): ବିଧାୟକ ଓ ସାଂସଦମାନଙ୍କ ସୁପାରିସ ଭିତ୍ତିରେ ଶିକ୍ଷକ ବଦଳି ନେଇ ରାଜ୍ୟ ସରକାରଙ୍କ ନିଷ୍ପତ୍ତିକୁ ଲାଗିଛି ହାଇକୋର୍ଟଙ୍କ ଝଟ୍‌କା। ନିଜ ନିର୍ବାଚନମଣ୍ଡଳୀର ୧୫ଜଣ ଶିକ୍ଷକଙ୍କ ବଦଳି ପାଇଁ ବିଧାୟକ ଓ ସାଂସଦ ସୁପାରିସ୍ କରିବା ସମ୍ପର୍କିତ ନିଷ୍ପତ୍ତି ତଥା ଗତ ମେ' ୧୩ରେ ବିଭାଗୀୟ ଯୁଗ୍ମ ସଚିବଙ୍କ ପକ୍ଷରୁ ଜାରି ହୋଇଥିବା ଚିଠିକୁ ହାଇକୋର୍ଟ ଆଜି ରଦ୍ଦ କରିଦେଇଛନ୍ତି। ଫକିର ମହାନନ୍ଦ, ରାହୁଲ ତ୍ରିପାଠୀ ଓ ଅନ୍ୟ ଶିକ୍ଷକମାନଙ୍କ ତରଫରୁ ରୁଜୁ ଆବେଦନଗୁଡ଼ିକର ଏକତ୍ର ଶୁଣାଣି କରି ଜଷ୍ଟିସ୍ ଦୀକ୍ଷିତ କ୍ରିଷ୍ଣା ଶ୍ରୀପଦ ଏପରି ରାୟ ପ୍ରକାଶ କରିଛନ୍ତି। ରାଷ୍ଟ୍ର ଗଠନ କ୍ଷେତ୍ରରେ ଶିକ୍ଷକମାନଙ୍କ ମହତ୍ତ୍ୱପୂର୍ଣ୍ଣ ଭୂମିକା ରହିଛି। ଏଣୁ, ସେମାନଙ୍କ ବଦଳି କ୍ଷେତ୍ରରେ ରାଜନୈତିକ ହସ୍ତକ୍ଷେପକୁ ହାଇକୋର୍ଟ ନାପସନ୍ଦ କରିଛନ୍ତି। ବିଶେଷକରି ବିଧାୟକ ଓ ସାଂସଦଙ୍କ ସୁପାରିସ କ୍ଷମତା ଦ୍ୱାରା ଶିକ୍ଷକ ଗୋଷ୍ଠୀ ସହ ରାଜନୈତିକ ଦଳ ଓ ବ୍ୟକ୍ତିଙ୍କ ମଧ୍ୟରେ ଏକ ମେଣ୍ଟ ସୃଷ୍ଟି ହେବ, ଯାହା ବ୍ୟବସ୍ଥା ପାଇଁ ଶୁଭଙ୍କର ନୁହେଁ ବୋଲି ହାଇକୋର୍ଟ ରାୟରେ ଉଲ୍ଲେଖ କରିଛନ୍ତି।

ଯେଉଁ ଆବେଦନକାରୀ ଶିକ୍ଷକମାନେ ଅନ୍ତରୀଣ ରହିତାଦେଶ ବଳରେ ପୂର୍ବ ସ୍ଥାନରେ କାର୍ଯ୍ୟ କରୁଛନ୍ତି, ସେମାନେ ଏବେ ସେହିଠାରେ କାର୍ଯ୍ୟ କରିବେ। ତେବେ ଉକ୍ତ ସୁପାରିସ ଆଧାରରେ ଯେଉଁମାନଙ୍କ ବଦଳି ହୋଇଛି ଓ ସେମାନେ ନୂତନ ସ୍ଥାନରେ ଯୋଗ ଦେଇସାରିଛନ୍ତି, ସେମାନେ ୨୦୨୫-୨୬ ଶିକ୍ଷା ବର୍ଷ ଶେଷ ପର୍ଯ୍ୟନ୍ତ ସେଠାରେ କାର୍ଯ୍ୟ କରିବେ। ଏହାର ଏକ ସପ୍ତାହ ମଧ୍ୟରେ ସେହି ଶିକ୍ଷକମାନଙ୍କୁ ମୂଳ ସ୍ଥାନକୁ ଫେରାଇ ଅଣାଯିବ ବୋଲି ହାଇକୋର୍ଟ ସ୍ପଷ୍ଟ କରିଛନ୍ତି। ମାମଲାର ଶୁଣାଣି ବେଳେ ଆବେଦନକାରୀଙ୍କ ପକ୍ଷରୁ ସୁପ୍ରିମକୋର୍ଟଙ୍କ ଟି. ସୁବ୍ରମଣ୍ୟମ ବନାମ କର୍ଣ୍ଣାଟକ ସରକାରଙ୍କ ରାୟକୁ ଉପସ୍ଥାପନ କରାଯାଇଥିଲା। ଏହି ରାୟ ଅନୁସାରେ, କେବଳ ମୁଖ୍ୟମନ୍ତ୍ରୀଙ୍କୁ ଛାଡ଼ିଲେ ମନ୍ତ୍ରୀମାନେ ମଧ୍ୟ ଏଭଳି ବଦଳି କରିବାର କ୍ଷମତା ଧାରଣ କରିନାହାନ୍ତି ବୋଲି ସ୍ପଷ୍ଟ ହୋଇଥିଲା।

ମାମଲାରୁ ପ୍ରକାଶ, ବିଧାୟକ ଓ ସାଂସଦମାନେ ନିଜ ନିର୍ବାଚନ ମଣ୍ଡଳୀର ୧୫ଜଣ ପର୍ଯ୍ୟନ୍ତ ଶିକ୍ଷକଙ୍କ ବଦଳି ପାଇଁ ସୁପାରିସ କରିପାରିବେ ବୋଲି ସରକାର ନେଇଥିବା ନିଷ୍ପତ୍ତିକୁ ବିଭାଗୀୟ ଯୁଗ୍ମ ସଚିବଙ୍କ ପକ୍ଷରୁ ଗତ ମେ' ୧୩ ତାରିଖରେ ରାଜ୍ୟ ମାଧ୍ୟମିକ ଶିକ୍ଷା ନିର୍ଦ୍ଦେଶକ ଓ ପ୍ରାଥମିକ ଶିକ୍ଷା ନିର୍ଦ୍ଦେଶକଙ୍କ ଉଦ୍ଦେଶ୍ୟରେ ଏକ ପତ୍ର ଦିଆଯାଇଥିଲା। ବଦଳି ସୁପାରିସ ଜିଲ୍ଲା ସ୍ତରୀୟ ବଦଳି କମିଟି (ଡିଏଲଟିସି)କୁ ମେ' ୧୫ରୁ ଜୁନ୍ ୫ ମଧ୍ୟରେ ପଠାଯିବା ପରେ କମିଟି କାର୍ଯ୍ୟକାରୀ କରିବ ବୋଲି ଉଲ୍ଲେଖ ଥିଲା। ଆବେଦନକାରୀ ଶିକ୍ଷକମାନଙ୍କୁ ମଧ୍ୟ ଅନୁରୂପ ଭାବ ସ୍ଥାନୀୟ ବିଧାୟକ ଓ ସାଂସଦଙ୍କ ସୁପାରିସକ୍ରମେ ବଦଳି କରାଯାଇଥିଲା। ଏପରିକି, ଆବେଦନକାରୀଙ୍କୁ ୧୦୦ କିଲୋମିଟର ଦୂରକୁ ବଦଳି ପାଇଁ ଆଦେଶ ଜାରି ହୋଇଥିଲା। ଏଭଳି ରାଜନୈତିକ ଉଦ୍ଦେଶ୍ୟ ପ୍ରଣୋଦିତ ବଦଳି ନିଷ୍ପତ୍ତି ପାଇଁ କୌଣସି କ୍ଷମତା କିମ୍ବା ଯଥାର୍ଥତା ନଥିବା ବେଳେ ବଦଳି ଆଦେଶକୁ ବେଆଇନ ଦର୍ଶାଇ ଆବେଦନକାରୀ ହାଇକୋର୍ଟଙ୍କ ଦ୍ୱାରସ୍ଥ ହୋଇଥିଲେ।

ମାମଲାର ଶୁଣାଣି କରି ଆବେଦନକାରୀ ଶିକ୍ଷକଙ୍କ ବଦଳି ଆଦେଶ ଉପରେ ହାଇକୋର୍ଟ ଅନ୍ତରୀଣ ରହିତାଦେଶ ଜାରି କରିବା ସହ ରାଜ୍ୟ ସରକାରଙ୍କୁ ଜବାବ ତଲବ କରିଥିଲେ। ଆବେଦନକାରୀଙ୍କ ତରଫରୁ ଆଇନଜୀବୀ ପୁରୁଷୋତ୍ତମ ଚୁଳି, ରାମଦାସ ଆଚାରି, ସୁକାନ୍ତ ଦଳାଇ ଓ ଅନ୍ୟମାନେ ମାମଲା ପରିଚାଳନା କରୁଥିଲେ।

### ଆଜିଠୁ ଖୋଲିବ ମଣ୍ଡି

## ଏଯାଏ ମିଳିନି ଟୋକନ୍

ଭୁବନେଶ୍ୱର/ବରଗଡ଼, ୨୭ ।୧୧(ସମିସ): ଚଳିତ ଖରିଫ୍ ଋତୁର ଧାନ କିଣା ପ୍ରକ୍ରିୟା ଆସନ୍ତାକାଲି ଅର୍ଥାତ୍ ଶୁକ୍ରବାର ଠାରୁ ଆରମ୍ଭ ହେବ। ପ୍ରଥମ ଦିନରେ ବରଗଡ଼ ସମେତ ସମ୍ବଲପୁର ଜିଲ୍ଲାରୁ ଧାନ କିଣାହେବ। ମାତ୍ର ଧାନ କିଣା ଆରମ୍ଭ ହୋଇଥିଲେ ମଧ୍ୟ ଏଯାଏ ଚାଷୀଙ୍କୁ ଟୋକନ୍ ମିଳି ନାହିଁ। ପଞ୍ଜିକରଣ ନୀତିରେ ତ୍ରୁଟି ଓ ବିଳମ୍ବରେ ଧାନକିଣା ସତ୍ତ୍ୱେ ଆସନ୍ତାକାଲି ଠାରୁ ଧାନକିଣା ଆରମ୍ଭ ହେବ ନା ନାହିଁ ସେ ସମ୍ପର୍କରେ କୌଣସି ସ୍ୱଷ୍ଟତା ନ ଥିବାରୁ ସରକାରଙ୍କ ଠାରୁ ସ୍ୱଷ୍ଟୀକରଣ ଦାବି କରି ସଂଯୁକ୍ତ କୃଷକ ସଂଗଠନ ପକ୍ଷରୁ ବରଗଡ଼ ଅତିରିକ୍ତ ଜିଲ୍ଲାପାଳଙ୍କୁ ଦାବିପତ୍ର ପ୍ରଦାନ କରିଛନ୍ତି।

ଓଡ଼ିଶାର ଭାତହାଣ୍ଡି କୁହାଯାଉଥିବା ବରଗଡ଼ ଜିଲ୍ଲାରୁ ଶୁକ୍ରବାର ଠାରୁ ଧାନ କିଣା ପାଇଁ ଡିଏଲ୍‌ପିସି ବୈଠକରେ ନିଷ୍ପତ୍ତି ହୋଇଛି। ହେଲେ ଧାନ ବିକିବା ପାଇଁ ଚାଷୀଙ୍କୁ ଟୋକନ୍ ଦିଆଯାଇ ନାହିଁ। ଚାଷୀମାନେ ବିଭିନ୍ନ ମଣ୍ଡିରେ ହଜାର ହଜାର କ୍ୱିଣ୍ଟାଲ୍ ଧାନ ଗଦା କଲେଣି, ମାତ୍ର କେବେ ସୁଦ୍ଧା ଚାଷୀଙ୍କୁ ଟୋକନ୍ ଦେଇ ଧାନ କିଣା ଆରମ୍ଭ କରିବେ ସେ ନେଇ ସରକାର କୌଣସି ସ୍ୱଷ୍ଟ ସୂଚନା



ବରଗଡ଼ ଜିଲ୍ଲାପାଳଙ୍କୁ ଚାଷୀଙ୍କ ଦାବିପତ୍ର

ଦେଉ ନାହାନ୍ତି। ଯାହାର ସୁଯୋଗ ନେଇ ଜିଲ୍ଲାରେ ଧାନ ମାଫିଆ ମାତିଲେଣି। ଚାଷୀଙ୍କ ଆବଶ୍ୟକତା ଥିବାରୁ ସେମାନେ ବାଧ୍ୟ ହୋଇ ଦଲାଲମାନଙ୍କୁ କ୍ୱିଣ୍ଟାଲ ପିଛା ମାତ୍ର ୧୫ରୁ ୧୬ଶହ ମଧ୍ୟରେ ବିକ୍ରି କରିବାକୁ ବାଧ୍ୟ ହେଉଛନ୍ତି। ଅନୁରୂପ ଭାବେ ତ୍ରୁଟିପୂର୍ଣ୍ଣ ପଞ୍ଜୀକରଣ ନୀତି ପାଇଁ ବହୁତ ପ୍ରକୃତ ଚାଷୀ ପଞ୍ଜୀକରଣ କରିପାରି ନାହାନ୍ତି। ସାର ଏବଂ ଉନ୍ନତ ବିହନ ଏବଂ ଆଧୁନିକ ଜ୍ଞାନକୌଶଳ ଉପଯୋଗ କରି ଅଧିକ ଅମଳ ହେଉଥିଲେ ମଧ୍ୟ ବଳକା ଧାନ କିଣିବାକୁ ସରକାର ବ୍ୟବସ୍ଥା କରି ନଥିବାରୁ ଚାଷୀମାନେ ଆର୍ଥିକ କ୍ଷତିର ସମ୍ମୁଖୀନ ହେଉଛନ୍ତି। ଏଣୁ ବଳକା ଧାନ କିଣା ବ୍ୟବସ୍ଥା କରିବା ସହ ଧାନକିଣା ସମ୍ପର୍କରେ ସ୍ୱଷ୍ଟିକରଣ ରଖିବାକୁ ସଂଯୁକ୍ତ କୃଷକ ସଂଗଠନ ପକ୍ଷରୁ ଅତିରିକ୍ତ ଜିଲ୍ଲାପାଳ ମଧୁଛନ୍ଦା ସାହୁଙ୍କୁ ଦାବିପତ୍ର ପ୍ରଦାନ କରାଯାଇଛି। ଅନ୍ୟଥା ବଡ଼ ଧରଣର ଚାଷୀ ଆନ୍ଦୋଳନ କରିବା ପାଇଁ ସଂଗଠନ ପକ୍ଷରୁ ଚେତାବନୀ ଦିଆଯାଇଛି। ଅନୁରୂପ ଭାବେ ସମ୍ବଲପୁର ଜିଲ୍ଲାରେ ମଧ୍ୟ ସମାନ ଅବ୍ୟବସ୍ଥା ଲାଗି ରହିଥିବାରୁ ଚାଷୀଙ୍କ ମଧ୍ୟରେ ଅସନ୍ତୋଷ ଦେଖାଦେଇଛି। ଆସନ୍ତାକାଲି ଠାରୁ ଧାନକିଣା ସ୍ୱାଭାବିକ ନ ହେଲେ ଆନ୍ଦୋଳନକୁ ଓହ୍ଲାଇବେ ବୋଲି ବିଭିନ୍ନ କୃଷକ ସଂଗଠନ ଚେତାବନୀ ଦେଇଛନ୍ତି।

### ମାଧ୍ୟମିକ ଶିକ୍ଷକ ଦମ୍ପତି ବଦଳିରେ ବିଳମ୍ବ

## ମୁଖ୍ୟମନ୍ତ୍ରୀଙ୍କ ବାସଭବନ ଘେରଉ କରିବାକୁ ଚେତାବନୀ

ଭୁବନେଶ୍ୱର, ୨୭ ।୧୧(ସମିସ): ମାଧ୍ୟମିକ ବିଦ୍ୟାଳୟରେ କାର୍ଯ୍ୟରତ ଶିକ୍ଷକ ଦମ୍ପତିଙ୍କ ବଦଳିରେ ଚଳିତ ବର୍ଷ ଅହେତୁକ ବିଳମ୍ବ ହୋଇଛି। ପ୍ରାୟ ୬ ମାସରୁ ଅଧିକ ସମୟ ହେଲା ଆଶାୟୀମାନେ ଆବେଦନ କରିଥିଲେ ମଧ୍ୟ ବିଭାଗ ପକ୍ଷରୁ କୌଣସି ପଦକ୍ଷେପ ନିଆଯାଇନି। ଯାହାକୁ ନେଇ ସେମାନଙ୍କ ମଧ୍ୟରେ ଅସନ୍ତୋଷ ବଢ଼ିବା ସହ ଜାଣିଶୁଣି ବିଳମ୍ବ କରାଯାଉଥିବା ଅଭିଯୋଗ କରିଛନ୍ତି। ଆସନ୍ତା ୧୦ ଦିନ ମଧ୍ୟରେ ବଦଳି ନିର୍ଦ୍ଦେଶନାମା ପ୍ରକାଶ କରା ନ ଗଲେ ଗଣଶିକ୍ଷା ମନ୍ତ୍ରୀ ଓ ମୁଖ୍ୟମନ୍ତ୍ରୀଙ୍କ ବାସଭବନ ସମ୍ମୁଖରେ ଅହୋରାତ୍ର ଧାରଣାରେ ବସିବେ ବୋଲି ଏନ୍‌ପିଏସ୍ ମାଧ୍ୟମିକ ଶିକ୍ଷକ ସଂଘ ପକ୍ଷରୁ ଚେତାବନୀ ଦିଆଯାଇଛି।

ମାଧ୍ୟମିକ ଶିକ୍ଷକଙ୍କ ବଦଳି କ୍ଷେତ୍ରରେ ଦମ୍ପତି ଶିକ୍ଷକଶିକ୍ଷୟିତ୍ରୀଙ୍କୁ ପ୍ରାଥମିକତା ଭିତ୍ତିରେ ବଦଳି ପ୍ରକ୍ରିୟା କରିବାର ପ୍ରାବଧାନ ରହିଛି। ହେଲେ ଚଳିତ ବର୍ଷ ସେମାନଙ୍କୁ ଅଣଦେଖା କରି ଅନ୍ୟ ଶିକ୍ଷକଙ୍କର ବଦଳି ନିର୍ଦ୍ଦେଶନାମା ପ୍ରକାଶ ପାଇଛି। ଏପରିକି ଆବେଦନକୁ ଦୀର୍ଘ ୬ମାସ ଅତିକ୍ରମ କରିଥିଲେ ମଧ୍ୟ ଗଣଶିକ୍ଷା ବିଭାଗ ପକ୍ଷରୁ କୌଣସି ପଦକ୍ଷେପ ନିଆଯାଉ ନାହିଁ। ବଦଳି ନିୟମର ଏହା ଖୋଲା ଉଲଂଘନ। ମାଧ୍ୟମିକ ଶିକ୍ଷା ନିର୍ଦ୍ଦେଶକ ବିଭିନ୍ନ ଆଳ ଦେଖାଇ ସେମାନଙ୍କର ବଦଳି ପ୍ରକ୍ରିୟାକୁ ତ୍ୱରାନ୍ୱିତ କରୁ ନ ଥିବା ସଂଘ ଅଭିଯୋଗ କରିଛି। ବାରମ୍ବାର ମାଧ୍ୟମିକ ଶିକ୍ଷା ନିର୍ଦ୍ଦେଶାଳୟ, ଗଣଶିକ୍ଷା ମନ୍ତ୍ରୀ, ଗଣଶିକ୍ଷା ସଚିବଙ୍କୁ ଜଣାଇଲେ ମଧ୍ୟ କୌଣସି ସୁଫଳ ମିଳୁନାହିଁ। ପ୍ରାଥମିକ ଦମ୍ପତି ଶିକ୍ଷକଙ୍କ ବଦଳି ହୋଇସାରିଥିବା ବେଳେ ମାଧ୍ୟମିକ ଶିକ୍ଷକଙ୍କ କ୍ଷେତ୍ରରେ କାହିଁକି ବିଳମ୍ବ କରାଯାଉଛି ବୋଲି ଶିକ୍ଷକମାନେ ପ୍ରଶ୍ନ କରିବା ସହ ୧୦ ଦିନ ମଧ୍ୟରେ ବଦଳି ପ୍ରକ୍ରିୟା ସାରିବାକୁ ଦାବି କରିଛନ୍ତି। ଅନ୍ୟଥା ଆବେଦନ କରିଥିବା ପ୍ରାୟ ୨ଶହରୁ ଅଧିକ ଦମ୍ପତି ଶିକ୍ଷକ ଶିକ୍ଷୟିତ୍ରୀ ସପରିବାର ଗଣଶିକ୍ଷା ମନ୍ତ୍ରୀ ଓ ମୁଖ୍ୟମନ୍ତ୍ରୀଙ୍କ ବାସଭବନ ସମ୍ମୁଖରେ ଦିବାରାତ୍ର ଧାରଣାରେ ବସିବେ ବୋଲି ଏନ୍‌ପିଏସ୍ ମାଧ୍ୟମିକ ଶିକ୍ଷକ ସଂଘର ସଭାପତି ପ୍ରଦୀପ୍ତ କୁମାର ପ୍ରଧାନ କହିଛନ୍ତି।

### ଏସ୍‌ଆଇ ଚାକିରି ବିକ୍ରି ମାମଲା

## ୩ ଦିନିଆ ସିବିଆଇ ରିମାଣ୍ଡରେ ୪ ମଧ୍ୟସ୍ଥ

ଭୁବନେଶ୍ୱର,୨୭।୧୧(ସମିସ): ଏସ୍‌ଆଇ ଚାକିରି ବିକ୍ରି ମାମଲାରେ ୪ଜଣ ମଧ୍ୟସ୍ଥଙ୍କୁ କେନ୍ଦ୍ରୀୟ ତଦନ୍ତ ବ୍ୟୁରୋ (ସିବିଆଇ) ଗୁରୁବାର ୩ଦିନିଆ ରିମାଣ୍ଡରେ ନେଇଛି। ଏହି ମଧ୍ୟସ୍ଥମାନେ ହେଲେ ବିଶ୍ୱରଞ୍ଜନ ବେହେରା, ଲୋକନାଥ ସାହୁ, ଫଲିମ୍ ଅହମ୍ମଦ ଖାନ୍ ଏବଂ ବିଶ୍ୱରଞ୍ଜନ ହରିଚ୍ଛନ୍ଦନ। ଏମାନଙ୍କୁ ରିମାଣ୍ଡରେ ନେବା ପାଇଁ ସକାଳୁ ସିବିଆଇ ଟିମ୍ ଝାରପଡା ଜେଲରେ ପହଁଞ୍ଚିଥିଲା। ସବୁ ଔପଚାରିକତା ଶେଷ କରିବା ପରେ ୪ଜଣଙ୍କୁ କଡା ସୁରକ୍ଷା ମଧ୍ୟ ସିବିଆଇ କାର୍ଯ୍ୟାଳୟକୁ ନିଆଯାଇଥିଲା। ଏମାନଙ୍କୁ ସିବିଆଇର ସ୍ୱତନ୍ତ୍ର ଟିମ୍ ଦିନ ତମାମ୍ ଜେରା କରିଥିଲା। ଏସ୍‌ଆଇ କ୍ରାଇମ୍ ସିଣ୍ଡିକେଟ୍ ସମ୍ପର୍କରେ ଏମାନଙ୍କ ଠାରୁ ବହୁ ଗୁରୁତ୍ୱପୂର୍ଣ୍ଣ ତଥ୍ୟ ମିଳିଥିଲା।

ମିଳିଥିବା ସୂଚନା ମୁତାବକ ସିବିଆଇ ପରୀକ୍ଷା ଚାକିରି ବିକ୍ରି କରୁଥିବା କ୍ରାଇମ୍ ସିଣ୍ଡିକେଟ୍‌ର ପ୍ରତ୍ୟେକ ସଦସ୍ୟମାନଙ୍କୁ ଧରିବାକୁ ଏକ ଫୁଲ୍‌ପ୍ରୁଭ୍ ଯୋଜନା ପ୍ରସ୍ତୁତ କରିଛି। ଅଭିଯୁକ୍ତ ମାନଙ୍କୁ ୩ଟି ଶ୍ରେଣୀରେ ବିଭକ୍ତ କରାଯାଇଛି। ପ୍ରଥମ ଶ୍ରେଣୀରେ ରହିଛନ୍ତି ଚାକିରି ଆଶାୟୀ। ଯେଉଁମାନେ ଟଙ୍କା ଖର୍ଚ୍ଚ କରି ଚାକିରି ପାଇବାକୁ ଯୋଜନା କରିଥିଲେ। ୬ ଦିନ ଧରି ଏମାନଙ୍କୁ ଜେରା କରାଗଲା। ଏହାପରେ ଏମାନଙ୍କ ଠାରୁ ଯାହା କିଛି ତଥ୍ୟ ମିଳିଲା ତାହାକୁ ଆଧାର କରି ଦ୍ୱିତୀୟ ଶ୍ରେଣୀରେ ଥିବା ମଧ୍ୟସ୍ଥଙ୍କୁ ରିମାଣ୍ଡରେ ଆଣି ପଚରାଉଚରା କରାଯାଉଛି। ଏମାନଙ୍କ ଠାରୁ କ୍ରାଇମ୍ ସିଣ୍ଡିକେଟ୍ ସଦସ୍ୟଙ୍କ ସମ୍ପର୍କରେ ତଥ୍ୟ ସଂଗ୍ରହ କରାଯିବ। ଏହାପରେ ସିବିଆଇ କାର୍ଯ୍ୟାଳୟରେ ହାଜର ହେବେ ସିଣ୍ଡିକେଟ୍ ଜଣେ ଜଣେ ସଦସ୍ୟ। ଏଣୁ ସିବିଆଇ ତଦନ୍ତ ପ୍ରକ୍ରିୟା ତଳୁ ଉପର ଆଡକୁ ଯାଉଛି ବୋଲି ନାମ ଗୋପନ ରଖିବା ସର୍ତ୍ତରେ ଜଣେ ଅଧିକାରୀ ସୂଚନା ଦେଇଛନ୍ତି।

ଅନ୍ୟପକ୍ଷରେ ରିମାଣ୍ଡରେ ଆସିଥିବା ଅଭିଯୁକ୍ତ ମାନେ ସିବିଆଇ କାର୍ଯ୍ୟାଳୟରେ ହାଜର ହେବା ପରେ ସେମାନଙ୍କୁ ଜେରା ପାଇଁ ସ୍ୱତନ୍ତ୍ର ଗୃହକୁ ନିଆଯାଇଥିଲା। ହେଲେ ଏହି ଗୃହରେ ୬ଘଣ୍ଟା ପର୍ଯ୍ୟନ୍ତ ସେମାନଙ୍କୁ ସମ୍ପୂର୍ଣ୍ଣ ଏକଲା ଛାଡି ଦିଆଯାଇଥିଲା। ଗୋଟିଏ ବି ପ୍ରଶ୍ନ ନ ପଚାରି ଦୂରରୁ ସେମାନଙ୍କ ହାବଭାବକୁ ଯାଞ୍ଚ କରୁଥିଲେ ସିବିଆଇ ଅଧିକାରୀ। ଏକୁଟିଆ ଘଣ୍ଟା ଘଣ୍ଟା ଧରି ବସିବା ପରେ ଅଭିଯୁକ୍ତମାନେ ଛାନିଆ ହୋଇଯାଇଥିଲେ। ଯିଏ ମାନସିକସ୍ତରରେ ଭାଙ୍ଗି ପଡୁଥିଲା ଏବଂ ସିବିଆଇ ଆଗରେ ସବୁକିଛି ମାନିଯିବ ବୋଲି ବିଶ୍ୱାସ ହୋଇଥିଲା, ସେମାନଙ୍କୁ ହିଁ ଜେରା ଆରମ୍ଭ କରାଯାଉଥିଲା। ସେମାନଙ୍କୁ ଆରମ୍ଭ ହେଉଥିଲା ପ୍ରକୃତ ଜେରା। ଗୋଟିଏ ପରେ ଗୋଟିଏ ପଶ୍ନ ପଚରାଯାଉଥିଲା।

ସିବିଆଇର ପ୍ରଶ୍ନବାଣରେ ଘାଇଲା ହୋଇଯାଇଥିଲେ ରିମାଣ୍ଡରେ ଥିବା ଅଭିଯୁକ୍ତମାନେ। କେତେବେଳେ କାହାକୁ ଏକୁଟିଆ ଜେରା କରାଯାଉଥିଲା। ପୁଣି କେତେବେଳେ କଥା ନ ମିଶିବାରୁ କେତେବେଳେ ଏମାନଙ୍କୁ ଏକତ୍ର ଜେରା କରାଯାଉଥିଲା। ସିବିଆଇର ଗୋଟିଏ ଉଦ୍ଦେଶ୍ୟ ଥିଲା କ୍ରାଇମ୍ ସିଣ୍ଡିକେଟ୍ ସଦସ୍ୟଙ୍କ ନାଆ ସାମ୍ନାକୁ ଆଣିବା ଏବଂ ଏମାନଙ୍କ ବିରୋଧରେ ପ୍ରମାଣ ଯୋଗାଡ କରିବା।

ବିଶ୍ୱସ୍ଥ ସୂତ୍ରରୁ ମିଳିଥିବା ସୂଚନା ମୁତାବକ, ବିଶ୍ୱ ରଞ୍ଜନ ବେହେରା ଏବଂ ଲୋକନାଥ ସାହୁଙ୍କୁ ଜେରା କରିବାର ମୁଖ୍ୟ ଉଦ୍ଦେଶ୍ୟ ହେଉଛି ଏହି ରାକେଟ୍‌ର ଟଙ୍କା କାରବାର ଉପରୁ ପରଦା ହଟାଇବା। ନିଲମ୍ବିତ କନ୍‌ଷ୍ଟେବଲ ବିଶ୍ୱରଞ୍ଜନ ଜେରା ବେଳେ ବହୁ ଗୁରୁତ୍ୱପୂର୍ଣ୍ଣ କଥା ସିବିଆଇକୁ କହିଛନ୍ତି ବୋଲି ଜଣାପଡ଼ିଛି। ସେ ସିବିଆଇ ଆଗରେ ବହୁ ଗୁମର ଖୋଲିଛନ୍ତି। ତାଙ୍କ ଘର ବାରଙ୍ଗ ଥାନା ଅଞ୍ଚଳରେ। ଚାକିରି କରିବାର କିଛି ବର୍ଷ ପରେ ସେ ଚାକିରି ବିକ୍ରି କ୍ରାଇମ୍ ସିଣ୍ଡିକେଟ୍ ସଂସ୍ପର୍ଶରେ ଆସିଥିଲେ। ବିଶ୍ୱରଞ୍ଜନ ବହୁ ମଧ୍ୟସ୍ଥଙ୍କ ସହ ଯୋଗାଯୋଗରେ ଥିଲେ। ସେ ୧୧୪ ଆଶାୟୀଙ୍କ ଠାରୁ ସାର୍ଟିଫିକେଟ୍ ଏବଂ ଚେକ୍ ସଂଗ୍ରହ କରିଥିଲେ। ଏହା ବଦଳରେ ସେ ପ୍ରଶ୍ନପତ୍ର ପ୍ରଦାନ କରିଥିଲେ।

## ନିବେଶ ଆଳରେ ୫୦ କୋଟି ଠକେଇ

ସମ୍ବଲପୁର,୨୭।୧୧(ସମିସ): "ମୁଁ ଆଇଟି ଏକ୍ସପର୍ଟ। ଟ୍ରେଡିଂ କ୍ଷେତ୍ରରେ ବହୁବର୍ଷ ହେଲାଣି କାମ କରୁଛି। ମୋତେ ଟଙ୍କା ଦିଅ, ମୁଁ ବିନିଯୋଗ କରିବି। ପ୍ରଥମ ମାସରେ ମୂଳଧନର ୧୦ ପ୍ରତିଶତ ଦେଇଦେବି। ୬ ମାସ ପରେ ବଡ଼ ଆକାରରେ ଟଙ୍କା ଫେରାଇଦେବି। ବ୍ୟାଙ୍କ କିମ୍ବା ଅନ୍ୟ କୌଣସି କ୍ଷେତ୍ରରେ ବିନିଯୋଗ କଲେ, ଏତେ ଲାଭ ପାଇବେନି। ମୋତେ ଟଙ୍କା ଦେଲେ କୋଟିପତି ହେବେ।" ଏପରି ଲୋଭ ଦେଖାଇ ଜଣେ ଧୂର୍ତ୍ତ ପାଖାପାଖି ୫୦ଜଣଙ୍କଠାରୁ ପ୍ରାୟ ୫୦କୋଟି ଟଙ୍କା ଠକିନେଇଛି। ଏହି ଘଟଣାରେ ସମ୍ବଲପୁର ସଦର ଥାନା ପୁଲିସ ମୁଖ୍ୟ ଅଭିଯୁକ୍ତ କ୍ଷେତରାଜପୁର ଥାନା ଚନ୍ଦନ ନଗରର ମଧୁସୂଦନ ବରାଇ(୩୬)କୁ ଗିରଫ କରିଛି। ଏ ଏଣ୍ଡ ଏ ଇଣ୍ଟରପ୍ରାଇସେସ ଇନଭେଷ୍ଟମେଣ୍ଟ ରିଟର୍ନ୍ସ ନାମକ ଏକ ସଂସ୍ଥା ସଦର ଥାନା ଏନଏସସିବି କଲେଜ ଛକରେ ଖୋଲାଯାଇଥିବା ପୁଲିସ ଖବର ପାଇଥିଲା। ଲୋକଙ୍କ ପାଖରୁ ମୋଟା ଟଙ୍କା ନେଇ ଅଭିଯୁକ୍ତ ମଧୁସୂଦନ ଏପରି କାଣ୍ଡ ଘଟାଇଥିବା ସମ୍ବଲପୁର ଏସପି ମୁକେଶ ଭାମୂ କହିଛନ୍ତି।

ସଦର ପୁଲିସ ଇନଭେଷ୍ଟ ଅଫିସ ଖୋଲା ଯାଇ ଲୋକଙ୍କ ପାଖରୁ ଟଙ୍କା ନେଉଥିବା ଖବର ପାଇଥିଲା। ପରେ ପୁଲିସ ଟିମ ଗଠନ କରି ଚଢ଼ଉ କରିଥିଲା। ପୁଲିସ ତା ନିକଟରୁ ଗୋଟାଏ ମୋବାଇଲ, ୬ଟି ସିପିୟୁ, ୬ଟି ମନିଟର, ଗୋଟାଏ ପ୍ରିଣ୍ଟର, ୫ଟି କି-ବୋର୍ଡ ସହ ୫ଟି ମାଉସ ଜବତ କରିଛି। ପ୍ରାୟ ୪୭ଜଣ ଲୋକଙ୍କ ପାଖରୁ ଲକ୍ଷାଧିକ ମୋଟ ୫୦କୋଟି ଟଙ୍କା ଠକେଇ ହୋଇଥିବା ପୁଲିସ ଅନୁମାନ କରିଛି। ଏବେ ପର୍ଯ୍ୟନ୍ତ ୨୦କୋଟିର ବ୍ୟାଙ୍କ ଟ୍ରାଞ୍ଜାକ୍ସନ୍ ବାବଦରେ ସୂଚନା ପାଇଛି। ଅଭିଯୁକ୍ତ ପୂର୍ବରୁ ଓଡ଼ିଶା ବାହାରେ ଏକ କମ୍ପାନୀର ଆଇଟି ସେକ୍ଟରରେ କାମ କରୁଥିଲା। ପରେ ଚାକିରି ଛାଡ଼ି ଟ୍ରେଡିଂ କ୍ଷେତ୍ରରେ ପ୍ରବେଶ କରିଥିଲା। ନିଜର ଡିମାଟ୍ ଆକାଉଣ୍ଟରେ ଲୋକଙ୍କ ଟଙ୍କା ଆଣି ବିନିଯୋଗ କରୁଥିଲା। ଗ୍ରାହକ ଦେଉଥିବା ଟଙ୍କାକୁ ରଖିବା ପରେ ସେମାନଙ୍କୁ ବଣ୍ଡ ପେପର୍ ମଧ୍ୟ ଦେଉଥିଲା। କିଛି ଲୋକଙ୍କୁ ପ୍ରାଥମିକ ପର୍ଯ୍ୟାୟରେ ଟଙ୍କା ଫେରାଇଥିବା ମଧ୍ୟ ସୂଚନା ରହିଛି। ଏହି ଅଭିଯୁକ୍ତର ଅନ୍ୟ ଏକ ସହଯୋଗୀ ରହିଥିବା ପୁଲିସ ଜାଣିବାକୁ ପାଇଛି। କେଉଁ ପରିସ୍ଥିତିରେ ଲକ୍ଷାଧିକ ଟଙ୍କା ବିନିଯୋଗ କରିବା ପାଇଁ ଦେଉଥିଲେ, ତାହା ଅଭିଯୁକ୍ତ ମଧୁସୂଦନକୁ ରିମାଣ୍ଡରେ ଆଣିଲେ ଜଣା ପଡ଼ିବ ବୋଲି ଶ୍ରୀ ଭାମୁ କହିଛନ୍ତି।

### ପ୍ରେମ ପାଇଁ ସାତଦରିଆ ପାରି

## ଓଡ଼ିଆ ଯୁବକଙ୍କ ହାତ ଧରିଲେ ସ୍ଲୋଭାକିଆ ଯୁବତୀ

ପାରଳାଖେମୁଣ୍ଡି, ୨୭ ।୧୧ (ସମିସ): ପ୍ରେମ ମାନେନାହିଁ ସୀମା ସରହଦ, ବନ୍ଧବାଡ଼। ଏହି ଉକ୍ତିକୁ ପ୍ରମାଣିତ କରି ଦେଖାଇଛନ୍ତି ସ୍ଲୋଭାକିଆର ଜଣେ ଯୁବତୀ। ପ୍ରେମ ପାଇଁ ସେ ସାତଦରିଆ ପାର ହୋଇ ଓଡ଼ିଶାରେ ପାଦ ଥାପିଛନ୍ତି। ହିନ୍ଦୁ ରୀତିନୀତିରେ ଜଣେ ଓଡ଼ିଆ ଯୁବକଙ୍କୁ ବିବାହ କରି ଓଡ଼ିଶାର ବୋହୂ ହୋଇଛନ୍ତି। ସେ ହେଲେ, ୟୁରୋପୀୟ ଦେଶ ସ୍ଲୋଭାକିଆର ଯୁବତୀ ଏନା। ଗଜପତି ଜିଲ୍ଲା ପାରଳାଖେମୁଣ୍ଡି ସହର ଉପକଣ୍ଠ ରାମଲିଙ୍ଗେଶ୍ୱର ମନ୍ଦିରରେ ସେ ପାରଳାଖେମୁଣ୍ଡିର ରାଜୀବ ମିଶାଲଙ୍କ ସହ ବିବାହ ବନ୍ଧନରେ ଆବଦ୍ଧ ହୋଇଛନ୍ତି।

ରାଜୀବ ସିଙ୍ଗାପୁରରେ କାମ କରନ୍ତି। ଏକ ହସ୍ପିଟାଲରେ ଏନାଙ୍କ ସହ ତାଙ୍କର ଦେଖା ହୋଇଥିଲା। ପରବର୍ତ୍ତୀ ସମୟରେ ଉଭୟଙ୍କ ମଧ୍ୟରେ ପ୍ରେମ ସମ୍ପର୍କ ଗଢ଼ି ଉଠିଥିଲା। ଦୀର୍ଘ ବର୍ଷ ଧରି ରାଜୀବଙ୍କ ସଂସ୍ପର୍ଶରେ ରହିବା ପରେ ଏନା ଭାରତୀୟ ସଂସ୍କୃତି ଓ ପରମ୍ପରାକୁ ମଧ୍ୟ ଭଲ ପାଇ ବସିଥିଲେ। ଏ ସଂପର୍କରେ ଉଭୟେ ନିଜ ନିଜ ପରିବାରଲୋକଙ୍କ ସହ ଆଲୋଚନା କରିବା ପରେ ହିନ୍ଦୁ ରୀତିନୀତି ଅନୁସାରେ ବିବାହ କରିବାକୁ ନିଷ୍ପତ୍ତି ନେଇଥିଲେ। ନିଷ୍ପତ୍ତି ଅନୁଯାୟୀ ବୁଧବାର ରାତିରେ ରାମଲିଙ୍ଗେଶ୍ୱର ମନ୍ଦିରରେ ହିନ୍ଦୁ ରୀତିନୀତିରେ ଦୁହିଁଙ୍କ ବିବାହ ସଂପନ୍ନ ହୋଇଥିଲା। ରାଜୀବଙ୍କ ପରିବାରଲୋକ ଏନାଙ୍କ ନାମକୁ ଭାରତୀୟ ନାମ ଅନୁସାରେ ଅନନ୍ୟା ଦେଇଛନ୍ତି। ଏହି ବିବାହ ଉତ୍ସବରେ ଉଭୟ ପକ୍ଷର ସମସ୍ତ ବନ୍ଧୁବାନ୍ଧବ ଓ ପ୍ରିୟଜନ ଉପସ୍ଥିତ ଥିଲେ।



### ପାଟଣାରେ ମେଗା ଷ୍ଟିଲ୍ ପ୍ଲାଣ୍ଟକୁ ବିରୋଧ ଜାରି

## ରାତି ଅଧରେ ପୁଲିସ-ଗ୍ରାମବାସୀ ହାତାହାତି

କେନ୍ଦୁଝର, ୨୭।୧୧ (ସମିସ): କେନ୍ଦୁଝର ଜିଲ୍ଲାର ପାଟଣା ଅଞ୍ଚଳରେ ମେଗା ଷ୍ଟିଲ୍ ପ୍ଲାଣ୍ଟ ସ୍ଥାପନକୁ ସ୍ଥାନୀୟ ଲୋକ ବିରୋଧ କରିଆସୁଛନ୍ତି। ଏହାକୁ ନେଇ ସ୍ଥିତି ଏବେ ଦିନକୁ ଦିନ ଉଗ୍ର ହେବାରେ ଲାଗିଛି। ଗତ ରାତିରେ କାରଖାନା ବିରୋଧୀ ମଞ୍ଚର ୬ନେତାଙ୍କୁ ଗିରଫ କରିବାକୁ ଯାଇଥିବା ପୁଲିସକୁ ଗ୍ରାମବାସୀଙ୍କ ଆକ୍ରୋଶର ସମ୍ମୁଖୀନ ହେବାକୁ ପଡ଼ିଛି। ଉତ୍ତ୍ୟକ୍ତ ଗ୍ରାମବାସୀମାନେ ଏହି ଗିରଫଦାରୀକୁ ବେଆଇନ ଦର୍ଶାଇ ପୁଲିସ୍‌କୁ ଗାଁ ଦାଣ୍ଡରେ ଅଟକ ରଖିଥିଲେ। ଏହାକୁ ନେଇ ତୀବ୍ର ଉତ୍ତେଜନା ପ୍ରକାଶ ପାଇଥିଲା। ଏପରିକି, ସ୍ଥିତି ଜଟିଳ ହେବାରୁ ପୁଲିସ ମୃଦୁ୍ୟ ଲାଠି ଚାଳନା କରି ଗ୍ରାମବାସୀଙ୍କୁ ଘଉଡ଼ାଇଥିଲା। ଏଥିରେ ଜଣେ ମହିଳା ପୁଲିସ ଓ କିଛି ଗ୍ରାମବାସୀ ଆହତ ହୋଇଥିବା ଜଣାପଡ଼ିଛି। ପରେ ପୁଲିସ ୬ ଅଭିଯୁକ୍ତଙ୍କୁ ଗିରଫ କରି ଥାନାକୁ ନେଇଥିଲା। ତୁରୁମୁଙ୍ଗା ଥାନା ଯମୁନାପଶି ଗ୍ରାମରେ ଏହି ଘଟଣା ଘଟିଛି। ଗିରଫ ଅଭିଯୁକ୍ତମାନେ ହେଲେ, କାରଖାନା ପ୍ରତିରୋଧ ମଞ୍ଚର ସମ୍ପାଦକ ବେଣୁଧର ସର୍ଦ୍ଦାର, ତାଙ୍କ ଭାଇ ଭୁବନାନନ୍ଦ ସର୍ଦ୍ଦାର, ମଞ୍ଚର



ଉପସଭାପତି ସରୋଜ କୁମାର ସିଂ, ରବୀନ୍ଦ୍ର ମାହାନ୍ତ, ବରିଷ୍ଠ କର୍ମୀ ଅନାମ ନାୟକ, ବୀରେନ୍ଦ୍ର ମହାକୁଡ଼। ଆଜି ପୁଲିସ ସେମାନଙ୍କୁ କୋର୍ଟଚାଲାଣ କରିଛି।

ଅପରପକ୍ଷେ, ଏହି ୬ ଜଣଙ୍କ ଗିରଫଦାରୀ ପ୍ରତିବାଦରେ ଆଜି ସକାଳ ପ୍ରାୟ ୧୦ଟାରେ ପ୍ଲାଣ୍ଟ ପ୍ରଭାବିତ ୧୨ଟି ଗାଁର ପ୍ରାୟ ୨ ହଜାର ମହିଳା ପୁରୁଷ ଏକାଠି ହୋଇ ହାତୀବାରି ଛକ ନିକଟରୁ ଏକ ରାଲିରେ ବାହାରିଥିଲେ। ତୁରୁମୁଙ୍ଗା ଥାନାଠାରୁ ୫ ଶହ ମିଟର ଦୂରରେ ପୁଲିସ ସେମାନଙ୍କୁ ଅଟକାଇବାରୁ ସେମାନେ ତୁରୁମୁଙ୍ଗା ସର୍ଭିସ୍ ରୋଡରେ ଧାରଣା ଦେଇଥିଲେ। ଚାଷଜମିରେ ପ୍ଲାଣ୍ଟ ନିର୍ମାଣ ବନ୍ଦ କର, ପୋସ୍କୋ ସହ ଏମଓୟୁ ବାତିଲ, ରକ୍ତ ଦେବୁ ପଛେ ଭିଟା ମାଟି ଛାଡ଼ିବୁ ନାହିଁ ଆଦି ଲେଖାଥିବା ପ୍ଲା'-କାର୍ଡ ଧରି ଧାରଣାରେ ବସିଥିଲେ। ଅପରାହ୍ଣ ପ୍ରାୟ ସାଢ଼େ ୪ଟାରେ ଆନ୍ଦୋଳନକାରୀମାନେ ଧାରଣରୁ ଉଠିଥିଲେ।

ସୂଚନାନୁଯାୟୀ, ପାଟଣା ବ୍ଲକ୍ ଚେମେଣା ଓ ଯମୁନାପଶି ପଞ୍ଚାୟତ ଅଞ୍ଚଳରେ ଦୁଇଟି କମ୍ପାନୀ ମିଳିତ ଭାବେ ଷ୍ଟିଲ୍ ପ୍ଲାଣ୍ଟ ସ୍ଥାପନ କରିବାକୁ ଯାଉଛନ୍ତି। ଏହାକୁ କାରଖାନା ପ୍ରତିରୋଧ

- ଲାଠିଚାର୍ଜ କରି ମୁକୁଳିଲା ପୁଲିସ
- ଗିରଫଦାରୀ ପ୍ରତିବାଦରେ ରାସ୍ତାରେ ଧାରଣା
- ପ୍ଲାଣ୍ଟ ବିରୋଧୀ ନେତାଙ୍କୁ ନିସର୍ତ୍ତ ଖଲାସ ଦାବି

ମଞ୍ଚ ବିରୋଧ କରିଆସୁଛି। ବେଣୁଧର ମଞ୍ଚର ସଂପାଦକ। କିଛି ଦିନ ତଳେ ଚେମଣା ଗ୍ରାମର ପ୍ରତାପ ଦାସ ସହ ୨ଜଣଙ୍କୁ ଅତର୍କିତ ଆକ୍ରମଣ ସହ ତାଙ୍କଠାରୁ ଜୋରଜବରଦସ୍ତ ଟଙ୍କା ଛଡ଼ାଇ ନେଇଯିବା, ମରଣାନ୍ତକ ଆକ୍ରମଣ ହୋଇଥିବା ନେଇ ତୁରୁମୁଙ୍ଗା ଥାନାରେ ଅଭିଯୋଗ ହୋଇଥିଲା। ପୁଲିସ ଏନେଇ ନମ୍ବର ୨୬୫/୨୦୨୫ରେ ଏକ ମାମଲା ରୁଜୁ କରି ତଦନ୍ତ ଚଳାଇଥିଲା। ଏହି ମାମଲାରେ ଅଭିଯୁକ୍ତଙ୍କୁ ଗିରଫ କରିବାକୁ ପୁଲିସ ଗତ ରାତିରେ ଯମୁନାପଶି ଗାଁକୁ ଯାଇଥିଲା। କିନ୍ତୁ, କାରଖାନା ପ୍ରତିରୋଧ ମଞ୍ଚର ସ୍ୱରକୁ ଦବାଇବା ପାଇଁ ପୁଲିସ ଏଭଳି ମିଛ ମାମଲା କରି ଏହାର ସଦସ୍ୟଙ୍କୁ ଗିରଫ କରୁଥିବା ଅଭିଯୋଗ କରି ଗ୍ରାମବାସୀମାନେ ପୁଲିସର ବାଟ ଉଗାରିଥିଲେ। ଏହାକୁ ନେଇ ପୁଲିସ ଓ ଗ୍ରାମବାସୀଙ୍କ ମଧ୍ୟରେ ହାତାହାତି ହୋଇଥିଲା।

ଅପରପକ୍ଷେ, ମଞ୍ଚର ଉପଦେଷ୍ଟା ତଥା ଏଆଇକେକେଏମଏସ ରାଜ୍ୟ ସମ୍ପାଦକ କମ୍ରେଡ ରଘୁନାଥ ଦାସ ଓ ପ୍ରତିରୋଧ ମଞ୍ଚର ସଭାପତି ଘନଶ୍ୟାମ ମହାନ୍ତ ପୁଲିସର ଏଭଳି ଦମନକାରୀ ନୀତିକୁ ତୀବ୍ର ନିନ୍ଦା କରିଛନ୍ତି। ଅବିଳମ୍ବେ ବିନା ସର୍ତ୍ତରେ ପ୍ରତିରୋଧ ମଞ୍ଚର ସଦସ୍ୟମାନଙ୍କୁ ଖଲାସ କରିବାକୁ ସେମାନେ ଦାବି କରିନ୍ତି। ନଚେତ୍ ଆଗାମୀ ଦିନରେ ଆନ୍ଦୋଳନକୁ ଆହୁରି ତୀବ୍ର କରାଯିବ ବୋଲି ଚେତାବନୀ ଦେଇଛନ୍ତି। ଘଟଣାକୁ ନେଇ କାରଖାନା ପ୍ରସ୍ତାବିତ ଅଞ୍ଚଳରେ ଉତ୍ତେଜନା ଲାଗି ରହିଥିବାରୁ ପୁଲିସ୍ ତୀକ୍ଷ୍ଣ ନଜର ରଖିଛି।

### ପଙ୍କପାଳ ବଙ୍ଗଳା ଛକ ପଡ଼ିଆରେ ଗଚ୍ଛିତ ହେଉଛି କଳା ପାଉଁଶ

# କଳା ପାଉଁଶ ଧୂଳିରେ ଅଞ୍ଚଳବାସୀ ଅତିଷ୍ଠ



ଯଖପୁରା,୨୭।୧୧(ସମିସ): କଳିଙ୍ଗନଗରରେ ଅନେକଗୁଡ଼ିଏ କଳ କାରଖାନା ଗଢି ଉଠିବା ଯୋଗୁଁ ଦିନକୁ ଦିନ ପ୍ରଦୂଷଣ ବଢ଼ିବାରେ ଲାଗିଛି। ଅଞ୍ଚଳରେ ବାୟୁ ପ୍ରଦୂଷଣ, ଜଳ ପ୍ରଦୂଷଣ ଆଦି ବହୁ ମାତ୍ରାରେ ବଢ଼ିବା ଦ୍ୱାରା ସାଧାରଣ ଲୋକ ଏହାର ପ୍ରଭାବରେ କିଡ୍‌ନୀ ରୋଗ ସହ ଚର୍ମ ରୋଗରେ ଆକ୍ରାନ୍ତ ହେଉଛନ୍ତି। କଳିଙ୍ଗନଗର ଅଞ୍ଚଳରେ ସବୁଠୁ ଅଧିକ କିଡ୍‌ନୀ ରୋଗୀ ଥିବା ଏକ ସର୍ଭେରୁ ଜଣାପଡ଼ିଛି। ଏବେ କଳିଙ୍ଗନଗରରେ ଥିବା ଶିଳ୍ପାନୁଷ୍ଠାନରୁ ନିର୍ଗତ ହେଉଥିବା ପ୍ରଦୂଷଣଠାରୁ ଏଠାରେ ମନଇଚ୍ଛା ପ୍ଲାଣ୍ଟ ପାଉଁଶ ଡମ୍ପ୍ କରିବା ତା'ଠାରୁ ଅଧିକ ପ୍ରଦୂଷଣ କରୁଥିବା ଦେଖିବାକୁ ମିଳୁଛି। ପ୍ରତ୍ୟେକ କାରଖାନା ସେମାନଙ୍କ ବର୍ଜ୍ୟ ପାଉଁଶ ନିଜ ପ୍ଲାଣ୍ଟ ରୁ ହଟାଇବାକୁ ଚାହୁଁଥିବାବେଳେ ଏହାର ସୁଯୋଗ ନେଇ ମାଫିଆମାନେ ମନଇଚ୍ଛା ପାଉଁଶ ଉଠାଇଥା'ନ୍ତି। କାରଖାନାରୁ ନିର୍ଗତ ବିଷାକ୍ତ ପାଉଁଶ ଆଣି ମନଇଚ୍ଛା ରାସ୍ତା କଡ଼ ଓ ଜନବସତି ଅଞ୍ଚଳରେ ଗଚ୍ଛିତ କରୁଛନ୍ତି। ମାଫିଆଙ୍କ କଳା ପାଉଁଶ ବେପାର ସ୍ଥଳ ଏବେ ପଙ୍କପାଳ ବଙ୍ଗଳା ଛକ ଥିବା ଜେସିଡିଏଲ କର୍ଯ୍ୟାଳୟ ପଛପଟେ ଥିବା ପଡ଼ିଆରେ ଦେଖିବାକୁ ମିଳୁଛି। ଫଳରେ କଳା ପାଉଁଶ ଧୂଳିରେ ଅଞ୍ଚଳବାସୀ ଅତିଷ୍ଠ ହୋଇପଡୁଥିବା ଅଭିଯୋଗ ହେଉଛି।

ଶହ ଶହ ଟ୍ରିପ୍ କଳା ପାଉଁଶ ଗଚ୍ଛିତ ରଖି ତାହାକୁ ଅନ୍ୟ ସ୍ଥାନକୁ ସ୍ଥାନାନ୍ତରିତ କରାଯାଉଛି। ପ୍ରତି ସପ୍ତାହରେ ଏଠାରେ ଦୁଇଶହ ଟ୍ରିପ୍ କଳା ପାଉଁଶ ଗଚ୍ଛିତ ହେବା ପରେ ଏହାକୁ ସ୍ଥାନାନ୍ତରିତ କରିବା ପାଇଁ ରାଜ୍ୟ ବାହାରୁ ବଡ ବଡ ମାଲ ବୋଝେଇ ଟ୍ରକ ମାଧମରେ ପରିବହନ କରାଯାଉଛି। ଏହି କଳା ପାଉଁଶ ସରିଗଲେ ପୁନର୍ବାର ଏଠାରେ ପାଉଁଶ ରଖାଯାଉଛି। ଶହ ଶହ ଟ୍ରକ୍ ଖାଲି ଓ ବୋଝେଇ କରିବା ସମୟରେ ସେହି ଅଞ୍ଚଳରେ ଯିବାଆସିବା କରିବା କଷ୍ଟକର ହେଇଛି। ବର୍ତ୍ତମାନ ଶୀତଋତୁ ଆରମ୍ଭ ହୋଇଥିବାବେଳେ ମାଫିଆଙ୍କ କଳା ବଜାରି କାର୍ଯ୍ୟ ଆରମ୍ଭ ହୋଇଯାଇଛି। ଫଳରେ ସାଧାରଣ ଲୋକ ପ୍ରଦୂଷଣର ଶିକାର ହେଇଛନ୍ତି। କଳାବଜାରୀ ଏହି କଳା ପାଉଁଶ ବେପାରକୁ ମୁଖ୍ୟତଃ ରାତିରେ କରିଥା'ନ୍ତି। କଳା ପାଉଁଶ କୋଇଲାରେ ଅତି ସହଜରେ ମିଶିଯାଉଥିବାରୁ ଏହାର ଚାହିଦା ଅଧିକ ରହିଛି। ରାଜ୍ୟର ଅନେକ ସ୍ଥାନ ସହ ରାଜ୍ୟ ବାହାରକୁ ବଡ ବଡ ଟ୍ରକ ଯୋଗେ ପଠାଯାଉଛି। ବିନା କୌଣସି ସରକାରୀ କାଗଜପତ୍ରରେ ଶହ ଶହ ଟ୍ରିପ ପାଉଁଶ କିପରି ଉଠାଯାଉଛି, ତାହା ପ୍ରଶାସନ ଉପରେ ପ୍ରଶ୍ନବାଚୀ ସୃଷ୍ଟି କରିଛି। କିଛି ପ୍ରଭାବଶାଳୀ ବ୍ୟକ୍ତିପାଇଁ ସାଧାରଣ ଜନଜୀବନ ପ୍ରଭାବିତ ହେଉଥିବାବେଳେ ପ୍ରଶାସନ ସେମାନଙ୍କ ଉପରେ କୌଣସି କାର୍ଯ୍ୟାନୁଷ୍ଠାନ ଗ୍ରହଣ କରିପାରୁନି। ତେବେ ପ୍ରଦୂଷଣ ନିୟନ୍ତ୍ରଣ ବୋର୍ଡ ଏହା ଉପରେ ଦୃଢ଼ କାର୍ଯ୍ୟାନୁଷ୍ଠାନ ଗ୍ରହଣ ନ କଲେ, ସ୍ଥାନୀୟ ଲୋକେ ରାଜରାସ୍ତାକୁ ଓହ୍ଲାଇବେ ବୋଲି ଚେତାବନୀ ଦେଇଛନ୍ତି।

## ନୂତନ ଶ୍ରମ କୋଡ୍ ବାତିଲ ଦାବିରେ ବିକ୍ଷୋଭ



ବ୍ୟାସନଗର,୨୭।୧୧(ସମିସ): ଐତିହାସିକ କୃଷକ ଆନ୍ଦୋଳନର ବିଜୟର ସ୍ମାରକୀ ଉଦ୍ଦେଶ୍ୟରେ ମିଳିତ କେନ୍ଦ୍ରୀୟ ଓ ସଂଯୁକ୍ତ କୃଷକ ମୋର୍ଚ୍ଚା ଆହ୍ୱାନକ୍ରମେ ସିଆଇଟିୟୁ ଯାଜପୁର ଜିଲ୍ଲା ଶାଖା ପକ୍ଷରୁ ନୂତନ ଶ୍ରମ କୋଡ୍ ବାତିଲ, ଏମ୍ଏସପିକୁ ଆଇନଗତ ଗ୍ୟାରେଣ୍ଟି ଦାବି, ଦରଦାମ ବୃଦ୍ଧିକୁ ନିୟନ୍ତ୍ରଣ କରିବା, ବେକାର ଯୁବକ/ଯୁବତୀଙ୍କୁ ନିଯୁକ୍ତି ଦେବା, ପୁରୁଣା ପେନସନ ସ୍କିମ ଲାଗୁ କରିବା, ନିର୍ମାଣ ଶ୍ରମିକଙ୍କ ପାଇଁ ପେନସନ ଲାଗୁ କରିବା ପ୍ରଭୃତି ୨୦ ଦଫା ଦାବି ନେଇ ବିକ୍ଷୋଭ ପ୍ରଦର୍ଶନ କରାଯାଇଛି। ଏକ ଶୋଭାଯାତ୍ରା ଯାଜପୁର ରୋଡ୍ ରେଳଷ୍ଟେସନ ସମ୍ମୁଖରୁ ବାହାରି ଗୋପବନ୍ଧୁ ଛକରେ ପହଞ୍ଚିବା ପରେ ସିଆଇଟିୟୁ ଜିଲ୍ଲା ସଭାପତି ପ୍ରଫୁଲ୍ଲ ନାୟକଙ୍କ ସଭାପତିତ୍ୱରେ ଏକ ପ୍ରତିବାଦ ସଭା ଅନୁଷ୍ଠିତ ହୋଇଥିଲା। ଉକ୍ତ ସଭାରେ ଜିଲ୍ଲା କମିଟି ସଭ୍ୟ ନିର୍ମଳ ରଥ, ପାନି କିସ୍କୁ, ମାଳତୀ ହାଁସଦା, ମନ୍ମଥ ରାୟ, ତ୍ରିଲୋଚନ ରାଉତ, ଜୟରାମ ମୁର୍ମୁ, ଲିଟା ଲାଗୁରୀ, ଆଶା ସାମାଡ, ସୁର ହେମ୍ବ୍ରମ, ନମା ମୁଣ୍ଡା, ଗୁରୁବାରି ଲାଗୁରୀ, ନନ୍ଦିନୀ ମୁଣ୍ଡା, ରାଜେନ୍ଦ୍ର ସ୍ୱାଇଁ ପ୍ରମୁଖ ବକ୍ତବ୍ୟ ରଖିଥିଲେ। ପରେ ଶୋଭାଯାତ୍ରା କଳିଙ୍ଗନଗର ଏଡିଏମ୍ କାର୍ଯ୍ୟାଳୟ ସମ୍ମୁଖରେ ପହଞ୍ଚି ଏଡିଏମ୍‌ଙ୍କ ଜରିଆରେ ରାଷ୍ଟ୍ରପତିଙ୍କ ଉଦ୍ଦେଶ୍ୟରେ ଦାବିପତ୍ର ପ୍ରଦାନ କରିଥିଲେ।

## ନିରନ୍ତର ବିକାଶ ଲକ୍ଷ୍ୟ ନେଇ ଜିଲ୍ଲାସ୍ତରୀୟ ତାଲିମ




ଯାଜପୁର, ୨୭।୧୧(ସମିସ): ନିରନ୍ତର ବିକାଶ ଲକ୍ଷ୍ୟ (ଏସଡିଜି) ଉପରେ ଏକଦିନିକିଆ ଜିଲ୍ଲାସ୍ତରୀୟ ତାଲିମ କାର୍ଯ୍ୟକ୍ରମ ଜିଲ୍ଲା ପରିଷଦ ସମ୍ମିଳନୀ କକ୍ଷରେ ଜିଲ୍ଲା ପରିଷଦ ମୁଖ୍ୟ ଉନ୍ନୟନ ତଥା ନିର୍ବାହୀ ଅଧିକାରୀ ଦେବୀପ୍ରସାଦ ମହାନ୍ତିଙ୍କ ଅଧ୍ୟକ୍ଷତାରେ ଅନୁଷ୍ଠିତ ହୋଇଯାଇଛି। ବିଭିନ୍ନ ବ୍ଲକ୍‌ର ବିଡିଓ ଓ ତହସିଲଦାରଙ୍କ ସହିତ ବିଭିନ୍ନ ଲାଇନ୍ ବିଭାଗର ଜିଲ୍ଲାସ୍ତରୀୟ ଅଧିକାରୀ ଏହି କାର୍ଯ୍ୟକ୍ରମରେ ଅଂଶଗ୍ରହଣ କରିଥିଲେ। ଜିଲ୍ଲା ଯୋଜନା ଓ ପରିଚାଳନା ୟୁନିଟ୍ ଡେପୁଟି ଡାଇରେକ୍ଟର ଅର୍ଚ୍ଚିତା ଦାସଙ୍କ ଦ୍ୱାରା ପ୍ରଦାନ କରାଯାଇଥିବା ନିରନ୍ତର ବିକାଶ ଲକ୍ଷ୍ୟ (ଏସଡିଜି) ଓ ସେମାନଙ୍କର ଗୁରୁତ୍ୱର ଏକ ସମୀକ୍ଷା ସହିତ ତାଲିମ ଆରମ୍ଭ ହୋଇଥିଲା। ଏହି କାର୍ଯ୍ୟକ୍ରମରେ ୧୭ଟି ଏସଡିଜି ଦାରିଦ୍ର୍ୟ ମୁକ୍ତ, କ୍ଷୁଧା ମୁକ୍ତ, ସୁସ୍ଥ ଓ ନିରାମୟ ଜୀବନ, ଗୁଣାତ୍ମକ ଶିକ୍ଷା, ଲିଙ୍ଗଗତ ସମାନତା, ସ୍ୱଚ୍ଛ ଜଳ ଓ ପରିମଳ, ସୁଲଭ ଓ ସ୍ୱଚ୍ଛ ଶକ୍ତି, ମର୍ଯ୍ୟାଦା ସମ୍ପନ୍ନ କାର୍ଯ୍ୟ ଓ ଅର୍ଥନୈତିକ ବିକାଶ, ଶିଳ୍ପ ଉଦ୍ଭାବନ ଓ ଭିତ୍ତିଭୂମି, ଅସମାନତା ହ୍ରାସ, ସହର ଓ ଜନ ସମୁଦାୟର ସ୍ଥାୟିତ୍ୱ, ଦାୟିତ୍ୱପୂର୍ଣ୍ଣ ବ୍ୟବହାର ଓ ଦୀର୍ଘସ୍ଥାୟୀ ଉତ୍ପାଦନ, ଜଳବାୟୁଭିତ୍ତିକ କାର୍ଯ୍ୟପନ୍ଥା, ଜଳ ଭିତରର ଜୀବନ, ସ୍ଥଳ ଭାଗରେ ଜୀବନ, ଶାନ୍ତି ନ୍ୟାୟ ଓ ଦୃଢ଼ ପ୍ରତିଷ୍ଠାନ, ଲକ୍ଷ୍ୟ ହାସଲ ନିମନ୍ତେ ସହଭାଗିତା ଉପରେ ଆଲୋଚନା ହୋଇଥିଲା। ସେ ଏସଡିଜିରେ ପ୍ରଗତି ତଦାରଖ କରିବା ପାଇଁ ବିକଶିତ ସୂଚକ ଢାଞ୍ଚା ଉପରେ ମଧ୍ୟ ଆଲୋକପାତ କରିଥିଲେ। ପରେ ଦାନଗଦି ଏବିଡିଓ ଦିବ୍ୟକାନ୍ତି ମିଶ୍ରଙ୍କ ଦ୍ୱାରା ଏସଡିଜିର ସ୍ଥାନୀୟକରଣ ଉପରେ ଏକ ଅଧିବେଶନ ଅନୁଷ୍ଠିତ ହୋଇଥିଲା। ଯିଏ ନଅଟି ବିଷୟବସ୍ତୁ କ୍ଷେତ୍ର ଓ ତୃଣମୂଳ ସ୍ତରରେ ସ୍ଥାୟୀ ଓ ଅନ୍ତର୍ଭୁକ୍ତିମୂଳକ ବିକାଶକୁ ଆଗେଇ ନେବା ପାଇଁ ଆନ୍ତଃବିଭାଗୀୟ ସମନ୍ୱୟର ଆବଶ୍ୟକତା ଉପରେ ଗୁରୁତ୍ୱାରୋପ କରିଥିଲେ। ଜିଲ୍ଲା ପରିଷଦର ମୁଖ୍ୟ ଉନ୍ନୟନ ଓ ନିର୍ବାହୀ ଅଧିକାରୀ ସମସ୍ତ ଅଂଶଗ୍ରହଣକାରୀ ଅଧିକାରୀଙ୍କୁ ବିଭିନ୍ନ ବିଭାଗ ମଧ୍ୟରେ ସମନ୍ୱୟକୁ ସୁଦୃଢ଼ କରିବା ଓ ଜିଲ୍ଲାରେ ସ୍ଥାୟୀ ବିକାଶ ଲକ୍ଷ୍ୟ ହାସଲ କରିବା ପାଇଁ ସେମାନଙ୍କର ପ୍ରୟାସକୁ ସମାନ କରିବା ପାଇଁ ଅନୁରୋଧ କରିଥିଲେ। ଡିପିଏମୟୁର ସହକାରୀ ନିର୍ଦ୍ଦେଶକ (ଯୋଜନା) ନିର୍ମଳ ଚନ୍ଦ୍ର ବେହେରା ଧନ୍ୟବାଦ ଅର୍ପଣ କରିଥିଲେ।

## ବାଇକ୍‌କୁ ଧକ୍କା ଦେଲା କାର୍, ଜଣେ ଆହତ

କବାଟବନ୍ଧ,୨୭।୧୧(ସମିସ):ଜାରକା-କବାଟବନ୍ଧ ନଦୀବନ୍ଧ ରାସ୍ତାରେ ଦୁର୍ଘଟଣାରେ ଜଣେ ବାଇକ ଆରୋହୀ ଆହତ ହୋଇଛନ୍ତି। ଆହତ ଯୁବକ ଜଣକ ଏଣ୍ଡଲବା ପଞ୍ଚାୟତ ଅଧୀନ ପାଟପୁର ଗ୍ରାମର ବିନୋଦ ରଣାଙ୍କ ପୁଅ ରାମଚନ୍ଦ୍ର ରଣା (୨୫)। ଗୁରୁବାର ଅପରାହ୍ନ ପ୍ରାୟ ୨ଟାବେଳେ ନଦୀବନ୍ଧ ରାସ୍ତାର ମର୍ଜିତାପୁର ନିକଟରେ ରାମଚନ୍ଦ୍ର ବାଇକ୍‌ରେ ଗାଁକୁ ଫେରୁଥିବା ସମୟରେ ବିପରୀତ ଦିଗରୁ ଜେନାପୁର ଆଡ଼କୁ ଆସୁଥିବା ଏକ କାର୍ ତାଙ୍କୁ ଧକ୍କା ଦେଇଥିଲା। କାର୍ ଚାଳକ ଭାରସାମ୍ୟ ହରାଇ ଡାହାଣ ପଟକୁ ଆଣି ବାଇକ୍‌କୁ ଧକ୍କା ଦେଇଥିଲା। ଫଳରେ ବାଇକ୍ ଆରୋହୀ ଆହତ ହୋଇଥିଲେ। ସ୍ଥାନୀୟ ଲୋକଙ୍କ ସହାୟତାରେ ଚିକିତ୍ସା ପାଇଁ ତାଙ୍କୁ ଧର୍ମଶାଳା ଗୋଷ୍ଠୀ ସ୍ୱାସ୍ଥ୍ୟକେନ୍ଦ୍ରରେ ଭର୍ତ୍ତି କରାଯାଇଥିଲା। ଜେନାପୁର ପୁଲିସ ଘଟଣାସ୍ଥଳରେ ପହଞ୍ଚି ଉଭୟ ବାଇକ୍ ଓ କାର୍‌କୁ ଜବତ କରିଥିଲା।



## ପ୍ରଧାନଶିକ୍ଷକ ଦେବରାଜ ମିଶ୍ରଙ୍କୁ ସମ୍ବର୍ଦ୍ଧନା



ଧର୍ମଶାଳା,୨୭ ।୧୧(ସମିସ): କୁମାରୀ ପଞ୍ଚାୟତ ଦେଉଳି ପ୍ରାଥମିକ ବିଦ୍ୟାଳୟରେ ପ୍ରଧାନଶିକ୍ଷକ ଭାବେ ଯୋଗଦେଇଥିବା ଦେବରାଜ ମିଶ୍ରଙ୍କୁ ଆଜି ସ୍ୱାଗତ ସମ୍ବର୍ଦ୍ଧନା ଦିଆଯାଇଛି। ରାଜ୍ୟ ଶିକ୍ଷକ ସଂଘ ସାଧାରଣ ସମ୍ପାଦକ ସଦୀପ୍ତ ମହାନ୍ତି, ଗୋକର୍ଣ୍ଣେଶ୍ୱର ଉଚ୍ଚପ୍ରାଥମିକ ବିଦ୍ୟାଳୟ ପ୍ରଧାନଶିକ୍ଷକ ପ୍ରମୋଦ ସାହୁ, ଦେଉଳି ପ୍ରାଥମିକ ବିଦ୍ୟାଳୟ ସହକାରୀ ଶିକ୍ଷୟିତ୍ରୀ ରୋଜାଲିନ ମଲ୍ଲିକ, ସେଫାଳିକା ମହାନ୍ତି, ସ୍କୁଲ କମିଟି ସଦସ୍ୟ ରତ୍ନାକର ସାହୁ, ପ୍ରସନ୍ନ ପାଳ, ଭାଗ୍ୟଧର ବେହେରା ପ୍ରମୁଖ ଶ୍ରୀ ମିଶ୍ରଙ୍କୁ ପୁଷ୍ପଗୁଚ୍ଛ ପ୍ରଦାନ କରି ସ୍ୱାଗତ କରିଥିଲେ। ପ୍ରଧାନଶିକ୍ଷକ ପଦ ଖାଲି ପଡ଼ିଥିବାବେଳେ ବିଧାୟକ ହିମାଂଶୁ ଶେଖର ସାହୁଙ୍କ ନିର୍ଦ୍ଦେଶକ୍ରମେ ଜିଲ୍ଲା ଶିକ୍ଷାଧିକାରୀ ମହେଶ୍ୱର ସାହୁ ରସୁଲପୁର ବ୍ଲକ ଦାମୋଦରପୁର ଅଭିରାମ ପରମହଂସ ସରକାରୀ ଉଚ୍ଚ ପ୍ରାଥମିକ ବିଦ୍ୟାଳୟରେ କାର୍ଯ୍ୟରତ ପ୍ରଧାନଶିକ୍ଷକ ଶ୍ରୀ ମିଶ୍ରଙ୍କୁ ଏଠାକୁ ବଦଳି କରିଥିଲେ।

## ମହିଳାଙ୍କ ଆତ୍ମହତ୍ୟା



ପାଣିକୋଇଲି,୨୭ ।୧୧(ସମିସ): ଗୋଳେଇପୁର ପଞ୍ଚାୟତର ସୋଡି ଗ୍ରାମରେ ଜଣେ ମହିଳା ବେକରେ ରଶି ଲଗାଇ ଆତ୍ମହତ୍ୟା କରିଛନ୍ତି। ସୋଡି ଗ୍ରାମର ଦିବାକର ଭୂୟାଁଙ୍କ ପୁଅ ଶ୍ରୀଧର(କାଳିଆ) ସେହି ଗ୍ରାମର ଗଦାଧର ନାୟକଙ୍କ ଝିଅ ନିରୁପମା (କଣ୍ଢେଇ)ଙ୍କୁ ଗତବର୍ଷ ମାର୍ଚ୍ଚ ୧୨ ତାରିଖରେ ବିବାହ କରିଥିଲେ। ଉଭୟଙ୍କର ଏକ ଦଶମାସର ପୁତ୍ର ସନ୍ତାନ ଅଛି। ଶ୍ରୀଧର ଭଦ୍ରକର ଏକ ଦୋକାନରେ ସେଲ୍ସମ୍ୟାନ ଭାବେ କାର୍ଯ୍ୟ କରୁଥିବାବେଳେ ସେ ସପ୍ତାହକୁ ଥରେ ଘରକୁ ଆସନ୍ତି। ଘରେ କଣ୍ଢେଇଙ୍କ ସହିତ ବୃଦ୍ଧ ଶାଶୂ, ଶ୍ୱଶୁର ଓ ଏକମାତ୍ର ଅବିବାହିତ ନଣନ୍ଦ ଅଛନ୍ତି। ତେବେ ଶ୍ରୀଧରଙ୍କ ସଂସାର ହସଖୁସିରେ ଚାଲିଥିବାବେଳେ ଆଜି ମାଣବସା ଗୁରୁବାର ଥିବାରୁ କଣ୍ଢେଇର ଶାଶୂ ସକାଳୁ ଡାକିବାକୁ ଯାଇ କବାଟ ବାଡେଇଥିଲେ। ମାତ୍ର କବାଟ ନ ଖୋଲିବାରୁ ସେ ପଡ଼ିଶା ଘରକୁ ଡାକ ପକାଇଥିଲେ। ପଡ଼ିଶା ଘର ଲୋକ ଆସି ଝରକା ତାଡ଼ି ଦେଖିବା ବେଳକୁ କଣ୍ଢେଇ ଭିତର ପଟୁ କବାଟ ବନ୍ଦ କରି ଏକ ଶାଢୀରେ ଫ୍ୟାନରେ ରଶି ଲଗାଇ ଝୁଲୁଥିବା ଦେଖି କବାଟ ତାଡ଼ି ବାହାରକୁ ଆଣିଥିଲେ। ଏ ନେଇ ଝିଅ ଘର ପରିବାର ଲୋକ ଥାନାରେ ଜଣାଇବା ପରେ ପୁଲିସ ଏକ ଅପମୃତ୍ୟୁ ମାମଲା ରୁଜୁ କରି ସାଇଣ୍ଟିଫିକ ଟିମ ସହିତ ତଦନ୍ତ କରି ଶବକୁ ଜବତ କରି ବ୍ୟବଚ୍ଛେଦ ନିମନ୍ତେ ଯାଜପୁର ମୁଖ୍ୟ ଚିକିତ୍ସାଳୟକୁ ପଠାଇଛି।

## ସରସ୍ୱତୀ ଶିଶୁ ବିଦ୍ୟାମନ୍ଦିରର ବାର୍ଷିକ କ୍ରୀଡ଼ା

ବ୍ୟାସନଗର,୨୭ ।୧୧(ସମିସ): ମୁଣ୍ଡମାଳସ୍ଥ ସରସ୍ୱତୀ ଶିଶୁ ବିଦ୍ୟାମନ୍ଦିରର ୩୮ତମ ବାର୍ଷିକ କ୍ରୀଡ଼ା ଆୟୋଜିତ ହୋଇଛି। ପୂର୍ବତନ ନଗରପାଳ ତଥା ବ୍ୟାସନଗର ଆଥଲେଟିକ ଆସୋସିଏସନର କାର୍ଯ୍ୟକାରୀ ସଭାପତି ରସାନନ୍ଦ ମହାନ୍ତି କ୍ରୀଡ଼ା ଉତ୍ସବକୁ ଉଦ୍‌ଘାଟନ କରିଛନ୍ତି। ବିଦ୍ୟାଳୟର ସଭାପତି ବିଜୟ ପଣ୍ଡା ଶିଶୁ କ୍ରୀଡ଼ାବିତଙ୍କୁ କ୍ରୀଡାର ଉପକାରିତା ବିଷୟରେ ସୂଚନା ଦେଇଥିଲେ। ସମ୍ପାଦକ ରଜତ ରାଉତ କୁନି କୁନି କ୍ରୀଡ଼ାବିତଙ୍କୁ ଉତ୍ସାହିତ କରିଥିଲେ। ପ୍ରଧାନ ଆଚାର୍ଯ୍ୟ ତ୍ରିଲୋଚନ ପ୍ରଧାନ ଅତିଥି ପରିଚୟ ପ୍ରଦାନ କରିଥିଲେ। ଉକ୍ତ କ୍ରୀଡାରେ ୭୫୦ରୁ ଅଧିକ ଶିଶୁ ଗଣିତ ଦୌଡ, ଲମ୍ବ଼ଡ଼ିଆଁ, ଉଚ୍ଚଡିଆଁ, ୧୦୦ମି, ୨୦୦ମି, ୪୦୦ମି, ୧୫୦୦ମି. ୩୦୦୦ ମି. ଦୌଡ, ଗୋଲାଫିଙ୍ଗା, ଥାଳିଆ ଫିଙ୍ଗା, ବର୍ଚ୍ଛାଫିଙ୍ଗା ଆଦି ଖେଳରେ ଅଂଶଗ୍ରହଣ କରିଥିଲେ। ଉଦ୍‌ଯାପନୀ ଉତ୍ସବରେ କ୍ରୀଡା ପ୍ରମୁଖ ଚିତ୍ତରଞ୍ଜନ ପ୍ରଧାନ ବାର୍ଷିକ କ୍ରୀଡାର ବୃତ୍ତ କଥନ କରିଥିଲେ। ସଭାପତି ବିଜୟ ପଣ୍ଡା ଓ ସମସ୍ତ ଗୁରୁଜୀ, ଗୁରୁମା କୃତୀ ପ୍ରତିଯୋଗୀଙ୍କୁ ପୁରସ୍କାର ପ୍ରଦାନ କରିଥିଲେ। ସହସମ୍ପାଦକ ଦୁର୍ଯ୍ୟୋଧନ ରାଉତ ଧନ୍ୟବାଦ ଅର୍ପଣ କରିଥିଲେ। ସହକାରୀ ପ୍ରଧାନ ଆଚାର୍ଯ୍ୟ ପ୍ରଫୁଲ୍ଲ ନାୟକ, ରାଜକୃଷ୍ଣ ପାଳ, ସଞ୍ଜୟ ଦାଶ, ରତିକାନ୍ତ ବାରିକ, ନିର୍ମଳ ମିଶ୍ର, ନରେନ୍ଦ୍ର ଦାସ, ସନ୍ତୋଷ ବେହେରା, ହରମୋହନ ବିଶ୍ୱାଳ, ଆଶିଷ ମଲ୍ଲ, ଅଜୟ ବେହେରା, ଗଜେନ୍ଦ୍ର ସେଠୀ, ବଟକୃଷ୍ଣ ପଣ୍ଡା, ମଦନ ପ୍ରସାଦ ଦାଶ, ଦିଲ୍ଲୀପ ପାଣିଗ୍ରାହୀ, ସୁନ୍ଦରୀ ପୃଷ୍ଟି ଖେଳ ପରିଚାଳନାରେ ସହଯୋଗ କରିଥିଲେ।



## ବିଦ୍ୟୁତ୍ ଆଘାତରେ ମାଙ୍କଡ଼ ଆହତ

କବାଟବନ୍ଧ,୨୭।୧୧(ସମିସ): ଧର୍ମଶାଳା ବ୍ଲକ୍ ଅନ୍ତର୍ଗତ ଜେନାପୁର ଥାନା ଅଧୀନ ମର୍ଜିତାପୁର ପଞ୍ଚାୟତର ବେଲଗାଡ଼ିଆଠାରେ ବିଦ୍ୟୁତ୍ ଆଘାତରେ ଏକ ମାଙ୍କଡ଼ ଆହତ ହୋଇଥିବା ଜଣାପଡିଛି। ଆହତ ମାଙ୍କଡ଼ର ଚିକିତ୍ସା କରାଯାଉଛି। ଗୁରୁବାର ପୂର୍ବାହ୍ନରେ ବେଲଗାଡ଼ିଆ ଗାଁ ନିକଟରେ ଜଳସେଚନ ପାଇଁ ଏକ ବୋରିଂ ପଏଣ୍ଟ ରହିଛି। ଉକ୍ତ ପଏଣ୍ଟରେ ଏକ ଟ୍ରାନ୍ସଫର୍ମର ଲଗାଯାଇଛି। ମାଙ୍କଡ଼ଟି ସେହି ଟ୍ରାନ୍ସଫର୍ମର ସଂସ୍ପର୍ଶରେ ଆସିବାରୁ କରେଣ୍ଟ ଆଘାତ ଲାଗିଥିଲା ଓ ସେହିଠାରେ ପଡ଼ିରହିଥିଲା। ଏ ନେଇ ବନ ବିଭାଗକୁ ସୂଚନା ଦିଆଯାଇଥିଲା। ବୈରୀ ଡାଳିଯୋଡ଼ା ରେଞ୍ଜର ସଚ୍ଚିଦାନନ୍ଦ ସୁବୁଦ୍ଧିଙ୍କ ନିର୍ଦ୍ଦେଶକ୍ରମେ ଗଡ଼ମଧୁପୁର ବନ କର୍ମଚାରୀ ପହଞ୍ଚି ମାଙ୍କଡ଼କୁ ଉଦ୍ଧାର କରି ଚିକିତ୍ସା ପାଇଁ ଧର୍ମଶାଳା ଗୋଷ୍ଠୀ ପ୍ରାଣୀ ଚିକିତ୍ସାଳୟକୁ ନେଇଥିଲେ। ସେଠାରେ ପ୍ରାଥମିକ ଚିକିତ୍ସା ପରେ ବନ ବିଭାଗ ହେପାଜତରେ ରଖାଯାଇଛି।



## ଅତିରିକ୍ତ ଜିଲ୍ଲାପାଳଙ୍କ କଣ୍ଟିଗଡ଼ିଆ ବଡ଼ପୋଖରୀ ପରିଦର୍ଶନ

ଧର୍ମଶାଳା, ୨୭।୧୧(ସମିସ): ପର୍ଯ୍ୟଟନ ବିଭାଗ ଓ ପ୍ରଶାସନ ପକ୍ଷରୁ ଧର୍ମଶାଳା ବ୍ଲକ୍ କଣ୍ଟିଗଡ଼ିଆ ଗ୍ରାମସ୍ଥ ବଡ଼ପୋଖରୀ ପୁନରୁଦ୍ଧାର ସହ ବିଭିନ୍ନ ଉନ୍ନତିମୂଳକ କାର୍ଯ୍ୟ ଚାଲିଥିବାବେଳେ ଆଜି ମାଧ୍ୟାହ୍ନରେ ଯାଜପୁର ଜିଲ୍ଲା ଅତିରିକ୍ତ ଜିଲ୍ଲାପାଳ ଯୁଧିଷ୍ଠିର ନାଏକ ପହଞ୍ଚି କାର୍ଯ୍ୟ ତଦାରଖ କରିବା ସହ ଏହାର କାର୍ଯ୍ୟ କିପରି ଆଗକୁ କରାଯିବ ସେ ବିଷୟରେ ସମୀକ୍ଷା କରିଛନ୍ତି। ଏହି ବଡ଼ପୋଖରୀ କାର୍ଯ୍ୟ ଶେଷ ହେବା ପରେ ଯାଜପୁର ଜିଲ୍ଲାର ପର୍ଯ୍ୟଟନ କ୍ଷେତ୍ରରେ ବିକାଶ ହେବା ସହ ପର୍ଯ୍ୟଟକ ଏଠାକୁ ଆସି ପ୍ରାକୃତିକ ଦୃଶ୍ୟ ଉପଭୋଗ କରିପାରିବେ। ଯାଜପୁର ଅତିରିକ୍ତ ଜିଲ୍ଲାପାଳଙ୍କ ଏହି ଗସ୍ତ ସମୟରେ ଧର୍ମଶାଳା ବିଡିଓ ଜ୍ୟୋତିର୍ମୟ କର, ବଡଚଣା ବିଡିଓ ରବୀନ୍ଦ୍ର ପ୍ରଧାନ, ତହସିଲଦାର ସମୀର ଦାସ, କଣ୍ଟିଗଡିଆ ପଞ୍ଚାୟତ ସମିତିସଭ୍ୟ ଅରୁପାନନ୍ଦ ଜେନା, କଣ୍ଟିଗଡ଼ିଆ ରାଜସ୍ୱ ନିରୀକ୍ଷକ ଦୁର୍ଯ୍ୟୋୟ ତ୍ରିପାଠୀ, ଶ୍ରୀନଗର ରାଜସ୍ୱ ନିରୀକ୍ଷକ ବିରଞ୍ଚି ନାରାୟଣ ବୋଇତାଇ ପ୍ରମୁଖ ଉପସ୍ଥିତ ଥିଲେ।

## ଏକଦିବସୀୟ ପ୍ରଶିକ୍ଷଣ ଶିବିର

ଦଶରଥପୁର, ୨୭ ।୧୧(ସମିସ): ରାଜ୍ୟସ୍ତରୀୟ ସ୍ୱେଚ୍ଛାସେବୀ ଅନୁଷ୍ଠାନ ସଂଯୋଗ, ଜିଲ୍ଲା ଶିଶୁ ସୁରକ୍ଷା ୟୁନିଟ ଓ ବ୍ଲକ୍ ପ୍ରଶାସନ ପକ୍ଷରୁ ଦଶରଥପୁର ପଞ୍ଚାୟତ ସମିତି ସମ୍ମିଳନୀ କକ୍ଷରେ ବ୍ଲକ୍‌ସ୍ତରୀୟ ଶିଶୁ ସୁରକ୍ଷା କମିଟି ଅଧ୍ୟକ୍ଷ ଓ ସଦସ୍ୟଙ୍କ ପାଇଁ ଏକଦିବସୀୟ ପ୍ରଶିକ୍ଷଣ ଶିବିର ଅନୁଷ୍ଠିତ ହୋଇଯାଇଛି। ଏଥିରେ ମଣ୍ଡଳ ଉନ୍ନୟନ ଅଧିକାରୀ ଆକାଶ ପଟ୍ଟନାୟକ ମୁଖ୍ୟଅତିଥି ଭାବେ ଯୋଗ ଦେଇଥିଲେ। ସମ୍ମାନିତ ଅତିଥି ପଞ୍ଚାୟତ ସମିତି ଅଧ୍ୟକ୍ଷ ଦିଗମ୍ବର ମଲ୍ଲିକ, ଜିଲ୍ଲା ଶିଶୁ ସୁରକ୍ଷା ଅଧିକାରୀ ନିରଞ୍ଜନ କର, ଅତିରିକ୍ତ ବ୍ଲକ ଶିକ୍ଷା ଅଧିକାରୀ ସାବିତ୍ରୀ ସେଠୀ, ଶିଶୁ ବିକାଶ ପ୍ରକଳ୍ପ ଅଧିକାରୀ ଶାନ୍ତିଲତା ସେଠୀ, ସ୍ୱାସ୍ଥ୍ୟ ଅଧିକାରୀ ଡ. ଅମୃତ ପ୍ରତିମ୍ ମଲ୍ଲ ପ୍ରମୁଖ ଯୋଗଦେଇ ଶିଶୁ ସୁରକ୍ଷାର ବିଭିନ୍ନ ଦିଗ ଉପରେ ଆଲୋକପାତ କରିଥିଲେ। ପ୍ରାରମ୍ଭରେ ସଂଯୋଗର ପ୍ରକଳ୍ପ ନିର୍ଦ୍ଦେଶକ ପ୍ରଶାନ୍ତ ପାଲଟାସିଂହ କାର୍ଯ୍ୟକ୍ରମର ଆଭିମୁଖ୍ୟ ବର୍ଣ୍ଣନା କରିଥିଲେ। କାର୍ଯ୍ୟକ୍ରମରେ ଦଶରଥପୁର ବ୍ଲକ୍‌ର ସମସ୍ତ ସରପଞ୍ଚ, ପଞ୍ଚାୟତ କାର୍ଯ୍ୟନିର୍ବାହୀ ଅଧିକାରୀ, ଆଇସିଡିଏସ୍ ସୁପରଭାଇଜର ସ ଶିଶୁ ସୁରକ୍ଷା ବିଭାଗ କର୍ମଚାରୀ ଅଂଶଗ୍ରହଣ କରିଥିଲେ। ଜିଲ୍ଲା ଶିଶୁ ସୁରକ୍ଷା ଅଧିକାରୀ ନିରଞ୍ଜନ କର ସ୍ୱାଗତ ଭାଷଣ ଦେଇଥିବାବେଳେ ସଂଯୋଗର ମଣ୍ଡଳ ସଂଯୋଜକ ଜଗନ୍ନାଥ ସାହୁ ଧନ୍ୟବାଦ ଦେଇଥିଲେ।



## ଶିକ୍ଷାବିତ୍ ବେଣୁଧର ଦୋବାଇଙ୍କ ଜୟନ୍ତୀରେ ଛାତ୍ରମିତ୍ର ସମ୍ମାନ ପ୍ରଦାନ



କୁଆଖିଆ,୨୭।୧୧(ସମିସ): ବର୍ଷୀୟାନ ଶିକ୍ଷାବିତ୍ ବେଣୁଧର ଦୋବାଇଙ୍କ ୯୬ତମ ଜୟନ୍ତୀ ଅବସରରେ ଛାତ୍ରମିତ୍ର ସମ୍ମାନ ପ୍ରଦାନ କରାଯାଇଛି। ଆର୍ଥିକ ଦୁଃସ୍ଥିତି ସତ୍ତ୍ୱେ ଶିକ୍ଷାରେ ଉଲ୍ଲେଖନୀୟ କୃତିତ୍ୱ ହାସଲ କରିଥିବା ଯାଜପୁର ଜିଲ୍ଲାର ୧୦ ଜଣ ଛାତ୍ରଛାତ୍ରୀଙ୍କୁ ନଗଦ ୨୦ ହଜାର ଟଙ୍କା ସହ ମାନପତ୍ର ଦିଆଯାଇ ସମ୍ମାନିତ କରାଯାଇଛି।

ରସୁଲପୁର ବ୍ଲକ୍ ଅନ୍ତର୍ଗତ ପାଞ୍ଚଗୋଛିଆ ଗ୍ରାମର ଦେବୀ ଜାଗୁଲାଇଙ୍କ ପୀଠରେ ଅବସରପ୍ରାପ୍ତ ପ୍ରଧାନଶିକ୍ଷକ କୈଳାସ ନାୟକଙ୍କ ପୌରୋହିତ୍ୟରେ ଆୟୋଜିତ ଉତ୍ସବରେ ସମ୍ବିଧାନ ବିଶେଷଜ୍ଞ ତଥା ପ୍ରାଧ୍ୟାପକ ମାନସ ବେହେରା ମୁଖ୍ୟଅତିଥି, ଇଂରାଜୀ ଅଧ୍ୟାପକ ପ୍ରଶାନ୍ତ ଦାସ ମୁଖ୍ୟବକ୍ତା, ବ୍ୟାସନଗର ସ୍ୱୟଂଶାସିତ ମହାବିଦ୍ୟାଳୟର ପ୍ରାକ୍ତନ ଅଧ୍ୟକ୍ଷ ଶିବ ଚରଣ ମାଝି, ଅଧ୍ୟାପକ ବିଜୟ ଦାଶ, ଅଧ୍ୟାପକ ବିରଞ୍ଚି ନାରାୟଣ ଦାସ, ଶିକ୍ଷକନେତା ସଚ୍ଚିଦାନନ୍ଦ ରାଉତ, ପୂର୍ବତନ ବ୍ଲକ ଅଧ୍ୟକ୍ଷ ଶଶୀଭୂଷଣ ସାହୁ ସମ୍ମାନିତ ଅତିଥି ଭାବେ ଯୋଗ ଦେଇଥିଲେ। ମଞ୍ଚ ଉପବିଷ୍ଟ ଜୟନ୍ତୀ ପୁରୁଷ ଶ୍ରୀ ଦୋବାଇଙ୍କ ଜୀବନ ବୃତ୍ତନ୍ତରୁ ସଂକ୍ଷିପ୍ତ ଉଦାହରଣ ଦେଇ ଦାରିଦ୍ର୍ୟର ତାଡ଼ନା ଭିତରୁ ଜନ୍ମ ନେଇଥିବା ତାଙ୍କ ଭଳି ଜଣେ ଶିକ୍ଷକ, ଶିକ୍ଷାନୁଷ୍ଠାନ ପ୍ରତିଷ୍ଠାତା, ସାମାଜିକ ପ୍ରଗତିର ପୁରୋଧା ତଥା ବିଚକ୍ଷଣ ସାହିତ୍ୟ ସାଧକଙ୍କୁ ଅନନ୍ୟ ଉଦାହରଣ ଭାବେ ଗ୍ରହଣ କରାଯାଉଛି ବୋଲି ଅତିଥିମାନେ ମତ ଦେଇଥିଲେ। ଶ୍ରୀ ଦୋବାଇଙ୍କରେ ବଡ଼ ଜାମାତା ତଥା ବୈଧ ମାପ ବିଜ୍ଞାନ ବିଭାଗ ସହକାରୀ ନିୟନ୍ତ୍ରକ ପଦରୁ ଅବସର ନେଇଥିବା ଦେବେନ୍ଦ୍ର ନାଥ ପଣ୍ଡାଙ୍କ ଦ୍ୱିତୀୟ ପୁସ୍ତକ ସଙ୍କଳନ "ଆଳିମାଳିକା"କୁ ଲୋକାର୍ପଣ କରାଯାଇଥିଲା। ପୂର୍ବୀ ପ୍ରକାଶନ ଦ୍ୱାରା ଏହି ପୁସ୍ତକ ଉପରେ ବ୍ୟାସନଗର ସ୍ୱୟଂଶାସିତ ମହାବିଦ୍ୟାଳୟର ପ୍ରାକ୍ତନ ଅଧ୍ୟକ୍ଷ ଶିବଚରଣ ମାଝି ଓ ଅଧ୍ୟାପକ ବିରଞ୍ଚି ଦାସ ଆଲୋକପାତ କରିଥିଲେ। ପୂର୍ବତନ ଜିଲ୍ଲା ପରିଷଦ ଅଧ୍ୟକ୍ଷ ନରେଶ ମହାନ୍ତି, ଅବସରପ୍ରାପ୍ତ ପ୍ରଧାନଶିକ୍ଷକ ଅମୂଲ୍ୟ ଦାସ, ପୂର୍ବତନ ସିଆରସିସି ପ୍ରଦୀପ ସାମଲ, ଶିକ୍ଷକ ରବୀନ୍ଦ୍ର ମିଶ୍ର, ବୃନ୍ଦାବନ ପାଣି, ନ୍ୟାମତ ଅଲ୍ଲୀ ଖାଁ, ଅଧ୍ୟାପକ ପ୍ରଦୀପ ମାହାଳିକ, ଅଭିମନ୍ୟୁ ନାୟକ, ସାହିତ୍ୟିକ ଭୁବନ ମୋହନ ମହାନ୍ତି, ଦୁର୍ଯ୍ୟୋଧନ ବିଶ୍ୱାଳ, ପ୍ରଭାକର ସାହୁ ପ୍ରମୁଖ ଯୋଗ ଦେଇଥିଲେ। ଡାକ୍ତରୀ ଛାତ୍ରଛାତ୍ରୀ ଚନ୍ଦନ ଜେନା, ସାଗର ସାହୁ, ସୌରଭ ସାହୁ, ମାମାଲି ଓଝା, ପ୍ରିୟଙ୍କା ପ୍ରିୟଦର୍ଶିନୀ ପୃଷ୍ଟି, ସାଧାରଣ ଶିକ୍ଷା କ୍ଷେତ୍ରର ପୂଜାରାଣୀ ମଲ୍ଲିକ, ସୁଜାତା ମଲ୍ଲିକ, ସାଇକ୍ରିଷ୍ଣା ସିଂହ, ରାସେଶ୍ୱରୀ ବାରିକ, ସଂଘମିତ୍ରା ରାଉତଙ୍କୁ ଛାତ୍ରମିତ୍ର ସମ୍ମାନ ପ୍ରଦାନ କରାଯାଇଥିଲା। ଅଧ୍ୟାପକ ପ୍ରଶାନ୍ତ ଦ୍ୱିବେଦୀ ଧନ୍ୟବାଦ ଦେଇଥିଲେ।

## ଦଶରଥପୁର ବ୍ଲକ୍‌ରେ ୭୨୬ ଜଣ ଭତ୍ତାରୁ ବାଦ୍

ମଙ୍ଗଳପୁର,୨୭।୧୧(ସମିସ): ବୃଦ୍ଧବୃଦ୍ଧା, ଅସହାୟ, ଭିନ୍ନକ୍ଷମ, ବିଧବା, ସ୍ୱାମୀ ପରିତ୍ୟକ୍ତାଙ୍କ ପାଇଁ କେନ୍ଦ୍ର ସରକାର ଇନ୍ଦିରା ଗାନ୍ଧୀ ନେସନାଲ ଓଲ୍ଡଏଜ ପେନସନ ଯୋଜନାରେ ସହାୟତା ପ୍ରଦାନ କରୁଥିବାବେଳେ ଓଡ଼ିଶା ସରକାର ମଧୁବାବୁ ପେନସନ ଯୋଜନାରେ ହିତାଧିକାରୀଙ୍କୁ ମାସିକ ଭତ୍ତା ଯୋଗାଇ ଦେଉଥିଲେ। ଦଶରଥପୁର ବ୍ଲକ୍‌ରେ ମଧୁବାବୁ ପେନସନ ଯୋଜନାରେ ବର୍ତ୍ତମାନ ୨୧୧୧୫ ଜଣ ହିତାଧିକାରୀ ଥିବାବେଳେ ଇନ୍ଦିରା ଗାନ୍ଧୀ ପେନସନ ଯୋଜନାରେ ୯୬୫୪ ଜଣ ହିତାଧିକାରୀ ଅଛନ୍ତି। ତେବେ କେନ୍ଦ୍ର ସରକାର ଦେଉଥିବା ଇନ୍ଦିରା ଗାନ୍ଧୀ ପେନସନ ଯୋଜନାରେ ମୋଟ ବ୍ଲକ୍ ଟାର୍ଗେଟରୁ ୭୨୬ କାଟ୍ କରିଛନ୍ତି। ଫଳରେ ଆଗାମୀ ୬ରୁ ୮ ମାସ ମଧ୍ୟରେ କେହି ନୂଆ ହିତାଧିକାରୀ ସାମିଲ ହୋଇପାରିବେନାହିଁ। ପୂର୍ବରୁ ଭତ୍ତା ହିତାଧିକାରୀଙ୍କ ମଧ୍ୟରୁ କେହି ମୃତ ହେଉଥିଲେ ନୂଆ ଯୋଗ୍ୟ ହିତାଧିକାରୀ ସାମିଲ ହେଉଥିଲେ। କେନ୍ଦ୍ର ସରକାରଙ୍କ ଏହି ନୂଆ ନିୟମ ଫଳରେ ଦଶରଥପୁର ବ୍ଲକ୍‌ବାସୀ ନୂଆ ଭତ୍ତା ପାଇବାରୁ ବଞ୍ଚିତ ହେବେ। ଦଶରଥପୁର ବ୍ଲକ୍‌ରେ ୭୨୬ ଜଣ ହିତାଧିକାରୀ ବାଦ୍ ପଡିବା ପରେ ନୂତନ ହିତାଧିକାରୀ ସାମିଲ ହୋଇପାରିବେ ବୋଲି ଦଶରଥପୁର ବିଏସଏସଓ ସ୍ୱାଧୀନ କ୍ରିଷ୍ଣାବାଳା ପ୍ରକାଶ କରିଛନ୍ତି। ସରକାର ବଦଳିବା ପରେ କିଛି ପରିବର୍ତ୍ତନ ପାଇଁ ଆଶା ରଖିଥିବା ଦଶରଥପୁର ବ୍ଲକ୍‌ର ସାଧାରଣ ଜନତାଙ୍କ ପାଇଁ ଭତ୍ତା ହିତାଧିକାରୀଙ୍କ ଟାର୍ଗେଟରୁ ୭୨୬ କମାଇବା କ'ଣ ପରିବର୍ତ୍ତନ ବୋଲି ସାଧାରଣ ଜନତା ପ୍ରଶ୍ନ କରିଛନ୍ତି।

### ଧୋକା ଦେଲା ପ୍ରେମିକା

# ବିରହ ଯନ୍ତ୍ରଣା ସହିନପାରି ଯୁବକଙ୍କ ଆତ୍ମହତ୍ୟା

**ଆତ୍ମହତ୍ୟା ପାଇଁ ବାଧ୍ୟ କରିଥିବା ଅଭିଯୋଗ ଆଣିଲେ ପରିବାର**



କୁଆଖିଆ,୨୭।୧୧(ସମିସ): ଦୀର୍ଘ ୧୪ ବର୍ଷ ହେଲା ଘର ପାଖର ଜଣେ ଯୁବତୀ ସହିତ ପ୍ରେମ ସମ୍ପର୍କ ଥିଲା। ନିଜ କ୍ୟାରିୟର ଖରାପ କରି ପ୍ରେମିକାର କ୍ୟାରିୟର ସଜାଡ଼ିଥିଲା ଯୁବକ ଜଣକ। ପାଠ ପଢାଇ ଚାକିରି କରାଇଥିଲା ନିଜ ପ୍ରେମିକାକୁ। କିନ୍ତୁ ସରକାରୀ ବିଦ୍ୟାଳୟରେ ଶିକ୍ଷୟିତ୍ରୀ ଚାକିରି ପାଇବା ପରେ ପ୍ରେମିକାର ମନ ବଦଳିଥିଲା। କିଛିଦିନ ପରେ ନିଜକୁ ପୁରୁଣା ପ୍ରେମରୁ ମୁକୁଳାଇବାକୁ ଚାହିଁଥିଲା। ସେଥିପାଇଁ ଖୋଲାଖୋଲି ଭାବେ ପୁରୁଣା ପ୍ରେମିକକୁ ଧିକ୍କାର କରିବା, ତା'ର ଶିକ୍ଷାଗତ ଯୋଗ୍ୟତା ନେଇ ପ୍ରଶ୍ନ କରିବା ଭଳି ଘଟଣା ଘଟିଥିଲା। ତାକୁ ନଜର ଅନ୍ଦାଜ କରୁଥିଲା ପ୍ରେମିକା। ବାରମ୍ବାର ହେଉଥିବା ମାନସିକ ଚାପ ସହି ନ ପାରି ଶେଷରେ ହତାଶ ଯୁବକ ଗତ ୨୪ ତାରିଖରେ ଘାସମରା ବିଷ ଖାଇଦେଇଥିଲେ। ପରିବାର ଲୋକ ଏକଥା ଜାଣିପାରି ତାକୁ ଚିକିତ୍ସା ପାଇଁ ପ୍ରଥମେ ମଧୁବନ ସିଏଚସି ଓ ଅବସ୍ଥା ଗୁରୁତର ହେବାରୁ କଟକ ବଡ଼ ଡାକ୍ତରଖାନାକୁ ସ୍ଥାନାନ୍ତରିତ କରାଯାଇଥିଲା। ସେଠାରୁ ଅନ୍ୟଏକ ଘରୋଇ ଡାକ୍ତରଖାନାକୁ ଉନ୍ନତ ଚିକିତ୍ସା ପାଇଁ ଉକ୍ତ ଯୁବକଙ୍କୁ ନିଆଯାଇଥିଲା। କିନ୍ତୁ ଚିକିତ୍ସାଧୀନ ଅବସ୍ଥାରେ ଗତକାଲି ଉକ୍ତ ଯୁବକ ମୃତ୍ୟୁବରଣ କରିଥିଲେ। ଘଟଣାଟି ଘଟିଛି କୁଆଖିଆ ଥାନା ଅନ୍ତର୍ଗତ ସ୍ଥାନୀୟ କୋଳଥଳ ଗ୍ରାମରେ। ମୃତ ଯୁବକ ଜଣକ ରମାକାନ୍ତ ଦାଶଙ୍କ ପୁଅ ଚତୁର୍ଭୁଜ ଓରଫ ରିଣ୍ଟୁ। ଏହି ଘଟଣାରେ ମୃତ ଯୁବକଙ୍କ ପରିବାର ପକ୍ଷରୁ ତାଙ୍କ ପୁଅକୁ ଆତ୍ମହତ୍ୟା ପାଇଁ ବାଧ୍ୟ କରାଯାଇଛି ବୋଲି ଆଜି କୁଆଖିଆ ଥାନାରେ ଅଭିଯୋଗ କରାଯାଇଛି। ପୁଲିସ ୪୯୮/୨୫ରେ ମାମଲା ରୁଜୁକରି ଘଟଣାର ତଦନ୍ତ ଆରମ୍ଭ କରିଛି। ତଦନ୍ତ ପରେ ପ୍ରକୃତ ସତ୍ୟ ପଦାକୁ ଆସିବ ବୋଲି କୁଆଖିଆ ଥାନା ଅଧିକାରୀ ଚିନ୍ମୟୀ ସାହୁ କହିଛନ୍ତି।

BEST OFFER
SALE
Book Now 2/3 BHK Flats Price Starts from 72 Lakhs Gadhwal Heights, Goutam Nagar, Gadhwal Grand 4, Jagamara, Gadhwal SB Homes, Ghatikia, Bhpl Krishna, Bharatpur, Bhpl Rudra, Ghatikia, Ready to move RJ Palace, Samantarapur, Bhubaneswar. Contact Gadhwal Group.
9437015112

## ଲୋକଙ୍କ ସରକାରରେ ମହିଳାଙ୍କୁ ମିଳୁନି ନ୍ୟାୟ

# ସ୍ୱାମୀ ହତ୍ୟାର ୩ ମାସ ପରେ ବି ମାମଲା ରୁଜୁ କରୁନି ପୁଲିସ

**ଯାଜପୁର, ୨୭ ।୧୧(ସମିସ)**



ରାଜ୍ୟରେ ଏବେ ଲୋକଙ୍କ ସରକାର ଚାଲିଛି ବୋଲି ଡିଣ୍ଡିମ ପିଟାଚାଲିଛି। ସାଧାରଣ ଲୋକଙ୍କୁ କେହି ନ୍ୟାୟ ଓ ଅଧିକାରରୁ ବଞ୍ଚିତ କରିପାରିବେ ନାହିଁ ବୋଲି ମୁଖ୍ୟମନ୍ତ୍ରୀ ଘୋଷଣା କରିଛନ୍ତି। କିନ୍ତୁ ମୁଖ୍ୟମନ୍ତ୍ରୀଙ୍କୁ ଏଭଳି ଘୋଷଣାର କୌଣସି ପ୍ରଭାବ ଯାଜପୁର ଜିଲ୍ଲା ଧର୍ମଶାଳା ଥାନା ଉପରେ ପଡୁ ନ ଥିବା ଲକ୍ଷ୍ୟ କରାଯାଇଛି। ଅଭିଯୋଗ ରଖିବା ପରେ ତଦନ୍ତ କରି କାର୍ଯ୍ୟାନୁଷ୍ଠାନ ଗ୍ରହଣ କରିବା ତ ଦୂରେ ଥାଉ ସାମାନ୍ୟ ମାମଲା ରୁଜୁ କରିବା ପାଇଁ ଧର୍ମଶାଳା ପୁଲିସ ଉଚିତ ମନେ କରିନାହିଁ। ପାଲଟା ହତ୍ୟା ମାମଲାର ରଫାଦଫା କରିବାକୁ ପରିବାର ଲୋକଙ୍କ ଉପରେ ଚାପ ପ୍ରୟୋଗ କରୁଥିବା ଅଭିଯୋଗ ହୋଇଛି।

ସୂଚନା ମୁତାବକ, ଧର୍ମଶାଳା ଥାନା ଗଙ୍ଗାଧରପୁର ଗ୍ରାମର ମକରଧ୍ୱଜ ସାହୁଙ୍କ ପୁଅ ପ୍ରଶାନ୍ତ ସାହୁଙ୍କୁ ତାଙ୍କ ଭଉଣୀ, ଭିଣୋଇ, ବଡ଼ଭାଇ ମିଶି କରି ହତ୍ୟା କରି ତାଙ୍କ ସମ୍ପତ୍ତି ହଡପ କରିନେଇଥିବା ଅଭିଯୋଗ ହୋଇଛି। ପ୍ରଶାନ୍ତ ୨୦୦୪ରେ ଜେନାପୁର ଥାନା ରାମଚନ୍ଦ୍ରପୁର ଗ୍ରାମର ବିକ୍ରମ ବେହେରାଙ୍କ ଭଉଣୀ ଝରଣାଙ୍କୁ ବିବାହ କରିଥିଲେ। ପ୍ରଶାନ୍ତ ଓ ଝରଣାଙ୍କର ଏବେ ଗୋଟିଏ ୧୩ ବର୍ଷର ପୁଅ ଓ ୧୬ ବର୍ଷର ଝିଅ ଅଛନ୍ତି। ବିବାହ ପରଠାରୁ ପରିବାର ଲୋକେ ଝରଣାଙ୍କ ଉପରେ ଅତ୍ୟାଚାର କରିବା ଯୋଗୁଁ ସେ ବାପଘରେ ରହୁଥିଲେ। ଝରଣାଙ୍କ ସ୍ୱାମୀ ପ୍ରଶାନ୍ତ ଶଶୁର ଘରକୁ ନିୟମିତ ଆସି ସ୍ତ୍ରୀ ଓ ପିଲାଙ୍କ ସହିତ ମିଶିବା ସହ ସେମାନଙ୍କ ଭଲମନ୍ଦ ବୁଝୁଥିଲେ। ଗତ ଜୁଲାଇ ୨୦ ତାରିଖରେ ଶେଷଥର ପାଇଁ ପ୍ରଶାନ୍ତ ଶଶୁର ଘରକୁ ଆସି ପିଲାଙ୍କ ସହ କଥାହୋଇ କିଛିଦିନ ମଧ୍ୟରେ ସମସ୍ତଙ୍କୁ ଘରକୁ ନେଇ ଯିବାକୁ କହି ଯାଇଥିଲେ। ତେବେ ଗତ ଅଗଷ୍ଟ ମାସ ୧୫ ତାରିଖ ରାତିରେ ଝରଣାଙ୍କୁ ତାଙ୍କ ସ୍ୱାମୀ ପ୍ରଶାନ୍ତ ମରିଯାଇଛି ବୋଲି ଖବର ଦିଆଯାଇଥିଲା। ଖବରପାଇ ନିଜ ପିଲାଙ୍କ ସହ ଝରଣା ଶାଶୂଘରେ ପହଞ୍ଚି ସ୍ୱାମୀ କେମିତି ମଲେ ସେ ସମ୍ପର୍କରେ ପଚାରିବା ସହ ତାଙ୍କ ଚିକିତ୍ସା କାଗଜପତ୍ର ଦେଖିବାକୁ ଚାହିଁଥିଲେ। ଶାଶୂଘର ଲୋକେ ଡାକ୍ତର ରିପୋର୍ଟ ଦେଖାଇବା ପରିବର୍ତ୍ତେ ତାଙ୍କୁ ଗାଳିଗୁଲଜ କରିଥିଲେ। ସ୍ୱାମୀଙ୍କ ମୃତ୍ୟୁରେ ମ୍ରିୟମାଣ ହୋଇ ସେ ଶୁଦ୍ଧିକ୍ରିୟା ପର୍ଯ୍ୟନ୍ତ ଅପେକ୍ଷା କରିଥିଲେ। ସେ ବାପଘରେ ଥିବାବେଳେ ତାଙ୍କ ଅଜାଣତରେ ସ୍ୱାମୀଙ୍କ ନାମରେ ଥିବା ତାଙ୍କ ଡିହବାଡି ସମେତ ବହୁ କୋଟି ଟଙ୍କାର ସମସ୍ତ ପୈତୃକ ସମ୍ପତ୍ତିକୁ ତାଙ୍କର ବିବାହିତା ନଣନ୍ଦ ନୟନା ସାହୁ ଓ ଦେଢଶୁର ପ୍ରଫୁଲ ସାହୁ ଚକ୍ରାନ୍ତ କରି ନିଜ ନାମରେ କରାଇ ନେଇଥିବା ଓ ତାଙ୍କ ସ୍ୱାମୀ ନିଜଘରେ ନୁହେଁ ତାଙ୍କ ନିଜ ଭଉଣୀ ଘରେ ମୃତ୍ୟୁବରଣ କରିଥିବା ଅଭିଯୋଗ କରିଥିଲେ। କାଗଜପତ୍ର ଯାଞ୍ଚ କରିବା ପରେ ସ୍ୱାମୀଙ୍କ ଦସ୍ତଖତ ନ ଥାଇ କେବଳ ଏକ ଟିପଚିହ୍ନ ଦେଇ ସମସ୍ତ ସମ୍ପତ୍ତି ବାଡି ବିକ୍ରି କରାଯାଇଥିବା ଜଣାପଡ଼ିଛି। ପ୍ରଶାନ୍ତ ଜଣେ ଶିକ୍ଷିତ ଯୁବକ ହୋଇଥିବାବେଳେ ସେ ହଠାତ୍ ନିଜର ସମସ୍ତ ସମ୍ପତ୍ତି ଟିପ ଚିହ୍ନ ଦେଇ ବିକ୍ରି କରିବା ଓ ପରବର୍ତ୍ତୀ ସମୟରେ ତାଙ୍କର ମୃତ୍ୟୁ ଘଟିବା ଘଟଣା କୁ ନେଇ ନାନା ସନ୍ଦେହ ଦେଖାଯାଉଥିଲେ ମଧ୍ୟ ପୁଲିସ ଏହି ମାମଲାରେ ଚୁପ୍ ବସିଛି। ଏ ସମ୍ପର୍କରେ ଝରଣା ଗତ ସେପ୍ଟେମ୍ବର ୩୦ ତାରିଖରେ ଧର୍ମଶାଳା ଥାନାରେ ଏତଲା ଦେଇଥିଲେ। ପୁଲିସ ଏଭଳି ଏକ ଜଘନ୍ୟ ଘଟଣାକୁ ସମ୍ପୂର୍ଣ୍ଣ ଅଣଦେଖା କରିଥିଲା। ଏଥିରେ ବ୍ୟଥିତ ହୋଇ ଅଭିଯୋଗକାରିଣୀ ପୁନର୍ବାର ଅକ୍ଟୋବର ମାସ ୧୦ ତାରିଖରେ ଧର୍ମଶାଳା ଥାନାକୁ ଯାଇ ଲିଖିତ ଅଭିଯୋଗ କରିବା ସହ ତାଙ୍କୁ ନ୍ୟାୟ ଦେବାକୁ ଥାନା ଅଧିକାରୀଙ୍କୁ ନେହୁରା ହୋଇଥିଲେ। ଏହାପରେ ମଧ୍ୟ ପୁଲିସ କେଶ ପଞ୍ଜୀକରଣ ନ କରି ଚୁପହୋଇ ବସିବା କାରଣରୁ ଗତ ୨୫/୧୦/୨୦୨୫ ଦିନ ଅଭିଯୋଗକାରିଣୀ ଏସ୍‌ପିଙ୍କୁ ସାକ୍ଷାତ କରି ନ୍ୟାୟ ଭିକ୍ଷା କରିଥିଲେ। ସ୍ଥାନୀୟ ପୁଲିସ ଏହି ଘଟଣାରେ ମାମଲା ରୁଜୁ କରିବା ତ ଦୂରେ ଥାଉ ଓଲଟି ମାମଲାକୁ ରଫାଦଫା କରିବାକୁ ଚାପ ଦେଇଥିଲା। ନିଜ ସ୍ୱାମୀଙ୍କୁ ସମ୍ପତ୍ତି ପାଇଁ ହତ୍ୟା କରାଯାଇଥିବା ସେ ଅଭିଯୋଗ କରିଥିଲେ ମଧ୍ୟ ପୁଲିସ ୩ ମାସ ହେଲା ମାମଲା ରୁଜୁ କରିନାହିଁ। ଇତିମଧ୍ୟରେ ତତ୍କାଳୀନ ଧର୍ମଶାଳା ଥାନା ଅଧିକାରୀ ରଞ୍ଜନ ମାଝୀଙ୍କ ପାଣିକୋଇଲି ପୁଲିସ ମୁଖ୍ୟାଳୟକୁ ବଦଳି ହୋଇଯାଇଛି ସତ, କିନ୍ତୁ ବିଧବା ମହିଳାଙ୍କୁ ଏ ପର୍ଯ୍ୟନ୍ତ କୌଣସି ନ୍ୟାୟ ମିଳିପାରିନାହିଁ। ଏ ସମ୍ପର୍କରେ ବର୍ତ୍ତମାନର ଭାରପ୍ରାପ୍ତ ଥାନା ଅଧିକାରୀ ରମାକାନ୍ତ ନାୟକଙ୍କୁ ପଚାରିବାରୁ ମୁଁ ଗତ ୯ ଦିନ ତଳେ ଦାୟିତ୍ୱ ନେଇଛି। ସେଭଳି ଘଟଣା ମୋ' ନଜରକୁ ଆସିନାହିଁ ବୋଲି କହିଥିଲେ। ପୂର୍ବ ଘଟଣା ସମ୍ପର୍କରେ କିଛି ବି ସୂଚନା ନାହିଁ ବୋଲି କହିଥିଲେ।

## ବିଞ୍ଝାରପୁରରେ ମିଳୁନି ଆମ୍ବୁଲାନ୍ସ ସେବା

# ଥାନା ଗାଡ଼ିରେ ବୁହାହେଲେ ରୋଗୀ



**ବିଞ୍ଝାରପୁର, ୨୭।୧୧(ସମିସ):** ବିଂଝାରପୁରରେ ରାଜ୍ୟ ସରକାରଙ୍କ ଆମ୍ବୁଲାନ୍ସ ସେବା ଫେଲ୍ ମାରିଛି। ଠିକ୍ ସମୟରେ ରୋଗୀଙ୍କ ପାଖରେ ପହଞ୍ଚିପାରୁନି ଆମ୍ବୁଲାନ୍ସ। ଫଳରେ ରୋଗୀ ଠିକ୍ ସମୟରେ ଡାକ୍ତରଖାନାରେ ପହଞ୍ଚିପାରୁ ନ ଥିବା ଅଭିଯୋଗ ହୋଇଛି। ଗତ ମଙ୍ଗଳବାର ବିଳମ୍ବିତ ରାତିରେ ଜଣେ ନାବାଳକ ଗୁରୁତର ହୋଇ ଆମ୍ବୁଲାନ୍ସକୁ ଅପେକ୍ଷା କରିଥିଲେ ମଧ୍ୟ ଆମ୍ବୁଲାନ୍ସ ଠିକଣା ସମୟରେ ଆସି ନ ଥିଲା। ଫଳରେ ରୋଗୀ ବିଳମ୍ବରେ ପହଞ୍ଚିବା ଯୋଗୁଁ ତାଙ୍କର ଚିକିତ୍ସାଧୀନ ଅବସ୍ଥାରେ ମୃତ୍ୟୁ ହୋଇଥିଲା। ସେହିଭଳି ଆଜି ଗୁରୁବାର ମଧ୍ୟ ଏକ ଅଭାବନୀୟ ଦୃଶ୍ୟ ଦେଖିବାକୁ ମିଳିଛି। ରୋଗୀକୁ ନେବା ପାଇଁ ଆମ୍ବୁଲାନ୍ସ ପହଞ୍ଚି ନ ପାରିବାରୁ ଥାନା ଗାଡ଼ିରେ ବୁହା ହୋଇଛନ୍ତି ରୋଗୀ। ଗୁରୁତର ରୋଗୀଙ୍କୁ ବିଂଝାରପୁର ଥାନା ଅଧିକାରୀ ରଞ୍ଜନ ମଲ୍ଲିକ ନିଜ ଗାଡ଼ିରେ ନେଇ ଯାଜପୁର ମୁଖ୍ୟ ଡାକ୍ତରଖାନାରେ ଭର୍ତ୍ତି କରିଥିବା ଜଣାପଡ଼ିଛି।

ଅନ୍ୟପକ୍ଷରେ ସୟଦପୁର ଅଞ୍ଚଳର ଜଣେ ମହିଳାଙ୍କୁ ଆକ୍ରମଣ କରାଯାଇଥିଲା। ଅଭିଯୋଗ କରିବାକୁ ମହିଳା ଜଣକ ବିଞ୍ଝାରପୁର ଥାନାରେ ପହଞ୍ଚିବା ପରେ ଚେତାଶୂନ୍ୟ ହୋଇଯାଇଥିଲେ। ମହିଳାଙ୍କୁ ଥାନା ଅଧିକାରୀ ପ୍ରଥମେ ବିଞ୍ଝାରପୁର ଗୋଷ୍ଠୀ ସ୍ୱାସ୍ଥ୍ୟକେନ୍ଦ୍ରକୁ ନେଇଥିଲେ। ମହିଳାଙ୍କ ସ୍ୱାସ୍ଥ୍ୟାବସ୍ଥା ଗୁରୁତର ହେବାରୁ ଆମ୍ବୁଲାନ୍ସଙ୍କୁ ଯୋଗାଯୋଗ କରିଥିଲେ। କିନ୍ତୁ ଆମ୍ବୁଲାନ୍ସ ନ ଆସିବାରୁ କାଳ ବିଳମ୍ବ ନ କରି ସଙ୍ଗେ ସଙ୍ଗେ ନିଜ ଥାନା ଗାଡ଼ିରେ ଗୁରୁତର ମହିଳାଙ୍କୁ ଜିଲ୍ଲା ମୁଖ୍ୟ ଚିକିତ୍ସାଳୟକୁ ନେଇଥିଲେ ଥାନା ଅଧିକାରୀ ରଞ୍ଜନ ମଲ୍ଲିକ। ଅଞ୍ଚଳବାସୀ ତାଙ୍କୁ ପ୍ରଶଂସା କରିବା ସହ ଆମ୍ବୁଲାନ୍ସ ସେବାକୁ ନେଇ ଅସନ୍ତୋଷ ପ୍ରକାଶ କରିଛନ୍ତି। ଏଥିସହ ଆମ୍ବୁଲାନ୍ସ ସେବା ଉପରେ କାର୍ଯ୍ୟାନୁଷ୍ଠାନ ଗ୍ରହଣ କରିବା ସହ ଏ ଅଞ୍ଚଳ ପାଇଁ ନୂତନ ଆମ୍ବୁଲାନ୍ସ ଯୋଗାଇବାକୁ ଦାବି କରିଛନ୍ତି।

## ବ୍ଲକ୍ ପ୍ରାଣୀ ଚିକିତ୍ସା କେନ୍ଦ୍ରକୁ ଆସୁନାହାନ୍ତି କର୍ମଚାରୀ

# କାର୍ଯ୍ୟାଳୟ ସମ୍ମୁଖରେ ସ୍ଥାନୀୟ ଲୋକଙ୍କ ବିକ୍ଷୋଭ

**କୁଆଖିଆ, ୨୭।୧୧(ସମିସ):** ରସୁଲପୁର ବ୍ଲକ ପ୍ରାଣୀ ଚିକିତ୍ସାଳୟକୁ ଡାକ୍ତର କିମ୍ବା କର୍ମଚାରୀ ଠିକ୍ ସମୟରେ ଆସୁନାହାନ୍ତି। ଭିଏଏସ ଓ ବିଭିଓ ଅନେକ ସମୟରେ ଅନୁପସ୍ଥିତ ରହୁଛନ୍ତି କିମ୍ବା ବିଳମ୍ବରେ କାର୍ଯ୍ୟାଳୟକୁ ଆସୁଛନ୍ତି। ଫଳରେ ଗୋପାଳକ ଚାଷୀ ସେମାନଙ୍କ ପ୍ରାଣୀଧନଙ୍କୁ ଚିକିତ୍ସା କରିବାରେ ଖୁବ୍ ସମସ୍ୟାର ସମ୍ମୁଖୀନ ହେଉଛନ୍ତି। ଏ କାରଣରୁ ଆଜି ସ୍ଥାନୀୟ ଚଣ୍ଡୀପୁର, ନଡିପୁର, ଖୋସାଲପୁର ପ୍ରଭୃତି ଗ୍ରାମରୁ ୪୦ରୁ ଅଧିକ ଲୋକ ଓ ଶିଶିର ପଣ୍ଡାଙ୍କ ନେତୃତ୍ୱରେ କଳିଙ୍ଗ ଯୁବକ ସଂଘର ସଦସ୍ୟ ବ୍ଲକ ପ୍ରାଣୀ ଚିକିତ୍ସାଳୟ ସମ୍ମୁଖରେ ବିକ୍ଷୋଭ କରିଛନ୍ତି।

ନଡିପୁର ଗ୍ରାମର ବୈରାଗୀ ପରିଡ଼ା ଓ କାଶୀନାଥ ଗାରେଡିଆଙ୍କ ଗାଈ ଅସୁସ୍ଥ ହେବାରୁ ଚିକିତ୍ସା ପାଇଁ ଡାକ୍ତରଙ୍କୁ ଡାକିବାକୁ ଆସିଥିଲେ। ଦୁଇ ତିନିଥର ଡାକିବା ପରେ ବି ଭିଏଏସ ଜଣକ ଚିକିତ୍ସା ପାଇଁ ଗଲେନାହିଁ କିମ୍ବା ଆଉ କାହାକୁ ପଠାଇଲେ ନାହିଁ। ପୂର୍ବରୁ ମଧ୍ୟ ଏଭଳି ଘଟଣା ଅନେକଥର ଘଟିଛି ବୋଲି ଲୋକମାନେ ଅଭିଯୋଗ କରିଛନ୍ତି। ଏ ସମ୍ପର୍କରେ ବିଭିଓଙ୍କୁ ଫୋନ୍ ଯୋଗେ ଜଣାଇବାରୁ ଯଦି ଗାଈ ମରିଯାଏ ତା'ହେଲେ ଆମେ ଟଙ୍କା ଦେଇଦେବୁ, କାହିଁକି ପାଟିତୁଣ୍ଡ କରୁଛ ବୋଲି ଫୋନ୍‌ରେ କହିଥିଲେ ବୋଲି ଅଭିଯୋଗ ହୋଇଛି। ଏଭଳି କାରଣ ପାଇଁ ଜଣେ ଚାଷୀଙ୍କୁ ପୁଲିସ କେସ୍ ଭୟ ଦେଖାଇ ପ୍ରାଣୀ ଚିକିତ୍ସାଳୟରୁ ଶୀଘ୍ର ଚାଲିଯିବାକୁ ଧମକାଇ ଥିଲେ। ଏହି କାରଣରୁ ଆଜି ଉପରୋକ୍ତ ଗ୍ରାମର ଲୋକେ ପ୍ରାଣୀ ଚିକିତ୍ସାଳୟକୁ ଘେରିଥିଲେ। ଦିନ ପ୍ରାୟ ୧୨।୪୫ରେ ବିଭିଓ ଜ୍ୟୋତି ରଞ୍ଜନ ମହାନ୍ତି କାର୍ଯ୍ୟାଳୟରେ ପହଞ୍ଚି ଅଭିଯୋଗ କରିଥିବା ଲୋକଙ୍କ ଗାଈର ଚିକିତ୍ସା ପାଇଁ ଲୋକ ପଠାଇଥିଲେ। ଏ ସମ୍ପର୍କରେ ବିଭିଓ ଶ୍ରୀ ମହାନ୍ତି କହିଛନ୍ତି, ଗୋପାଳକଙ୍କ ଅଭିଯୋଗ ଠିକ୍। ସେ ଯେଉଁ କର୍ମଚାରୀଙ୍କୁ ଚିକିତ୍ସା ପାଇଁ ଡାକିଥିଲେ ସେ ଗଲେନାହିଁ କିମ୍ବା କାହାରିକୁ ସୁଚନା ଦେଲେନାହିଁ। ଫଳରେ ଏଭଳି ସମସ୍ୟା ହେଲା। ପ୍ରାଣୀ ଚିକିତ୍ସା କେନ୍ଦ୍ରକୁ ଡାକ୍ତର କିମ୍ବା କର୍ମଚାରୀ ଆସୁ ନ ଥିବା ଅଭିଯୋଗକୁ ସେ ଅସ୍ୱୀକାର କରିଥିଲେ। ଆଗକୁ ଏପରି ହେବନାହିଁ ଓ ଲୋକଙ୍କ ଆବଶ୍ୟକତାକୁ ପ୍ରାଥମିକତା ଦିଆଯିବ ବୋଲି ବିଭିଓ କହିଛନ୍ତି।

# ମେସ୍କୋ କାରଖାନା ପୁନଃ ଚାଲୁ କରିବାକୁ ଶ୍ରମିକଙ୍କ ଧାରଣା





**ଯାଜପୁର, ୨୭ ।୧୧(ସମିସ):** ମେସ୍କୋ କାରଖାନାକୁ ପୁନଃ ଚାଲୁ କରିବା ନିମନ୍ତେ କାରଖାନାର ଶ୍ରମିକ ଗୁରୁବାର ଦିନ ଜିଲ୍ଲାପାଳଙ୍କ କାର୍ଯ୍ୟାଳୟ ସମ୍ମୁଖରେ ଧାରଣାରେ ବସିବା ସହ ମୁଖ୍ୟମନ୍ତ୍ରୀଙ୍କ ଉଦ୍ଦେଶ୍ୟରେ ଜିଲ୍ଲା ପ୍ରଶାସନକୁ ଦାବିପତ୍ର ପ୍ରଦାନ କରିଛନ୍ତି। ଷ୍ଟିଲ ହବ୍ ରୂପେ ପରିଚିତ ଯାଜପୁର ଜିଲ୍ଲାର କଳିଙ୍ଗନଗରଠାରେ ଗଢ଼ି ଉଠିଥିବା ସମସ୍ତ ଶିଳ୍ପ ସଂସ୍ଥାକୁ ରାସ୍ତା ଦେଖାଇଥିବା ମେସ୍କୋ କାରଖାନା ଦୀର୍ଘ ୬୮ ମାସ ହେଲା ବନ୍ଦ ହୋଇପଡ଼ିଛି। କାରଖାନାର ଉଚ୍ଚ କର୍ତ୍ତୃପକ୍ଷ ନିଜର ସ୍ୱାର୍ଥ ଓ ଜିଦ୍‌ଖୋର ମନୋଭାବ ଯୋଗୁଁ ୨ ହଜାରରୁ ଊର୍ଦ୍ଧ୍ୱ ଶ୍ରମିକ, କର୍ମଚାରୀ ଓ ୨ ଶହରୁ ଊର୍ଦ୍ଧ୍ୱ ବିସ୍ଥାପିତ ପରିବାରକୁ ମାନସିକ ଯନ୍ତ୍ରଣା ସହିତ ଦୁଃଖ ଓ ଦୁର୍ଦ୍ଦିନରେ କାଳାତିପାତ କରିବା ପାଇଁ ବାଧ କରୁଛନ୍ତି। ୬୮ ମାସ ଭିତରେ ଅନେକ ଥର କାରଖାନା ମାଲିକ ଗରିବ ଶ୍ରମିକ, କର୍ମଚାରୀ ଓ ବିସ୍ଥାପିତ ପରିବାରକୁ ମିଥ୍ୟା ପ୍ରତିଶ୍ରୁତି ଦେଇ ଭଣ୍ଡେଇ ଚାଲିଥିବାବେଳେ ଜିଲ୍ଲା ପ୍ରଶାସନ ପାଖରେ କରିଥିବା ତ୍ରିପାକ୍ଷିକ ଚୁକ୍ତିକୁ କାରଖାନା କର୍ତ୍ତୃପକ୍ଷ ପାଳନ କରିବାରେ ସମ୍ପୂର୍ଣ୍ଣ ବିଫଳ ହୋଇଛନ୍ତି। ରାଜ୍ୟ ସରକାରଙ୍କ ସବୁବେଳେ ଦୋଷ ଓ ଅସହଯୋଗର ଆଳଦେଖାଇ କାରଖାନାକୁ ବନ୍ଦ ରଖି ରେଲୱେ ସାଇଡିଂକୁ ଭଡ଼ା ଲଗାଇ କୋଟି କୋଟି ଟଙ୍କା ମୁନାଫା ପାଉଥିବାବେଳେ ସରକାର କୌଣସି ପଦକ୍ଷେପ ନ ନେବା ନିରୀହ ଶ୍ରମିକ, କର୍ମଚାରୀ ଓ ବିସ୍ଥାପିତ ପରିବାରକୁ ଅତ୍ୟନ୍ତ ମର୍ମାହତ କରିଛି। ସରକାର ନୂଆ ନୂଆ ଶିଳ୍ପ ପ୍ରତିଷ୍ଠା କରିବା ପାଇଁ ବିଦେଶରୁ ପୁଞ୍ଜିପତିଙ୍କୁ ଆମନ୍ତ୍ରିତ କରୁଥିବାବେଳେ ବନ୍ଦ ଥିବା ଓଡ଼ିଶାର ଦ୍ୱିତୀୟ ଇସ୍ପାତ କାରଖାନା ମେସ୍କୋ ଷ୍ଟିଲ୍‌କୁ ପୁନଃ ଚାଲୁ କରିବା ପାଇଁ ଜିଲ୍ଲାପାଳଙ୍କ ଉଦ୍ଦେଶ୍ୟରେ ମୁଖ୍ୟମନ୍ତ୍ରୀ ମୋହନ ଚରଣ ମାଝୀଙ୍କୁ ଏକ ଦାବିପତ୍ର ପ୍ରଦାନ କରିଛନ୍ତି। ଯଦି ଦାବି ପୂରଣ ନ ହୁଏ, ତେବେ ଆଗାମୀ ୧୫ ଦିନ ପରେ ଦୁର୍ବାର ଆନ୍ଦୋଳନକୁ ଓହ୍ଲାଇବେ ବୋଲି ଚେତାବନୀ ଦେଇଛନ୍ତି।

# ସମାଜସେବୀଙ୍କ ଅକାଳ ବିୟୋଗ

**ଯାଜପୁର, ୨୭ ।୧୧(ସମିସ):** ଯାଜପୁରର ଯୁବ ସମାଜସେବୀ ସଞ୍ଜୀବ ସାହୁ(୩୪)ଙ୍କ ଅକାଳରେ ବିୟୋଗ ଘଟିଛି। ସେ ଛାତିରେ ଯନ୍ତ୍ରଣା ଅନୁଭବ କରିବାରୁ ପରିବାର ଲୋକେ ଜିଲ୍ଲା ମୁଖ୍ୟ ଚିକିତ୍ସାଳୟକୁ ନେଇଥିଲେ। ଅଧିକ ଚିକିତ୍ସା ନିମନ୍ତେ ତାଙ୍କୁ ଭୁବନେଶ୍ୱରର ଏକ ଘରୋଇ ହସ୍ପିଟାଲରେ ଚିକିତ୍ସା କରାଯାଉଥିଲା। ଗୁରୁବାର ସକାଳେ ଚିକିତ୍ସାଧୀନ ଅବସ୍ଥାରେ ତାଙ୍କର ମୃତ୍ୟୁ ଘଟିଥିଲା। ତାଙ୍କ ମୃତ୍ୟୁ ଖବର ପ୍ରଚାରିତ ହେବା ମାତ୍ରେ ଯାଜପୁର ସହର ସମେତ ତାଙ୍କ ଇଜାପୁର ପଞ୍ଚାୟତ ଇଜାପୁର ଗ୍ରାମରେ ଶୋକାକୁଳ ପରିବେଶ ସୃଷ୍ଟି ହୋଇଥିଲା। ସ୍ୱର୍ଗତ ସଞ୍ଜିବ କେବଳ ସମାଜସେବୀ ନ ଥିଲେ, ସେ ଥିଲେ କୁସୁମା ଉଠା ଦୋକାନୀ ସଂଘର ଉପଦେଷ୍ଟା। ତାଙ୍କ ମରଶରୀରକୁ ଯାଜପୁର ସହରକୁ ଅଣାଯିବା ପରେ କୁସୁମା ଉଠାଦୋକାନୀ ବ୍ୟବସାୟୀ ସଂଘ ଶେଷ ଦର୍ଶନ କରିବା ସହ ଶ୍ରଦ୍ଧାସୁମନ ଅର୍ପଣ କରିଥିଲେ। ବାରୁଣୀ ପଡ଼ିଆସ୍ଥ ମହାଶ୍ମଶାନରେ ଶେଷକୃତ୍ୟ ସମ୍ପନ୍ନ କରାଯାଇଥିଲା।

# ଏନ୍‌ସି କଲେଜ ପରିସରରେ ଅଣଛାତ୍ରଙ୍କ ଗୁଣ୍ଡାରାଜ



**ଯାଜପୁର, ୨୭ ।୧୧(ସମିସ):** ଏନସି କଲେଜ ପରିସରରେ ଅଣଛାତ୍ରଙ୍କୁ ଗୁଣ୍ଡାରାଜ ଚିତ୍ର ସାମ୍ନାକୁ ଆସିଛି। ଜଣେ +୩ ଦ୍ୱିତୀୟ ବର୍ଷର ଛାତ୍ର ଚିରଞ୍ଜିତକୁ ବୁଧବାର ଦିନ ୧୨ଟା ସମୟରେ କିଛି ଅଣଛାତ୍ର କଲେଜ ପରିସରରେ ମାଡ଼ ମାରି ଗୁରୁତର କରି ଦେଇଥିଲେ। ଏ ନେଇ ଚିରଞ୍ଜିତ ଯାଜପୁର ମୁଖ୍ୟ ଚିକିତ୍ସାଳୟରେ ଚିକିତ୍ସିତ ହେବା ସହ ଯାଜପୁର ଥାନାରେ ଅଭିଯୋଗ କରିଥିଲେ। ଅଭିଯୋଗ ଉପରେ ପୁଲିସ କୌଣସି କାର୍ଯ୍ୟାନୁଷ୍ଠାନ ଗ୍ରହଣ କରି ନ ଥିବାବେଳେ ଗୁରୁବାର ଦିନ ପରୀକ୍ଷା ଦେବାକୁ ଚିରଞ୍ଜିତ ଦିନ ୧୨ଟା ସମୟରେ ଯାଉଥିବାବେଳେ ଉପରୋକ୍ତ ଅଣଛାତ୍ର ତାକୁ ଅପହରଣ କରି ବୁଢ଼ୀ କଣ୍ଟେଇକୁ ନେଇଯାଇଥିଲେ। ସେଠାରେ ମାଡ଼ ମାରିବା ପରେ ଧମକ ଦେଇ ଛାଡ଼ି ଦେଇଥିଲେ। ଚିରଞ୍ଜିତ ଆହତ ଅବସ୍ଥାରେ ଯାଜପୁର ଟାଉନ ଥାନାରେ ଲିଖିତ ଅଭିଯୋଗ କରିଛନ୍ତି। ଅଭିଯୋଗକୁ ଭିତ୍ତି କରି ଟାଉନ ପୁଲିସ ଏକ ମାମଲା ରୁଜୁ କରି ତଦନ୍ତ କରୁଛି।

# ରାଜସ୍ଥାନୀ ଶ୍ରମିକଙ୍କ ସନ୍ଦେହଜନକ ମୃତ୍ୟୁ

ଯଖପୁରା, ୨୭ ।୧୧(ସମିସ): ଟାଟା ଷ୍ଟିଲକୁ ଯାଇଥିବା ରେଳପଥ କଡ଼ରେ ଜଣେ ଯୁବକଙ୍କ ମୃତଦେହ ଆଜି ସକାଳେ ମିଳିଥିବାରୁ ଅଞ୍ଚଳରେ ମୃତ୍ୟୁକୁ ନେଇ ଚର୍ଚ୍ଚା ଜୋର ଧରିଛି। ଆଜି ଯଖପୁରା ପୁଲିସ ମୃତଦେହକୁ ଜବତ କରି ତଦନ୍ତ ଆରମ୍ଭ କରିଛି। ମୃତ ଯୁବକ ରାଜସ୍ଥାନର ଲାଖା ରାମ (୨୬) ବୋଲି ପରିଚୟ ମିଳିଛି। ମୃତ ଯୁବକ ଜଣକ ରାଜସ୍ଥାନ ରାଜ୍ୟ ବୋଲତାରା ଜିଲ୍ଲାର ସିଣଘରି ଥାନା ଅନ୍ତର୍ଗତ ଧୂରିଆ ବାସ ଲୁଖୋର ଢାଣି ଗ୍ରାମର ତୁଲଛା ରାମଙ୍କ ପୁଅ ଲାଖା ରାମ ବୋଲି ଜଣାପଡ଼ିଛି। ଲାଖା ରାମ ଯଖପୁରା ନିକଟ ରାବଣା ଚାରୀ ଛକରେ ଶ୍ରମିକ ଭାବେ କାମ କରୁଥିଲେ। ଲାଖା ରାମ ପଇସା ଦେଣେଣେଣ ନେଇ ଗଭୀର ଚିନ୍ତାରେ ଥିଲେ। ବ୍ୟକ୍ତିଗତ ଚାପ ଓ ଘଟଣାସ୍ଥଳର ପରିସ୍ଥିତି ମୃତ୍ୟୁକୁ ସନ୍ଦେହଜନକ ସୃଷ୍ଟି ହୋଇଛି। ପୁଲିସ ସଠିକ୍ ତଦନ୍ତ କଲେ ସତ୍ୟ ଜଣାପଡ଼ିବ। ଯଖପୁରା ପୁଲିସ ମୃତଦେହକୁ ଦାନଗଦି ଗୋଷ୍ଠୀ ସ୍ୱାସ୍ଥ୍ୟକେନ୍ଦ୍ରକୁ ପଠାଇଛି। ପରିବାର ସଦସ୍ୟ ଚିହ୍ନଟ କରିବା ପରେ ବ୍ୟବଚ୍ଛେଦ ହେବ ଓ ରିପୋର୍ଟ ଆସିଲେ ଘଟଣାର ପ୍ରକୃତ କାରଣ ସ୍ପଷ୍ଟ ହେବ ବୋଲି ଯଖପୁରା ଥାନା ଅଧିକାରୀ ଆଶିଷ ସାହୁ କହିଛନ୍ତି।

# ତୁରଙ୍ଗ ଗ୍ରାମରେ ଅଗ୍ନିକାଣ୍ଡ



କବାଟବନ୍ଧ, ୨୭।୧୧(ସମିସ): ଧର୍ମଶାଳା ବ୍ଲକ ଅନ୍ତର୍ଗତ ଜେନାପୁର ଥାନା ଅଧୀନ ତୁରଙ୍ଗ ଗ୍ରାମରେ ଅଗ୍ନିକାଣ୍ଡ ଘଟି ୨ ବଖରା ଚାଳଘର ସମେତ ଏକ ପାଳଗଦା ପୋଡ଼ିଯାଇଛି। ଗ୍ରାମର ସୁଲେଖ ରାଉତଙ୍କ ପୁଅ ପ୍ରମୋଦ ରାଉତଙ୍କ ଘରେ ନିଆଁ ଲାଗିଥିବା ଜଣାପଡ଼ିଛି। ଗୁରୁବାର ଅପରାହ୍ନରେ କୌଣସି କାରଣରୁ ନିଆଁ ଲାଗିଥିଲା। ଗ୍ରାମବାସୀ ଚେଷ୍ଟା କରିଥିଲେ ମଧ୍ୟ ଆୟତ୍ତ କରିପାରି ନ ଥିଲେ। ଚଢ଼େଇଧରା ଅଗ୍ନିଶମ ବାହିନୀ ପହଞ୍ଚି ନିଆଁକୁ ଆୟତ୍ତ କରିଥିଲେ। ଅଗ୍ନିକାଣ୍ଡର ପ୍ରକୃତ କାରଣ ଜଣାପଡ଼ିନାହିଁ। ଅଗ୍ନିକାଣ୍ଡରେ ବହୁ ପରିମାଣର କ୍ଷତି ହୋଇଥିବା ଜଣାପଡ଼ିଛି।

# ବିଷପିଇ ବୃଦ୍ଧଙ୍କ ଆତ୍ମହତ୍ୟା

**ବାଲିଚନ୍ଦ୍ରପୁର, ୨୭।୧୧(ସମିସ):** ରୋଗ ଯନ୍ତ୍ରଣା ସହ୍ୟ କରି ନ ପାରି ଜଣେ ବୃଦ୍ଧ ଆଜି ବିଷପିଇ ଆତ୍ମହତ୍ୟା କରିଛନ୍ତି। ବୃଦ୍ଧ ଜଣକ ବାଲିଚନ୍ଦ୍ରପୁର ଥାନା ଅନ୍ତର୍ଗତ ଗୋବଣ୍ଡିଆ ଗ୍ରାମର ମୁରଲୀଧର ପଲେଇ (୭୮)। ମୁରଲୀଧର ୨୦୧୦ରେ ହୃଦଘାତର ଶିକାର ହୋଇଥିଲେ। ପରେ ସେ କିଡ୍‌ନୀଜନିତ ରୋଗରେ ପୀଡିତ ଥାଇ ଚିକିତ୍ସିତ ହେଉଥିଲେ। ରୋଗ ଯନ୍ତ୍ରଣା ଅସହ୍ୟ ହେବାରୁ ଆଜି ସକାଳେ ସେ ନିଜ ବାସଭବନରେ ବିଷ ପାନ କରି ଗୁରୁତର ହୋଇ ପଡ଼ିଥିଲେ। ପରିବାର ଲୋକେ ତାଙ୍କୁ ଚିକିତ୍ସା ପାଇଁ ବଡ଼ଚଣା ମେଡିକାଲରେ ଭର୍ତ୍ତି କରିଥିଲେ। ଡାକ୍ତର ତାଙ୍କୁ ମୃତ ଘୋଷଣା କରିଥିଲେ।

# ଷଠିପୁରରେ ସତ୍ୟସାଇଙ୍କ ଶତବାର୍ଷିକୀ

**ପାଣିକୋଇଲି, ୨୭।୧୧(ସମିସ):** ଷଠିପୁର ଶ୍ରୀସତ୍ୟସାଇ ଭଜନ ମଣ୍ଡଳୀ ଆନୁକୂଲ୍ୟରେ ଶ୍ରୀଶ୍ରୀ ସତ୍ୟସାଇଙ୍କ ଶତବାର୍ଷିକ ଜନ୍ମୋତ୍ସବ ଦୁଇ ଦିନ ଧରି ପାଳିତ ହୋଇଯାଇଛି। ପ୍ରଥମ ଦିନରେ ଓଁ କାର, ସୁପ୍ରଭାତ ପାଠ, ନଗରସଂକୀର୍ତ୍ତନ, ଷୋଡ଼ଶ ଉପଚାର ପୂଜା, ଅତି ରୁଦ୍ର ଯଜ୍ଞ, ନାରାୟଣ ସେବା, ସନ୍ଧ୍ୟାରେ ଏକଶତ ଗୋଟି ପ୍ରଦୀପ ପ୍ରଜ୍ଜଳନ, ସମବେତ ଭଜନ, ଓଡ଼ିଆ ପରମ୍ପରା ମହକ ଭରା ପୋଡପିଠା ଅର୍ପଣ କରାଯାଇଥିଲା। ଦ୍ୱିତୀୟ ଦିନ ସନ୍ଧ୍ୟାରେ ବାଳ ବିକାଶ ଛାତ୍ରଛାତ୍ରୀଙ୍କୁ ନେଇ ଆଧ୍ୟାତ୍ମିକ ନୃତ୍ୟ, ନିର୍ମଳ ମଲ୍ଲିକଙ୍କ ଯାଦୁକର ବିଦ୍ୟାରେ ଛାତ୍ରଛାତ୍ରୀ ଦର୍ଶକଙ୍କୁ ମନ୍ତ୍ର ମୁଗ୍ଧ କରିଥିଲେ।

# ଟାଟା ଷ୍ଟିଲ୍ ସୁକିନ୍ଦା ଇକୋରେସକୁ ଆନ୍ତର୍ଜାତିକ ପ୍ରକୃତି ସଂରକ୍ଷଣ ସଂଘର ସ୍ୱୀକୃତି

**ସୁକିନ୍ଦା, ୨୭ ।୧୧(ସମିସ)**



ଟାଟା ଷ୍ଟିଲ୍ ଫାଉଣ୍ଡେସନ ଦ୍ୱାରା ପରିଚାଳିତ ସୁକିନ୍ଦା ଇକୋରେସ ସଂରକ୍ଷଣ ପ୍ରକଳ୍ପ ପକ୍ଷରୁ କେନ୍ଦ୍ରୀୟ ରେଶମ ବୋର୍ଡ, କେନ୍ଦ୍ରୀୟ ଟସର ଗବେଷଣା ଓ ତାଲିମ ପ୍ରତିଷ୍ଠାନ (ସିଟିଆରଟିଆଇ) ସହଯୋଗରେ ବିଲୁପ୍ତ ପ୍ରାୟ ରେଶମ ପୋକ ପ୍ରଜାତିର ପୁନରୁଦ୍ଧାର କରାଯାଇଛି। ଟାଟା ଷ୍ଟିଲ୍ ଦ୍ୱାରା କରାଯାଇଥିବା ମଧ୍ୟବର୍ତ୍ତୀକାଳୀନ ନିଜସ୍ୱ ମୂଲ୍ୟାଙ୍କନ ରିପୋର୍ଟକୁ ଆନ୍ତର୍ଜାତିକ ପ୍ରକୃତି ସଂରକ୍ଷଣ ସଙ୍ଘ (ଆଇୟୁସିଏନ) ଇଣ୍ଡିଆ ପକ୍ଷରୁ ସମୀକ୍ଷା କରାଯାଇଛି। ଏହା ଅନ୍ତର୍ଜାତୀୟ ସ୍ତରରେ ସ୍ୱୀକୃତିପ୍ରାପ୍ତ ଆଇୟୁସିଏନର ବିଶ୍ୱସ୍ତରୀୟ ମାନକ ସହ ସମାନ ଥିବା ଜଣାପଡ଼ିଛି। ଏହି ପ୍ରକଳ୍ପ ୬୦ ପ୍ରତିଶତ ସ୍କୋର ହାସଲ କରିଛି, ଯାହା ନିର୍ଦ୍ଧାରିତ ୨୫ ପ୍ରତିଶତଠାରୁ ଯଥେଷ୍ଟ ଅଧିକ। ଏହା ସମସ୍ତ ଆଠଟି ମାନଦଣ୍ଡରେ ଆବଶ୍ୟକ ରେଟିଂ ହାସଲ କରିଛି।

ଟାଟା ଷ୍ଟିଲ୍‌ର ଉପାଧ୍ୟକ୍ଷ (ସୁରକ୍ଷା, ସ୍ୱାସ୍ଥ୍ୟ ଓ ସ୍ଥାୟୀତ୍ୱ) ରାଜୀବ ମଙ୍ଗଲ କହିଛନ୍ତି, ଆଇୟୁସିଏନ ଦ୍ୱାରା ଏହି ମଧ୍ୟବର୍ତ୍ତୀକାଳୀନ ମୂଲ୍ୟାଙ୍କନ ସମୀକ୍ଷା କେବଳ ପ୍ରକୃତି-ଆଧାରିତ ସମାଧାନ ପ୍ରତି ଆମର ପ୍ରତିବଦ୍ଧତାକୁ ମାନ୍ୟତା ଦେଇନାହିଁ, ବରଂ କର୍ପୋରେଟ୍ ସଂସ୍ଥାଗୁଡ଼ିକ ଜୈବ ବିବିଧତା ସଂରକ୍ଷଣରେ କିପରି ଯୋଗଦାନ କରିପାରିବେ, ତାହାର ଏକ ନକ୍ସା ମଧ୍ୟ ପ୍ରସ୍ତୁତ କରିଛି। ଏହି କାର୍ଯ୍ୟ ଟାଟା ଗ୍ରୁପର 'ଆଲିଙ୍ଗନ' ପ୍ରକଳ୍ପ ସହ ସମାନ୍ତରାଳ ରହିଛି। ଟାଟା ଷ୍ଟିଲ୍‌ର ଉପାଧ୍ୟକ୍ଷ (କର୍ପୋରେଟ୍ ସର୍ଭିସେସ୍) ଡିବି ସୁନ୍ଦର ରମଣ କହିଛନ୍ତି, ସୁକିନ୍ଦା ଇକୋରେସ୍ ସଂରକ୍ଷଣ ପ୍ରକଳ୍ପ ପରିବେଶ ପୁନରୁଦ୍ଧାର, ଗୋଷ୍ଠୀ ସଶକ୍ତିକରଣ ଓ ଅର୍ଥନୈତିକ ସମ୍ଭାବନାର ଏକ ସମନ୍ୱୟ ପ୍ରଦର୍ଶନ କରୁଛି। ଟାଟା ଷ୍ଟିଲ ସବୁବେଳେ ବିଶ୍ୱାସ କରେ ଯେ, ଦୀର୍ଘକାଳୀନ ବ୍ୟବସାୟିକ ସଫଳତା ପରିବେଶ ସଂରକ୍ଷଣ ଓ ସମାଜ କଲ୍ୟାଣ ସହ ଜଡ଼ିତ। ପିଢ଼ି ପରେ ପିଢ଼ି ସୁକିନ୍ଦା ଇକୋରେସ୍-ଯାହା ଏକ ଟ୍ରିଭୋଲଟାଇନ୍ ଟସର ରେଶମ ପୋକ ମିକ୍ସଡ ଡେସିଡୁଓସ (ମିଶ୍ରିତ ପତ୍ରଝଡା) ଜଙ୍ଗଲରେ ବ୍ୟାପକ ଭାବେ ଥିଲେ। କିନ୍ତୁ ବ୍ୟବସାୟିକ ଜାତିର ପ୍ରଚଳନ ଓ ବାସସ୍ଥାନ କ୍ଷୟ କାରଣରୁ ଏହି ସ୍ଥାନୀୟ ପ୍ରଜାତି ପ୍ରାୟ ବିଲୁପ୍ତ ହୋଇଯାଇଥିଲା। ଏହାସହିତ ପାରମ୍ପରିକ ଜୀବିକା ମଧ୍ୟ ଧ୍ୱଂସ ହୋଇଯାଇଥିଲା। ଏହି କ୍ଷତିକୁ ରୋକିବା ପାଇଁ ପ୍ରାୟ ନଷ୍ଟ ଯାଇଥିବା ୨୬ ହେକ୍ଟରରୁ ଊର୍ଦ୍ଧ୍ୱ ଜଙ୍ଗଲ ଜମିରେ ଅର୍ଜୁନ ଓ ଅସନ ଗଛ (ଟସର ପୋକର ମୁଖ୍ୟ ଆହାର ଉଦ୍ଭିଦ) ପୁନରୁଦ୍ଧାର କରାଯାଇଛି। ଏହି ପୁନରୁଦ୍ଧାର ହୋଇଥିବା ଜଙ୍ଗଲ ବର୍ତ୍ତମାନ ଜୈବ ବିବିଧତା କରିଡର ଭାବେ କାମ କରୁଛି। କାର୍ବନ ସଂରକ୍ଷଣ କରୁଛି। ପୂର୍ବରୁ ସମୃଦ୍ଧ ରେଶମ ପୋକ ପାଇଁ ପରିବେଶ ତନ୍ତ୍ରକୁ ପୁନଃନିର୍ମାଣ କରୁଛି। ଏହି ପ୍ରକଳ୍ପରେ ୨୦୦ରୁ ଅଧିକ ପରିବାର ମଧ୍ୟରୁ ୫୦ଟି ରୋପଣ କାର୍ଯ୍ୟରେ ଓ ୧୫୦ଟି ରେଶମ ଚାଷରେ ସାମିଲ ହୋଇଛନ୍ତି। ଏହି ଉଦ୍ୟୋଗ ଭାରତର ସ୍ଥାୟୀ ବିକାଶ ଲକ୍ଷ୍ୟ ବିଶେଷକରି ଏସଡିଜି ୧ (ଦାରିଦ୍ର୍ୟ ଦୂରୀକରଣ), ଏସଡିଜି ୧୩ (ଜଳବାୟୁ କାର୍ଯ୍ୟାନୁଷ୍ଠାନ) ଓ ଏସଡିଜି ୧୫ (ଭୂମି ଉପରେ ଜୀବନ) ସହ ସିଧାସଳଖ ଜଡ଼ିତ। ଏହା ଜାତୀୟ ଜୈବ ବିବିଧତା ଆକ୍ସନ ପ୍ଲାନ ସହ ସମାନ। ଏହା ସଂରକ୍ଷଣ ଓ ଜୀବିକା ବିକାଶ କିପରି ଏକାଠି ହାସଲ କରାଯାଇପାରିବ ତାହାର ଏକ ଉଦାହରଣ ପ୍ରସ୍ତୁତ କରିଛି।

# ସମ୍ପାଦକୀୟ



ଯଦି ଜନତାଙ୍କୁ ମତାଧିକାର ସାବ୍ୟସ୍ତ କରିବାର ପୂର୍ଣ୍ଣ କ୍ଷମତା ଦିଆଯାଏ, ତେବେ ଶାସନ ବ୍ୟବସ୍ଥା ଏକ ଉଚ୍ଚତର ସୋପାନରେ ପହଞ୍ଚିବ।
-ମାର୍କ ଜୁକରବର୍ଗ

ସକାଳ
THE SAKALA

## ପ୍ରଭାବହୀନ କୋପ୍ ୩୦

ବ୍ରାଜିଲ୍‌ର ବେଲମ୍‌ଠାରେ ଗତସପ୍ତାହରେ ସମାପ୍ତ ଜଳବାୟୁ ଶିଖର ସମ୍ମିଳନୀର ୩୦ତମ ଅଧିବେଶନ(କୋପ୍‌୩୦) ପୁଣି ଥରେ ଚକ୍ଷୁକୁଟା ପ୍ରହସନରେ ପରିଣତ ହୋଇଛି। ଜୀବାଶ୍ମ ଇନ୍ଧନର ବ୍ୟବହାର ହ୍ରାସ, କ୍ରମବର୍ଦ୍ଧିଷ୍ଣୁ ବିଶ୍ୱ ତାପମାନ ନିୟନ୍ତ୍ରଣ ଲକ୍ଷ୍ୟ ପ୍ରାୟତଃ ଗୁରୁତ୍ୱ ହରାଇଥିବା ବେଳେ କେବଳ ଉପରଦେଖାଣିଆ ଭାବରେ ଜଳବାୟୁ ପାଣ୍ଠି ପରିମାଣ ବୃଦ୍ଧି ଉପରେ ସକାରାତ୍ମକ ମତୈକ ପ୍ରକାଶ ପାଇଛି। ପରିବେଶ ପ୍ରଦୂଷଣରେ ସର୍ବାଧିକ ପ୍ରଭାବିତ ବିକାଶଶୀଳ ଓ ଅନୁନ୍ନତ ଦେଶମାନଙ୍କ ପ୍ରତି ସର୍ବାଧିକ ପ୍ରଦୂଷଣ ସୃଷ୍ଟିକାରୀ ବିକଶିତ ଦେଶମାନଙ୍କର ଉତ୍ତରଦାୟିତ୍ୱ ବୃଦ୍ଧି ନେଇ କୋପ୍‌୩୦ରେ ଘୋଷଣା ହୋଇପାରେ ବୋଲି ଆଶା କରାଯାଉଥିବା ବେଳେ ସେଥିରେ ମଧ୍ୟ ନିରାଶ ହେବାକୁ ପଡ଼ିଛି। ପ୍ରଦୂଷଣ ଓ ଜଳବାୟୁ ପରିବର୍ତ୍ତନର ମୁଖ୍ୟକାରଣ ଉପରେ ଧ୍ୟାନ କେନ୍ଦ୍ରିତ ନ କରି ସବୁଜ ଗୃହ ବାଷ୍ପ ସୃଷ୍ଟିକାରୀ ସାମଗ୍ରୀର ଆମଦାନୀ ଉପରେ ଅଧିକ ଶୁଳ୍କ ଲାଗୁ କରିବା ପାଇଁ କୋପ୍ ୩୦ରେ ସଂକଳ୍ପ ଆଗତ କରିବାକୁ ଯୋଜନା ଚୂଡ଼ାନ୍ତ ହୋଇଥିଲା। କିନ୍ତୁ ଭାରତ ଓ ଚୀନ୍ ସମେତ କେତେକ ବିକାଶଶୀଳ ରାଷ୍ଟ୍ର ଏଭଳି ପାତରଅନ୍ତର ନୀତିର ଘୋର ବିରୋଧ କରିବା ପରେ ତାହା ସ୍ଥଗିତ ରହିଲା। ଏଥିରୁ କୋପ୍‌୩୦ ଯେ ତାର ମୂଳ ଓ ମୌଳିକ ଲକ୍ଷ୍ୟରୁ ଦୂରେଇ ଯାଉଛି ଏହି ଅଭିଯୋଗ ନିରାଧାର ନୁହେଁ।

କୋପ୍ ୩୦ର ଏକମାତ୍ର ସକାରାତ୍ମକ ବାର୍ତ୍ତା ହେଲା ବ୍ୟାପକ ଶିଳ୍ପାୟନ ଓ ଜଳବାୟୁ ପରିବର୍ତ୍ତନରେ ପ୍ରଭାବିତ ବିକାଶଶୀଳ ଦେଶମାନଙ୍କର କ୍ଷତିଭରଣା ପାଇଁ ୨୦୩୫ ମସିହା ପର୍ଯ୍ୟନ୍ତ ବାର୍ଷିକ ୧.୩ ଲକ୍ଷ କୋଟି ଡଲାରର ଅନୁଦାନ ଦେବା ପାଇଁ ସଦସ୍ୟ ଦେଶମାନେ ସହମତ ହୋଇଛନ୍ତି। ସେହିପରି କୋପ୍ ୨୮ ରେ ଜଳବାୟୁ ପରିବର୍ତ୍ତନ ଜନିତ କ୍ଷୟକ୍ଷତି ଭରଣା ପାଇଁ ପ୍ରସ୍ତାବିତ 'ଲସ୍ ଆଣ୍ଡ ଡ୍ୟାମେଜ୍ ଫଣ୍ଡ' ଆରମ୍ଭ କରିବା ଏବଂ ପ୍ରସ୍ତାବିତ ପାଣ୍ଠି ରାଶିକୁ ତିନିଗୁଣା ବୃଦ୍ଧି କରିବା ଲାଗି ମଧ୍ୟ ସଂକଳ୍ପ ପାରିତ ହୋଇଛି। କିନ୍ତୁ ୨୦୧୯ ରୁ ଜଳବାୟୁ ପାଣ୍ଠି ପ୍ରତି ବିକଶିତ ଦେଶମାନଙ୍କର ପ୍ରତିଶ୍ରୁତି ଓ ଅଙ୍ଗୀକାରବଦ୍ଧତାରେ ଥିବା ଆକାଶପାତାଳ ତଫାତ୍‌ର ଅନୁଭବ ଦୃଷ୍ଟିରୁ ଉପରୋକ୍ତ ସଂକଳ୍ପର ରୂପାୟନରେ ସନ୍ଦେହ ସୃଷ୍ଟି ହେବା ସ୍ୱାଭାବିକ। ସେହିପରି ଆମେରିକା ଜଳବାୟୁ ଶିଖର ସମ୍ମିଳନୀରୁ ଓହରି ଆସିଥିବାରୁ ଜଳବାୟୁ ପାଣ୍ଠିର ଆକାର ଓ କାର୍ଯ୍ୟାନ୍ୱୟନକୁ ନେଇ ମଧ୍ୟ ପ୍ରଶ୍ନ ଉଠିଛି।

ଅପ୍ରିୟ ସତ୍ୟ ହେଉଛି, ବିକଶିତ ଦେଶମାନେ ଉତ୍ତରଦାୟିତ୍ୱ ନ ନେବା ପର୍ଯ୍ୟନ୍ତ ଜଳବାୟୁ ଶିଖର ସମ୍ମିଳନୀମାନ ଏଭଳି ଚକ୍ଷୁକୁଟା ପ୍ରହସନ ହୋଇଚାଲିଥିବ। କିନ୍ତୁ ଚେଇଁ ଶୋଇଥିବା ଲୋକକୁ ଉଠେଇବ କିଏ? ସାମ୍ପ୍ରତିକ ବିଶ୍ୱର ସର୍ବବୃହତ୍ ଆହ୍ୱାନ ହେଉଛି ଜନତାଙ୍କୁ ଜଳବାୟୁ ନ୍ୟାୟ ପ୍ରଦାନ। ସ୍ୱାର୍ଥସର୍ବସ୍ୱ ମାନସିକତାରେ ଏହି ଲକ୍ଷ୍ୟ ହାସଲ ସମ୍ଭବ ନୁହେଁ। ବୋଧହୁଏ ନିଜେ ପ୍ରଭାବିତ ଓ କ୍ଷତିଗ୍ରସ୍ତ ନ ହେବା ଯାଏଁ ବିକଶିତ ରାଷ୍ଟ୍ରମାନଙ୍କର ଚେତନା ଉଦୟ ହେବ ନାହିଁ। ସେପର୍ଯ୍ୟନ୍ତ ଅବଶିଷ୍ଟ ବିଶ୍ୱ ଜଳବାୟୁ ପରିବର୍ତ୍ତନର ବିଷ ପିଇବାକୁ ବାଧ୍ୟ। ବିଶେଷକରି ବିଶ୍ୱର ସର୍ବାଧିକ ଜନସଂଖ୍ୟା ବିଶିଷ୍ଟ ତଥା ଜଳବାୟୁ ପରିବର୍ତ୍ତନ ଜନିତ ସଙ୍କଟ ପ୍ରଭାବିତ ତାଲିକାରେ ନବମ ସ୍ଥାନରେ ଥିବା ଭାରତ ପାଇଁ ଏହି ଆହ୍ୱାନର ମୁକାବିଲା କରିବା ଆହୁରି ଅଧିକ କଠିନ।

ଏବେ ସମୟ ଆସିଛି ଜଳବାୟୁ ପରିବର୍ତ୍ତନ ଜନିତ ପ୍ରଭାବକୁ ହ୍ରାସ କରିବା ପାଇଁ ଜାତୀୟ ନୀତି ପ୍ରଣୟନ କରିବାର। ଭାରତକୁ ଖାଦ୍ୟାଭାବ, ବାତ୍ୟା, ବନ୍ୟା, ମରୁଡ଼ି, ସମୁଦ୍ର ପତ୍ତନ ବୃଦ୍ଧି, ଜଳାଭାବ, ଶସ୍ୟ ହାନି, ସ୍ୱାସ୍ଥ୍ୟସଙ୍କଟ, ଜୈବବିବିଧତା ହ୍ରାସ, ଅଂଶୁଘାତ, ଆଦି ଜଳବାୟୁର ଅସ୍ୱାଭାବିକ ପରିବର୍ତ୍ତନ ଜନିତ ଦୁଷ୍ପ୍ରଭାବରୁ ସୁରକ୍ଷା ଦେବାକୁ ହେଲେ ସଂକଳ୍ପ ନୁହେଁ, ଯୁଦ୍ଧକାଳୀନ ପଦକ୍ଷେପ ଆବଶ୍ୟକ। ଏଥିପାଇଁ ସରକାରୀ ଓ ରାଜନୈତିକ ନିଷ୍ଠା, ଗୋଷ୍ଠୀ ସହଭାଗିତା ଓ ପ୍ରଶାସନିକ ଆନ୍ତରିକତା ଅପରିହାର୍ଯ୍ୟ। ସେହିପରି ଜଳବାୟୁ ପରିବର୍ତ୍ତନ ଜନିତ ସମସ୍ୟା ସମାଧାନରେ ବୈଷୟିକ ଜ୍ଞାନକୌଶଳ ସହ ପାରମ୍ପରିକ ମୌଳିକ ଜ୍ଞାନକୁ ସମ୍ମିଳିତ ଭାବେ ପ୍ରୟୋଗ କରିବା ପାଇଁ ମାନସିକତାରେ ସକାରାତ୍ମକ ପରିବର୍ତ୍ତନ ମଧ୍ୟ ଜରୁରୀ।

## ଆପଣା ହସ୍ତେ ଜିହ୍ୱା ଛେଦି

ଯାନବାହନ ଓ ସେଗୁଡ଼ିକର ଚାଳିତ ଶକ୍ତି ଜୀବାଶ୍ମ ଇନ୍ଧନର ଉତ୍ପାଦନ ଓ ବିକ୍ରି ଉପରେ କଟକଣା ଜାରି କରିବା ଲାଗି ସରକାରଙ୍କୁ ଆବେଦନ କରିଛନ୍ତି କାରନିର୍ମାଣକାରୀ ସଂସ୍ଥାର ଜନୈକ ମୁଖ୍ୟ କାର୍ଯ୍ୟନିର୍ବାହୀ ଅଧିକାରୀ। ଆବେଦନର କାରଣରେ ସେ ଦର୍ଶାଇଛନ୍ତି ଯେ କାର ମୋ ଜୀବିକାର୍ଜନର ମୁଖ୍ୟ ସହାୟକ ଏହା ନିଃସନ୍ଦେହ; କିନ୍ତୁ ତା'ଠାରୁ ଗୁରୁତ୍ୱପୂର୍ଣ୍ଣ ମୋ ପୂର୍ବ ଓ ଉତ୍ତର ପିଢ଼ିର ସ୍ୱାସ୍ଥ୍ୟ ଓ ଭବିଷ୍ୟତ। ଯାନବାହନ ଚଳାଚଳରେ କଟକଣା ନ ଲାଗିବା ପର୍ଯ୍ୟନ୍ତ ପରିବେଶ ପ୍ରଦୂଷଣରୁ ଯେ ମୁକ୍ତି ନାହିଁ ଏହି ଆପ୍ତବାକ୍ୟଟି ସମ୍ପୃକ୍ତ ସିଇଓଙ୍କ ଆବେଦନରୁ ସ୍ପଷ୍ଟ ଓ ନିର୍ଧାର୍ଯ୍ୟ।

ଏହା ଅସ୍ୱୀକାର କରିବାର ନାହିଁ ଯେ ଦ୍ରୁତ ସହରୀକରଣ ସହିତ କର୍ମସ୍ଥଳୀ, ବିପଣନ ଓ ମନୋରଞ୍ଜନ ବିକ୍ଷିପ୍ତ ହୋଇଛି ଏବଂ ଗମନାଗମନରେ ଯାନବାହନ ଏକ ଜରୁରୀ ଆବଶ୍ୟକତା ହୋଇପଡ଼ିଛି। ସେହି ଆଧାରରେ ଆଶାତୀତ ଭାବେ ଯାନବାହନ ଉତ୍ପାଦନ ଓ ବିକ୍ରି ବଢ଼ିବାରେ ଲାଗିଛି। ବ୍ୟାଙ୍କ ଓ ବିଭିନ୍ନ ଦେଶୀବିଦେଶୀ ଅର୍ଥଲଗାଣକାରୀ ସଂସ୍ଥାଙ୍କ ପ୍ରାବଲ୍ୟ ଯୋଗୁଁ ସହଜରେ ଋଣ ମିଳିଯାଉଛି। ତା' ସହିତ ଲୋକମାନଙ୍କର ଉପାର୍ଜନ ମଧ୍ୟ ବଢ଼ିଛି। ଆୟ ଓ ଋଣ ସମ୍ପର୍କର ସିଧାସଳଖ ପ୍ରଭାବ ଯାନବାହନ ସଂଖ୍ୟା ବୃଦ୍ଧିରେ ପ୍ରତିଫଳିତ ହେଉଛି। ପରିଣାମ ସ୍ୱରୂପ ବାୟୁ ପ୍ରଦୂଷଣ ଉତ୍କଟ ହେବାରେ ଲାଗିଛି। ବିଷାକ୍ତ ଓ ପ୍ରଦୂଷିତ ବାୟୁ ସମସ୍ୟା ଓ ପରିବେଶ ସଙ୍କଟ ଏବେ କେବଳ ଆଉ ଦେଶର ରାଜଧାନୀ ଦିଲ୍ଲୀରେ ସୀମିତ ହୋଇ ରହିନାହିଁ। ଆମ ରାଜ୍ୟର ଅନୁଗୁଳ ସହର ପ୍ରଦୂଷିତ ବାୟୁ ମାନରେ ଦିଲ୍ଲୀକୁ ମଧ୍ୟ ଟପିଯାଇଛି। ଧୀରେ ଧୀରେ ଦେଶର ବିଭିନ୍ନ ଜନାକୀର୍ଣ୍ଣ ସହରାଞ୍ଚଳ ଏଭଳି ପ୍ରଦୂଷିତ ବାୟୁର ପଞ୍ଝା ମଧ୍ୟକୁ ଚାଲିଯାଉଛି।

ଜଳବାୟୁ ପରିବର୍ତ୍ତନ, ପରିବେଶ ପ୍ରଦୂଷଣର କାରଣ ଓ ନିରାକରଣ ବିଷୟରେ ଜନତା ଆଉ ଅଜ୍ଞ ନୁହନ୍ତି। ତେଣୁ ସୂଚନା ଓ ସଚେତନତା ପ୍ରୟାସ ବୃଥା। କଥା କଥାକେ ଗାଡ଼ିଟିଏ ନ ହେଲେ ଘରୁ ଗୋଡ଼ ବାହାର କରିବାର କୁଣ୍ଠାକୁ ଆମେ ତ୍ୟାଗ କରିପାରୁନାହୁଁ। ସବୁଜାଣି ମଧ୍ୟ ଅଧିକ ସୁଖ, ସୁବିଧା ଲୋଡୁଥିବାର ପରିଣାମ ଆମକୁ ହିଁ ଭୋଗିବାକୁ ପଡୁଛି ଏବଂ ଆମର ଉତ୍ତରପିଢ଼ିଙ୍କୁ ମଧ୍ୟ ଭୋଗିବାକୁ ପଡ଼ିବ। ଓଡ଼ିଶାରେ ଏକ ପ୍ରବାଦ ଅଛି - ଆପଣାହସ୍ତେ ଜିହ୍ୱା ଛେଦି କେ ଅଛି ତା'ର ପ୍ରତିବାଦୀ। ବିଷବଳୟରୁ କେବଳ ଆମର ଆତ୍ମସଂଯମ ହିଁ ଉଦ୍ଧାର କରିପାରିବ। ନିଷ୍ପତ୍ତି ଆମମାନଙ୍କର।

## ଓଡ଼ିଆ ଅସ୍ମିତା ଓ ସ୍ୱାବଲମ୍ବନ

ଡ. ପ୍ରମୋଦ କୁମାର ପଣ୍ଡା



ଆଜିକାଲି ଆମେ ସମସ୍ତେ ଓଡ଼ିଆ ଅସ୍ମିତା ବୃଦ୍ଧି ପାଇଁ ଉଦ୍ୟମ କରୁଛନ୍ତି। ଏହା ଏକ ସ୍ୱାଗତଯୋଗ୍ୟ ପଦକ୍ଷେପ। କିନ୍ତୁ ଆମ ଅସ୍ମିତା ଦେଶ ଓ ବିଦେଶରେ ସେତେବେଳେ ବୃଦ୍ଧି ପାଇବ ଯେତେବେଳେ ପ୍ରତି ଓଡ଼ିଆ ମୁଣ୍ଡ ଟେକି ଆଖିରେ ଆଖି ମିଳାଇ ଅନ୍ୟ ରାଜ୍ୟ ଓ ବିଦେଶର ଲୋକଙ୍କ ସହିତ କଥା ହୋଇପାରିବ କିମ୍ବା ନିଜ ଅଧିକାର ଜାହିର କରିପାରିବ। ଅନ୍ୟମାନେ ଯେତେବେଳେ ଆମକୁ ଦେଖିବେ ତୁରନ୍ତ ସମ୍ମାନ ଦେବାର ମାନସିକତା ପ୍ରଦର୍ଶନ କରିବେ ସ୍ୱତଃପ୍ରବୃତ୍ତ ଭାବରେ। ଏହା ସେତେବେଳେ ସମ୍ଭବ ହେବ, ଯେତେବେଳେ ଆମେ ନିଜକୁ ଧନୀ କରିପାରିବା।

ଇଂରାଜୀରେ ଏକ ପ୍ରବାଦ ଅଛି - 'ଭିକାରୀର ଇଚ୍ଛା ବାଛିବାର ଅଧିକାର ନାହିଁ, ଯିଏ ଯାହା ଦେଲା ସେଥିରେ ସନ୍ତୁଷ୍ଟ ହେବାକୁ ବାଧ୍ୟ।' ଏ ଦୁନିଆରେ ଅର୍ଥ ହିଁ ସମ୍ମାନର ଅଧିକାରୀ। ଆପଣଙ୍କ ପାଖରେ ପଇସା ଥିଲେ ସବୁକିଛି ମିଳିଯାଇପାରିବ। ସେଥିପାଇଁ ତ କୁହାଯାଇଛି - 'ଆବେ ପରଶୁ, ଯାବେ ପରଶୁ, ବାବୁ ପରଶୁରାମ; ପଇସା କ୍ୟା ନ କରେ କାମ।' ଏଠାରେ ପଇସା ଅର୍ଥ ନୁହେଁ କଳା ଟଙ୍କା ରୋଜଗାର କରିବା। ଏ ପୃଥିବୀରେ ସାଧୁ ଉପାୟରେ ପଇସା ରୋଜଗାର କରି ଧନୀ ହେବାର ଶହ ଶହ ରାସ୍ତା ଅଛି। କିନ୍ତୁ ଦୁଃଖ ଲାଗେ ଆମ ସ୍ଥିତି ଦେଖି। ବିକାଶର ସମସ୍ତ ଉପାଦାନ ଆମ ପାଖରେ ଥିବା ସତ୍ତ୍ୱେ ଆମେ ଏକ ଦରିଦ୍ର ଜାତି ହିସାବରେ ନିଜର ପରିଚୟ ସୃଷ୍ଟି କରିଛନ୍ତି।

ଓଡ଼ିଶା ଦେଶର ଅଷ୍ଟମ ବୃହତ୍ତମ ରାଜ୍ୟ। ପ୍ରାକୃତିକ ସମ୍ପଦରେ ଭରପୂର। ସମଗ୍ର ଦେଶରେ ବାର୍ଷିକ ହରାହାରି ୧୨୦୦ ମିଲିମିଟର ବର୍ଷା ହେଉଥିବା ସ୍ଥଳେ ଆମର ୧୫୦୦ ମିଲିମିଟର। ଦେଶରେ ଆଠପ୍ରକାର ମୃତ୍ତିକା ଥିବା ବେଳେ ଆମର ମଧ୍ୟ ଆଠପ୍ରକାର ମୃତ୍ତିକା ଅଛି। ସମୁଦ୍ର ପତ୍ତନଠୁ ଦେଓମାଳିର ଶିଖର ପର୍ଯ୍ୟନ୍ତ ସମସ୍ତ ପ୍ରକାର ଭୂମିରୂପ ଓ ଜଳବାୟୁ ଆମ ପାଖରେ ମହଜୁଦ ଅଛି। ଏହା ବର୍ଷସାରା ବିଭିନ୍ନ ପ୍ରକାର କୃଷିଜାତ ସାମଗ୍ରୀ ଉତ୍ପାଦନ ପାଇଁ ଭରପୂର ସୁଯୋଗ ଦେଇଛି। ଆମ ପାଖରେ ସମଗ୍ର ଦେଶର ଶତକଡ଼ା ୨୮ ଭାଗ ଲୁହାପଥର, ଶତକଡ଼ା ୨୪ ଭାଗ କୋଇଲା, ଶତକଡ଼ା ୫୯ ଭାଗ ଆଲୁମିନିୟମ (ବକ୍‌ସାଇଟ) ଓ ଶତକଡ଼ା ୯୮ ଭାଗ କ୍ରୋମାଇଟ ମହଜୁଦ ଅଛି। ତା' ଛଡ଼ା ଅନ୍ୟାନ୍ୟ ଖଣିଜ ପଦାର୍ଥ ମଧ୍ୟ ଅନ୍ବେବହୁତ ଅଛି। ପର୍ଯ୍ୟଟନ ବିକାଶ ପାଇଁ ମନ୍ଦିର, ନଦୀ, ହ୍ରଦ, ଘନ ଜଙ୍ଗଲ ଓ ୪୮୫ କିଲୋମିଟର ସୁଦୀର୍ଘ ସମୁଦ୍ର ବେଳାଭୂମି ଅଛି। ୬୨ ପ୍ରକାର ପରିଶ୍ରମୀ ଜନଜାତି ମଧ୍ୟ ଅଛନ୍ତି। ଆମ ରାଜ୍ୟର ଶ୍ରମିକ ଅନ୍ୟ ରାଜ୍ୟରେ ପରିଶ୍ରମୀ ବୋଲି ପରିଚୟ ସୃଷ୍ଟି କରିଛନ୍ତି।

ଉପରୋକ୍ତ ବର୍ଣ୍ଣିତ ସମସ୍ତ ବିକାଶ ଉପାଦାନ ମହଜୁଦ୍ ଥିବା ସତ୍ତ୍ୱେ ଓଡ଼ିଶାର ମାସିକ କୃଷି ଆୟ (୫, ୧୧୨ଟଙ୍କା) ଦେଶର ରାଜ୍ୟମାନଙ୍କ ତୁଳନାରେ ତଳ ଆଡୁ ଦ୍ୱିତୀୟ, ଯାହା ଆଦୌ ଗ୍ରହଣୀୟ ନୁହେଁ। ସେହିପରି ବାର୍ଷିକ ମୁଣ୍ଡପିଛା ଆୟରେ ଆମ ରାଜ୍ୟ ଦେଶର ଅନ୍ୟ ରାଜ୍ୟମାନଙ୍କ ତାଲିକାରେ ୧୭ ତମ ସ୍ଥାନ (୧, ୬୩, ୧୦୧ଟଙ୍କା) ମଧ୍ୟ ଗ୍ରହଣୀୟ ନୁହେଁ। କିଛି କେନ୍ଦ୍ରଶାସିତ ଅଞ୍ଚଳକୁ ବିଚାର କଲେ ଆମ ସ୍ଥାନ ୨୨ରେ ଅଛି। ସିକିମର ମୁଣ୍ଡପିଛା ଆୟ ୫, ୪୭, ୭୪୦ ଟଙ୍କା ଦେଶର ସର୍ବୋଚ୍ଚ ହୋଇଥିବା ବେଳେ ତେଲଙ୍ଗାନା, କର୍ଣ୍ଣାଟକ, ତାମିଲନାଡୁ, ହରିୟାଣା ପ୍ରଭୃତି ରାଜ୍ୟର ବାର୍ଷିକ ମୁଣ୍ଡପିଛା ଆୟ ୩ ଲକ୍ଷ ଟଙ୍କାରୁ ଅଧିକ, ଯାହାକି ଆମଠୁ ଶତକଡ଼ା ୧୦୦ରୁ ଅଧିକ।

କେବେ କୌଣସି ପଞ୍ଜାବୀ, ମାରୁଆଡ଼ି କିମ୍ବା ଗୁଜରାଟୀ ମୁଲିଆ ବା ଚାକିରିଆ ହେବା ପାଇଁ ସ୍ୱପ୍ନ ଦେଖେନି। ସବୁବେଳେ ଧନକୁ ମୁଲିଆ ସଦ ଉପଯୋଗପୂର୍ବକ ମାଲିକ ହୋଇ ଅଧିକ ଧନ ଉପାର୍ଜନ କରିବାକୁ ଚେଷ୍ଟା କରେ। ମୁଁ ଆମର ଯୁବପିଢ଼ିଙ୍କୁ ଆହ୍ୱାନ ଦେଉଛି - ଆପଣ ସମସ୍ତେ ଧନୀ ହେବାକୁ ଚେଷ୍ଟା କରନ୍ତୁ, ତାହା ପୁଣି ସତ୍ ଉପାୟରେ। କାରଣ ଅସତ ଧନ ବେଶି ଦିନ ରହିବ ନାହିଁ। ସେଥିପାଇଁ ଉତ୍କଳମଣି ଗୋପବନ୍ଧୁ କହିଥିଲେ, ବାଲ୍ୟ କାଳୁ ଧନ ଓ ଧର୍ମ ସଂଚିବା କଥା। ଆମ ଯୁବବର୍ଗଙ୍କୁ କହିରଖେ, ଆମ ପାଇଁ ସିନା ପର୍ଯ୍ୟାପ୍ତ ଚାକିରି ନାହିଁ, ମାତ୍ର ପର୍ଯ୍ୟାପ୍ତ ରୋଜଗାର ଅଛି। ମନେରଖନ୍ତୁ ଆପଣଙ୍କ ପାଖରେ ଅର୍ଥବଳ ରହିଲେ ସମସ୍ତେ ସମ୍ମାନ ଦେବେ। ଏଥିପାଇଁ ତ କୁହାଯାଏ ଟଙ୍କା ସବୁକିଛି ନୁହେଁ। ମାତ୍ର ଭଗବାନଙ୍କଠୁ ବି କମ୍ ନୁହେଁ।

ପ୍ରତି ଓଡ଼ିଆ ଧନୀ ହେଲେ ଯାଇଁ ଓଡ଼ିଆ ଅସ୍ମିତା ପ୍ରତିଷ୍ଠା ହୋଇପାରିବ। ସେ କାହାପାଖରେ ହାତ ପାତିବ ନାହିଁ। ସେ ମଧ୍ୟ ଅନ୍ୟ ରାଜ୍ୟ ଲୋକଙ୍କୁ ନିଜ ଧନ୍ଦାରେ କାମ କରାଇବ। ଏଥିପାଇଁ ସରକାରଙ୍କ ଗୁରୁ ଦାୟିତ୍ୱବୋଧ ରହିଛି। ସବୁଯୁଗରେ ସବୁ ସରକାରଙ୍କର ବଡ଼ ଆହ୍ୱାନ ହେଉଛି ସମ୍ବଳ ସୀମିତତା। ମାତ୍ର ଯେଉଁ ସରକାର ସୀମିତ ସମ୍ବଳର ସଦୁପଯୋଗ କରିପାରେ ଉତ୍ପାଦକତା ବୃଦ୍ଧି ପାଇଁ, ସେ ରାଜ୍ୟ ବା ଦେଶ ପ୍ରଗତି କରେ। ମାତ୍ର ଓଡ଼ିଶାରେ ଦ୍ରବ୍ୟ ଓ ରୋଜଗାର ସୃଷ୍ଟି ଉଦ୍ଦେଶ୍ୟରେ ପୁଞ୍ଜି ନିବେଶ ନ ହୋଇ ଭୋଟ ପକ୍କା କରିବା ପାଇଁ ସରକାର ପରେ ସରକାର ପୁଞ୍ଜି ନିବେଶ କରି ଚାଲିଛନ୍ତି, ଯାହାର ଫଳସ୍ୱରୂପ ରାଜକୋଷରୁ ଅର୍ଥ ଯାଉଛି, ମାତ୍ର ବେରୋଜଗାରୀ ବଢୁଛି। କୃଷି ଆୟ କମୁଛି ଏବଂ ରାଜ୍ୟରେ ଫସଲ ସଘନତା ମାତ୍ରା ହ୍ରାସ ପାଉଛି। ଭୋଟ ରାଜନୀତିରେ ଟଙ୍କା ବାଣ୍ଟିଲେ ଭୋଟବ୍ୟାଙ୍କ ପକ୍କା ହୋଇଯିବ, ମାତ୍ର ଓଡ଼ିଆ ଧନୀ ହୋଇ ପାରିବ ନାହିଁ।

ଅତୀତରେ ଆମେ ବିଦେଶ ଯାଉଥିଲୁ। ଅନ୍ୟମାନେ ଆମଠୁ ଧନ ନେବା ପାଇଁ ଆମକୁ ଜୟ କରିବାକୁ ଚାହୁଁଥିଲେ। ବର୍ତ୍ତମାନ ପଞ୍ଜାବୀ ଓ କେରଳୀ ବିଦେଶ ଯିବାର ସ୍ୱପ୍ନ ଦେଖୁଥିବା ବେଳେ ଅଧିକାଂଶ ଓଡ଼ିଆ ଯୁବବର୍ଗ ବିପିଏଲ ମଦ୍ୟ ପାନରେ ନିଜର ଭବିଷ୍ୟତ ଖୋଜୁଛନ୍ତି। ଅତ୍ୟନ୍ତ ଦୁର୍ଭାଗ୍ୟଜନକ ସ୍ଥିତି। ଆମ ସରକାର, ଶିକ୍ଷାନୁଷ୍ଠାନ, ଗଣମାଧ୍ୟମ, ବୁଦ୍ଧିଜୀବୀ ସମସ୍ତେ ମିଶି ଆମ ଯୁବବର୍ଗଙ୍କର ଚାକିରି କରିବା ମନୋବୃତ୍ତିକୁ ପରିବର୍ତ୍ତନ କରି ରୋଜଗାର କରିବାରେ ମନୋନିବେଶ ପାଇଁ ସେମାନଙ୍କୁ ପ୍ରବର୍ତ୍ତାଇବାକୁ ପଡ଼ିବ। ସେଥିପାଇଁ ଏକ ବଡ଼ ସାମାଜିକ ପରିବର୍ତ୍ତନର ଆବଶ୍ୟକତା ରହିଛି।

ଭୁବନେଶ୍ୱର, ମୋ: ୮୯୧୭୪୨୬୪୪୦

## ପ୍ରଶ୍ୱାସରେ ବିଷ

ତୁଷାର ରଞ୍ଜନ ସାହୁ

ଶୀତରତୁ ଆରମ୍ଭ ହୋଇଗଲାଣି। ବିବାହ ଓ ଅନ୍ୟାନ୍ୟ କାର୍ଯ୍ୟକ୍ରମ ପାଇଁ ବାଣ ଓ ତତ୍‌ଜନିତ ବିଭିନ୍ନ ସାମଗ୍ରୀର ବ୍ୟବହାର ବାୟୁରେ ବିଷାକ୍ତ କଣିକା ସବୁ ଆଚ୍ଛାଦିତ କରିଦେଲାଣି। ଏହିପରି ଏକ ସମୟରେ ଆମ ସମସ୍ତଙ୍କ ପାଇଁ ବିଶୁଦ୍ଧ ପବନ ଟିକିଏ ପାଇବା କାଠିକର ପାଠ ହୋଇଗଲାଣି କହିଲେ ଅତ୍ୟୁକ୍ତି ହେବନାହିଁ। କଟକ-ଭୁବନେଶ୍ୱର ଦ୍ୱୈତନଗରୀ ପ୍ରଦୂଷଣର ପାରଦରେ ସବୁଠୁ ଶୀର୍ଷରେ ରହିଛି। ଆମେ ସବୁ ଯେଉଁ ବାଣ ବ୍ୟବହାର କରିଥାଉ, ସେଥିରେ କପର, କ୍ୟାଡମିୟମ, ଜିଙ୍କ, ଲିଡ, ମାଗ୍ନେସିୟମ, ସୋଡିୟମ ଆଦି ରାସାୟନିକ (କେମିକାଲ) ବ୍ୟବହାର ହେଉଛି। ଏହି ବାଣ ପୋଡ଼ିଲେ ସେଥିରୁ ବାହାରୁଛି ବିଷାକ୍ତ ଅଙ୍ଗାରକାମ୍ଳ (କାର୍ବନ ଡାଇଅକ୍ସାଇଡ), ସଲଫର ଡାଇଅକ୍ସାଇଡ, ନାଇଟ୍ରୋଜେନ ଡାଇଅକ୍ସାଇଡ, କାର୍ବନ ମନୋକ୍ସାଇଡ, ହାଇଡ୍ରୋ କାର୍ବନ, ଚାରକୋଲ ବାଷ୍ପ। ଆକାଶକୁ ରଙ୍ଗୀନ କରିବା ପାଇଁ ବାଣରେ ବ୍ୟବହୃତ ରାସାୟନିକ ପଦାର୍ଥରୁ ନିର୍ଗତ ଗ୍ୟାସ କ୍ୟାନସର ଭଳି ଭୟଙ୍କର ରୋଗକୁ ବଢ଼ାଇଥାଏ। ଏସବୁ ବାଷ୍ପ ଧୂଳିକଣା ସହ ମିଶି ବାୟୁମଣ୍ଡଳରେ ଏକ ଅସୁସ୍ଥକର ବାତାବରଣ ସୃଷ୍ଟି କରିଥାଏ।

ଏହାର ପ୍ରଭାବ ଦ୍ୱାରା ଅଙ୍ଗାରକାମ୍ଳ ପରିମାଣ ବାୟୁମଣ୍ଡଳରେ ବଢ଼ିଲେ ମୁଣ୍ଡ ବ୍ୟଥା ସହ ଧଇଁସଇଁ, ମାନ୍ଦା ଲାଗିପାରେ। ବେଳେ ବେଳେ ଶରୀରରେ ଆକସ୍ମିକ ପୀଡ଼ା ଅନୁଭବ ହୁଏ। ଅଚାନକ ରକ୍ତଚାପ ବଢ଼ିଯାଏ। ଏମିତିକି କେବେ କେବେ କୋମା, ଆସଫିକ୍ସିଆ, କନଭୁଲସନ ହାତ, ଗୋଡ଼, ଆଙ୍ଗୁଠି ଯେମିତି ନିର୍ଦ୍ଦିଷ୍ଟ ଅବସ୍ଥାରେ ଅଟକିଯାଏ। କାର୍ବନ ମନୋକ୍ସାଇଡ ଗ୍ୟାସ ଉଭୟ ମଣିଷ, ପଶୁପକ୍ଷୀଙ୍କୁ ପ୍ରଭାବିତ କରେ। ଏହା ରକ୍ତରେ ଅମ୍ଳଜାନ ପ୍ରବାହର କ୍ଷମତାକୁ କମାଇଦିଏ। ଶରୀରର ବିଭିନ୍ନ କୋଷ, ହୃଦୟ, ମସ୍ତିଷ୍କ ସମେତ ବିଭିନ୍ନ ଅଙ୍ଗକୁ ଅମ୍ଳଜାନ ପ୍ରବାହ କମିଯାଏ। ଏଥିରେ ହୃଦରୋଗୀଙ୍କ ସ୍ଥିତି ସଙ୍କଟାପନ୍ନ ହୋଇପାରେ। ସଲଫର ଡାଇଅକ୍ସାଇଡ ଗ୍ୟାସ ସମ୍ପୂର୍ଣ୍ଣ ଶ୍ୱାସକ୍ରିୟାକୁ ପ୍ରଭାବିତ କରିଥାଏ। ବିଶେଷକରି ଫୁସଫୁସକୁ ଆକ୍ରାନ୍ତ କରେ। ଅଚାନକ କାଶ ବଢ଼ିପାରେ। ଛାତିରେ ଯନ୍ତ୍ରଣା ହୁଏ। ଆଜମା ଓ ଶ୍ୱାସଜନିତ ବିଭିନ୍ନ ରୋଗରେ ଆକ୍ରାନ୍ତଙ୍କ ସ୍ଥିତି ସଙ୍କଟାପନ୍ନ ହୋଇପାରେ। ବ୍ଲାକ ପାଉଡର ମଧ୍ୟ ବେଶ କ୍ଷତିକାରକ। ଛାତି ରୋଗ ସହ, ଆଜମା, ଫୁସଫୁସ କ୍ୟାନସର ରୋଗକୁ ଏହା ବଢ଼ାଏ। ପରିବେଶକୁ ବ୍ୟାପକ କ୍ଷତାକ୍ତ କରିଥାଏ।

ଦେଶରେ ସଡ଼କ ଦୁର୍ଘଟଣା ଓ ହୃଦରୋଗ ପରେ ସର୍ବାଧିକ ମୃତ୍ୟୁ କ୍ରୋନିକ ଅବଷ୍ଟ୍ରକଟିଭ ପଲମୋନାରି ଯୋଗୁଁ ହେଉଛି। ଏହା ଏକ ଶ୍ୱାସଜନିତ ରୋଗ। ଏଥିରେ ଫୁସଫୁସ କ୍ଷତିଗ୍ରସ୍ତ ହୋଇ ସଙ୍କଟାପନ୍ନ ସ୍ଥିତି ସୃଷ୍ଟି କରେ। ଧୂମପାନ ଓ ବାୟୁ ପ୍ରଦୂଷଣ ଏହାର ପ୍ରମୁଖ କାରଣ। ଧୂଆଁ ଶ୍ୱାସ ରୋଗୀଙ୍କ ପାଇଁ ସବୁବେଳେ ଖରାପ। ଅତ୍ୟଧିକ ନିର୍ମାଣ କାର୍ଯ୍ୟରୁ ନିର୍ଗତ ଧୂଳି, ଗୋଡ଼ି ମୋଟର ଧୂଆଁକୁ ମଣିଷ ପ୍ରତିଦିନ ପ୍ରଶ୍ୱାସରେ ଗ୍ରହଣ କରୁଛି। ଏହା ସ୍ୱାସ୍ଥ୍ୟକୁ ଖରାପ କରୁଥିବା ବେଳେ ଦୀପାବଳିର ପ୍ରବଳ ଆତସବାଜିକୁ ନିର୍ଗତ ଧୂଆଁ ଆହୁରି ସ୍ୱାସ୍ଥ୍ୟ ବିଗାଡ଼ିବ। ଦୀପାବଳିରେ ସାପବାଣ, ଚାଇନା ଲଙ୍କା ବାଣରୁ ବେଶି ଧୂଆଁ ଓ ପ୍ରଦୂଷଣ ସୃଷ୍ଟି ହୋଇଥାଏ। ସମୟ ଆସିଛି, ଆମକୁ ଚେତିବାକୁ ପଡ଼ିବ।

ସେହିପରି ଅନାବଶ୍ୟକ ଶବ୍ଦ ସୃଷ୍ଟି 'ଶବ୍ଦ ପ୍ରଦୂଷଣ'ର ବଡ଼ କାରଣ। ଏନଭାର୍ନମେଣ୍ଟ ପ୍ରୋଟେକ୍ସନ ରୁଲସ୍ - ୧୯୯୯ ଅନୁଯାୟୀ ଶବ୍ଦ ସ୍ତର ୧୨୫ ଡେସିବଲ ପର୍ଯ୍ୟନ୍ତ ଦୋଷାବହ ନୁହେଁ। ଅତି ଜୋରରେ ହେଉଥିବା ଶବ୍ଦ ପ୍ରଦୂଷଣ ଶିଶୁ, ବୃଦ୍ଧ, ରୁଗଣ ବ୍ୟକ୍ତିମାନଙ୍କର ବିଶେଷ କ୍ଷତି କରେ। ଉଚ୍ଚ ରକ୍ତଚାପ, ଅତ୍ୟଧିକ ମାନସିକ ଚାପ ବୃଦ୍ଧି ସହ ଏହା ନିଦ୍ରାହୀନତା, ଶ୍ରବଣଶକ୍ତି ହ୍ରାସ ବା ବଧିରତା ପରି ବହୁ ସମସ୍ୟା ସୃଷ୍ଟି କରିଥାଏ। ବଡ଼ ବଡ଼ ସହରରେ ଟ୍ରାଫିକ ବା ଯାନବାହନର ଶବ୍ଦ ଏଭଳି ପ୍ରଦୂଷଣର ଏକ ମୁଖ୍ୟ କାରଣ। ବିଭିନ୍ନ ଶିଳ୍ପସଂସ୍ଥା, କଳକାରଖାନା, ବସ୍, ଟ୍ରକ, ଟ୍ରାକ୍ଟର, ମୋଟର ସାଇକେଲର ଶବ୍ଦ, ଉଡ଼ାଜାହାଜ, ଘର ତିଆରି ଶବ୍ଦ, ବାଣ ଫୁଟାଇବା, ଡାକବାଜି ଯନ୍ତ୍ର ଇତ୍ୟାଦି ଏହି ପ୍ରଦୂଷଣ ସୃଷ୍ଟି କରିଥା'ନ୍ତି। ଘର ଭିତରେ ମଧ୍ୟ ରେଡିଓ, ଟିଭି, ମ୍ୟୁଜିକ ସିଷ୍ଟମ ଜୋରରେ ବଜାଇବା ଦ୍ୱାରା ଶବ୍ଦ ପ୍ରଦୂଷଣ ଘଟିଥାଏ। ଅବଶ୍ୟ ରାସ୍ତାଘାଟ, ଘର ତିଆରି ଶବ୍ଦ ନିର୍ଗମନ ସ୍ତର ଉପରେ ସରକାରୀ କଟକଣା ରହିଛି। କେନ୍ଦ୍ର ପ୍ରଦୂଷଣ ନିୟନ୍ତ୍ରଣ ବୋର୍ଡ ବିଭିନ୍ନ ସ୍ଥାନ ପାଇଁ ନିର୍ଦ୍ଦିଷ୍ଟ ଶବ୍ଦ ସ୍ତର ଅନୁମୋଦନ କରିଛନ୍ତି।

ସହରରେ ଗାଡ଼ିମୋଟରର ଧୂଆଁ, ରାସ୍ତା ଖୋଳାତଡ଼ା, ନିର୍ମାଣ କାର୍ଯ୍ୟ ବୃଦ୍ଧି ଯୋଗୁଁ ବାୟୁ ପ୍ରଦୂଷଣ ଏବେ ବି ଚିନ୍ତାଜନକ ସ୍ଥିତିରେ ରହିଛି। ଦୀପାବଳି ଓ ବିବାହ କିମ୍ବା କୌଣସି ସାଂସ୍କୃତିକ କାର୍ଯ୍ୟକ୍ରମରେ ମନଇଚ୍ଛା ବାଣ ଫୁଟାଇଲେ ସ୍ଥିତି ଆହୁରି ବିଗିଡ଼ି ଯାଇଥାଏ। ଏହା ଫୁସଫୁସକୁ ଗଭୀର ଭାବେ ପ୍ରଭାବିତ କରିଥାଏ, ଯାହାଦ୍ୱାରା ଆଜମା ରୋଗୀଙ୍କ ସମସ୍ୟା ବଢ଼ିଥାଏ। ବାରୁଦ ଗନ୍ଧ ଓ ଧୂଆଁ ଯୋଗୁଁ ଆଖି, କାନ, ଚର୍ମରେ ଯନ୍ତ୍ରଣା, ଅସ୍ୱସ୍ତିକର ଲାଗିପାରେ। ଏହା ଗୃହପାଳିତ ପଶୁ, ପକ୍ଷୀଙ୍କ ପାଇଁ ମଧ୍ୟ ବିପଦ। ଗାଈଗୋରୁ, ବୁଲା କୁକୁର ମଧ୍ୟ ଆମ ପାଇଁ ଯନ୍ତ୍ରଣା ଭୋଗିବେ, ଅସୁସ୍ଥ ହେବେ। ବିଭିନ୍ନ ବାଣର ପ୍ରଚଣ୍ଡ ଶବ୍ଦ ବି ହୃଦଘାତ, ମସ୍ତିଷ୍କାଘାତର କାରଣ ହୋଇପାରେ। ବିଷାକ୍ତ ବାଷ୍ପ ଓ ଧୂଆଁ ସହ ପ୍ରଚଣ୍ଡ ଶବ୍ଦ ଗର୍ଭବତୀଙ୍କ ବିପଦ। ନବଜାତ, ଶିଶୁ, ବୟସ୍କଙ୍କ ପାଇଁ ଏହା ଅତି ମାରାତ୍ମକ। ଦୀପାବଳି ବାଣଫୁଟା ପରବର୍ତ୍ତୀ ଆବର୍ଜନା ଆଉ ଏକ ବଡ଼ ସମସ୍ୟା।

ତାପଜ ବିଦ୍ୟୁତକେନ୍ଦ୍ରଗୁଡ଼ିକରେ କୋଇଲା, ପେଟ୍ରୋଲିୟମ ଓ ପ୍ରାକୃତିକ ଗ୍ୟାସ ଆଦି ଜୀବାଶ୍ମ ଇନ୍ଧନକୁ ବ୍ୟବହାର କରି ତାପଶକ୍ତି ଉତ୍ପନ୍ନ କରାଯାଏ। ଜୀବାଶ୍ମ ଇନ୍ଧର ଦହନ ଯୋଗୁଁ ସେଥିରୁ ଅଙ୍ଗାରକାମ୍ଳ, କାର୍ବନ ମନୋକ୍ସାଇଡ, ନାଇଟ୍ରୋଜେନ ଅକସାଇଡ, ସଲଫର ଡାଇଅକସାଇଡ ଆଦି ଗ୍ୟାସ ଏବଂ ଅନେକ କ୍ଷୁଦ୍ରକଣିକା ନିର୍ଗତ ହୋଇଥାଏ। ଏସବୁ ସ୍ୱାସ୍ଥ୍ୟ ପାଇଁ ଅତ୍ୟନ୍ତ କ୍ଷତିକାରକ। ବାୟୁମଣ୍ଡଳରେ ଏହାକୁ ପରିମାଣ ବୃଦ୍ଧି ପାଇଲେ ଫୁସଫୁସରେ ସମସ୍ୟା, ଚର୍ମରୋଗ ଓ କର୍କଟ ରୋଗର କାରଣ ପାଲଟି ଥାଏ। ତାପଜ ବିଦ୍ୟୁତ କେନ୍ଦ୍ରରୁ ନିର୍ଗତ ପାଉଁଶ ଫୁସଫୁସକୁ ଆକ୍ରାନ୍ତ କରିଥାଏ। ପରିବେଶକୁ ପ୍ରଦୂଷିତ କରିଥାଏ। ଏକ ତଥ୍ୟ ମୁତାବକ ଆମ ଓଡ଼ିଶାରେ ଥିବା ସାତଟି ତାପଜ ବିଦ୍ୟୁତ କେନ୍ଦ୍ରରୁ ବାର୍ଷିକ ୨୫ ନିୟୁତ ମେଟ୍ରିକ ଟନ୍ ପାଉଁଶ ନିର୍ଗତ ହେଉଛି। ସେହିପରି ଅଙ୍ଗାରକାମ୍ଳ ହେଉଛି ଗ୍ଲୋବାଲ ୱାର୍ମିଂ ଏବଂ ତଜ୍ଜନିତ ଜଳବାୟୁ ପରିବର୍ତ୍ତନର ମୁଖ୍ୟ କାରଣ। ତେବେ ଜଳ ବିଦ୍ୟୁତ, ଆଣବିକ ବିଦ୍ୟୁତ୍ ସୌର ଶକ୍ତି ଓ ପବନ ଶକ୍ତି ଆଦିର ଉପଯୋଗ ହୋଇପାରିଲେ ପ୍ରଦୂଷଣର ମାତ୍ରା ହ୍ରାସ ପାଇପାରନ୍ତା।

ଏକଥା ନୁହେଁ ଯେ, ପ୍ରଦୂଷଣ ବାବଦରେ ଆମେ ଜାଣିନୁ। ଦିଲ୍ଲୀର ଭୟାନକ ପ୍ରଦୂଷଣ ସ୍ଥିତି ଜଳଜଳ ହୋଇ ଦିଶୁଛି। ତଥାପି ଆମର ଚିନ୍ତା ନାହିଁ। ଅନେକ ଭାବୁଛନ୍ତି, ଆମ ସ୍ଥିତି ଭଲ ଅଛି। ଆମର କିଛି ହେବନି। ଦିନକରେ କ'ଣ ପ୍ରଦୂଷଣ ମାଡ଼ିଯିବ ନା ଆକାଶ ଛିଣ୍ଡି ପଡ଼ିବ। ହେଲେ ମନେରଖିବା ଦରକାର ଆନନ୍ଦ ଦୁଃଖ ବା ବିପଦର କାରଣ ନ ହେଉ।

କଟକ, ମୋ: ୯୮୬୧୦୪୭୫୭୫

## ରାହୁ ମନ୍ଦିର

### ବିଚିତ୍ର ବିଶ୍ୱାସ

ଓଜସ୍ୱିନୀ

ପୌରାଣିକ କଥାନୁସାରେ ସାଗର ମନ୍ଥନରୁ ବାହାରିଥିବା ଅମୃତ କଳସରୁ ଦେବତାମାନେ ଅମୃତ ପାନ କରିବା ସମୟରେ ଜଣେ ଦାନବ ଛଳପୂର୍ବକ ଦିବ୍ୟରୂପ ଧାରଣ କରି ଦେବତାଙ୍କ ନିକଟରେ ବସିଯାଇଥିଲା। ଶ୍ରୀବିଷ୍ଣୁ ମୋହିନୀ ରୂପରେ ଅମୃତ ପ୍ରଦାନ କରୁଥିବା ବେଳେ ଉକ୍ତ ଦାନବ ମଧ୍ୟ ଅମୃତ ପାନ କରିବାର ସୌଭାଗ୍ୟ ପ୍ରାପ୍ତ ହୋଇଥିଲା। କିନ୍ତୁ ଶ୍ରୀବିଷ୍ଣୁ ଏହା ଜାଣିପାରି ସୁଦର୍ଶନ ଚକ୍ରରେ ଉକ୍ତ ଦାନବର ମସ୍ତକ ଛିନ୍ନ କଲେ। ଅମୃତ ପାନ କରିଥିବାରୁ ଦାଦବର ମୃତ୍ୟୁ ହୋଇ ନଥିଲା। ତା'ର ମସ୍ତକ ରାହୁ ଓ ଶରୀର କେତୁ ନାମରେ ଗ୍ରହାକାରରେ ଆସୁରିକ ଶକ୍ତିର ପ୍ରତୀକ ଭାବେ ରହିଛି। ତେଣୁ ଜ୍ୟୋତିଷ ଶାସ୍ତ୍ର ଅନୁସାରେ ନବଗ୍ରହଙ୍କ ସହିତ ରାହୁ ଓ କେତୁଙ୍କୁ ମଧ୍ୟ ମହତ୍ତ୍ୱ ପ୍ରଦାନ କରାଯାଇଛି। ଜ୍ୟୋତିଷଶାସ୍ତ୍ରରେ ରାହୁ ଓ କେତୁଙ୍କୁ ଦୁଷ୍ଟ ଗ୍ରହ ଭାବେ ବିଚାର କରି ବ୍ୟକ୍ତିର ଜୀବନରେ ତା'ର କୁପ୍ରଭାବକୁ ନିଷ୍ଫଳ କରିବା ପାଇଁ ଜ୍ୟୋତିଷମାନେ ବିଭିନ୍ନ ପ୍ରକାର ପୂଜାବିଧି ଏବଂ ଯଜ୍ଞାନୁଷ୍ଠାନ କରିବା ପାଇଁ ପରାମର୍ଶ ଦେଇଥା'ନ୍ତି। ରାହୁ ଗ୍ରହଙ୍କ ନକାରାତ୍ମକ ପ୍ରଭାବକୁ କମ୍ କରିବା ପାଇଁ ଭାରତର ଅନେକ ସ୍ଥାନରେ ରାହୁଙ୍କ ମନ୍ଦିର ମଧ୍ୟ ନିର୍ମାଣ କରାଯାଇଛି।

ଭାରତରେ ଥିବା ସମସ୍ତ ରାହୁ ମନ୍ଦିର ମଧ୍ୟରୁ ଦେବଭୂମି ଉତ୍ତରାଖଣ୍ଡର ପାଉରି ଜିଲ୍ଲା ଅନ୍ତର୍ଗତ ପେଠାଣୀ ନାମକ ଗ୍ରାମର ମନ୍ଦିର ସର୍ବମାନ୍ୟ। ଏହି ମନ୍ଦିର ସ୍ୟୋଲିଗାଡ଼ ନଦୀ (ରଥବାହିନୀ) ଓ ନାଭାଲିକା (ପଶ୍ଚିମୀ ନୟାର୍) ନଦୀର ସଙ୍ଗମ ସ୍ଥଳରେ ଅବସ୍ଥିତ। ସ୍କନ୍ଦ ପୁରାଣର କେଦାରଖଣ୍ଡରେ ମଧ୍ୟ ଏହି ମନ୍ଦିର ସମ୍ପର୍କିତ ବର୍ଣ୍ଣନା ରହିଛି। ରାହୁଙ୍କର ଗୋତ୍ର 'ପେଠିନସୀ' ଅନୁସାରେ ଗ୍ରାମର ନାମ ପେଠାଣୀ ହୋଇଛି ବୋଲି ଅନେକ ପୌରାଣିକ କଥା ଓ ଲୋକକଥା ଶୁଣିବାକୁ ମିଳିଥାଏ। ଏହି ମନ୍ଦିର ସମ୍ପର୍କରେ ମାନ୍ୟତା ରହିଛି ଯେ, ଯଦି କୌଣସି କାରଣରୁ ରାହୁଙ୍କ ପୂଜା ଖଣ୍ଡିତ ହେଲା କିମ୍ବା କୌଣସି ଭକ୍ତ ରାହୁଙ୍କ ପୂଜା ଭକ୍ତି ଓ ଶ୍ରଦ୍ଧା ସହକାରେ ନକଲା, ତା'ହେଲେ ମହାଦେବଙ୍କ କୋପଦୃଷ୍ଟି ପଡ଼ିଥାଏ। ତେଣୁ ଏଠାରେ ପୂଜାରୀ ଓ ଭକ୍ତମାନେ ବିଧିବିଧାନର ସହିତ ରାହୁଙ୍କ ପୂଜାର୍ଚ୍ଚନା କରିଥା'ନ୍ତି। ପଶ୍ଚିମମୁଖୀ ଏହି ମନ୍ଦିର ଭିତରେ ଶିବଲିଙ୍ଗ ସହିତ ରାହୁଙ୍କ ମସ୍ତକ ପ୍ରତିମା ପୂଜା ପାଉଛନ୍ତି। ମନ୍ଦିରର ଭିତର କାନ୍ଥଗୁଡ଼ିକରେ ଶ୍ରୀବିଷ୍ଣୁଙ୍କ ଦ୍ୱାରା କିଭଳି ଭାବେ ରାହୁଙ୍କ ମସ୍ତକ ଛିନ୍ନ ହୋଇଥିଲା, ତାହାର ଚିତ୍ର ଖୋଦେଇ କରାଯାଇଛି। ଏଠାରେ ମୁଗ ଖେଚୁଡ଼ି ଭୋଗ ଲାଗି କରାଯାଇଥାଏ। ଦୈନିକ ଭୋଗ ଓ ଅନ୍ନଛତ୍ରରେ ଏହି ମୁଗ ଖେଚୁଡ଼ିକୁ ଭକ୍ତମାନେ ରାହୁଙ୍କ ପ୍ରସାଦ ଭାବେ ଶ୍ରଦ୍ଧାର ସହିତ ଗ୍ରହଣ କରିଥା'ନ୍ତି।

ଏହି ମନ୍ଦିର ଏକ ନିର୍ଦ୍ଦିଷ୍ଟ ସ୍ଥାନରେ ନିର୍ମାଣ ପଛରେ ଗୋଟିଏ ପୌରାଣିକ କଥା ରହିଛି। ସୁଦର୍ଶନ ଚକ୍ର ଦ୍ୱାରା ଦାନବର ଶିର ଛେଦନ ପରେ ଶିର ଏହି ସ୍ଥାନରେ ପତିତ ହୋଇଥିଲା। ତେଣୁ ଏଠାରେ ମନ୍ଦିର ନିର୍ମାଣ କରାଯାଇଛି। ବିଶ୍ୱାସ କରାଯାଏ ଯେ, ଏହି ସ୍ଥାନରେ ଥିବା ବଡ଼ ବଡ଼ ପଥର ଖଣ୍ଡ ଭିତରେ ଆଜି ପର୍ଯ୍ୟନ୍ତ ରାହୁଙ୍କ ଛିନ୍ନ ମସ୍ତକ ପୋତି ହୋଇ ରହିଛି। ତେଣୁ ଏହି ସ୍ଥାନରେ ରାହୁଙ୍କର ପୂଜାର୍ଚ୍ଚନା କରିବା ଦ୍ୱାରା ଜାତକରେ ଥିବା ରାହୁଦୋଷ ଖଣ୍ଡନ ହୋଇଥାଏ। ଅନ୍ୟ ଏକ ପୌରାଣିକ କଥା ଅନୁସାରେ ଏହି ମନ୍ଦିରକୁ ପାଣ୍ଡବମାନେ ନିର୍ମାଣ କରିଥିଲେ। ପାଣ୍ଡବମାନେ ସ୍ୱର୍ଗାରୋହଣ ଯାତ୍ରା ସମୟରେ ରାହୁ ଦୋଷରୁ ମୁକ୍ତ ହେବା ପାଇଁ ଏହି ସ୍ଥାନରେ ମହାଦେବଙ୍କ ସହିତ ରାହୁଙ୍କ ପୂଜା କରିବା ପାଇଁ ଏହି ମନ୍ଦିର ନିର୍ମାଣ କରିଥିଲେ। ମନ୍ଦିର ନିର୍ମାଣ ସମ୍ପର୍କିତ ଅନ୍ୟ ଏକ ତଥ୍ୟ ମିଳେ ଯେ, ଆଦିଗୁରୁ ଶଙ୍କରାଚାର୍ଯ୍ୟ ଏହି ସ୍ଥାନ ଦେଇ ହିମାଳୟକୁ ଯାତ୍ରା କରୁଥିବା ସମୟରେ ତାଙ୍କୁ ଏଠାରେ ରାହୁଙ୍କର ପ୍ରକୋପ ଅଧିକ ଅନୁଭୂତ ହୋଇଥିଲା। ତେଣୁ ଆଦିଗୁରୁ ଶଙ୍କରାଚାର୍ଯ୍ୟ ରାହୁଙ୍କ ଦୁଃପ୍ରଭାବ ଶାନ୍ତ କରିବା ପାଇଁ ଏଠାରେ ମନ୍ଦିର ନିର୍ମାଣ କରି ବିଧିବିଧାନର ସହିତ ପୂଜା କରିଥିଲେ। ଆଉ କେତେକ ପୁରାଣ ମତାନୁସାରେ ଦୁଇନଦୀର ସଙ୍ଗମସ୍ଥଳରେ ହଜାର ହଜାର ବର୍ଷ ପର୍ଯ୍ୟନ୍ତ ରାହୁ ମହାଦେବଙ୍କ ତପସ୍ୟାରେ ଲୀନ ଥିଲେ। ତେଣୁ ମହାଦେବଙ୍କ ଆଶିଷ ଲାଭ କରିଥିବା ଏହି ପୁଣ୍ୟସ୍ଥଳରେ ରାହୁଙ୍କ ମନ୍ଦିର ନିର୍ମାଣ କରାଯାଇଥିଲା।

ପେଠାଣୀରେ ଥିବା ରାହୁଙ୍କ ଏହି ମୁଖ୍ୟ ମନ୍ଦିର ବ୍ୟତୀତ ଭାରତର ଅନ୍ୟ ୧୪ଟି ମନ୍ଦିରରେ ରାହୁକେତୁଙ୍କର ପୂଜାର୍ଚ୍ଚନା କରାଯାଏ। ଯଥା - ଶ୍ରୀକାଳହସ୍ତିଶ୍ୱର ମନ୍ଦିର, ତିରୁନାଗେଶ୍ୱରମ୍ ନାଗନାଥର ମନ୍ଦିର, ଶ୍ରୀନାଗନାଥସ୍ୱାମୀ କେତୁ ମନ୍ଦିର, ରାହୁକେତୁ ମନ୍ଦିର, ଶ୍ରୀନୀଳକଣ୍ଠେଶ୍ୱର ମନ୍ଦିର, ରାହୁକେତୁ ମନ୍ଦିର ରାହୁରି, ଶ୍ରୀରାହୁମୁନେଶ୍ୱର ମନ୍ଦିର, ରାହୁକେତୁ ଆଥି ଈଶ୍ୱରନ୍ ମନ୍ଦିର, ରାହୁ ନବଗ୍ରହ ଦେବତା ମନ୍ଦିର, ପମ୍ପୁରନାଥ ମନ୍ଦିର, ନାଗେଶ୍ୱର ମନ୍ଦିର, କୁନ୍ଦ୍ରାଥୁର ନାଗେଶ୍ୱର ମନ୍ଦିର ଓ ବିଶାରେଶ୍ୱର ମନ୍ଦିର।ପାଉଛନ୍ତି।

ଭୁବନେଶ୍ୱର, ମୋ: ୯୦୯୦୧୯୪୯୪୩

ସକାଳ
THE SAKALA
ଯୋଗାଯୋଗ ଠିକଣା
NEWS & INFO
news@thesakala.com
CIRCULATION
circulation@thesakala.com
ADVERTISEMENT
advt@thesakala.com
THE SAKALA
(A Unit of Nandighosha Network Pvt. Ltd.)
At: IDCO Plot No. 90 & 91, Bhagabanpur I/E, BBSR-751019
Ph.: 0674-2954342 | 2955342



ଦୈନିକ 'ସକାଳ' ଓ ଏହାର ବିଶେଷ ଅଧିପତ୍ର, ପତ୍ରିକା ଆଦିରେ ପ୍ରକାଶିତ ଆଲେଖ୍ୟର ଉଦ୍ଧୃତି, ତଥ୍ୟ, ମତାମତ, ବିଶ୍ଳେଷଣ ସମ୍ପୃକ୍ତ ଲେଖକଙ୍କ ସମ୍ପୂର୍ଣ୍ଣ ନିଜସ୍ୱ। ସେଥିପାଇଁ 'ସକାଳ' କର୍ତ୍ତୃପକ୍ଷ ଉତ୍ତରଦାୟୀ ହେବେ ନାହିଁ।

## ରାଜଭବନରେ ନବନିର୍ମିତ କଳିଙ୍ଗ ଅତିଥି ନିବାସର ଉଦ୍‌ଘାଟନ କଲେ ରାଷ୍ଟ୍ରପତି



ଭୁବନେଶ୍ୱର,୨୭ ।୧୧(ସମିସ): ଦୁଇ ଦିନିଆ ଗସ୍ତରେ ଓଡ଼ିଶା ଆସିଥିବା ରାଷ୍ଟ୍ରପତି ଦ୍ରୌପଦୀ ମୁର୍ମୁ ଗୁରୁବାର ରାଜଭବନ ପରିସରରେ ନବନିର୍ମିତ କଳିଙ୍ଗ ଅତିଥି ନିବାସର ଉଦ୍‌ଘାଟନ କରିଛନ୍ତି । ଉଦ୍‌ଘାଟନ ଉତ୍ସବରେ ରାଜ୍ୟପାଳ ଡ. ହରି ବାବୁ କମ୍ଭମ୍ ପାଟି, ରାଜ୍ୟପାଳଙ୍କ ସହଧର୍ମିଣୀ ଶ୍ରୀମତୀ ଜୟଶ୍ରୀ କମ୍ଭମ୍ ପାଟି, ମୁଖ୍ୟମନ୍ତ୍ରୀ ମୋହନ ଚରଣ ମାଝୀ, କେନ୍ଦ୍ର ଶିକ୍ଷାମନ୍ତ୍ରୀ ଧର୍ମେନ୍ଦ୍ର ପ୍ରଧାନ, କେନ୍ଦ୍ର ଆଦିବାସୀ ବ୍ୟାପାର ମନ୍ତ୍ରୀ ଜୁଏଲ ଓରାମ, ବାଚସ୍ପତି ସୁରମା ପାଢ଼ୀଙ୍କ ସମେତ ଅନ୍ୟାନ୍ୟ ମନ୍ତ୍ରୀ ଏବଂ ଉଚ୍ଚ ପଦାଧିକାରୀମାନେ ଯୋଗ ଦେଇଥିଲେ । ରାଜଭବନର ସବୁଜ ପରିବେଶ ମଧ୍ୟରେ ଅବସ୍ଥିତ କଳିଙ୍ଗ ଅତିଥି ନିବାସରେ ଓଡ଼ିଶାର ସମୃଦ୍ଧ ସାଂସ୍କୃତିକ ଐତିହ୍ୟ ଏବଂ ପାରମ୍ପରିକ ସ୍ଥାପତ୍ୟର ପ୍ରତିଫଳନ ହୋଇଛି । କଳିଙ୍ଗ ଅତିଥି ନିବାସରେ ବାହ୍ୟ ଏବଂ ଭିତର ପାର୍ଶ୍ୱ ଉଭୟ ଶାସ୍ତ୍ରୀୟ ଓଡ଼ିଆ କାରିଗରୀ ଆଧାରିତ ମୋଟିଫ୍, ଭାସ୍କର୍ଯ୍ୟ ଏବଂ ଡିଜାଇନ୍ ପ୍ରଦର୍ଶିତ କରାଯିବା ସହ ପ୍ରତ୍ୟେକ କୋଠରିକୁ ଓଡ଼ିଶାର ପରିଚୟ ଏବଂ ସାଂସ୍କୃତିକ ଐତିହ୍ୟକୁ ପ୍ରତିଫଳିତ କରିବା ପାଇଁ ଚିନ୍ତନଶୀଳ ଭାବରେ ଡିଜାଇନ୍ କରାଯାଇଛି । ପୂର୍ବରୁ ରାଷ୍ଟ୍ରପତି ଶ୍ରୀମତୀ ମୁର୍ମୁ ଏହି ପ୍ରକଳ୍ପର ଭିତ୍ତିପ୍ରସ୍ତର ସ୍ଥାପନ କରିଥିଲେ ।

## ତହସିଲଦାରଙ୍କୁ ଆକ୍ରମଣ ଘଟଣାରେ ଆଉ ୬ ଗିରଫ

■ ଟାସ୍କଫୋର୍ସ ପକ୍ଷରୁ ୮ଟି ସ୍ଥାନରେ ଚଢ଼ଉ
■ ୧୧ଲକ୍ଷ ଟଙ୍କାର ଜବତ ବାଲି ନିଲାମ

ବାରିପଦା, ୨୭ ।୧୧(ସମିସ): ଚୋରା ବାଲି ବୋଝେଇ ଟ୍ରାକ୍ଟର ଜବତ ପାଇଁ ବେତନଟୀ ତହସିଲଦାର ଓ ତାଙ୍କ କର୍ମଚାରୀଙ୍କୁ ଆକ୍ରମଣ ଘଟଣାରେ ଗୁରୁବାର ପୁଲିସ ପୁଣି ୬ଜଣଙ୍କୁ ଗିରଫ କରିଛି । ଫଳରେ ଗିରଫ ଅଭିଯୁକ୍ତଙ୍କ ସଂଖ୍ୟା ୯ରେ ପହଞ୍ଚିଛି । ସେମାନେ ହେଲେ, ବଡ଼ସାହି ଥାନା ଅଧୀନ କୁଳିଅଣା ଗ୍ରାମର ସୁମନ୍ତ ନାୟକ (୪୦), ରାଜୀବ ଲୋଚନ ସେନାପତି (୩୦), ଦୁର୍ଗା ଚରଣ କୁଅଁର (୨୪), ନିଶ୍ଚିନ୍ତପୁର ଗ୍ରାମର ଦେବାଂଶୁ ଜେନା (୩୪), ବୈଶିଙ୍ଗା ଥାନା ଜାମନଣ୍ଡା ଗ୍ରାମର ପ୍ରଦ୍ୟୁମ୍ନ ବେହେରା (୨୧) ଓ ଖୁଣ୍ଟା ଥାନା ଅଧୀନ ବଡ଼ଫେଣୀ ଗ୍ରାମର ବିସ୍ମୟ ରଞ୍ଜନ ମହାନ୍ତ (୪୦) । ସମସ୍ତ ଅଭିଯୁକ୍ତଙ୍କୁ ଶୁକ୍ରବାର କୋର୍ଟ ଚାଲାଣ କରାଯିବ ।

ଏହି ଘଟଣାରେ ପୂର୍ବରୁ ମାଷ୍ଟର ମାଇଣ୍ଡ ବାଲିମାଫିଆ ବଡସାହି ଥାନା ଅଧୀନ ବର୍ଡନା ଗ୍ରାମର ବାବୁଛୁଆ ଓରଫ ପ୍ରଶାନ୍ତ ଗାଅାଣ (୩୬), ତାଙ୍କ ସାନଭାଇ ସୁଶାନ୍ତ ଗାଅାଣ (୩୨) ଏବଂ ବାରିପଦା ଟାଉନଥାନା ଅଧୀନ ଶୁନଗଡିଆର ମୁନା ଓରଫ ମୁଖାହାଲ ହୁସେନ (୩୫)କୁ ଗିରଫ କରି କୋର୍ଟ ଚାଲାଣ କରାଯାଇଥିଲା ।

ଅପରପକ୍ଷରେ ଘଟଣା ଘଟିବା ଦିନଠାରୁ ଜିଲ୍ଲାପାଳ ହେମକାନ୍ତ ସଏ ଓ ଏସପି ବରୁଣ ଗୁଣ୍ଟୁପାଲ୍ଲିଙ୍କ ନିର୍ଦ୍ଦେଶରେ ଜିଲ୍ଲାର ବିଭିନ୍ନ ସ୍ଥାରେ ଟାସ୍କଫୋର୍ସ ଟିମର ଚଢ଼ଉ ଜାରି ରହିଛି । ସଦର ଉପଜିଲ୍ଲାପାଳ ଡ. ଦୟାସିନ୍ଧୁ ପରିଡାଙ୍କ ନେତୃତ୍ୱରେ ୨ ଦିନରେ ବୁଢ଼ାବଳଙ୍ଗ ନଦୀର ବଡସାହି, ବେତନଟୀ ଓ ବାରିପଦା ତହସିଲ ଅଞ୍ଚଳର ୮ଟି ସ୍ଥାନରେ ଚଢଉ କରାଯାଇ ଏକ ଜେସିବି ମେସିନ ଜବତ ହୋଇଛି । ସେହିପରି ଦାବିଦାର ନଥିବା ଗଚ୍ଛିତ ବାଲିକୁ ଜବତ ପୂର୍ବକ ନିଲାମ କରାଯିବା ପରେ ସରକାରୀ ତହବିଲକୁ ୧୧ଲକ୍ଷ ଟଙ୍କା ଆସିଛି । ଆଗାମୀ ଦିନରେ ମଧ୍ୟ ଏଭଳି ଚଢଉ ଜାରି ରହିବ ବୋଲି ଡ ପରିଡା ସୂଚନା ଦେଇଛନ୍ତି । 'ମୟୂରଭଞ୍ଜ କିଙ୍ଗ୍' ବାଲି ଚୋରଙ୍କ ହ୍ୱାଟ୍ସଆପ୍ ଗ୍ରୁପ ଆଡମିନ ମୁନା ଗିରଫ ପରେ ଏକାଧିକ ହ୍ୱାଟ୍ସ ଆପ୍ ଗ୍ରୁପ୍ ବର୍ତ୍ତମାନ ବନ୍ଦ ହୋଇଥିବାରୁ ଟାସ୍କଫୋର୍ସଙ୍କ ଗତିବିଧି ନେଇ ମାଫିଆମାନେ କୌଣସି ସୁରାକ୍ ପାଇପାରୁନାହାନ୍ତି । ପ୍ରଶାସନର କଡା ଆଭିମୁଖ୍ୟ ପାଇଁ ସମସ୍ତ ସ୍ଥାନରେ ଦୁଇଦିନ ଧରି ଚୋରାବାଲି କାରବାର ବନ୍ଦ ହୋଇଯାଇଛି । ଯାହାର ସିଧା ପ୍ରତିଫଳନ ଉନ୍ନୟନ କାର୍ଯ୍ୟ ଅଗ୍ରଗତିରେ ବାଧା ପହଞ୍ଚାଇଛି । ମୁଖ୍ୟ ସରକାରୀ ନିଲାମ ସଇରାତଗୁଡିକ ନଦୀରେ ପାଣି ଥିବାରୁ କାର୍ଯ୍ୟାରମ୍ଭ କରି ନଥିବାରୁ ବାଲି ଏବେ ମହରଗ ହୋଇଛି ।

## ଏସସିବିରେ ଓପନ୍ ହାର୍ଟ ସର୍ଜରୀ ମୃତ୍ୟୁହାର ହ୍ରାସ ପାଇଁ ପଦକ୍ଷେପ ନିଅ :ହାଇକୋର୍ଟ

**ଜାତୀୟ ହାର ୭ ପ୍ରତିଶତ ସ୍ଥଳେ ଏସସିବିରେ ୧୭ ପ୍ରତିଶତ**

କଟକ,୨୭ ।୧୧(ସମିସ): ଏସ୍‌ସିବି ମେଡିକାଲ କଲେଜ ଓ ହସ୍ପିଟାଲର କାର୍ଡିଓ ଥେରାସିସ୍ ଭସ୍କୁଲାର ସର୍ଜରୀ ବିଭାଗରେ ରୋଗୀମାନଙ୍କର ହୋଇଥିବା ଓପନ ହାର୍ଟ ସର୍ଜରୀ ସମ୍ପର୍କିତ ସମସ୍ୟାକୁ ହାଇକୋର୍ଟ ଗୁରୁତ୍ୱର ସହ ଗ୍ରହଣ କରି ଶୁଣାଣି କରିଆସୁଛନ୍ତି । ଏଠାରେ ଓପନହାର୍ଟ ସର୍ଜରୀ ମୃତ୍ୟୁହାର ଜାତୀୟ ହାରଠାରୁ ଯଥେଷ୍ଟ ଅଧିକ ରହିଥିବା ନେଇ ହାଇକୋର୍ଟ ଉଦବେଗ ପ୍ରକାଶ କରିବା ସହ ଏହାକୁ କିଭଳି ହ୍ରାସ କରାଯାଇପାରିବ, ସେ ଦିଗରେ ଆବଶ୍ୟକ ପଦକ୍ଷେପ ନେବାକୁ ରାଜ୍ୟ ସରକାରଙ୍କ ସ୍ୱାସ୍ଥ୍ୟ ଓ ପରିବାର କଲ୍ୟାଣ ବିଭାଗକୁ ନିର୍ଦ୍ଦେଶ ପ୍ରଦାନ କରିଛନ୍ତି । କଟକ ସହର ସମସ୍ୟା ଶୁଣାଣି ବେଳେ ଜଷ୍ଟିସ ସଂଗମ କୁମାର ସାହୁ ଓ ଜଷ୍ଟିସ ଭି.ନରସିଂହଙ୍କୁ ନେଇ ଗଠିତ ଖଣ୍ଡପୀଠ ଏପରି ନିର୍ଦ୍ଦେଶ ପ୍ରଦାନ କରିଛନ୍ତି । ମାମଲାର ପରବର୍ତ୍ତୀ ଶୁଣାଣି ସମୟରେ ଏ ସମ୍ପର୍କିତ ପଦକ୍ଷେପ ସଂକ୍ରାନ୍ତରେ ଜଣାଇବାକୁ କହିଛନ୍ତି ଖଣ୍ଡପୀଠ ।

ମାମଲା ଶୁଣାଣି ବେଳେ ଏସସିବି ମେଡିକାଲ ଅଧୀକ୍ଷକଙ୍କ ପକ୍ଷରୁ ଦାଖଲ ରିପୋର୍ଟ ଉପସ୍ଥାପନ ହୋଇଥିଲା । ସେଥିରେ, ଗତ ଜାନୁଆରିରୁ ଅଗଷ୍ଟ ମାସ ମଧ୍ୟରେ ଏସସିବି ମେଡିକାଲ କଲେଜ ଓ ହସପିଟାଲର କାର୍ଡିଓ ଥେରାସିସ ଭସ୍କୁଲାର ସର୍ଜରୀ ବିଭାଗରେ ରୋଗୀମାନଙ୍କର ହୋଇଥିବା ଓପନ ହାର୍ଟ ସର୍ଜରୀ ମୃତ୍ୟୁହାର ୩୧ପ୍ରତିଶତ ଥିଲା । ତେବେ ସେପ୍ଟେମ୍ବର-ଅକ୍ଟୋବରରେ ଏହା ୧୭ପ୍ରତିଶତକୁ ହ୍ରାସ ପାଇଥିବା କୁହାଯାଇଥିଲା । ଏହି ସମୟରେ ମୋଟ ୨୯ଜଣଙ୍କ ସର୍ଜରୀ ହୋଇଥିବା ବେଳେ ୫ଜଣ ମୃତ୍ୟୁବରଣ କରିଥିବା କୁହାଯାଇଥିଲା । ତେବେ ଜାତୀୟ ସ୍ତରରେ ଏଭଳି ଓପନହାର୍ଟ ସର୍ଜରୀ ମୃତ୍ୟୁ ହାର ମାତ୍ର ୫ରୁ୭ ପ୍ରତିଶତ ଥିବା ବେଳେ ଏଠାରେ ୧୭ ପ୍ରତିଶତ ରହିବା ନେଇ ଅଦାଲତ ଉଦବେଗ ପ୍ରକାଶ କରିଥିଲେ । ତେବେ ଏସସିବି ମେଡିକାଲରୁ ୭ଦିନିଆ ପ୍ରଶିକ୍ଷଣ ନିମନ୍ତେ ଦିଲ୍ଲୀ ଏମ୍ସକୁ ଡାକ୍ତର ଓ ପାରାମେଡିକାଲ କର୍ମଚାରୀ ଯିବେ ଓ ଏମ୍ସରୁ କେତେକ ବିଶେଷଜ୍ଞ ଏଠାକୁ ଆସି ମାର୍ଗଦର୍ଶନ କରିବେ ବୋଲି ସରକାରଙ୍କ ପକ୍ଷରୁ ଅବଗତ କରାଯାଇଥିଲା । ଏ ସମ୍ପର୍କରେ ଏମ୍ସ ନିର୍ଦ୍ଦେଶକଙ୍କୁ ମଧ୍ୟ ଚିଠି ହୋଇଥିବା କୁହାଯାଇଥିଲା । ସେହିଭଳି ବିଭାଗୀୟ ମୁଖ୍ୟଙ୍କ ତରଫରୁ ଓପନହାର୍ଟ ସର୍ଜରୀ ପାଇଁ ବିଶେଷଜ୍ଞ ହୃଦ ରୋଗ ନିଶ୍ଚେତକଙ୍କ ଆବଶ୍ୟକତା ରହିଥିବା ନେଇ ଅଦାଲତଙ୍କ ଦୃଷ୍ଟି ଆକର୍ଷଣ କରାଯାଇଥିଲା । ଏହି ପ୍ରସଙ୍ଗରେ ମଧ୍ୟ ପରବର୍ତ୍ତୀ ଶୁଣାଣି ସମୟରେ ତଥ୍ୟ ଉପସ୍ଥାପନ ପାଇଁ କହିଛନ୍ତି ହାଇକୋର୍ଟ ।

ପ୍ରକାଶଥାଉକି ଗତ ୨୦୨୩ରେ ଓପନ ହାର୍ଟ ସର୍ଜରୀ ହୋଇଥିବା ୧୬୫ଜଣଙ୍କ ମଧ୍ୟରୁ ୧୫ଜଣଙ୍କର ମୃତ୍ୟୁ ହୋଇଥିବା ଦର୍ଶାଯାଇଥିଲା । ସେହିଭଳି ୨୦୨୪ରେ ୧୩୫ଜଣଙ୍କ ମଧ୍ୟରୁ ୨୪ଜଣ ଓ ୨୦୨୫ ଜାନୁଆରିରୁ ଅଗଷ୍ଟ ମଧ୍ୟରେ ମାତ୍ର ୮୫ ଜଣଙ୍କ ମଧ୍ୟରୁ ୨୬ଜଣ ରୋଗୀଙ୍କ ଓପନ ହାର୍ଟ ସର୍ଜରୀ ପରେ ମୃତ୍ୟୁ ଘଟିଥିଲା ବୋଲି ପୂର୍ବ ସତ୍ୟପାଠରେ କୁହାଯାଇଥିଲା ।

■ ଅଭିଯୋଗ ସମାଧାନରେ ଅବହେଳା

## ୩୬ ଅଧିକାରୀଙ୍କ ଦରମା ବନ୍ଦ ପାଇଁ ଜିଲ୍ଲାପାଳ ଚିଠି ଲେଖିଲେ

କଟକ,୨୭ ।୧୧(ସମିସ): ମୁଖ୍ୟମନ୍ତ୍ରୀଙ୍କ ଅଭିଯୋଗ ପ୍ରକୋଷ୍ଠକୁ ଯାଇଥିବା ଅଭିଯୋଗଗୁଡ଼ିକୁ ନିର୍ଦ୍ଦିଷ୍ଟ ସମୟସୀମା ଭିତରେ ସମାଧାନ ନ କରିବା କଟକ ଜିଲ୍ଲାର ୩୬ଜଣ ଅଧିକାରୀଙ୍କ ପାଇଁ ମହଙ୍ଗା ପଡିଛି । ଅଭିଯୋଗ ସମାଧାନରେ ଅବହେଳା ପାଇଁ କଟକ ଜିଲ୍ଲାର ୩୬ଜଣ ଅଧିକାରୀଙ୍କ ନଭେମ୍ବର ମାସର ଦରମା ବନ୍ଦ ପାଇଁ କଟକ ଜିଲ୍ଲାପାଳ ଦତ୍ତାତ୍ରୟ ଭାଉସାହେବ ଶିନ୍ଦେ ଜିଲ୍ଲା ଟ୍ରେଜେରି ଅଫିସର, ସ୍ୱତନ୍ତ୍ର ଟ୍ରେଜେରି ଅଫିସର ଓ ଜିଲ୍ଲାର ସମସ୍ତ ସବ୍ ଟ୍ରେଜେରି ଅଫିସରଙ୍କୁ ଚିଠି ଲେଖିଛନ୍ତି । ପରବର୍ତ୍ତୀ ଆଦେଶ ପର୍ଯ୍ୟନ୍ତ ଖିଲାପି ଅଧିକାରୀଙ୍କ ଦରମା ସ୍ଥଗିତ ରହିବ ବୋଲି କୁହାଯାଇଛି । ଏହି ୩୬ଜଣ ଅଧିକାରୀଙ୍କ ମଧ୍ୟରେ ରହିଛନ୍ତି କଟକ ସିଡିଏମଓ (ଜିଲ୍ଲା ମୁଖ୍ୟ ଚିକିତ୍ସାଧିକାରୀ), କଟକ ଉପ ଜିଲ୍ଲାପାଳ ,ଆଠଗଡ ଉପ ଜିଲ୍ଲାପାଳ ,କଟକ ଡିଇଓ(ଜିଲ୍ଲା ଶିକ୍ଷା ଅଧିକାରୀ), ସିଡିଭିଓ(ଜିଲ୍ଲା ପ୍ରାଣୀ ଚିକିତ୍ସା ଅଧିକାରୀ), ଡିଆରଡିଏ ପ୍ରକଳ୍ପ ନିର୍ଦ୍ଦେଶକ,ଡିଏସଡବ୍ଲୁଓଙ୍କ ସମେତ ୧୧ ଜଣ ବିଡିଓ ଓ ୮ ଜଣ ତହସିଲଦାର ପ୍ରମୁଖ ରହିଛନ୍ତି । ଜନଶୁଣାଣି ପୋର୍ଟାଲ୍ ମାଧ୍ୟମରେ ପ୍ରାପ୍ତ ଅଭିଯୋଗଗୁଡ଼ିକର ସମାଧାନ ସମୟସୀମା ମଧ୍ୟରେ କରାଯାଉନଥିବା ନେଇ ମୁଖ୍ୟମନ୍ତ୍ରୀଙ୍କ ଅଭିଯୋଗ ପ୍ରକୋଷ୍ଠ ବାରମ୍ବାର ସମୀକ୍ଷା କରୁଛନ୍ତି । ଏହା ସତ୍ତ୍ୱେ ସମାଧାନର ଅଗ୍ରଗତି କ୍ଷେତ୍ରରେ କଟକ ଜିଲ୍ଲାର ସ୍ଥାନ ଉତ୍ସାହଜନକ ନଥିବାରୁ ମୁଖ୍ୟମନ୍ତ୍ରୀଙ୍କ ଅଭିଯୋଗ ପ୍ରକୋଷ୍ଠ ଘୋର ଅସନ୍ତୋଷ ପ୍ରକାଶ କରିଛି । ଏହାକୁ ନେଇ ଜିଲ୍ଲାପାଳ ସମ୍ପୃକ୍ତ ଅଧିକାରୀ ମାନଙ୍କ ଦରମା ବନ୍ଦ ପାଇଁ ଚିଠି ଲେଖିଛନ୍ତି । ତେବେ ପ୍ରଥମେ ୯୧ଜଣ ଅଧିକାରୀଙ୍କ ତାଲିକା ପ୍ରସ୍ତୁତ କରାଯାଇଥିବା ବେଳେ ପରେ ଏହାକୁ ସଂଶୋଧନ କରି ୩୬ଜଣଙ୍କ ତାଲିକା ପ୍ରକାଶ ପାଇଛି ।

## ପ୍ରଥମ ପୃଷ୍ଠାର ଅବଶିଷ୍ଟାଂଶ

### ଉଚ୍ଚାରଣ ଓ ଆଚରଣରେ...

ନୁହେଁ । ଏହା ଏକ ମହତ୍ତ୍ୱପୂର୍ଣ୍ଣ ସାଂସ୍କୃତିକ ପ୍ରବାହ । ଭାଷା ଭିତ୍ତିରେ ଗଠିତ ପ୍ରଥମ ରାଜ୍ୟ ଓଡ଼ିଶା ଭାଷାଭିତ୍ତିକ ରାଜ୍ୟ ପୁନର୍ଗଠନ ପାଇଁ ପ୍ରେରଣାର ଉତ୍ସ ହୋଇଥିଲା । ଦେଶୀୟ ରାଜ୍ୟ ଗୁଡ଼ିକର ମିଶ୍ରଣ ପ୍ରକ୍ରିୟା ଓଡ଼ିଶାରୁ ଆରମ୍ଭ ହୋଇଥିବା ବେଳେ ଏହାର ନେତୃତ୍ୱ ଉତ୍କଳ କେଶରୀ ଡ. ହରେକୃଷ୍ଣ ମହାତାବ ନେଇଥିଲେ । ବରେଣ୍ୟ ଜନନେତା ବିଜୁ ପଟ୍ଟନାୟକଙ୍କ ସାହସ ଓ ସଂଗ୍ରାମ ଦେଶବାସୀଙ୍କ ସ୍ମୃତିରେ ସର୍ବଦା ଜୀବନ୍ତ ହୋଇ ରହିବ । ନେତାଜୀ ସୁବାଷ ଚନ୍ଦ୍ର ବୋଷଙ୍କୁ ଜନ୍ମଦେଇ ଓଡ଼ିଶା ଧନ୍ୟ ହୋଇଛି । ଭାରତ ନିର୍ମାଣରେ ଓଡ଼ିଶାର ଅବଦାନ କାଳେକାଳେ ରହି ଆସିଛି । ଓଡ଼ିଶାରେ ନାରୀ ସଶକ୍ତିକରଣର ଏକ ପ୍ରାଚୀନ ପରମ୍ପରା ରହି ଆସିଛି । ରମାଦେବୀ, ସରଳା ଦେବୀ, କୁନ୍ତଳା କୁମାରୀ ସାବତ, ପାର୍ବତୀ ଗିରି ଏବଂ ଅନେକ ନେତ୍ରୀଙ୍କର ସ୍ୱାଧୀନତା ସଂଗ୍ରାମରେ ଯୋଗଦାନ ରହିଥିଲା । ୧୫ ଜଣ ମହିୟସୀ ମହିଳା ଭାରତର ସମ୍ବିଧାନ ସଭାରେ ସଦସ୍ୟ ଥିବାବେଳେ ଏଥିରେ ଓଡ଼ିଶାର ମାଳତୀ ଦେବୀ ରହିଥିଲେ । ଓଡ଼ିଶା ବିଧାନସଭାରେ ମହିଳା ପ୍ରତିନିଧିତ୍ୱର ଦୀର୍ଘ ଇତିହାସ ରହିଛି । ସ୍ୱାଧୀନତା ପୂର୍ବବତି ଏବଂ ପରବର୍ତ୍ତୀ ଏପରି କୌଣସି ବିଧାନସଭା ଗଠନ ହୋଇନାହିଁ, ଯେଉଁଥିରେ ମହିଳା ନାହାନ୍ତି । ନନ୍ଦିନୀ ଶତପଥୀ ଭାରତର ଦ୍ୱିତୀୟ ମହିଳା ମୁଖ୍ୟମନ୍ତ୍ରୀ ଭାବେ ଜଣାଶୁଣା ବୋଲି ରାଷ୍ଟ୍ରପତି କହିଛନ୍ତି ।

ସେ କହିଛନ୍ତି ଯେ ଓଡ଼ିଶାରେ ପ୍ରକୃତି ସବୁ ପ୍ରକାରର ପ୍ରାଚୁର୍ଯ୍ୟ ଅଜାଡ଼ି ଦେଇଛି । ବିପୁଳ ଖଣିଜ ସମ୍ପଦ, ଜଙ୍ଗଲ ଓ ଜଳ ସମ୍ପଦରେ ରାଜ୍ୟ ପରିପୂର୍ଣ୍ଣ ସବୁ ବର୍ଗର ମାନ ସମ୍ବଳରେ ଓଡ଼ିଶା ସମୃଦ୍ଧ । ଓଡ଼ିଶାରେ ସୁଦୀର୍ଘ ବେଳାଭୂମି ଓ ଉର୍ବର ଚାଷଜମି ରହିଛି । କୃଷି, ଶିଳ୍ପ ଏବଂ ବାଣିଜ୍ୟର ବିକାଶ ପାଇଁ ଓଡ଼ିଶାର ପରିବେଶ ଖୁବ ଅନୁକୂଳ । ଏସବୁ ସମ୍ପଦର ସଦୁପଯୋଗ କରାଯାଇ ଓଡ଼ିଶାକୁ ଦେଶର ଅଗ୍ରଣୀ ପ୍ରଦେଶରେ ପରିଣତ କରାଯାଇପାରିବ । ୨୦୪୭ ମସିହା ବେଳକୁ ଭାରତ ବିକଶିତ ଦେଶରେ ପରିଣତ ହୋଇ ସାରିଥିବ ବୋଲି ଆମ ସଭିଙ୍କର ବିଶ୍ୱାସ । ୨୦୩୬ ମସିହାରେ ଓଡ଼ିଶା ଗଠନର ଶତବାର୍ଷିକ ପୂରଣ ହେବ । ଆପଣମାନେ ସମ୍ମିଳିତ ଭାବରେ ୨୦୩୬ ମସିହା ସୁଦ୍ଧା ଏକ ସମୃଦ୍ଧ ଓଡ଼ିଶା ଗଠନ କରିପାରିଲେ ତାହା ବିକଶିତ ଭାରତ ଗଠନ ପାଇଁ ଓଡ଼ିଶାର ଶ୍ରେଷ୍ଠ ଅବଦାନ ହେବ ।ସେ ଆହୁରି ମଧ୍ୟ କହିଥିଲେ ଯେ ଗଣତନ୍ତ୍ରର ଭିତ୍ତି ହେଉଛନ୍ତି ଜନ ସାଧାରଣ । ଗଣ ବିନା ଗଣତନ୍ତ୍ର କିମ୍ବା ଗଣରାଜ୍ୟ ନାହିଁ । ଭାରତୀୟ ସଂସ୍କୃତିରେ ଲୋକଶକ୍ତିକୁ ସର୍ବଦା ଗୁରୁତ୍ୱାରୋପ କରାଯାଇଛି । ଜନମତକୁ ସର୍ବଦା ସମ୍ମାନ ଦିଆଯାଇଛି । ଆପଣମାନେ ହେଉଛନ୍ତି ଜନଗଣର ପ୍ରତିନିଧି । ସେମାନଙ୍କର ସେବକ । କେତେ ଆଶା, ବିଶ୍ୱାସ, ଭରଷା ନେଇ ଆପଣଙ୍କ ହାତରେ ସେମାନେ କ୍ଷମତା ଅର୍ପଣ କରିଛନ୍ତି । ସେମାନଙ୍କର ଆଶା ପୂରଣ କରିବା, ସେମାନଙ୍କର ସ୍ୱପ୍ନକୁ ସାକାର କରିବା ଏବଂ ସେମାନଙ୍କ ମୁହଁରେ ହସ ଫୁଟାଇବା ଆପଣମାନଙ୍କର କର୍ତ୍ତବ୍ୟ । ଆପଣମାନେ ଏପରି କାର୍ଯ୍ୟ କରିବେ ଯାହା ସାଧାରଣ ଲୋକଙ୍କ ହିତ ପାଇଁ ଉଦ୍ଦିଷ୍ଟ । ଦେଶର ଦରିଦ୍ରତମ ଲୋକଙ୍କ ପାଇଁ କାମ କରିବାକୁ ସେ ଏହି ଅବସରରେ ଆହ୍ୱାନ ଦେଇଛନ୍ତି ।

### ରାଷ୍ଟ୍ରପତିଙ୍କ ସାମଗ୍ରିକ...

କରିବା ପାଇଁ ଦ୍ରୌପଦୀ ମୁର୍ମୁଙ୍କୁ ଏବଂ ମୁଖ୍ୟମନ୍ତ୍ରୀ ଭାବେ ରାଜ୍ୟର ସେବା କରିବା ପାଇଁ ସୁଯୋଗ ମିଳିବା କେବଳ ଆମ ଭାରତୀୟ ସମ୍ବିଧାନ ପାଇଁ ସମ୍ଭବ ହୋଇପାରିଛି ।

ମୁଖ୍ୟମନ୍ତ୍ରୀ କହିଥିଲେ ଯେ ଆଜି ରାଷ୍ଟ୍ରପତିଙ୍କ ଅଭିଭାଷଣ କେବଳ ଏହି ପବିତ୍ର ଗୃହର ନୀତି ଆଦର୍ଶକୁ ମାର୍ଗଦର୍ଶନ କରିବ ନାହିଁ; ବରଂ ସାଢ଼େ ଚାରି କୋଟି ଓଡ଼ିଆ'ଙ୍କ ଅଦମ୍ୟ ଭାବନାକୁ ପ୍ରୋତ୍ସାହିତ କରିବ । ଶାନ୍ତି, ମୈତ୍ରୀ, ସମତା ଓ ସଦ୍‌ଭାବନା,ଏକତାର ମନ୍ତ୍ରରେ ସମୃଦ୍ଧ ଓଡ଼ିଶା ଓ ବିକଶିତ ଓଡ଼ିଶା ଗଠନ ହୋଇପାରିବ ବୋଲି ମୁଖ୍ୟମନ୍ତ୍ରୀ ଆଶା ବ୍ୟକ୍ତ କରିଥିଲେ ।

### ରାଷ୍ଟ୍ରପତି ଏ ମାଟିର...

ଜୀବନଶୈଳୀ, ରୀତିନୀତି, ସଂସ୍କୃତି ଏବଂ ଚିନ୍ତାଧାରାର ଉଲ୍ଲେଖନୀୟ ଯୋଗଦାନ ରହିଛି । ସ୍ୱାଧୀନତା ପରେ ଦେଶୀୟ ରାଜ୍ୟଗୁଡ଼ିକର ମିଶ୍ରଣ ଏକ ବଡ଼ ରାଜନୈତିକ ଆହ୍ୱାନ ଥିଲା । ୧୯୪୭ ମସିହା ନଭେମ୍ବର ୧୪ ତାରିଖରେ ନୀଳଗିରି ଏବଂ ଅନ୍ୟରାଜ୍ୟଗୁଡ଼ିକ ଭାରତରେ ଯୋଗଦେବା ସହିତ ଭାରତର ଦେଶୀୟ ରାଜ୍ୟଗୁଡ଼ିକର ମିଶ୍ରଣ ପ୍ରଥମେ ଓଡ଼ିଶାରେ ଆରମ୍ଭ ହୋଇଥିଲା । ଏପରି କରି ଓଡ଼ିଶା ଅବଶିଷ୍ଟ ରାଜ୍ୟଗୁଡ଼ିକୁ ଏକତ୍ର କରି ଭାରତୀୟ ରାଷ୍ଟ୍ରକୁ ଏକଜୁଟ ଏବଂ ସୁଦୃଢ଼ କରିବା ପାଇଁ ନେତୃତ୍ୱ ନେଇଥିଲା ।

ନବୀନ ଆହୁରି କହିଛନ୍ତି ଯେ ଭାଷା ଆଧାରରେ ଭାରତର ପ୍ରଥମ ରାଜ୍ୟ ଭାବେ ଓଡ଼ିଶା ଗଠନ ହୋଇଥିଲା । ଓଡ଼ିଶା ପ୍ରଦେଶ ସୃଷ୍ଟି କରିବାରେ ଉତ୍କଳ ଗୌରବ ମଧୁସୂଦନ ଦାସଙ୍କ ଅବଦାନକୁ ଏଠାରେ ସ୍ମରଣ କରିବାର ଆବଶ୍ୟକତା ରହିଛି । ସାମ୍ବିଧାନିକ ପଦ୍ଧତି ଅବଲମ୍ବନ କରି ସେ ଅନ୍ୟ ଜାତୀୟସ୍ତରର ନେତାଙ୍କ ସହ ମିଶି ଏହି ଐତିହାସିକ ଲକ୍ଷ୍ୟ ହାସଲ କରିଥିଲେ । ଏହି ମହାନ ଦେଶର ରାଷ୍ଟ୍ରପତି ଭାବେ ଆପଣ ଭାରତ ସମ୍ବିଧାନର 'ସଂରକ୍ଷଣ, ସୁରକ୍ଷା ଏବଂ ପ୍ରତିରକ୍ଷା' କରନ୍ତି, ଯାହାର ୭୫ ତମ ବାର୍ଷିକୀ ନିକଟରେ ପାଳନ କରାଯାଇଛି । ଭାରତର ଆତ୍ମାକୁ ବଞ୍ଚାଇ ରଖିବାରେ ପ୍ରେରଣା ଏବଂ ମାର୍ଗଦର୍ଶନ ପାଇଁ ସମଗ୍ର ଦେଶ ରାଷ୍ଟ୍ରପତିଙ୍କ ଆଡ଼କୁ ଚାହିଁ ରହିଛି । ଗତ ଦୁଇ ଦଶନ୍ଧି ମଧ୍ୟରେ ଓଡ଼ିଶା ଅନେକ କ୍ଷେତ୍ରରେ ଇତିହାସ ରଚିଛି । ବିପର୍ଯ୍ୟୟ ପରିଚାଳନା, ଖାଦ୍ୟ ଉତ୍ପାଦନ, ମହିଳା ସଶକ୍ତିକରଣ, ଦାରିଦ୍ର୍ୟ ଦୂରୀକରଣ, ଭିତ୍ତିଭୂମି ବିକାଶ, ସ୍ୱାସ୍ଥ୍ୟ ଓ ଶିକ୍ଷା କ୍ଷେତ୍ରରେ ପରିବର୍ତ୍ତନ ଏବଂ ଶିଳ୍ପ ଅଭିବୃଦ୍ଧିର ପରିବେଶ ସୃଷ୍ଟି କ୍ଷେତ୍ରରେ ଓଡ଼ିଶା ଏକ ପ୍ରେରଣାଦାୟୀ କାହାଣୀ ସୃଷ୍ଟି କରିଛି । ଏଭଳି ଅଭୂତପୂର୍ବ ଅଭିବୃଦ୍ଧିର ସମସ୍ତ ଶ୍ରେୟ ଓଡ଼ିଶାର ଜନସାଧାରଣଙ୍କ ଅତୁଟ ସମର୍ଥନ ଏବଂ ଆଶୀର୍ବାଦ ଯୋଗୁଁ ସମ୍ଭବ ହୋଇପାରିଛି । ଓଡ଼ିଶାର ବିପର୍ଯ୍ୟୟ ପରିଚାଳନା ନୀତି ସମଗ୍ର ଦେଶ ପାଇଁ ଏକ ଆଦର୍ଶ ପାଲଟିଛି । ବିପର୍ଯ୍ୟୟ ପରିଚାଳନାରେ ଉତ୍ତମ କାର୍ଯ୍ୟ ପାଇଁ ଓଡ଼ିଶାକୁ ଅନ୍ତର୍ଜାତୀୟ ସ୍ତରରେ ସ୍ୱୀକୃତି ମିଳିଛି । ସମୃଦ୍ଧ ପ୍ରାକୃତିକ ସମ୍ବଳ ଏବଂ କୁଶଳୀ ଶ୍ରମଶକ୍ତି ସହିତ ଓଡ଼ିଶାରେ ଅଭିବୃଦ୍ଧିର ବିପୁଳ ସମ୍ଭାବନା ରହିଛି । ଓଡ଼ିଶାକୁ ଗୌରବର ନୂତନ ଶିଖରରେ ପହଞ୍ଚାଇବା ପାଇଁ ଆମେ ସମସ୍ତେ ପ୍ରୟାସ କରିବା ଉଚିତ ବୋଲି ନବୀନ କହିଛନ୍ତି ।

### ୪ ସପ୍ତାହ ମଧ୍ୟରେ...

ଆଣା । ପାଣ୍ଡି ସଂଗ୍ରହର ଦାୟିତ୍ୱ କୋର୍ଟ ହାସ୍ୟ ଅଭିନେତାଙ୍କୁ ଦେଇଛନ୍ତି । ଏହା କୌଣସି ଦଣ୍ଡ ନୁହେଁ, ବରଂ ଏକ ସାମାଜିକ ଦାୟିତ୍ୱ ।

ସମୟ ରୈନାଙ୍କ ଶୋ'ରେ ଅଶ୍ଳୀଳ ବିଷୟବସ୍ତୁକୁ ପ୍ରୋତ୍ସାହନ ଦିଆଯାଉଛି । ଗତ ଫେବୃଆରୀରେ ମୁକ୍ତିଲାଭ କରିଥିବା ଏହାର ଦୁଇଟି ଶୋ'କୁ ନେଇ ବିବାଦ ହୋଇଥିଲା । ମହିଳା ଏବଂ ଦିବ୍ୟାଙ୍ଗଙ୍କୁ ନେଇ ଏଭଳି ଅଭଦ୍ର ଟିପ୍ପଣୀ ଦିଆଯାଇଥିଲା ଯାହାକୁ ନେଇ ସାରା ଦେଶରେ ତୀବ୍ର ପ୍ରତିକ୍ରିୟା ପ୍ରକାଶ ପାଇଥିଲା । ଏହାକୁ ନେଇ ସମୟ ରୈନା, ରଣବୀର ଆହ୍ଲାବାଦିଆ ଓ ଅନ୍ୟମାନଙ୍କ ବିରୋଧରେ ଅନେକ ରାଜ୍ୟରେ ଏତଲା ରୁଜୁ କରାଯାଇଥିଲା । ଏହି ସବୁ ଏତଲା ରଦ୍ଦ କରିବାକୁ ରଣବୀର ସୁପ୍ରିମକୋର୍ଟଙ୍କ ଦ୍ୱାରସ୍ଥ ହୋଇଥିଲେ । ତେବେ କୋର୍ଟ ଏହା ଉପରେ କୌଣସି ଆଶ୍ୱସ୍ତି ଦେଇ ନାହାନ୍ତି । କିନ୍ତୁ କେନ୍ଦ୍ର ସରକାରଙ୍କୁ କଠୋର ନିୟମ ଆଣିବାକୁ ନିର୍ଦ୍ଦେଶ ଦେଇଛନ୍ତି । ଶୁଣାଣି ସମୟରେ ଜଷ୍ଟିସ ଜୟମାଲ୍ୟ ବାଗଚୀ କହିଥିଲେ ଯେ ଅଶ୍ଳୀଳ ବିଷୟବସ୍ତୁକୁ ବନ୍ଦ କରିବା ପୂର୍ବରୁ ଏହା ଭାଇରାଲ ହୋଇ ଲକ୍ଷ ଲକ୍ଷ ଲୋକ ଦେଖି ସାରୁଛନ୍ତି । ତେଣୁ ଏହାର ସମାଧାନ କରିବା ପାଇଁ ସୁପ୍ରିମକୋର୍ଟ ବିଚାରବିମର୍ଶ କରିଛନ୍ତି ।

ଶୁଣାଣି ସମୟରେ ସଲିସିଟର ଜେନେରାଲ (ଏସଜି) ତୁଷାର ମେହେଟା କହିଥିଲେ ଯେ ଏହି ମାମଲା କେବଳ ଅଶ୍ଳୀଳତା ନୁହେଁ, ବରଂ ଅପବ୍ୟବହାର ସମ୍ବନ୍ଧିତ ମଧ୍ୟ । ବ୍ୟବହାରକାରୀଙ୍କ ପାଇଁ ଉଦ୍ଦିଷ୍ଟ ବିଷୟବସ୍ତୁରେ ଏହି ସବୁ ସମସ୍ୟା ରହିଛି । ମତ ପ୍ରକାଶ ହେଉଛି ଏକ ଅମୂଲ୍ୟ ଅଧିକାର, କିନ୍ତୁ ଖରାପ କାମ ପାଇଁ ଏହାକୁ ବ୍ୟବହାର କରାଯାଇପାରିବ ନାହିଁ । ଉତ୍ତରରେ ସିଜେଆଇ କହିଥିଲେ ଯେ ଏହା ହିଁ ସମସ୍ୟା । ଯଦି ମୁଁ ନିଜର ଚ୍ୟାନେଲ ଖୋଲୁଛି ତେବେ ବି କାହା ପାଇଁ ଉତ୍ତରଦାୟୀ ନୁହେଁ । କେହି ତ ଜଣେ ଉତ୍ତରଦାୟୀ ହେବା ଦରକାର ।

ଏହି ମାମଲାକୁ ଦେଶ ବିରୋଧୀ ଭାବେ ମଧ୍ୟ ଦେଖାଯାଉଛି । ଏହାକୁ ନେଇ ଜଷ୍ଟିସ ବାଗଚୀ କହିଥିଲେ ଯେ ବିଷୟବସ୍ତୁ ଦେଶବିରୋଧୀ ହୋଇଥିଲେ ଏହାକୁ ପ୍ରସ୍ତୁତ କରିଥିବା ବ୍ୟକ୍ତି ଦାୟୀ ହେବେ କି? ଅଶ୍ଳୀଳ ବିଷୟବସ୍ତୁକୁ କେମିତି ରୋକିବେ ବୋଲି ସେ ଏସ୍‌ଜିଙ୍କୁ ପଚାରି ଥିଲେ । ଏହା ଉପରେ ରୋକ୍ ଲଗାଇବା ପାଇଁ ସ୍ୱୟଂଶାସିତ ସଂଗଠନ ଗଠନ କରିବାକୁ ସିଜେଆଇ ପ୍ରସ୍ତାବ ଦେଇଥିଲେ । ଏହି ସମାଜରେ ଶିଶୁଙ୍କର ବି ମୌଳିକ ଅଧିକାର ରହିଛି ବୋଲି କହିଥିଲେ । ସଲିସିଟର ଜେନେରାଲଙ୍କୁ ସିଜେଆଇ ପଚାରି ଥିଲେ ଯେ ଯଦି ସବୁ କିଛି ପ୍ରସାରଣ କରିବାକୁ ଦିଆଯିବ ତେବେ ସରକାର କ'ଣ କରିବେ । ନିରୀହ ଲୋକେ ନିଜେ ନିଜକୁ ସୁରକ୍ଷା ଯୋଗାନ୍ତୁ ବୋଲି ଆପଣ ଚାହୁଁଛନ୍ତି କି? ସମସ୍ତଙ୍କୁ କୋର୍ଟ ଆସିବାକୁ ସୁଯୋଗ ମିଳିବ ନାହିଁ । ତେଣୁ ଏହାର ସମାଧାନ ଲାଗି କୋର୍ଟ ନୂଆ ବ୍ୟବସ୍ଥା ଆଣିବାକୁ କେନ୍ଦ୍ରକୁ କହିଥିଲେ । ଏଥିପାଇଁ ଚାରି ସପ୍ତାହ ସମୟ ଦେଇଛନ୍ତି ।

### ରେକର୍ଡ ଭାଙ୍ଗିଲା...

ଦାରିଙ୍ଗବାଡି ୯.୫, ଅନୁଗୁଳ ୧୦, କେନ୍ଦୁଝର ୧୦.୩, ସୁନ୍ଦରଗଡ ୧୦.୬, ଭୁବନେଶ୍ୱର ୧୩.୫ ଏବଂ କଟକରେ ପାରଦ ୧୩.୪ ଡିଗ୍ରୀ ରେକର୍ଡ ହୋଇଛି ।

ପାଣିପାଗ କେନ୍ଦ୍ର ସୂଚନା ଅନୁସାରେ ଆସନ୍ତା ୭ ଦିନ ପର୍ଯ୍ୟନ୍ତ ରାଜ୍ୟରେ ପାଗ ମୁଖ୍ୟତଃ ଶୁଖିଲା ରହିବ । ଏହାସହିତ ଆସନ୍ତା ୨ ଦିନ ମଧ୍ୟରେ ରାଜ୍ୟରେ ତାପମାତ୍ରା ଆହୁରି ୨-୩ ଡିଗ୍ରୀ ତଳକୁ ଖସିବ । ଏଥିପାଇଁ ରାଜ୍ୟରେ ଜାରି ରହିଥିବା ଶୀତର ସ୍ଥିତି ଜାରି ରହିବ । ବର୍ତ୍ତମାନ ରାଜ୍ୟକୁ ଉତ୍ତର-ପଶ୍ଚିମ ଦିଗରୁ ଶୁଷ୍କ ଓ ଥଣ୍ଡା ବାୟୁର ପ୍ରବାହ ଅଧିକ ରହୁଛି । ଏହି ସ୍ଥିତି ଆହୁରି ପ୍ରାୟ ୨-୩ ଦିନ ପର୍ଯ୍ୟନ୍ତ ଲାଗି ରହିବାର ସମ୍ଭାବନା ଥିବା ବେଳେ ଏହି ସମୟରେ କିଛି ସ୍ଥାନରେ ଶୀତ ଲହରୀ ସ୍ଥିତି ସୃଷ୍ଟି ହେବାର ସମ୍ଭାବନା ରହୁଛି ।

ଅନ୍ୟପଟେ ବଙ୍ଗୋପସାଗରରେ ପୁଣି ଏକ ବାତ୍ୟା ସୃଷ୍ଟି ହୋଇଛି । ଦକ୍ଷିଣପଶ୍ଚିମ ବଙ୍ଗୋପସାଗର ପାର୍ଶ୍ୱବର୍ତ୍ତୀ ଶ୍ରୀଲଙ୍କା ଉପକୂଳରେ ଏହି ବାତ୍ୟା ଆଜି ସୃଷ୍ଟି ହୋଇଛି । ବାତ୍ୟାର ନାମ 'ଡିଟ୍‌ୱା' ରହିଛି । ଏହି ବାତ୍ୟାଟି ପରବର୍ତ୍ତୀ ୪୮ ଘଣ୍ଟାରେ ଏହା ଉତ୍ତର-ଉତ୍ତରପଶ୍ଚିମ ଦିଗରେ ଗତିକରି ଉତ୍ତର ୩୦ ତାରିଖ ସୁଦ୍ଧା ତାମିଲନାଡୁ-ପୁଡୁଚେରୀ ଏବଂ ଦକ୍ଷିଣ ଆନ୍ଧ୍ରପ୍ରଦେଶ ମୁହାଁ ହେବ । ଓଡ଼ିଶା ଉପରେ ଏହାର କୌଣସି ସିଧାସଳଖ ପ୍ରଭାବ ପଡ଼ିବ ନାହିଁ । ବାତ୍ୟାଟି ଆନ୍ଧ୍ର ନିକଟବର୍ତ୍ତୀ ହେବା ପୂର୍ବରୁ ଦୁର୍ବଳ ହୋଇଯିବାର ଯଥେଷ୍ଟ ସମ୍ଭାବନା ରହିଛି । ମାତ୍ର ଯଦି ଏହା ଆନ୍ଧ୍ର ନିକଟବର୍ତ୍ତୀ ହୁଏ ତେବେ ୧ ତାରିଖ ବେଳକୁ ଦକ୍ଷିଣ ଓଡ଼ିଶାର କିଛି କାଁ ଭାଁ ଜିଲ୍ଲାରେ ବର୍ଷା ହେବାର ଆଶଙ୍କା କରାଯାଉଛି ।

**AFFIDAVIT**

By virtue of an affidavit sl. no.-6651, dtd.24.11.2025, in the court of the Executive Magistrate, Kendrapara, I, Pradipta Jena, S/o- Rabindranath Jena, R/o- Vill/Po- Harianka, Ps- Kendrapara Sadar, Dist.- Kendrapara, Odisha, Pin-754210 have changed my minor son's name from Pravat Jena to Pravas Jena. Henceforth he will be known as Pravas Jena instead of Pravat Jena for all purposes.
Sd/- Pradipta Jena

**AFFIDAVIT**

By virtue of an Affidavit before Notary Public, Malkangiri, **I, Ashis Kumar Bairagi,** aged about 26 years, S/o.: Rabin Bairagi resident of Village: Radhagabindapa Palli M.V. - 30, PO.: Kamwada, P.S.: Orkel, Dist.: Malkangiri, Odisha, declare by this Affidavit No.: 16008/2025, Dated: 27.11.2025 that I have changed my & my father name from **Asish Bairagi,** S/o.: Rabindra Bairagi to **Ashis kumar Bairagi, S/o.: Rabin Bairagi.** Henceforth I shall be known as **Ashis kumar Bairagi, S/o.: Rabin Bairagi** for all future purposes.

**AFFIDAVIT**

By virtue of an affidavit sworn before executive Magistrate Dhamnagar, dated 24/11/2025. I,Firdous Quadri Address At-Mustafapur, PO-Dobal, PS-Dhamnagar, Dist-Bhadrak, PIN-756117,State-Odisha declare that I have changed my name from Firdosh Kadri to Firdous Quadri. Henceforth, I shall be known as Firdous Quadri for all purposes.
(Firdous Quadri)

**AFFIDAVIT**

By virtue of an affidavit sworn before the Executive Magistrate, Bhubaneswar, dated 26/11/2025, CF No.- 41/26.11.2025. I, Anirudha Nayak S/O Senapati Nayak, At- Tarini Nagar, Salia Sahi, Jaydev Vihar PO-R R L, PS-Maitri Vihar, Dist- Khordha, Pin-751013, declare that I have changed the name of my daughter from Nansi Nayak to Rincy Nayak. Henceforth, she shall be known as new name Rincy Nayak for all purposes.
Anirudha Nayak

**AFFIDAVIT**

By virtue of an affidavit CF No.50, sworn before Executive Magistrate, Bhubaneswar, dated 29.10.2025, I, Gati Prasad Rout, Plot No.Sd-3 Backside, VSS Nagar, Po-Rasulgarh, Ps.- Sahid Nagar, Bhubaneswar-751010, Dist.-Khordha, Odisha declare that I have changed the name of my daughter from Somya Priyadarsini to Soumya Priyadarshini Rout. Henceforth she shall be known as Soumya Priyadarshini Rout for all purposes.
Gati Prasad Rout

**AFFIDAVIT**

By virtue of an Affidavit Sworn before the Executive Magistrate, Nandapur, Dist.-Koraput vide no.-104 dtd.26/11/2025, I Smt. Purnimarani Das, W/o-Sri Milan Kumar Tikadar, resident of House no.-38, Main road, Banjalaput, Po.- Padwa, Dist.- Koraput, Odisha-764038 declare that, I have changed my name from **Purnima Tikadar** to **Purnimarani Das**. That, **Purnima Tikadar** and **Purnimarani Das** is one and the same person.


ADMISSION NOTICE-2025-26

**Manjari Devi College**

Affiliated to Utkal University, OUHS, PCI, OSBP & DMLT/RTEB

Campus:
262, Puranpadhan, Balakati, Bhubaneswar

Mob. 7019799641, 7978608747 9853801459
Email: mdscnbbsr@gmail.com

- **B. Pharm** Rs. 58,000/- P.A. Eligibility: +2 Sc. (PCB/M & OJEE Appeared)
- **D. Pharm** Rs. 48,000/- P.A. Eligibility: +2 Sc. (PCB/M)
- **B.M.L.T.** Rs. 58,000/- P.A. Eligibility: +2 Sc. (PCB/M with 50 % Mark)
- **D.M.L.T.** Rs. 48,000/- P.A. Eligibility: +2 Sc. Pass (PCB/M)
- **M.P.H.** Rs. 42,000/- P.A. Eligibility: Any Graguate

ALL COURSE FEES ARE EXCLUDING HOSTEL


**LOST**

**I Prabodha Kumar Sahani, Proprietor of Premium Chicken House,** S/o.: Late Purna Chandra Sahani of Mahanadi Vihar, Declared by this Affidavit No.: 343803, dated 24.11.2025, my original prior sale deed executed by Labangalata Nayak in Favour of Biswabanita aich Document No.: 4047 vide Khata No.: 111/344, Plot No.: 109/2824, Area: Ac.0.040 Decimal, Unit No.: 6, Uttar deulasahi, Mouza: Cuttack Sahar, P.S.: Bidanasi, Dist.: Cuttack has been lost while I was travelling from Cuttack to Pipili by Bus. If somebody found the same please inform- **Mob- 9937068851**

**AFFIDAVIT**

I, **Tabasum Jahan Begum** wife of Gulam Moinuddin Khan, resident of Ward No.-25, Plot No.- N-1/316, IRC Village, P.O.- IRC Village, P.S.- Nayapalli, Bhubaneswar, Dist.- Khordha, Odisha-751015 declare by this affidavit No.- 11 dated 04.11.2025 that now onwards I shall be known as **TABASUM JAHAN** for all future purposes.
Sd/- Tabasum Jahan

**IN THE COURT OF THE CIVIL JUDGE (SENIOR DIVISION), ANANDAPUR.**
C.S. 115/2023

Kanthia Sethy .......Plaintiff
Vrs.
Nachhu Sethy and others ..Defendants

**NOTICE U/O 5, RULE 20 OF C.P.C To**

Def. 4, 1) Mayadhar Sethy, aged about 57 yrs, Son of late Suka Sethy, of village/P.O- Keshadurapal,P.S- Ghasipura, Dist. Keonjhar.
Def. 5, 2) Tilottama Sethy, aged about 47 years,Wife of Baya Sethy of village-Chhualia, P.O- Dhenka, P.S- Soso, Dist. Keonjhar.
Def. 6, 3) Pramila Sethy, aged about 54 years, Wife of Daitari Sethy Daughter of Sya Sethy of village-Khalagadia,P.O- Dhenka, P.S- Soso, Dist. Keonjhar.
Def. 15, 4) Babuli Sethy, aged about 52 years,Son of late Bali Sethy of village/P.O Atapur, P.S- Sadar,Dist. Keonjhar.
Def. 18, 5) Sanju Sethy, aged about 49 years,Wife of Purna Chandra Behera of village/P.O-Pandirisilli,P.S- Raruan, Dist. Keonjhar.
Def. 20, 6) Pritimaya Sethy, aged about 28 years,Son of late Kulamani Sethy, Village- Sankhapata (Sabarsahi) P.O/P.S- Baripada, Dist. Mayurbhanj.
Take notice that the above-named plaintiff has filed the C.S no. 115/2023 for partition and permanent injunction against the Defendants and the service of summons could not be served against the aforesaid defendants in spite of repeated summons issued by the Court in either ways and the defendants avoided to receive the Court Summons.
So you all are noticed to appear in my Court on 23rd Dec 2025 at about 10.30 A.M in person or through advocate to put forth your claims as to why reliefs prayed by the plaintiff should not be granted.
Take notice that in case of default the suit will be heard or determined in your absence.
Given under my hand and seal of this Court day **30.10.2025.**

Civil Judge (Sr. Divn.),
Anandapur.

**NOTICE (FOR MINOR)**

By virtue of an affidavit sworn before the Notary Public, Bhubaneswar, dated 26.11.2025, I, Swami Sampurnananda Saraswati, At- Sitanath Nagar, Niladri Vihar, P.O. Sailashree Vihar, P.S. Chandrasekharpur, Bhubaneswar – 751021, Dist. Khordha declare that I have changed the name of my Adopted daughter from Jayashree Rath to Jayashree Saraswati Rath. Henceforth, she shall be known as Jayashree Saraswati Rath for all purposes.
SWAMI SAMPURNANANDA SARASWATI

**NOTICE**

By virtue of an affidavit sworn before Executive Magistrate, Dhenkanal, dated 27/11/2025, I Urmila Pati, Address At/PO-Bainsia, Block/PS-Gondia, Dist-Dhenkanal, Odisha-759014, declare that I have changed my name from Urmila Dash to Urmila Pati. Henceforth, I shall be known as Urmila Pati for all purposes.
Urmila Pati

O-1558 e-mail : rwd_gajapati@yahoo.co.in

GOVERNMENT OF ODISHA
OFFICE OF THE SUPERINTENDING ENGINEER
RURAL WORKS DIVISON GAJAPATI PARLAKHEMUNDI

**NATIONAL COMPETITIVE BIDDING THROUGH e-Procurement**
**Identification No. Online Tender- 09/GJP/2025-26**

| | | |
|---|---|---|
| 1. Name of the work | : | Building Works |
| 2. Total No. Work | : | 07 (Seven) No. of Building Works |
| 3. Estimated Cost | : | Rs. 4.20 lakhs to 43.58 lakhs |
| 4. Class of Contractor | : | 'C' & 'D' Class Contractor 'B' Class Contractor |
| 5. Period of Completion | : | Furnished in Annexure |
| 6. Availability of Tender Online for bidding | : | 28.11.2025 at 10.00 A.M to 08.12.2025 up to 5.00 PM. |
| 7. Date and Time of Opening of Tender | : | 09.12.2025 at 11.00 A.M |
| 8. Place of Opening | : | As per Annexure |

Further details can be seen from the Website www.tenderorissa.gov.in

Executive Engineer
R.W. Division, Gajapati

OIPR-

**AFFIDAVIT**

I, Prasanta Samantaray, aged about 59 years, S/o- Pitambar Samantaray, resident of At- Plot No-44/1343, Pitambar Realm, Pokhariput, Bhubaneswar, Dist- Khurda, Pin-751020, Odisha declare by this affidavit No. 2407, dtd-27/11/2025, that now onwards I shall be known as **PRASANTA KUMAR SAMANTARAY** for all future purposes.

### ଚାନ୍ଦବାଲି ବ୍ଲକ୍ ଓ ଏନ୍ଏସିରେ ହିତାଧିକାରୀଙ୍କ ଉପରେ ଚଡ଼କ

# କଟିବ ୩୦, ୯୯୮ ଅଯୋଗ୍ୟ ରାସନ କାର୍ଡ

ଭଦ୍ରକ, ୨୭ ।୧୧(ସମିସ)

ଖାଦ୍ୟ ସୁରକ୍ଷା ଯୋଜନାରେ ସାମିଲ ହୋଇଥିବା ହିତାଧିକାରୀଙ୍କ ମନରେ ଏବେ ଛନ୍କା। କେନ୍ଦ୍ର ସରକାରଙ୍କ ୯ଟି ମାନଦଣ୍ଡରେ ଭଦ୍ରକ ଜିଲ୍ଲା ଚାନ୍ଦବାଲି ବ୍ଲକ ଓ ଏନଏସିରେ ୩୦ ହଜାର ୯୯୮ ଜଣ ଅଯୋଗ୍ୟ ହିତାଧିକାରୀ ଥିବା ଜଣାପଡ଼ିଛି। ମିଳିଥିବା ସୂଚନା ଅନୁଯାୟୀ ବ୍ଲକର ୩୬ଟି ପଞ୍ଚାୟତରେ ଏହି ସଂଖ୍ୟା ୩୦ ହଜାର ୨୮୫ ଥିବାବେଳେ ଏନ୍ଏସିର ୧୫ଟି ୱାର୍ଡରେ ଏହି ସଂଖ୍ୟା ୭୧୩ ରହିଛି। ଏନ୍ଏସିର ପାଞ୍ଚପଡ଼ା (୧ ନମ୍ବରରୁ ୫ ୱାର୍ଡ)ରେ ୧୭୧ ଜଣ, ଚାନ୍ଦବାଲି (୬ରୁ ୧୦ ୱାର୍ଡ)ରେ ୨୨୫ ଜଣ ଓ ବାଲିଗାଁ (୧୦ରୁ ୧୫ ୱାର୍ଡ)ରେ ୨୯୦ ଜଣ ଅଯୋଗ୍ୟ ହିତାଧିକାରୀ ଥିବା ବ୍ଲକ ଯୋଗାଣ ବିଭାଗକୁ ତଥ୍ୟ ଆସିଛି। ସେହିପରି ବ୍ଲକର ଆରଡ଼ି ପଞ୍ଚାୟତରେ ୭୬୯, ବଡଓସ୍ତିଆ ରେ ୬୧୪, ବାଂଶଡାରେ ୫୫୬, ଭାଟପଡ଼ା ଓ ମହୁଲିଆରେ ୧୫୧୫, ଭୂଇଁବୃତ୍ତିରେ ୯୯୨, ବିଜୟ ନଗରରେ ୮୧୦, ଚଡଦିଆ ୯୬୩, ଧାମରା ୬୫୩, ଦୋସିଙ୍ଗା ୧୧୮୦, ଘଟପୁରରେ ୧୧୫୮, ଗୋପୀନାଥପୁର ଓ ବଜରାପୁରରେ ୧୫୨୧, ଜାଗୁଲା ୬୨୩, ଜଳେଶ୍ୱରପୁର ୯୦୭, ଯଶିପୁର ୧୧୭୯, କଇଥଖୋଲାରେ ୮୧୨, କରଣ ପଲ୍ଲୀ ୬୧୫, କରଞ୍ଜ ମାଳ ୯୪୫, ମାଧପୁର, ୮୦୬, ମତୋ ୮୫୦, ମୌସୁଧା ୯୭୪, ନଳଗୋହିରା ୧୪୨୩, ନାଲଗୁଣ୍ଡା ଓ ଖେରଙ୍ଗରେ ୧୭୪୦, ନାନ୍ଦପୁର ୭୧୨, ନୂଆଗାଁ ୫୪୦, ଓରାସାହି ଓ କାଣ୍ଡଗରଡି ରେ ୧୬୯୫, ପଞ୍ଚୁଟିକିରି, ୫୯୩, ସୁନ୍ଦରପୁର ଓ ଓଲଗରେ ୧୪୭୫, ତେନ୍ତୁଳିଡିହି ୧୦୨୦, ତୋଟା ପଡ଼ା ଓ ଖଦାଳପୋଖରୀରେ ୧୫୫୮, ଉତୁକୁଡ଼ା ପଞ୍ଚାୟତରେ ୧୦୮୭ ଜଣ ଅଯୋଗ୍ୟ ହିତାଧିକାରୀ ଥିବା ପ୍ରଶାସନ ସୂତ୍ରରୁ ଜଣାପଡ଼ିଛି। ତେଣୁ ଆଗାମୀ ଦିନରେ ବ୍ଲକ ପ୍ରଶାସନ ଏହା ଉପରେ କି ପଦକ୍ଷେପ ନେଉଛି ସେ ନେଇ ସମସ୍ତଙ୍କ ନଜର ରହିଛି।

# ନ୍ୟାୟ ପାଇଁ ମହିଳା ଏସ୍‌ପିଙ୍କ ଦ୍ୱାରସ୍ଥ



**ବନ୍ତ/ଆଗରପଡ଼ା, ୨୭ ।୧୧(ସମିସ):** ନାରୀର ସୁରକ୍ଷା ଓ ନାରୀ ଶକ୍ତିର ପ୍ରଗତି ପାଇଁ ସରକାର ବିଭିନ୍ନ ନୀତିନିୟମ ପ୍ରଣୟନ କରୁଛନ୍ତି। ମାତ୍ର ଅଧିକାଂଶ କ୍ଷେତ୍ରରେ ସରକାରୀ ବାବୁମାନଙ୍କ କୋହଳ ମନୋଭାବ ଯୋଗୁଁ ନାରୀମାନେ ଉପଯୁକ୍ତ ନ୍ୟାୟ ପାଇବାରୁ ବଞ୍ଚିତ ହେଉଛନ୍ତି। ଏଭଳି ଏକ ଘଟଣା ଦେଖିବାକୁ ମିଳିଛି ଭଦ୍ରକ ଜିଲ୍ଲା ବନ୍ତ ଥାନା ସାହାରାଗଡ଼ିଆ ଗ୍ରାମର ସ୍ୱର୍ଗତ ଅଜୟ ଜେନାଙ୍କ ପତ୍ନୀ କୁନି ଜେନାଙ୍କ କ୍ଷେତ୍ରରେ। ସେ ଗତ ୨୦୧୮ ମସିହାରେ ନିଜ ସୁନାଗହଣା ନିଜ ଗାଁର ଜନୈକ ବ୍ୟକ୍ତିଙ୍କ ନିକଟରେ ବନ୍ଧକ ରଖି ଏକଲକ୍ଷ ସୁଧ ଆକାରରେ ଆଣିଥିଲେ। ଗତ ୨୦୨୨ ମସିହାରେ କୁନି ମୂଳ ଏବଂ ସୁଧ ଟଙ୍କା ଫେରାଇ ନିଜର ସୁନା ଗହଣା ମୁକୁଳାଇବାକୁ ଧାର ଦେଇଥିବା ଲୋକଙ୍କ ନିକଟକୁ ଯାଇଥିଲେ; କିନ୍ତୁ ସେ ଅଧିକ ଟଙ୍କା ଦାବି କରି ତାଙ୍କ ସୁନାଗହଣା ଫେରାଇ ନଥିଲେ। ଶେଷରେ ସେ ନିରାଶ ହୋଇ ବନ୍ତ ଥାନାରେ ନ୍ୟାୟ ପାଇଁ ବହୁବାର ଦ୍ୱାରସ୍ଥ ହୋଇଥିଲେ। କିନ୍ତୁ ପୁଲିସ କୌଣସି ପଦକ୍ଷେପ ନେଇ ନଥିଲା ବୋଲି ସେ ଅଭିଯୋଗ କରିଛନ୍ତି। ଥାନାରୁ ନ୍ୟାୟ ନ ମିଳିବାରୁ ସେ ଭଦ୍ରକ ଜିଲ୍ଲା ଆରକ୍ଷୀ ଅଧିକ୍ଷକଙ୍କ ଦ୍ୱାରସ୍ଥ ହୋଇଛନ୍ତି।

### ତ୍ୟାଗଭୂମି ମହୋତ୍ସବର ୪ର୍ଥ ସନ୍ଧ୍ୟା

# 'ସମସ୍ୟାକୁ ସୁଯୋଗରେ ରୂପାନ୍ତର କଲେ ଉଦ୍ୟୋଗ ନବୀକରଣ ସମ୍ଭବ'



**ଭଦ୍ରକ, ୨୭ ।୧୧, (ସମିସ):** ଆଞ୍ଚଳିକ ଉଦ୍ୟୋଗକୁ ନୂଆଗତି ଦେବା ପାଇଁ ପରିବର୍ତ୍ତନମୁଖୀ ନୀତି, ପାରଦର୍ଶୀ ପ୍ରଶାସନ ଓ କୁଶଳୀ ମାନବ ସମ୍ବଳର ଆବଶ୍ୟକତା ରହିଛି। ସମ୍ପ୍ରତି ଉଦ୍ୟୋଗପତିମାନେ ସରକାରୀ ପ୍ରକ୍ରିୟାର ବିଳମ୍ବ, ପୁଞ୍ଜି ନିବେଶରେ ସଂକଟ ଓ ସୁଦୃଢ଼ ପ୍ରଯୁକ୍ତି- ବିଦ୍ୟାର ଅଭାବ ଭଳି ସମସ୍ୟାଗୁଡ଼ିକରେ ସମ୍ମୁଖୀନ ହେଉଛନ୍ତି। ଅତ୍ୟାଧୁନିକ ନବୀକରଣ କୌଶଳ, ଦକ୍ଷତା ବିକାଶ ଓ ସମତୁଲ ସହଯୋଗ ଉପଲବ୍ଧ ହୋଇପାରିଲେ ଉଦ୍ୟୋଗ ରୂପାନ୍ତର ସମ୍ଭବ ହେବା ସହିତ ସମୟାନୁସାରୀ ନିଷ୍ପତି ଓ ଅନୁକୂଳ ପରିବେଶକୁ ନେଇ ରାଜ୍ୟରେ ଶିଳ୍ପବିକାଶ ଦ୍ରୁତ ଅଗ୍ରଗତି କରିବ ବୋଲି ଗୁରୁବାର ତ୍ୟାଗଭୂମି ମହୋତ୍ସବର ଚତୁର୍ଥ ସନ୍ଧ୍ୟାରେ 'ଉଦ୍ୟୋଗ ରୂପାନ୍ତର, ସମସ୍ୟା ଓ ସମାଧାନ' ଶୀର୍ଷକ ଆଲୋଚନାଚକ୍ରରେ ଅତିଥିମାନେ ମତବ୍ୟକ୍ତ କରିଛନ୍ତି। ତ୍ୟାଗଭୂମିର ଉପଦେଷ୍ଟା ମଣ୍ଡଳୀ ସଦସ୍ୟ ପଣ୍ଡିତ ବୀରେନ୍ଦ୍ର କୁମାର ପଣ୍ଡାଙ୍କ ପୌରୋହିତ୍ୟରେ ଆଜିର ମଞ୍ଚ ଏ ମାଟିର ଦିବଂଗତ ଶିକ୍ଷାବିତ ପ୍ରଫେସର ଡ. ସନାତନ ମହାନ୍ତିଙ୍କ ନାମରେ ଉତ୍ସର୍ଗୀକୃତ ହୋଇଥିଲା। ମୁଖ୍ୟ ଅତିଥି ଭାବେ ଭଦ୍ରକ ଓକିଲ ସଂଘର ସଭାପତି ସନ୍ତୋଷ କୁମାର ଆଚାର୍ଯ୍ୟ ଯୋଗଦେଇ ଦେଶ ଓ ରାଜ୍ୟର ଅର୍ଥନୀତିକ ବିକାଶ ତଥା ବେକାରୀ ସମସ୍ୟା ଦୂରୀକରଣରେ ଛୋଟଛୋଟ ଉଦ୍ୟୋଗ ସୃଷ୍ଟିହେବା ସହ ଶିଳ୍ପର ଆଭିମୁଖ୍ୟ ଓ ଶୃଙ୍ଖଳାଗତ ପଦ୍ଧତିର ରୂପାୟନ ହେବା ଜରୁରି ବୋଲି କହିଥିଲେ। ମୁଖ୍ୟବକ୍ତା ଭାବେ ପ୍ରାକ୍ତନ ସାଂସଦ ଅର୍ଚ୍ଚନା ନାୟକ ଯୋଗଦେଇ ସକଳ ବାଧାବିଘ୍ନ ଭିତରୁ ଭବିଷ୍ୟତର ଅନ୍ୱେଷଣ ଏକ ସାମାଜିକ ଦାୟିତ୍ୱ ବୋଲି ମତ ଦେଇଥିଲେ। ନାରୀମାନେ ମଧ୍ୟ ସଶକ୍ତ ଓ ପୁରସ୍କାର ସମକକ୍ଷ ହେବା ଉଚିତ; ମାତ୍ର ଏବେ ଆଇନର ଫାଇଦା ନାରୀମାନେ ନେଉଛନ୍ତି ଓ ପୁରୁଷ ନିର୍ଯାତନା ବଢ଼ୁଛି ବୋଲି ମତ ଦେଇଥିଲେ। ଗାନ୍ଧିଶାନ୍ତି ପ୍ରତିଷ୍ଠାନ ସମ୍ପାଦକ ତଥା ଓଡ଼ିଶା ରାଜ୍ୟ ଆଇନଜୀବୀ ପରିଷଦର ପୂର୍ବତନ ସଦସ୍ୟ ପବନ କୁମାର ଶର୍ମା ବରେଣ୍ୟ ଅତିଥି ଓ ବକ୍ତା ଭାବେ ଯୋଗଦେଇ ବିଷୟଭିତିକ ଆଲୋଚନା କରିଥିଲେ। ଏହି ଅବସରରେ ଅର୍ଥନୀତି ବିଭାଗର ଅବସରପ୍ରାପ୍ତ ପ୍ରାଧ୍ୟାପକ ତଥା ବିଶିଷ୍ଟ ଲେଖକ ଡ. ବଳରାମ ମିଶ୍ରଙ୍କୁ ଆଜିର ମଞ୍ଚ ପକ୍ଷରୁ 'ପ୍ରଫେସର ସନାତନ ମହାନ୍ତି ଶିକ୍ଷାବିତ୍ ସମ୍ମାନ'ରେ ସମ୍ବର୍ଦ୍ଧିତ କରାଯାଇଥିଲା। ଅବସରପ୍ରାପ୍ତ ଶିକ୍ଷକ ତଥା ଶିକ୍ଷାଧିକାରୀ ଗୟାଧର ପଣ୍ଡା ମାନପତ୍ର ପାଠ କରିଥିଲେ। ଆଇନଜୀବୀ ମନୋରଞ୍ଜନ ଦାସ ସ୍ୱାଗତ ଭାଷଣ ପ୍ରଦାନ କରିଥିବା ବେଳେ ଅଧିବକ୍ତା ପୂର୍ଣ୍ଣଚନ୍ଦ୍ର ମହାନ୍ତି ଅତିଥିମାନଙ୍କୁ ମଞ୍ଚ ଆହ୍ୱାନ କରିଥିଲେ। ଅବସରପ୍ରାପ୍ତ ଅବକାରୀ ଅଧୀକ୍ଷକ ଶ୍ରୀହର୍ଷ ସ୍ୱାଇଁ ଧନ୍ୟବାଦ ଅର୍ପଣ କରିଥିଲେ। ତ୍ୟାଗଭୂମି ସଭାପତି ଅଜୟ ନାୟକ, ସମ୍ପାଦକ ଗଦାଧର ବଳ, ସଂଗଠନ ସମ୍ପାଦକ ସୁଧାକର ରାଉତ, ସଦସ୍ୟ ଅଶୋକ ଦ୍ୱିବେଦୀ, ଇଂ. ଅଖିଳ କୁମାର ପାଢ଼ୀ, ଶିକ୍ଷାବିତ୍ ଗୋବର୍ଦ୍ଧନ ସାମଲ, ସାହିତ୍ୟିକ ଶାନ୍ତନୁ କୁମାର ରାଉତ, ଇଂ.ଆମ୍ବିକା ବଲ୍ଲଭ ସ୍ୱାଇଁ, ବରିଷ୍ଠ ନାଗରିକ ମଞ୍ଚ ସଭାପତି ଲଲାଟେନ୍ଦୁ ମହାନ୍ତି, ବସୁମିତ୍ରା ସାହୁ, ରାମଚନ୍ଦ୍ର ନାୟକ, ଲକ୍ଷ୍ମୀକାନ୍ତ ବାରିକ୍, ବାବୁଲାଲ୍ ଦାସ, ଗୌରାଙ୍ଗ ବାରିକ, ଶାନ୍ତନୁ ନାୟକ, ବାବୁଲାଲ ଦାସ, ଡାକ୍ତର ପ୍ରଦୀପ ନାୟକ ବିଚିତ୍ରଣନ୍ଦ ମହାନ୍ତି, ଅଧିବକ୍ତା ପର୍ଶୁରାମ ଦ୍ୱିବେଦୀ, ଚୈତାଳି ଖିଲାର, ମୁକ୍ତିକାନ୍ତ ନାୟକ ପ୍ରମୁଖ କାର୍ଯ୍ୟକ୍ରମରେ ଅଂଶଗ୍ରହଣ କରିଥିଲେ। ଏହି ଅବସରରେ ଭଦ୍ରକ 'ଉତ୍ସବ ନୃତ୍ୟାନୁଷ୍ଠାନ' ପକ୍ଷରୁ ସାଂସ୍କୃତିକ କାର୍ଯ୍ୟକ୍ରମ ପରିବେଷଣ କରାଯାଇଥିଲା।

**ଡ. ବଳରାମ ମିଶ୍ରଙ୍କୁ 'ପ୍ରଫେସର ସନାତନ ମହାନ୍ତି ଶିକ୍ଷାବିତ୍ ସମ୍ମାନ'**

### ଗୋପୀନାଥପୁର ପଞ୍ଚାୟତ ସରପଞ୍ଚଙ୍କ ନିଲମ୍ବନ ପ୍ରସଙ୍ଗ

# ନିଲମ୍ବନ ଉପରେ ସୁପ୍ରିମକୋର୍ଟଙ୍କ ସ୍ଥଗିତାଦେଶ

**ଭଦ୍ରକ, ୨୭ ।୧୧(ସମିସ):** ଦିନକୁ ଦିନ ରୋଚକ ହେଉଛି ଭଦ୍ରକ ଜିଲ୍ଲା ଚାନ୍ଦବାଲି ବ୍ଲକ ଗୋପୀନାଥପୁର ପଞ୍ଚାୟତ ସରପଞ୍ଚ ପଦବୀ। ନିଲମ୍ବନ ଓ ସ୍ଥଗିତାଦେଶକୁ ନେଇ ଚାଲିଛି ଛକାପଞ୍ଝା। ଏବେ ମାମଲା ପହଞ୍ଚିଛି ସର୍ବୋଚ୍ଚ ନ୍ୟାୟାଳୟରେ। ଆଉ ଏଠାରୁ ସରପଞ୍ଚ ପଦବୀର ନିଲମ୍ବନ ଉପରେ ସ୍ଥଗିତାଦେଶ ଆଣିଛନ୍ତି ନିଲମ୍ବିତ ସରପଞ୍ଚ ବାପୁନୁ ବାରିକ। ସୂଚନାଯୋଗ୍ୟ, ମନରେଗା କାର୍ଯ୍ୟରେ ୮ ଜଣ ନାବାଳକଙ୍କୁ କାର୍ଯ୍ୟରେ ନିୟୋଜିତ କରିଥିବା ନେଇ ସରପଞ୍ଚ ବାପୁନୁ ବାରିକଙ୍କ ବିରୋଧରେ ଅଭିଯୋଗ ହୋଇଥିଲା। ଅଭିଯୋଗର ତଦନ୍ତ ପରେ ଏହା ପ୍ରମାଣିତ ହେବା ପରେ ଉକ୍ତ କାର୍ଯ୍ୟ ବାବଦରେ ଉଠା ଯାଇଥିବା ଅର୍ଥ ବ୍ଲକ ପ୍ରଶାସନକୁ ଫେରାଇଥିଲେ; ହେଲେ କୌଣସି ବିଭାଗୀୟ କାର୍ଯ୍ୟାନୁଷ୍ଠାନ ଗ୍ରହଣ କରାଯାଇ ନ ଥିଲା। ରାଜ୍ୟରେ ସରକାର ପରିବର୍ତ୍ତନ ପରେ ଭଦ୍ରକ ଜିଲ୍ଲାପାଳଙ୍କ ସୁପାରିସ ଆଧାରରେ ରାଜ୍ୟ ପଞ୍ଚାୟତିରାଜ ସଚିବ ଉକ୍ତ ସରପଞ୍ଚଙ୍କୁ ନିଲମ୍ବନ କରିଥିଲେ। ଏହି ନିଲମ୍ବନକୁ ଚାଲେଞ୍ଜ କରି ବାପୁନୁ ବାରିକ ଉଚ୍ଚ ନ୍ୟାୟାଳୟରୁ ସ୍ଥଗିତାଦେଶ ଆଣିବାରେ ସଫଳ ହୋଇଥିଲେ। ହେଲେ ପରବର୍ତୀ ସମୟରେ ଉଚ୍ଚ ନ୍ୟାୟାଳୟ ସରପଞ୍ଚଙ୍କ ନିଲମ୍ବନକୁ ସଠିକ୍ କହିବା ସହ ଏହି ନିଲମ୍ବନ ନିଷ୍ପତିକୁ କାଏମ ରଖିଥିଲେ। ଯାହାକୁ ନେଇ ନିଲମ୍ବିତ ସରପଞ୍ଚ ସୁପ୍ରିମକୋର୍ଟଙ୍କ ଦ୍ୱାରସ୍ଥ ହୋଇଥିଲେ। ଉଚ୍ଚତମ ନ୍ୟାୟାଳୟ ରେ ଦୁଇ ଜଣିଆ ବିଚାରପତିଙ୍କ ଖଣ୍ଡ ପୀଠ ମାମଲାର ବିଚାର କରି ବିଭିନ୍ନ ପକ୍ଷଙ୍କୁ ନୋଟିସ ଜାରି କରିବା ସହ ଉଭୟ ପଞ୍ଚାୟତିରାଜ ବିଭାଗ ଓ ଉଚ୍ଚ ନ୍ୟାୟାଳୟଙ୍କ ଆଦେଶ ଉପରେ ସ୍ଥଗିତାଦେଶ ଜାରି କରିଛନ୍ତି। ଫଳରେ ପୂର୍ବବତ୍ ଶ୍ରୀ ବାରିକ ନିଜର ସରପଞ୍ଚ ପଦବି ବଜାୟ ରଖିଛନ୍ତି। ଏହି ପଛରେ ଏକ ବିରାଟ ରାଜନୈତିକ ପତିଆରା ଲଢ଼େଇ ଚାଲିଥିବା ବେଳେ ଆଗାମୀ ଦିନରେ ଏହି ଘଟଣା କି ମୋଡ଼ ନେଉଛି ତାହା ଉପରେ ସମସ୍ତଙ୍କ ନଜର ରହିଛି।

### ତୁଟୁନି ବରପଦା ଇଞ୍ଜିନିୟରିଂ କଲେଜ ବିବାଦ

# ପୁଣି ଆଇନର ଆଶ୍ରୟ ପାଇଁ ମଞ୍ଚର ପ୍ରସ୍ତୁତି



**ଭଦ୍ରକ, ୨୭ ।୧୧(ସମିସ):** ଭଦ୍ରକର ବରପଦା ଇଞ୍ଜିନିୟରିଂ କଲେଜର ବିବାଦ ଥମିବାର ନାମ ନେଉନାହିଁ। ଭଦ୍ରକ ନାଗରିକ ମଞ୍ଚ ଓ କର୍ମଚାରୀ ପ୍ରତିନିଧିଙ୍କ ପକ୍ଷରୁ ବରପଦା ଯାନ୍ତ୍ରିକ ଓ ବୈଷୟିକ ମହାବିଦ୍ୟାଳୟର ସମସ୍ୟାକୁ ନେଇ ଏକ ସାମ୍ବାଦିକ ସମ୍ମିଳନୀ ଆୟୋଜିତ ହୋଇଛି। ଏହି ସାମ୍ବାଦିକ ସମ୍ମିଳନୀରେ ବରପଦା କଲେଜକୁ ନେଇ କୋର୍ଟଙ୍କ ରାୟ ପ୍ରକାଶ ପାଇବା ପରେ ପୁଣି ଏହି ଆଦେଶକୁ ନେଇ ଉପର କୋର୍ଟକୁ ଯିବା ପାଇଁ ପ୍ରସ୍ତୁତି ଆରମ୍ଭ ହୋଇଥିବା ସୂଚନା ମିଳିଛି। ମଞ୍ଚର ଅଭିଯୋଗ ଅନୁଯାୟୀ କଲେଜର ବିଭିନ୍ନ ସମସ୍ୟାକୁ ନେଇ ହୋଇଥିବା ସମସ୍ତ ଅଭିଯୋଗର ସମାଧାନ ହୋଇନାହିଁ। ଏ ନେଇ ମୁଖ୍ୟମନ୍ତ୍ରୀଙ୍କୁ ମଧ୍ୟ ଭେଟି ଅଭିଯୋଗ ବିଷୟରେ ପ୍ରତିନିଧି ଦଳ ଦୁଇ ଥର ଅବଗତ କରାଇଛନ୍ତି। ଖୁବ୍ ଶୀଘ୍ର ସମସ୍ୟା ସମାଧାନ କରିବା ପାଇଁ ମୁଖ୍ୟମନ୍ତ୍ରୀ ପ୍ରତିଶ୍ରୁତି ଦେଇଥିବା କହିଛନ୍ତି। ତେବେ ବହୁ ପୂର୍ବରୁ କଲେଜ ସମସ୍ୟାକୁ ନେଇ ପୁଲିସ ଓ ପ୍ରଶାସନର ଅବହେଳା ଯୋଗୁଁ ଅନେକ କର୍ମଚାରୀ ଦରମା ନ ପାଇବା ସହ ଅତ୍ୟାଚାରିତ ହେଉଛନ୍ତି। ଆଗାମୀ ଦିନରେ ପୁଣି ଆଇନର ଆଶ୍ରୟ ନେବା ସହ କର୍ମଚାରୀଙ୍କ ପାଇଁ ପଦକ୍ଷେପ ନେବ ବୋଲି ମଞ୍ଚ କାର୍ଯ୍ୟକର୍ତ୍ତା ଯୁଧିଷ୍ଠିତର ପଣ୍ଡା, ଅଜୟ ପଣ୍ଡା, କର୍ମଚାରୀ ସଂଘର ଶ୍ରୀକାନ୍ତ ମହାପାତ୍ର ଓ ବିଜୟ କୁମାର ରାଉତ ପ୍ରମୁଖ ଗଣମାଧ୍ୟମକୁ ସୂଚନା ଦେଇଛନ୍ତି।

# ବସ୍ ଧକ୍କାରେ ବାଇକ୍ ଚାଳକ ମୃତ; ଉତ୍ତ୍ୟକ୍ତ ଲୋକଙ୍କ ରାସ୍ତା ଅବରୋଧ

**ବନ୍ତ/ଆଗରପଡ଼ା, ୨୭ ।୧୧(ସମିସ):** ବନ୍ତ ଥାନା ଅଧୀନ ଛୟାଳସିଂହ ପଞ୍ଚାୟତ ହାଟଡିହି ଛକ ନିକଟରେ ଏକ ବସ୍ ଧକ୍କାରେ ଜଣେ ବାଇକ ଚାଳକଙ୍କ ମୃତ୍ୟୁ ଘଟିଥିବାବେଳେ ଅନ୍ୟ ଜଣେ ଆରୋହୀ ଗୁରୁତର ଅବସ୍ଥାରେ ଜିଲ୍ଲା ମୁଖ୍ୟ ଚିକିତ୍ସାଳୟରେ ଭର୍ତ୍ତିରି ହୋଇଥିବା ଜଣାପଡ଼ିଛି। ସୂଚନା ମୁତାବକ, ବାବା ବିଶ୍ୱନାଥ ନାମକ ଏକ ଘରୋଇ ବସ୍ ଆନନ୍ଦପୁର ପଟୁ ଭଦ୍ରକ ଅଭିମୁଖେ ଯାଉଥିବା ସମୟରେ ବରପଦା ପଟୁ ଏକ ବାଇକ୍ ଯୋଗେ ଟିଲୋ ଅଞ୍ଚଳର ଦୁଇଜଣ ଯୁବକ ବନ୍ତ ଆଡ଼କୁ ଫେରୁଥିବା ସମୟରେ ବସ୍ ସହ ମୁହାଁମୁହିଁ ଧକ୍କା ହୋଇଥିଲା। ଘଟଣା ସ୍ଥଳରେ ବାଇକ୍ ଚାଳକଙ୍କ ମୃତ୍ୟୁ ଘଟିଥିବାବେଳେ। ବାଇକ୍ ପଛରେ ବସିଥିବା ଅନ୍ୟ ଜଣେ ଯୁବକ ଗୁରୁତର ହୋଇ ଜିଲ୍ଲା ମୁଖ୍ୟ ଚିକିତ୍ସାଳୟରେ ଭର୍ତ୍ତି ହୋଇଛନ୍ତି। ତେବେ ଦୁର୍ଘଟଣାକୁ ନେଇ ଘଟଣାସ୍ଥଳରେ ଉତ୍ତେଜନା ଦେଖାଯିବା ସହ ଉତ୍ତ୍ୟକ୍ତ ଲୋକେ ଟାୟାର ଜାଳି ରାଜ୍ୟ ରାଜପଥକୁ ଅବରୋଧ କରିଥିଲେ। ଖବର ପାଇ ବନ୍ତ ପୁଲିସ ଏବଂ ଅତିରିକ୍ତ ତହସିଲଦାର ପହଞ୍ଚି ଲୋକଙ୍କୁ ବୁଝାସୁଝା କରିବା ପରେ ରାସ୍ତା ଅବରୋଧ ହଟିଥିଲା। ପରେ ମୃତଦେହକୁ ବ୍ୟବଚ୍ଛେଦ ପାଇଁ ଜିଲ୍ଲା ମୁଖ୍ୟ ଚିକିତ୍ସାଳୟକୁ ପଠାଯାଇଥିବା ସୂଚନା ମିଳିଛି।



# ଜଗନ୍ନାଥପ୍ରସାଦରେ ଅଗ୍ନିକାଣ୍ଡ

**ବାରିକପୁର, ୨୭ ।୧୧(ସମିସ):** ଭଣ୍ଡାରିପୋଖରୀ ବ୍ଲକ ଆଖୁଆପଦା ନିକଟସ୍ଥ ଜଗନ୍ନାଥ ପ୍ରସାଦ ଗାଁରେ ଅଗ୍ନିକାଣ୍ଡ ଘଟିଥିବା ଜଣାପଡ଼ିଛି। ସୂଚନା ମୁତାବକ ଆଜି ଅପରାହ୍ନ ୪.୩୦ ମିନିଟ୍ ସମୟରେ ଗାଁର ଅଶୋକ ମହାପାତ୍ରଙ୍କ ଗୁହାଳ ଘରେ ନିଆଁ ଲାଗିଥିଲା। ଗ୍ରାମବାସୀ ନିଆଁକୁ ଆୟତ୍ତ କରି ଦମକଳ ବାହିନୀକୁ ଖବର ଦେଇଥିଲେ। ଖବର ପାଇ ଅଗ୍ନିଶମ ବିଭାଗ କର୍ମଚାରୀ ଘଟଣାସ୍ଥଳରେ ପହଞ୍ଚି ଅଗ୍ନିକାଣ୍ଡକ ଆୟତ୍ତ କରିଥିଲେ। ନିଆଁ ଲାଗିବା ଯୋଗୁଁ ଦୁଇ ବଖରା ଗୁହାଳ ଘର ସମ୍ପୂର୍ଣ୍ଣ ନଷ୍ଟ ହୋଇଛି। ଉକ୍ତ ଅଘଟଣରୁ ୪ଟି ଗୋରୁ ବର୍ତ୍ତି ଯାଇଛନ୍ତି। ତେବେ ଗାଁ ଦାଣ୍ଡରେ କେହି ବାଣ ଫୁଟାଉ ଥିବା ବେଳେ ଏହି ଅଗ୍ନିକାଣ୍ଡ ଘଟିଥିବା କୁହାଯାଉଛି।

# କୁଚ୍ ବିହାର ଟ୍ରଫି ପାଇଁ ସ୍ୱୟଂମ୍ଭୁ ମନୋନୀତ



**ଭଦ୍ରକ, ୨୭ ।୧୧(ସମିସ):** ଜାତୀୟ ସ୍ତରୀୟ ୧୯ ବର୍ଷରୁ କମ୍ ବାଳକ କ୍ରିକେଟ୍ କୁଚ୍ ବିହାର ଟ୍ରଫି ପ୍ରତିଯୋଗିତା ନିମନ୍ତେ ଓଡ଼ିଶା ଦଳରେ ଭଦ୍ରକରୁ ସ୍ୱୟଂମ୍ଭୁ ପଲାଇ ମନୋନୀତ ହୋଇଛନ୍ତି। ଏହି ପ୍ରତିଯୋଗିତା ଉତ୍ତରାଖଣ୍ଡର କାଶୀପୁରରେ ଡିସେମ୍ବର ୧ରୁ ଆରମ୍ଭ ହେବ। ଏଥି ନିମନ୍ତେ ଓଡ଼ିଶା କ୍ରିକେଟ ଆଶୋସିଏସନ୍ ତାର ଖେଳାଳିଙ୍କ ନାମ ଘୋଷଣା କରିଛି। ତାଙ୍କର ଏହି ସଫଳତା ପାଇଁ ଭଦ୍ରକ ଜିଲ୍ଲା କ୍ରିକେଟ ସଂଘ ସମ୍ପାଦକ ଧିରେନ୍ ପଲାଇ, କୋଷାଧକ୍ଷ ବ୍ୟୋମୋକେଶ ସେନାପତି, ଉପସଭାପତି ଯତିକାନ୍ତ ନାୟକ ଓ ବ୍ରଜନାରାୟଣ ଜେନା ଓ ଉପ ସାଧାରଣ ସମ୍ପାଦକ ବିଜୟ ଲଖାନୀ ଓ ସୁଦାମ୍ ନାୟକ, ପୂର୍ବତନ ସଭାପତି ଉପେନ୍ଦ୍ର ବାରିକ୍ ପ୍ରମୁଖ ଶୁଭେଚ୍ଛା ଜଣାଇଛନ୍ତି।

# କବାଟ ଭାଙ୍ଗି ଘରୁ ଅଳଙ୍କାର ଚୋରି

**ଦୋବଲ, ୨୭ ।୧୧(ସମିସ):** ଦୋବଲ ଜୋନ ଅନ୍ତର୍ଗତ ମୁସ୍ତଫାପୁର ପଞ୍ଚାୟତ ବେଲମଳା ଗ୍ରାମରେ ହରପ୍ରିୟା ସ୍ୱାଇଁଙ୍କ ଘରୁ ଗଡ଼ରେଜ ଭାଙ୍ଗି ୨ଟି ସୁନା ଚେନ୍, ୨ ହଳ କାନଫୁଲ ଓ ପ୍ରାୟ ୫୦ ହଜାର ଟଙ୍କା ଲୁଟିନେଇଥିବା ଥାନାରେ ଅଭିଯୋଗ ହୋଇଛି। ଖବର ପାଇ ଏସ୍ଆଇ ନାରାୟଣ ନାୟକ ସନ୍ଧାନୀ କୁକୁର ଓ ବୈଜ୍ଞାନିକ ଟିମ ସହ ଘଟଣାସ୍ଥଳରେ ପହଞ୍ଚି ତଦନ୍ତ ଆରମ୍ଭ କରିଛନ୍ତି।

# ଅବସରପ୍ରାପ୍ତ ବାୟୁସେନା ଅଧିକାରୀଙ୍କ ପରଲୋକ





**ଭଦ୍ରକ, ୨୭ ।୧୧(ସମିସ):** ଭଦ୍ରକରେ ଅବସ୍ଥାନ କରୁଥିବା ପୂର୍ବତନ ବାୟୁସେନା ଅଧିକାରୀ ପରମେଶ୍ୱର ମଲ୍ଲିକଙ୍କ ୬୪ବର୍ଷ ବୟସରେ ହୃଦ୍‌ଘାତରେ ପରଲୋକ ଘଟିଛି। ତାଙ୍କ ବିୟୋଗ ଖବର ପାଇ ବାୟୁସେନା ଭୁବନେଶ୍ୱର କାର୍ଯ୍ୟାଳୟ ତରଫରୁ ଭାରତୀୟ ବାୟୁସେନାର ୩ଟି ବିଭାଗରୁ ଫୁଲତୋଡା ସହ ତାଙ୍କ ଭଦ୍ରକ ଗବସାହି ସ୍ଥିତ ବାସଭବନରେ ଶେଷ ସମ୍ମାନ ପ୍ରଦର୍ଶନ ପୂର୍ବକ ସାମରିକ ଅଭିବାଦନ ପ୍ରଦାନ କରାଯିବ। ତାଙ୍କର ମରଶରୀରକୁ ଜାତୀୟ ପତାକା ଦ୍ୱାରା ଆଚ୍ଛାଦନ କରାଯାଇ ବାୟୁସେନାର ଯବାନମାନଙ୍କ ଦ୍ୱାରା ସମ୍ମାନିତ କରାଯାଇଥିଲା। ତାଙ୍କ ମୃତ୍ୟୁ ଖବର ପାଇ ବରିଷ୍ଠ ଶଲ୍ୟ ବିଶେଷଜ୍ଞ ଡାକ୍ତର ପ୍ରଭାସ କୁମାର ମହାନ୍ତି, ବିଶିଷ୍ଟ ବାସ୍ତୁବିତ ପଲ୍ଲଭ କୁମାର କର, ବାୟୁସେନା କମାଣ୍ଡିଂ ଅଫିସର ଅରବିନ୍ଦ ମହାନ୍ତି, ଅବସରପ୍ରାପ୍ତ ସେନା ଅଧିକାରୀ ଧନେଶ୍ୱର ବିଶ୍ୱାଳ, ଗଜେନ୍ଦ୍ର ପ୍ରସାଦ ଦାସ, ଇଂ.ମହେଶ ଦାସ, ଅବସରପ୍ରାପ୍ତ ବ୍ୟାଙ୍କ ଅଧିକାରୀ ପରମାନନ୍ଦ ସାହୁ ପ୍ରମୁଖ ତାଙ୍କ ବାସଭବନରେ ଶେଷ ଦର୍ଶନ କରିଥିଲେ। ମୃତ୍ୟୁ ଶଯ୍ୟା ନିକଟରେ ଆତ୍ମୀୟସ୍ୱଜନ ଉପସ୍ଥିତ ଥିଲେ। ସାହାପୁର ମଶାଣିକୁ ନିଆଯାଇ ଶେଷକୃତ ସମ୍ପନ୍ନ କରାଯାଇଥିଲା। ତାଙ୍କ କନ୍ୟା ଡାକ୍ତର ଅର୍ଚ୍ଚନା ମଲ୍ଲିକ ମୁଖାଗ୍ନି ଦେଇଥିଲେ।

# ଛାତ୍ରଛାତ୍ରୀଙ୍କୁ ପୋଷାକ ବିତରଣ

**ଦୋଳସାହି, ୨୭ ।୧୧(ସମିସ):** ତିହିଡି ବ୍ଲକ ଅଧୀନ କୁବେରା ପଞ୍ଚାୟତ ଇଟାଗଡ଼ି ସରକାରୀ ଉଚ୍ଚ ପ୍ରାଥମିକ ବିଦ୍ୟାଳୟରେ ପୋଷାକ ବିତରଣ ଉତ୍ସବ ପ୍ରଧାନ ଶିକ୍ଷକ ବିଜୟ କୁମାର ପଣ୍ଡାଙ୍କ ଅଧ୍ୟକ୍ଷତାରେ ଅନୁଷ୍ଠିତ ହୋଇଯାଇଛି। ଆଲୁମିନି କମିଟି ସଭାପତି ଗଣେଶ ପ୍ରସାଦ ରାଉତ, ପରିଚାଳନା କମିଟି ର ସଭାପତି ଶରତ କୁମାର ବେହେରା, ପୂର୍ବତନ ସଭାପତି ଲକ୍ଷ୍ମୀଧର ସେଠୀ ପ୍ରମୁଖ ଉପସ୍ଥିତ ରହି ଛାତ୍ରଛାତ୍ରୀଙ୍କୁ ପୋଷାକ ବିତରଣ କରିଥିଲେ।

# ଥାନାରେ ସମ୍ବିଧାନ ଦିବସ ପାଳନ ଓ ଶପଥ ପାଠ



**ଧାମନଗର, ୨୭ ।୧୧(ସମିସ):** ଧାମନଗର ଥାନାରେ ଥାନାଧିକାରୀ ରଞ୍ଜନ କୁମାର ସେଠୀଙ୍କ ତତ୍ତ୍ୱାବଧାନରେ ସମ୍ବିଧାନ ଦିବସ ପାଳିତ ହୋଇଛି। ଏହି ଅବସରରେ ଏସଆଇ ପ୍ରଦୀପ ନାୟକ, ନାରାୟଣ ଚନ୍ଦ୍ର ନାୟକ, ମହେଶ୍ୱର ପ୍ରଧାନ, ଏଏସଆଇ ସୁଜିତ ରାଉତ, ଲରେନ୍ସ କୁଜୁରୁ, ନରେନ୍ଦ୍ର ରାଉତ, କଳ୍ପନା ରାଉତ ଓ କନେଷ୍ଟବଳ ଜୟନ୍ତୀ ଶତପଥୀ, ନୀଳମଣି ବିଳାସଙ୍କ ସମେତ ଥାନାର ଅନ୍ୟ କର୍ମଚାରୀ ଯୋଗଦେଇ ସମ୍ବିଧାନର ମୁଲ୍ୟବୋଧକୁ ସମ୍ମାନ ଜଣାଇ ରାଷ୍ଟ୍ର ଗଠନ ନିମନ୍ତେ ଶପଥ ପାଠ କରିଥିଲେ। ପ୍ରତି ବର୍ଷ ନଭେମ୍ବର ୨୬ ତାରିଖକୁ ସମ୍ବିଧାନ ଦିବସ ଭାବରେ ପାଳନ କରାଯାଏ। ୧୯୪୯ ମସିହା ନଭେମ୍ବର ୨୬ ରେ ଭାରତ ସମ୍ବିଧାନକୁ ଗ୍ରହଣ କରିଥିଲା ଏବଂ ୧୯୫୦ ମସିହା ଜାନୁଆରୀ ୨୬ରେ ଏହାକୁ ଭାରତରେ ଲାଗୁ କରାଯାଇଥିଲା। ୨୦୧୫ ମସିହାରେ ନାଗରିକଙ୍କ ମଧ୍ୟରେ ସମ୍ବିଧାନର ମୂଲ୍ୟବୋଧକୁ ପ୍ରୋତ୍ସାହିତ କରିବା ପାଇଁ କେନ୍ଦ୍ର ସାମାଜିକ ନ୍ୟାୟ ମନ୍ତ୍ରଣାଳୟ ପ୍ରତିବର୍ଷ ନଭେମ୍ବର ୨୬କୁ ସମ୍ବିଧାନ ଦିବସ ଭାବରେ ପାଳନ କରିବାକୁ ନିଷ୍ପତ୍ତି ନେଇଛି। କାଶ୍ମୀରଠାରୁ କନ୍ୟାକୁମାରୀ ପର୍ଯ୍ୟନ୍ତ ବ୍ୟାପିଥିବା ଏହି ବିଶାଳ ଦେଶରେ ବିଭିନ୍ନ ପ୍ରକାର ଭାଷା, ଉପଭାଷା, ପୋଷାକ, ଖାଦ୍ୟ ପାନୀୟ ଏବଂ ଅନ୍ୟାନ୍ୟ ପରିବର୍ତନ ଦେଖିବାକୁ ମିଳିଥାଏ। ଏପରି ସ୍ଥିତିରେ ସମ୍ବିଧାନ ହେଉଛି ଏମିତି ଏକ ବିଚାରଧାରା ଯାହା ପ୍ରତ୍ୟେକ ଭାରତୀୟ ନାଗରିକଙ୍କୁ ଏକତ୍ର ବାନ୍ଧି ରଖିଥାଏ। ଏହି ପରିପ୍ରେକ୍ଷୀରେ ସାରା ଦେଶରେ ସମ୍ବିଧାନ ଦିବସ ପାଳନ କରାଯାଉଛି।

# ସମବାୟ ସଚିବଙ୍କ ଉନ୍ନୟନ ମୂଳକ ଯୋଜନା ସମୀକ୍ଷା

ଭଦ୍ରକ, ୨୭ ।୧୧(ସମିସ)



ବୁଧବାର ସମୀକ୍ଷା ବୈଠକ ପରେ ଭଦ୍ରକ ଜିଲ୍ଲା ପ୍ରଭାରୀ ତଥା ରାଜ୍ୟ ସମବାୟ ବିଭାଗ ସଚିବ ରାଜେଶ ପ୍ରଭାକର ପାଟିଲ, ଭଦ୍ରକ ବାଗୁରାଇ ସ୍ଥିତ ଇନଡୋର ଷ୍ଟାଡିୟମ ଠାରେ ପହଞ୍ଚି ସେଠାରେ ଖେଳୁଥିବା ପିଲାମାନଙ୍କ ସହିତ କଥାବାର୍ତ୍ତା କରିଥିଲେ। ଖେଳ ଦୁନିଆରେ ନିଜକୁ କିପରିଭାବେ ଓଡ଼ିଶା ଏବଂ ସାରା ଭାରତ ବର୍ଷରେ ପରିଚୟ ସୃଷ୍ଟି କରିବା ସହିତ ଓଡ଼ିଶାକୁ ବିଶ୍ୱସ୍ତରରେ ପରିଚିତ କରାଇବା ପାଇଁ ପରାମର୍ଶ ଦେଇଥିଲେ। ଗୁରୁବାର ସେ ପ୍ରଥମେ ବରପଦା ଅଙ୍ଗନବାଡି କେନ୍ଦ୍ର ପରିଦର୍ଶନ କରିବା ସହିତ କୁନି କୁନି ପିଲାଙ୍କ ସହିତ ଭାବ ବିନିମୟ କରିଥିଲେ। ପିଲାମାନଙ୍କ ଖାଦ୍ୟର ମାନ, ଶିକ୍ଷାର ମାନ କିଭଳିଭାବେ ଉନ୍ନତ କରିହେବ ସେ ଦିଗରେ ଅଙ୍ଗନବାଡି କର୍ମୀଙ୍କୁ ପରାମର୍ଶ ଦେଇଥିଲେ। ପରେ ଡି.ଏ.ଏସ୍ ସରକାରୀ ହାଇସ୍କୁଲ ପରିଦର୍ଶନ କରି ଉପସ୍ଥିତ ଥିବା ଶିକ୍ଷକ ଏବଂ ପିଲାଙ୍କ ସହ ଉନ୍ନତ ଶିକ୍ଷାଦାନ ଓ ଗୁଣାତ୍ମକ ମଧ୍ୟାନ ଭୋଜନ ବିଷୟରେ ଆଲୋଚନା କରିଥିଲେ। ଏହାପରେ ହରିପୁର ସ୍ଲଜ ଷ୍ଟୋରେଜ ସେଣ୍ଟର କାର୍ଯ୍ୟର ତଦାରଖ କରିଥିଲେ। ପରେ ଭଦ୍ରକ ବ୍ଲକ କୋର୍କରା ସ୍ଥିତ କାନ୍ତକବି ଲକ୍ଷ୍ମୀକାନ୍ତ ମହାପାତ୍ର ମେମୋରିଆଲ ପାର୍କ ପରିଦର୍ଶନ କରି କାର୍ଯ୍ୟର ଅଗ୍ରଗତି ଉପରେ ସମୀକ୍ଷା କରିଥିଲେ ଓ ବାକିଥିବା କାର୍ଯ୍ୟକୁ ସମୟସୀମା ମଧ୍ୟରେ ଶେଷ କରିବାକୁ ନିର୍ଦ୍ଦେଶ ଦେଇଥିଲେ। ଏହା ପରେ ପୌରପାଳିକା ଅତ୍ୟାଧୁନିକ ପାଠାଗାରକୁ ପରିଦର୍ଶନ କରି ସମସ୍ତ ପାରିପାର୍ଶ୍ୱିକ ସ୍ଥିତି ତଦାରଖ କରିଥିଲେ। ଶେଷରେ ଆହାର କେନ୍ଦ୍ର ପରିଦର୍ଶନ କରି ଖାଦ୍ୟର ମାନ ଯାଞ୍ଚ କରିଥିଲେ। ତାଙ୍କ ସହିତ ଜିଲ୍ଲାପାଳ ଦିଲୀପ ରାଉତରାଏ, ଉପଜିଲ୍ଲାପାଳ ସୌରଭ ଚକ୍ରବର୍ତୀ, ଓ.ଏସ୍.ଡି, ଜିଲ୍ଲା କ୍ରୀଡା ଉପବିଭାଗ ରମେଶ ମହାନ୍ତି ଉପସ୍ଥିତ ଥିଲେ।

## କାଠ ଚୋରା ଚାଲାଣ: ବନ ବିଭାଗ ନିରବ

ଅସୁରାଳି,୨୭।୧୧(ସମିସ): ପ୍ରତିଦିନ ବନ ବିଭାଗର ନାକ ତଳେ ଚୋରା କାଠର ଚାଲିଛି କାରବାର। ମାତ୍ର ବନ ବିଭାଗ ସବୁ ଜାଣି ଅଜଣାର ଅଭିନୟ କରୁଛି। ପ୍ରତିଦିନ ପିକ୍‌ଅପ୍ ଭ୍ୟାନ୍, ଟ୍ରକ୍‌ରେ ମୂଲ୍ୟବାନ ଚୋରା କାଠ ଝାଟିଆସାହି-ମଙ୍ଗଳପୁର ଦେଇ ଚାଲାଣ ହେଉଥିବାବେଳେ ବନ ବିଭାଗ ଅଧିକାରୀ ସମ୍ପୂର୍ଣ୍ଣ ନିରବ ସାଜିଛି। ଚୋରା କାଠ ବୋଝେଇ ଗାଡ଼ିର କାଗଜପତ୍ର ସଠିକ୍ ଭାବେ ଯାଞ୍ଚ କରାଯାଉ ନ ଥିବା ଯୋଗୁଁ ଖୁଲମ୍‌ଖୋଲା ଚୋରା କାଠ କାରବାର ଚାଲିଛି। ପୁଣି ବେଆଇନ କାଠ ଚାଲାଣ ଗାଡ଼ି ଧରିଲେ ମଧ୍ୟ ବେପାରୀମାନେ ବନ ବିଭାଗ ଅଧିକାରୀଙ୍କ ସହ ମୂଲଚାଲ କରି ଗାଡ଼ିକୁ ଛାଡ଼ି ଦେଉଛନ୍ତି। ବାରମ୍ବାର ସାଧାରଣ ଜନତା ଏନେଇ ଅଭିଯୋଗ କରିଥିଲେ ମଧ୍ୟ ବନ ବିଭାଗ ଅଧିକାରୀ ଚେଇଁ ଶୋଇଛନ୍ତି। ଧାମନଗରରୁ ଦୋବଲ ଯାଏଁ ଛତୁ ଫୁଟିଲା ପରି ବେଆଇନ କରତକଳ ରହିଛି। ଏ ପ୍ରସଙ୍ଗରେ ରେଞ୍ଜର ବାବୁଲ ମଲ୍ଲିକଙ୍କୁ ପଚାରିବାରୁ ଖୁବ୍‌ଶୀଘ୍ର କାର୍ଯ୍ୟାନୁଷ୍ଠାନ ଗ୍ରହଣ କରାଯିବ ବୋଲି କହିଛନ୍ତି।

## ଦୁର୍ଘଟଣାରେ ବ୍ୟବସାୟୀଙ୍କ ମୃତ୍ୟୁ



ଦୋଳସାହି,୨୭।୧୧(ସମିସ): ତିହିଡ଼ି ଥାନା ଅନ୍ତର୍ଗତ ଗୁଆମାଳ ପଞ୍ଚାୟତର ଯୁବ ବ୍ୟବସାୟୀ ପ୍ରିୟରଞ୍ଜନ ବେହେରା(୪୫)ଙ୍କର ସଡ଼କ ଦୁର୍ଘଟଣାରେ ମୃତ୍ୟୁ ହୋଇଛି। ସୂଚନା ମୁତାବକ, ଗୁଆମାଳ ପଞ୍ଚାୟତର ମୋଡ଼ସାହି ଗାଁର ଶଶିକାନ୍ତ ବେହେରାଙ୍କ ବଡ଼ପୁଅ ରଞ୍ଜନ ବୁଧବାର ରାତିରେ ଏକ ବିବାହ କାର୍ଯ୍ୟକ୍ରମରେ ଯୋଗଦେଇ ବାଇକ୍‌ରେ ଫେରୁଥିବା ସମୟରେ ସଡ଼କ ଦୁର୍ଘଟଣାରେ ପ୍ରାଣ ହରାଇଥିବା ଜଣାଯାଇଛି। ବୁଧବାର ବିଳମ୍ବିତ ରାତିରେ ସାବରଙ୍ଗ ଥାନା ବେନ୍ତାଳ ପଞ୍ଚାୟତର ବାରାକୋଇଲି ଛକଠାରେ ଏହି ଦୁର୍ଘଟଣା ଘଟିଥିବା ସୂଚନା ମିଳିଛି।

## ଶିଶୁ ଆଶ୍ରମରେ ଶ୍ରାଦ୍ଧୋତ୍ସବ ପାଳିତ



ଭଦ୍ରକ,୨୭।୧୧(ସମିସ): ଭଦ୍ରକ ଜିଲ୍ଲା ତିହିଡ଼ି ବ୍ଲକ୍ ଦୋଳସାହିସ୍ଥିତ ଯୋଗୀ ଋଷି ଲଛମନ ଦାସ ଶିଶୁ ଆଶ୍ରମରେ ଧର୍ମପ୍ରାଣା ମହିଳା ସ୍ନେହଲତା ପଣ୍ଡାଙ୍କ ୨ୟ ଶ୍ରାଦ୍ଧବାର୍ଷିକୀ ପାଳିତ ହୋଇଯାଇଛି। ଏଥିରେ ସମାଜସେବୀ ସୁରେଶ ମହାନ୍ତି, ଗୀତାଞ୍ଜଳି ଖୁଣ୍ଟିଆ, ସାମ୍ବାଦିକ ଉମାକଲ୍ୟାଣ ମହାପାତ୍ର ପ୍ରମୁଖ ଯୋଗଦେଇ ସ୍ୱର୍ଗତା ପଣ୍ଡାଙ୍କ ସ୍ମୃତିଚାରଣ କରିଥିଲେ। ଅନ୍ୟମାନଙ୍କ ମଧ୍ୟରେ ଅନିତା ଦାଶ, ଲକ୍ଷ୍ମୀବାଇ ପଣ୍ଡା, ଅମ୍ରିତା ପଣ୍ଡା, ମିଶିତା, ଲକସିତା ଓ ସଞ୍ଜିତା ପ୍ରମୁଖ ଉପସ୍ଥିତ ଥିଲେ। ସ୍ୱର୍ଗତ ପଣ୍ଡାଙ୍କ ପୁତ୍ର ରାଜେଶ ଓ ରାକେଶ ସମସ୍ତଙ୍କୁ କୃତଜ୍ଞତା ଜ୍ଞାପନ କରିଥିଲେ। ଆଶ୍ରମର ଜ୍ୟୋତିପ୍ରକାଶ ପତି ସମସ୍ତ କାର୍ଯ୍ୟକ୍ରମ ପରିଚାଳନା କରିଥିଲେ।

## ଆଦିବାସୀ ବସ୍ତିରେ କମ୍ବଳ ବଣ୍ଟନ



ଭଣ୍ଡାରିପୋଖରୀ,୨୭।୧୧(ସିମସ): ଭଣ୍ଡାରିପୋଖରୀ ବ୍ଲକ୍ ମଞ୍ଜୁରୀରୋଡ୍ ଚୁଆଗଡ଼ିଆ ଆଦିବାସୀ ବସ୍ତିରେ 'ସାପ' ସଂଗଠନ ପକ୍ଷରୁ ଗୁରୁବାର କମ୍ବଳ ବିତରଣ କରାଯାଇଛି। ସଂଗଠନର ସଦସ୍ୟ ତଥା ବ୍ଲକ୍ ଉପାଧ୍ୟକ୍ଷ ପ୍ରଣିତକାନ୍ତି ସାମଲ, ଦେବଦତ୍ତ ବିଶ୍ୱାଳ, ସଞ୍ଜିବ ରାଉତ, ପ୍ରକାଶ ମହାପାତ୍ର, ରବିନ୍ଦ୍ର ଜେନା, ଶରତ ଚନ୍ଦ୍ର ପଲାଇ, ଚିନ୍ମୟ ସାମଲ, ପ୍ରଶାନ୍ତ ବାରିକ ପ୍ରମୁଖ ସ୍ଥାନୀୟ ୱାର୍ଡ ସଦସ୍ୟା ବୁଦୁଣି ବିରୂଆ(ରୂପାଲି)ଙ୍କ ସହଯୋଗରେ କମ୍ବଳ ବିତରଣ କରିଥିଲେ।

## ଚେକ୍ ବାଉନ୍ସ ମାମଲାରେ ୩ ମାସ ଜେଲ୍ ଦଣ୍ଡାଦେଶ

ଭଣ୍ଡାରିପୋଖରୀ,୨୭।୧୧(ସମିସ): ମଞ୍ଜୁରୀରୋଡ୍ ଫାଣ୍ଡି ଅନ୍ତର୍ଗତ ଖପୁରିଆପଦା ଗାଁର ସୁମନ୍ତଶେଖର ପଣ୍ଡାଙ୍କୁ ଚେକ୍ ବାଉନ୍ସ ମାମଲାରେ ୩ ମାସ ଜେଲ୍ ଦଣ୍ଡାଦେଶ ହୋଇଥିବା ଜଣାଯାଇଛି। ନାଆମୀ ସେବା ସମବାୟ ସମିତିକୁ ଋଣ ପରିଶୋଧ କରିବା ପାଇଁ ପ୍ରଦାନ କରିଥିବା ଚେକ୍ ବାଉନ୍ସ ହୋଇଥିବା ମାମଲାର ବିଚାର କରି ଭଦ୍ରକ ବିଚାର ବିଭାଗୀୟ ମାଜିଷ୍ଟ୍ରେଟ୍-୨ ଏହି ଦଣ୍ଡାଦେଶ ଶୁଣାଇଛନ୍ତି। ବିବରଣୀରୁ ପ୍ରକାଶ ଯେ, ସୁମନ୍ତ ୨୦୦୬ ଜୁଲାଇ ୩୧ରେ ନାଆମୀ ସମବାୟ ସମିତିରୁ ୪ ଲକ୍ଷ ୨୦ ହଜାର ଟଙ୍କା ଋଣ ନେଇଥିଲେ। ଋଣ ଚୁକ୍ତିମୁତାବକ ଧାର୍ଯ୍ୟ ସମୟସୀମା ମଧ୍ୟରେ ସୁମନ୍ତ ସୁଧମୂଳ ଫେରସ୍ତ କରି ନ ଥିଲେ। ମାତ୍ର ଋଣ ପରିଶୋଧ ପାଇଁ ସେ ୫ ଲକ୍ଷ ୩୫ ହଜାର ୧୫୦ ଟଙ୍କାର ୦୯୫୧୪୨ନଂ ଚେକ୍ ଯୋଗେ ବାଲେଶ୍ୱର-ଭଦ୍ରକ କେନ୍ଦ୍ର ସମବାୟ ବ୍ୟାଙ୍କ ଭଣ୍ଡାରିପୋଖରୀ ଶାଖାକୁ ୨୦୧୩ ଜୁନ୍ ୫ ତାରିଖରେ ପ୍ରଦାନ କରିଥିଲେ। ଅର୍ଥ ଉଠାଣ ପାଇଁ ଏହି ଚେକ୍ ସମ୍ପୃକ୍ତ ବ୍ୟାଙ୍କ ଶାଖାରେ ପରଦିନ ଦାଖଲ ହୋଇଥିଲା। ମାତ୍ର ବ୍ୟାଙ୍କ ଜମାଖାତାରେ ଅର୍ଥ ନ ଥିବାରୁ ସମ୍ପୃକ୍ତ ଚେକ୍ ଯୋଗେ ଅର୍ଥ ଉଠାଣ ହୋଇପାରି ନ ଥିଲା। ଏ ସମ୍ପର୍କରେ ସୁମନ୍ତଙ୍କୁ ୨୦୧୩ ଜୁନ୍ ୨୪ ତାରିଖରେ ଓକିଲ ନୋଟିସ ଯୋଗେ ଜଣାଇ ଦିଆଯାଇ ଅର୍ଥ ପୈଠ ପାଇଁ ସୁଯୋଗ ଦିଆଯାଇଥିଲା। କିନ୍ତୁ ସେ ଏହାକୁ କର୍ଣ୍ଣପାତ କରି ନ ଥିଲେ। ନାଆମୀ ସେବା ସମବାୟ ସମିତି ପକ୍ଷରୁ ଭଦ୍ରକ ବିଚାର ବିଭାଗୀୟ ମାଜିଷ୍ଟ୍ରେଟ୍-୨ଙ୍କ ଅଦାଲତରେ କେସ୍ ନଂ ୯୭୩/୨୦୧୩ ଦାୟର କରାଯାଇଥିଲା। ଏହାର ବିଚାର କରି ଗତ ଅଗଷ୍ଟ ୭ ତାରିଖରେ ସୁମନ୍ତଙ୍କୁ ଚେକ୍ ବାଉନ୍ସ ମାମଲାରେ ଦୋଷୀ ସାବ୍ୟସ୍ତ କରି ୩ ମାସ ଜେଲ୍ ଦଣ୍ଡାଦେଶ ଶୁଣାଇଥିବା ଜଣାଯାଇଛି।

ଆଗରପଡ଼ା-ବରପଦା ପୂର୍ତ୍ତ ବିଭାଗ ରାସ୍ତା

# ୧୦ ବର୍ଷ ହେଲା ସରୁନି ନିର୍ମାଣ କାର୍ଯ୍ୟ

ବନ୍ତ/ଆଗରପଡ଼ା,୨୭।୧୧(ସମିସ):

ଭଦ୍ରକ ଜିଲ୍ଲା ପୂର୍ତ୍ତ ବିଭାଗ ଅଧୀନସ୍ଥ ଆଗରପଡ଼ା-ବରପଦା ରାସ୍ତାଟି ଜିଲ୍ଲାର ଅନ୍ୟତମ ପ୍ରମୁଖ ବ୍ୟସ୍ତବହୁଳ ରାସ୍ତା। ଏହି ରାସ୍ତାରେ ପ୍ରତିଦିନ ଶତାଧିକ ଯାତ୍ରୀବାହୀ ଯାନବାହନ ସମେତ ଅନ୍ୟାନ୍ୟ ଗାଡ଼ିମୋଟର ଚଳାଚଳ କରିଥାଏ। ତେଣୁ ଉକ୍ତ ରାସ୍ତାର ଗୁରୁତ୍ୱକୁ ନେଇ ବିଭାଗ ତରଫରୁ ୨୦୧୫ ମସିହାରେ ୧୯ କୋଟି ଟଙ୍କା ମଞ୍ଜୁର ଅର୍ଥରେ ରାସ୍ତା ନିର୍ମିତ ହୋଇଥିଲା। କିନ୍ତୁ ନିର୍ମାଣ ସମୟରେ ଏହାର ସ୍ଥାୟିତ୍ୱ ପ୍ରତି ବିଭାଗ ତରଫରୁ କୌଣସି ପଦକ୍ଷେପ ନିଆଯାଇ ନ ଥିବାରୁ ଉକ୍ତ ରାସ୍ତା ନିର୍ମାଣ ଏକ ପ୍ରହସନରେ ପରିଣତ ହେବା ସହ ୧୦ ବର୍ଷ ପରେ ବି କେବଳ ମରାମତିରେ ସୀମିତ ରହିଯାଇଥିଲା। ଉକ୍ତ ରାସ୍ତା ଓ ସ୍ଥାୟୀ ରାସ୍ତା ନିର୍ମାଣ ନିମନ୍ତେ ଖାଲି ପ୍ରତିଶ୍ରୁତି ମିଳୁଥିଲା। ବାରମ୍ବାର ଅଭିଯୋଗ ଓ ଧାରଣା ପରେ ରାସ୍ତାର ଦୁରବସ୍ଥାରେ ସୁଧାର ଆଣିବା ନେଇ ପ୍ରତିଶ୍ରୁତି ପାଳନପୂର୍ବକ ବିଭାଗ ପକ୍ଷରୁ ଅଗଷ୍ଟ ମାସରୁ ବରପଦାଠାରୁ ଆଗରପଡ଼ାକୁ ଲମ୍ବିଥିବା ପୂର୍ତ୍ତ ବିଭାଗ ରାସ୍ତାର ନିର୍ମାଣ କାର୍ଯ୍ୟ ପାଖାପାଖି ୧୬ କୋଟି ଟଙ୍କା ମଞ୍ଜୁର ଅର୍ଥରେ ଆରମ୍ଭ ହୋଇଥିଲା। ରାସ୍ତା ନିର୍ମାଣ ଆରମ୍ଭରୁ କାର୍ଯ୍ୟ କରୁଥିବା ସଂସ୍ଥାର କାର୍ଯ୍ୟଶୈଳୀକୁ ନେଇ ସ୍ଥାନୀୟ ଜନସାଧାରଣଙ୍କ ବିରୋଧ ସମେତ ବିଭିନ୍ନ ଗଣମାଧ୍ୟମରେ ସମାଲୋଚନା କରାଯିବାରୁ ବିଭାଗୀୟ ଅଧିକାରୀ କାର୍ଯ୍ୟନିର୍ମାଣସ୍ଥଳକୁ ଆସି ସରକାରଙ୍କ ଧାର୍ଯ୍ୟ ନିୟମାନୁସାରେ କାର୍ଯ୍ୟ କରିବା ପାଇଁ ସଂସ୍ଥାର ଠିକାଦାରଙ୍କୁ ନିର୍ଦ୍ଦେଶ ଦେଇଥିଲେ। ବିଭାଗୀୟ କନିଷ୍ଠ ଯନ୍ତ୍ରୀଙ୍କ ପ୍ରତ୍ୟକ୍ଷ ତତ୍ତ୍ୱାବଧାନରେ ନିର୍ମାଣ କାର୍ଯ୍ୟ ସୁରୁଖୁରୁରେ ଆଗେଇ ଚାଲିଥିବାବେଳେ

**ନିର୍ମାଣରେ ପ୍ରତିବନ୍ଧକ କାହା ସ୍ୱାର୍ଥରେ**



ଆଗରପଡ଼ା ମେଡିକାଲ ଛକଠାରୁ ବିସଲକଣା ଛକ ପର୍ଯ୍ୟନ୍ତ ପାଖାପାଖି ୩ କି.ମି. ରାସ୍ତାର ବିଭିନ୍ନ ସ୍ଥାନରେ ନିର୍ମାଣ କାର୍ଯ୍ୟରେ ପ୍ରତିବନ୍ଧକ ସୃଷ୍ଟି ହେଉଥିବା ଦେଖିବାକୁ ମିଳୁଛି। ବିଭିନ୍ନ ଆଳରେ ରାସ୍ତା ନିର୍ମାଣ କାର୍ଯ୍ୟକୁ ବନ୍ଦ କରାଯାଉଛି। କେତେବେଳେ ନିମ୍ନମାନର କାମ ହେଉଥିବା ଆଳ ଦେଖାଇ ବିଭାଗୀୟ ଅଧିକାରଙ୍କୁ ଅଭିଯୋଗ କରିବା ପରିବର୍ତ୍ତେ ଠିକା କମ୍ପାନୀ କର୍ମଚାରୀଙ୍କୁ ଦୁର୍ବ୍ୟବହାର କରାଯାଉଛି ତ ଆଉ କେତେବେଳେ ନିର୍ମାଣାଧୀନ କାମକୁ ପୂରା ବନ୍ଦ କରାଇ ଦିଆଯାଉଛି। ଏହିପରି ସମସ୍ୟା ଯୋଗୁଁ ନିର୍ମାଣ କାର୍ଯ୍ୟରେ ବିଳମ୍ବ ହେବା ସହ ସମୟ ଅବଧିରେ ରାସ୍ତା ନିର୍ମାଣ ଶେଷ ହେବା ନେଇ ପ୍ରଶ୍ନବାଚୀ ସୃଷ୍ଟି ହେଉଛି। ତେଣୁ ନିର୍ମାଣ କାର୍ଯ୍ୟରେ ପ୍ରତିବନ୍ଧକ କାହା ସ୍ୱାର୍ଥରେ ହେଉଛି ବୋଲି ଜନସାଧାରଣଙ୍କ ମନରେ ପ୍ରଶ୍ନ ଉଙ୍କି ମାରୁଛି। କୌଣସି ରାଜନୈତିକ ଦଳର ଇସାରାରେ ନିର୍ମାଣ କାର୍ଯ୍ୟରେ ଏହିପରି ପ୍ରତିବନ୍ଧକ ସୃଷ୍ଟି କରାଯାଉନାହିଁ ତ ବୋଲି ଚର୍ଚ୍ଚା ହେଉଥିବା ଶୁଣିବାକୁ ମଧ୍ୟ ମିଳୁଛି। ତେଣୁ ୧୦ ବର୍ଷର ଅପେକ୍ଷାରେ ପୂର୍ଣ୍ଣଚ୍ଛେଦ ପଡ଼ିବାକୁ ଯାଉଥିବାବେଳେ ରାଜନୈତିକ ପସାପାଲିରେ ନିର୍ମାଣ କାର୍ଯ୍ୟରେ ବାଧା ସୃଷ୍ଟି ନ କରି ଜନସାଧାରଣଙ୍କ ସ୍ୱାର୍ଥକୁ ଆଖି ଆଗରେ ରଖି ନିର୍ମାଣ କାର୍ଯ୍ୟକୁ ସୁରୁଖୁରୁରେ ଆଗେଇ ନେବାକୁ ସମସ୍ତଙ୍କ ସହଯୋଗ ସହ ଯଦିବି କୌଣସି ସ୍ଥାନରେ ନିର୍ମାଣ କାର୍ଯ୍ୟ ନିମ୍ନମାନର ହେଉଥିବା ଅନୁଭବ ହେଉଛି, ତେବେ କାମକୁ ବନ୍ଦ ନ କରି ବିଭାଗୀୟ ଅଧିକାରୀଙ୍କ ଦୃଷ୍ଟି ଆକର୍ଷଣ କରିବା ଆବଶ୍ୟକ ବୋଲି ବୁଦ୍ଧିଜୀବୀ ମହଲରେ ମତପ୍ରକାଶ ପାଇଛି।

ପ୍ରଧାନମନ୍ତ୍ରୀ ଗ୍ରାମ୍ୟ ସଡ଼କ

## ବର୍ଷେ ନ ପୂରୁଣୁ ମାଗିଲାଣି ମରାମତି




ବନ୍ତ/ଆଗରପଡ଼ା,୨୭।୧୧(ସମିସ): ରାସ୍ତା ନିର୍ମାଣ ବେଳେ ରାସ୍ତାର ସ୍ଥାୟିତ୍ୱ ପ୍ରତି ସମ୍ପୃକ୍ତ ଠିକାଦାର ଦୃଷ୍ଟି ନ ଦେଇ ରାସ୍ତା ନିର୍ମାଣ କରୁଥିବାରୁ ନିର୍ମାଣକୁ ବର୍ଷେ ନ ପୂରୁଣୁ ରାସ୍ତାରୁ ପିଚୁ ଉଠିବା ସହ ରାସ୍ତା ପୁଣି ମରାମତି ମାଗିଲାଣି। ଏହିପରି ଦୃଷ୍ଟାନ୍ତ ଦେଖିବାକୁ ମିଳିଛି ବନ୍ତ ବ୍ଲକ୍ ଓଡ଼ଙ୍ଗ ପଞ୍ଚାୟତ ଅନ୍ତର୍ଗତ ଓଡ଼ଙ୍ଗଠାରୁ ଭରସିଂହପୁର ଭାୟା ମହିଁଷଡିହ, ସାହାଡ଼ାଗଡ଼ିଆ ଓ ସୁଆଁପଦା ପ୍ରଧାନମନ୍ତ୍ରୀ ଗ୍ରାମ୍ୟ ସଡ଼କଠାରେ। ଉକ୍ତ ସଡ଼କର ୮ କିଲୋମିଟର କଂକ୍ରିଟ ଓ ପିଚୁ ରାସ୍ତା ନିର୍ମାଣ ପାଇଁ ୧୫୯.୨୯ ଲକ୍ଷ ଟଙ୍କା ମଞ୍ଜୁର ହୋଇଥିଲା। ୨୦୨୧ ଅକ୍ଟୋବର ୫ ତାରିଖରୁ କାର୍ଯ୍ୟ ଆରମ୍ଭ ହୋଇ ୨୦୨୨ ଜୁଲାଇ ୪ରେ ରାସ୍ତା ନିର୍ମାଣ ଶେଷ ହେବା କଥା। ମାତ୍ର ଠିକାଦାରଙ୍କ ମନୋମୁଖୀ ଭାବ ଯୋଗୁଁ ଏହି କାର୍ଯ୍ୟ ହେବାରେ ଅହେତୁକ ବିଳମ୍ବ ଘଟିଥିଲା। ଯାହାକୁ ନେଇ ଗ୍ରାମବାସୀମାନେ ବିଭାଗୀୟ ଅଧିକାରୀଙ୍କଠାରେ ଅଭିଯୋଗ କରିଥିଲେ। ବହୁ ବିଳମ୍ବରେ ଉକ୍ତ ରାସ୍ତା ନିର୍ମାଣ ହେବା ପରେ ଗତ ବର୍ଷ ଡିସେମ୍ବର ୨୫ ତାରିଖରେ ଭଦ୍ରକ ସାଂସଦ ଅଭିମନ୍ୟୁ ସେଠୀ, ଭଣ୍ଡାରିପୋଖରୀ ବିଧାୟକ ସଞ୍ଜୀବ ମଲ୍ଲିକ, ଜିଲ୍ଲାପାଳ ଦିଲ୍ଲୀପ ରାଉତରାୟ, ଜିଲ୍ଲା ପରିଷଦ ସଭାପତି ପ୍ରଫୁଲ୍ଲ ଜେନା, ବନ୍ତ ବ୍ଲକ୍ ଅଧ୍ୟକ୍ଷ ମନୋରଞ୍ଜନ ଘଡ଼େଇ, ଡ. ସୁଧାଂଶୁ ଶେଖର ନାୟକଙ୍କ ସମେତ ବିଭାଗୀୟ ଅଧିକାରୀ ଉପସ୍ଥିତ ରହି ଉକ୍ତ ରାସ୍ତାକୁ ଲୋକାର୍ପିତ କରିଥିଲେ। ତେଣୁ ନିର୍ମାଣକୁ ବର୍ଷେ ନ ପୂରୁଣୁ ରାସ୍ତାରୁ ପିଚୁ ଉଠିବା ନେଇ ରାସ୍ତାର ସ୍ଥାୟିତ୍ୱ ପ୍ରତି ପ୍ରଶ୍ନବାଚୀ ସୃଷ୍ଟି କରିଛି। ତେଣୁ କୋଟି କୋଟି ଟଙ୍କା ବ୍ୟୟରେ ନିର୍ମିତ ଉକ୍ତ ରାସ୍ତାର ସ୍ଥାୟିତ୍ୱକୁ ଆଖି ଆଗରେ ରଖି ବିଭାଗ ତୁରନ୍ତ ଏହାର ମରାମତି କରିବାକୁ ବିଭିନ୍ନ ମହଲରୁ ଦାବି ହେଉଛି।

## ମହିଳା ହିଂସା ବିରୋଧୀ ଅଭିଯାନ କାର୍ଯ୍ୟକ୍ରମ



ଭଦ୍ରକ,୨୭।୧୧(ସମିସ): ମହିଳା ଶିଶୁ ବିକାଶ ମନ୍ତ୍ରାଳୟ ଓଡ଼ିଶା ସରକାର ଓ ଫେଲୋସିପ୍, ଆସିଆନା, ନୁହାସ, ଶକ୍ତିସଦନ ମିଳିତ ଆନୁକୂଲ୍ୟରେ ମହିଳା ହିଂସା ବିରୋଧୀ ଅଭିଯାନର ଦ୍ୱିତୀୟ ଦିବସ ଭଦ୍ରକ ବ୍ଲକ୍ ସଭାଗୃହରେ ଫେଲୋସିପ୍‌ର ନିର୍ଦ୍ଦେଶକ ଲଲାଟେନ୍ଦୁ ମହାନ୍ତିଙ୍କ ଅଧ୍ୟକ୍ଷତାରେ ଏକ ସଚେତନତା କାର୍ଯ୍ୟକ୍ରମ ଅନୁଷ୍ଠିତ ହୋଇଯାଇଛି। ଏଥିରେ ମୁଖ୍ୟ ଅତିଥିଭାବେ ଭଦ୍ରକ ବିଡିଓ ରଶ୍ମି ରଞ୍ଜନ ମଲ୍ଲିକ, ସମ୍ମାନିତ ଅତିଥିଭାବେ ଜିଲ୍ଲା ସୁରକ୍ଷା ଅଧିକାରିଣୀ ଚନ୍ଦ୍ରା ସାହୁ, ନାରୀନେତ୍ରୀ ସୁରଜିତା ନାୟକ, ଆସିଆନା ସମ୍ପାଦିକା ସୋଫିଆ ସେକ୍, ଜିଲ୍ଲା ସଂଯୋଜକ (ଡିଏଚ୍‌ଇଡବ୍ଲୁ) ସୂର୍ଯ୍ୟ ରଞ୍ଜନ ସାମଲ, ସବ୍‌ଡିଭିଜନ୍ ସୁରକ୍ଷା ଅଧିକାରିଣୀ ସବିତା ବେହେରା ଏବଂ ମୁଖ୍ୟ ବକ୍ତା ଭାବେ ଜିଲ୍ଲା ଶିଶୁ ସୁରକ୍ଷା ୟୁନିଟ୍‌ର ସାମାଜିକ କର୍ମୀ ସୁବ୍ରତ କୁମାର ଦାସ ପ୍ରମୁଖ ଯୋଗଦେଇ ବିଭିନ୍ନ ଆଇନ ଯଥା ପୋକ୍ସୋ, ଘରୋଇ ହିଂସା ଆଇନ, ଯୌତୁକ ବିରୋଧୀ ଆଇନ, ବାଲ୍ୟ ବିବାହ ଏବଂ କର୍ମକ୍ଷେତ୍ରରେ ଯୌନ ନିର୍ଯାତନା ପାଇଁ ଆଇନରେ ଥିବା ବ୍ୟବସ୍ଥା ଉପରେ ବିସ୍ତୃତ ଭାବରେ ଆଲୋଚନା କରିଥିଲେ। ଏହି କାର୍ଯ୍ୟକ୍ରମରେ ଜିଲ୍ଲା ହବ୍‌ର କର୍ମକର୍ତ୍ତା, ବ୍ଲକ୍ ସାମାଜିକ ସୁରକ୍ଷା ଅଧିକାରୀ, ବ୍ଲକ ଶିକ୍ଷାଧିକାରୀ, ଚାଇଲ୍ଡ ଲାଇନ୍‌ର କର୍ମକର୍ତ୍ତା, ଜିଲ୍ଲାର ବିଭିନ୍ନ ବ୍ଲକ୍‌ରୁ ଆସିଥିବା ସିଡିପିଓ, ଅଙ୍ଗନବାଡ଼ି କର୍ମୀ, ଏସ୍‌ଏଚ୍‌ଜି ସଦସ୍ୟମାନେ ଯୋଗଦେଇଥିଲେ। ସ୍ୱାଗତ ଭାଷଣ ଫେଲୋସିପ୍ ୱାନ୍ ଷ୍ଟପ୍ କେନ୍ଦ୍ର ପ୍ରଶାସିକା ପୁଷ୍ପାଞ୍ଜଳି ବେହେରା ଦେଇଥିବାବେଳେ ଧନ୍ୟବାଦ ଦେଇଥିଲେ ଆଇନ ପରାମର୍ଶଦାତ୍ରୀ ଅସୀମା ନାୟକ। ଏହି କାର୍ଯ୍ୟକ୍ରମକୁ ଆସିଆନାର ସଂଯୋଜକ ରିଆଜ୍ ଅହମ୍ମଦ୍, ଫେଲୋସିପ୍ ଶକ୍ତି ସଦନର ସୁପରିଣ୍ଟେଣ୍ଡେଣ୍ଟ ଯୋଗମାୟା ଚାନ୍ଦ, ଲିପ୍ସା ବେହେରା, ମୁସ୍ତରୀ ବେଗମ୍, ନୁହାସ୍ ସୁପରିଣ୍ଟେଣ୍ଡେଣ୍ଟ ଉଷାରାଣୀ ବେହେରା ପ୍ରମୁଖ ପରିଚାଳନା କରିଥିଲେ।

## ସରକାରୀ ଜମି ଜବରଦଖଲମୁକ୍ତ ପାଇଁ ଦାବିପତ୍ର ପ୍ରଦାନ



ବାରିକପୁର,୨୭।୧୧(ସମିସ): ଭଣ୍ଡାରିପୋଖରୀ ତହସିଲ୍ ଅନ୍ତର୍ଗତ ବିଭିନ୍ନ ରାଜସ୍ୱ ଗ୍ରାମ ସଂଲଗ୍ନ ସ୍ଥାନରେ ଥିବା ଶହଶହ ଏକର ଗୋଚର, ଗ୍ରାମ୍ୟ ଜଙ୍ଗଲ, ମଶାଣି ଓ ଅନ୍ୟାନ୍ୟ କିସମର ସରକାରୀ ଜମିକୁ ଦୀର୍ଘ ବର୍ଷ ହେବ ସ୍ୱାର୍ଥାନ୍ୱେଷିମାନେ ଜବରଦଖଲ କରି ରଖିଛନ୍ତି। ଏଥିପାଇଁ ଗୋଚାରଣ ଓ ଶବଦାହ ପାଇଁ ସ୍ଥାନ ନିଅଣ୍ଟ ପଡୁଛି। ଏଭଳି ଜବରଦଖଲ ଚିତ୍ର ସରସଦାଠାରୁ ଆରମ୍ଭ କରି ରହଣିଆ, ରାଢୋ, ମାଳଦା, ନପଙ୍ଗ କୁରିଗାଁ, ବାଲିପୋଖରୀ, ରଣଜିତ, ନାଆମୀ, ନିର୍ଗୁଣ୍ଡି, ରାମଚନ୍ଦ୍ରପୁର ମଞ୍ଜୁରୀ, ସରପଦା, ରାଜେନ୍ଦ୍ରପୁର, ଜଗନ୍ନାଥପ୍ରସାଦ, ନେରଡା, ଝୁଂଟଣା ପ୍ରମୁଖ ସ୍ଥାନରେ ଦେଖାଯାଇଛି। ତେଣୁ ଏନେଇ ବ୍ଲକ୍ ଅଞ୍ଚଳର ବିଶିଷ୍ଟ ପରିବେଶବିତ୍ ତଥା ଅବସରପ୍ରାପ୍ତ ପ୍ରାଧ୍ୟାପକ ମନୋଜ କୁମାର ରାଉତ ରାଜସ୍ୱ ଓ ବିପର୍ଯ୍ୟୟପରିଚାଳନା ମନ୍ତ୍ରୀ ସୁରେଶ ପୂଜାରୀଙ୍କୁ ଏକ ଦାବିପତ୍ର ପ୍ରଦାନ କରିଛନ୍ତି। ମନ୍ତ୍ରୀ ଶ୍ରୀ ପୂଜାରୀ ଏହି ଅଭିଯୋଗକୁ ଗ୍ରହଣ କରି ପଦକ୍ଷେପ ନେବାକୁ ପ୍ରତିଶ୍ରୁତି ଦେଇଥିବା ଜଣାପଡ଼ିଛି। ଦିନକୁ ଦିନ ଗୋଚର ଓ ଗ୍ରାମ୍ୟ ଜଙ୍ଗଲ କିସମ ସମେତ ଅନ୍ୟ ଅନାବାଦୀ ତଥା ପତିତ ସରକାରୀ ଜମିକୁ ଜବରଦଖଲ କରାଯାଉଥିବା ବେଳେ ତହସିଲ୍ ପକ୍ଷରୁ କୌଣସି ପଦକ୍ଷେପ ଗ୍ରହଣ କରାଯାଉ ନାହିଁ। ଏପରିକି ଅନେକ ଲୋକ ଖେଳପଡ଼ିଆ ଏବଂ ଗାଈଗୋରୁ ଚାରଣ ପାଇଁ ଥିବା ପଡ଼ିଆକୁ ଖନନ କରି ଚାଷ କରୁଥିବାବେଳେ ସ୍ଥାନୀୟ ରାଜସ୍ୱ ନିରୀକ୍ଷକ କେବଳ ଜରିମାନା ଆଦାୟ କରି ଚୁପ୍ ରହୁଛନ୍ତି। ପରିସ୍ଥିତି ଏଭଳି ହୋଇଛି ଯେ, ଶହଶହ ହେକ୍ଟର ଚାରଣ ଭୂମିରେ ଧାନ ଚାଷ ହୋଇଥିବାବେଳେ ଅଳ୍ପ କେତେକ ସ୍ଥାନରେ ଗୋଚାରଣ ପଡ଼ିଆ ରହିଛି। ଅନେକ ଲୋକ ମଧ୍ୟ ଅନାବାଦୀ ଜମିରୁ ମାଟି ଖୋଳି ଚୋରା ଚାଲାଣ କରୁଛନ୍ତି। ବିଭିନ୍ନ ପ୍ରକାର ଉନ୍ନୟନମୂଳକ ସରକାରୀ କାର୍ଯ୍ୟ ସହିତ ବୃକ୍ଷରୋପଣ ପାଇଁ ଏବେ ଆଉ ସ୍ଥାନ ମିଳୁନାହିଁ। ତେଣୁ ଜବରଦଖଲ ଉଚ୍ଛେଦ ପାଇଁ ସାଧାରଣରେ ଦାବି ହେଉଛି।

ବାଲି ସୈରାତ ଉପରେ ଚଢ଼ଉ; ଫଳ ଶୂନ୍

## ସବୁ ଖସିଗଲେ, ଗୋଟାକୁ ଧରିଲେ



ବାରିକପୁର,୨୭।୧୧(ସମିସ): ଭଣ୍ଡାରିପୋଖରୀ ବ୍ଲକ୍ ଦେଇ ଯାଇଥିବା ବୈତରଣୀ ନଦୀରୁ ଏବେ ଶହଶହ ଟ୍ରିପ୍ ବାଲି ବେଆଇନ ଭାବେ ଚାଲାଣ ହେଉଛି। ବର୍ଷକୁ ବର୍ଷ ଏମିତି ବେଆଇନ ଚାଲାଣ ବୃଦ୍ଧି ପାଉଥିବାବେଳେ ପ୍ରଶାସନ ଏହାକୁ ବନ୍ଦ କରିବାରେ ବିଫଳ ହୋଇଛି। ପୁଲିସଠାରୁ ତହସିଲ୍ ଓ ଖଣି ନିଗମ ଅଧିକାରୀମାନେ ଏହା ଉପରେ ଦୃଢ଼ କାର୍ଯ୍ୟାନୁଷ୍ଠାନ ଗ୍ରହଣ କରି ନ ପାରିବା ପରିତାପର ବିଷୟ ପାଲଟିଛି। ଏପରିକି ଅଧିକାରୀମାନଙ୍କ ଦକ୍ଷତାକୁ ନେଇ ବୁଦ୍ଧିଜୀବୀ ମହଲରେ ପ୍ରଶ୍ନବାଚୀ ସୃଷ୍ଟି ହୋଇଛି। ବେଆଇନ ଚାଲାଣ ନେଇ ଗଣମାଧ୍ୟମରେ ଖବର ପ୍ରକାଶ ପାଇଲେ କେତେବେଳେ କେମିତି ପ୍ରଶାସନ ପକ୍ଷରୁ ଲୋକ ଦେଖାଣିଆ ଚଢ଼ଉ ହୋଇଥାଏ। ତାହା ପୁଣି ମାଫିଆଙ୍କୁ ଆଗୁଆ ସୂଚନା ଦେବାଭଳି। ଯାହା ଆଜିର ଘଟଣାରୁ ସ୍ପଷ୍ଟ ଜଣାପଡୁଛି। ସୂଚନା ମୁତାବକ, ଏବେ ଏକ ସପ୍ତାହ ପୂର୍ବରୁ ନୂତନ ଥାନା ଅଧିକାରୀ ଭାବେ ଯୋଗଦେଇଥିବା ରାଜଲକ୍ଷ୍ମୀ ନାୟକଙ୍କ ନେତୃତ୍ୱରେ ଗୁରୁବାର ଭୋରରୁ ଆଖୁଆପଦା ଓ ବଳିଘାଇ ମଧ୍ୟରେ ଚଢ଼ଉ ହୋଇଥିଲା। ପୁଲିସ ଆସୁଥିବା ସମ୍ପର୍କରେ ଆଗୁଆ ଖବର ପାଇ ବାଲି ଉତ୍ତୋଳନ କରୁଥିବା ମାଫିଆମାନେ ସତର୍କ ହୋଇଯାଇଥିଲେ। ଏପରିକି ବାଲିପୋଖରୀ ଏସ୍‌କେପ୍, ଜଗନ୍ନାଥ ପ୍ରସାଦ, ଖୁମ୍ବାରିଆ, କୋରକରା, ରଘୁନାଥପୁର ପ୍ରମୁଖ ସ୍ଥାନରୁ କିଛି ବାଲି ଟ୍ରାକ୍ଟର ଉଭାନ ହୋଇ ଯାଇଥିଲେ। ଏହି ସବୁ ସ୍ଥାନରେ ୨ଟି ପୁଲିସ ଟିମ୍ ଚଢ଼ଉ କରିଥିଲେ ମଧ୍ୟ ଫଳ ଶୂନ୍ ହୋଇଥିଲା। କେବଳ ଗୋଟିଏ ବେଆଇନ ବାଲି ଟ୍ରାକ୍ଟରକୁ ଧରି ପୁଲିସ ଥାନାକୁ ଫେରିଥିବା ଜଣାପଡ଼ିଛି।

## ଧନମଣୀ ପାଖରେ ପହଞ୍ଚିଲା ପ୍ରଶାସନ



ବାରିକପୁର,୨୭।୧୧(ସମିସ): ଭଣ୍ଡାରିପୋଖରୀ ବ୍ଲକ୍ ରହଣିଆ ଗ୍ରାମର ବାମନ ଚରଣ ଜେନା (ଧନମଣୀ)ଙ୍କ ବିଷୟରେ ଗତ ୧୯ ତାରିଖ ଦିନ ଖବର ପ୍ରକାଶ ପାଇଥିଲା। ଧନମଣୀ ଦୀର୍ଘ ବର୍ଷ ହେବ ଘରେ ରହୁ ନ ଥିବାବେଳେ ନିକଟସ୍ଥ ପଟାପୋଲ ବଜାର ସହିତ ରାଢୋ, ହାଜିପୁର ଓ ପୁରସ୍ତମପୁର ଗାଁ ତାଙ୍କର ଅସ୍ଥାୟୀ ବାସସ୍ଥଳୀ ପାଲଟିଛି। ଏକପ୍ରକାର ଅସହାୟ ଅବସ୍ଥାରେ ଦୈନିକ ବୁଲାବୁଲି କରୁଥିବାବେଳେ ପ୍ରଶାସନ ପକ୍ଷରୁ ଭତ୍ତା ଖଣ୍ଡିଏ ଯୋଗାଇଦେବାକୁ ଧନମଣୀ ସଦାସର୍ବଦା କହି ବୁଲୁଥିଲେ। ଏନେଇ ଖବର ପ୍ରକାଶ ପାଇବା ପରେ ଗୁରୁବାର ଜିଲ୍ଲାପାଳଙ୍କ ନିର୍ଦ୍ଦେଶକ୍ରମେ ବ୍ଲକ୍ ସମାଜ ମଙ୍ଗଳ ଅଧିକାରୀ ସାନ୍ତ୍ୱନା ଦାସ, ସହ କର୍ମଚାରୀ ଶୋଭନ ପାଢ଼ୀ, ସୁଧାଂଶୁ ପାଢ଼ୀ ରାଢୋ ବଜାରଠାରେ ଧନମଣୀଙ୍କୁ ସାକ୍ଷାତ୍ କରିଥିଲେ। ତାଙ୍କୁ ଧାମନଗରସ୍ଥିତ ବୃଦ୍ଧାଶ୍ରମକୁ ନେବା ପାଇଁ ପ୍ରଶାସନ ପକ୍ଷରୁ ଜଣାଯାଇଥିବା ବେଳେ ସେ ଏଥିରେ ରାଜି ହୋଇ ନ ଥିଲେ। ବରଂ ଭତ୍ତା ଖଣ୍ଡିଏ ପାଇଁ ଗୁହାରି କରିଥିଲେ। ସ୍ଥାନୀୟ ଗଣମାଧ୍ୟମ ପ୍ରତିନିଧି ଦୁର୍ଯ୍ୟୋଧନ ଲେଙ୍କା ମଧ୍ୟ ଏଥିରେ ଉପସ୍ଥିତ ରହି ପ୍ରଶାସନିକ ସହାୟତା ଯୋଗାଇଦେବାକୁ ଅଧିକାରୀମାନଙ୍କୁ କହିଥିଲେ। ଅସହାୟ ଧନମଣୀ ସମ୍ପର୍କରେ ସମସ୍ତ ତଥ୍ୟ ସଂଗ୍ରହ କରି ଜିଲ୍ଲା ଅଧିକାରୀଙ୍କୁ ପ୍ରଦାନ କରାଯାଇ ପରବର୍ତ୍ତୀ କାର୍ଯ୍ୟପନ୍ଥା ନିର୍ଦ୍ଧାରଣ ହେବ ବୋଲି ବ୍ଲକ୍ ଅଧିକାରିଣୀ ସୂଚନା ଦେଇଛନ୍ତି।

# ଜିଲ୍ଲା ଆଇନ ସେବା ପ୍ରାଧିକରଣ ପକ୍ଷରୁ ସଚେତନତା

ଭଦ୍ରକ,୨୭।୧୧(ସମିସ)



ଓଡ଼ିଶା ରାଜ୍ୟ ଆଇନ ସେବା ପ୍ରାଧିକରଣ, କଟକଙ୍କ ପ୍ରଦତ୍ତ ବାର୍ଷିକ କ୍ୟାଲେଣ୍ଡର ଅନୁଯାୟୀ ପୋକ୍ସୋ ଆଇନ, କିଶୋର କିଶୋରୀ ନ୍ୟାୟ ଆଇନ ତଥା ଯୌନ ଉତ୍ପୀଡ଼ନ ଏବଂ ନିର୍ଯାତନାରୁ ସୁରକ୍ଷା ନିମିତ ବାଣିତିଆ ଅନ୍ତର୍ଗତ ବି.ଜେ. ଉଚ୍ଚ ବିଦ୍ୟାଳୟରେ ଜିଲ୍ଲା ଆଇନ ସେବା ପ୍ରାଧିକରଣର ଅଧ୍ୟକ୍ଷ ସଂଗ୍ରାମ କେଶରୀ ପଟ୍ଟନାୟକଙ୍କ ତତ୍ତ୍ୱାବଧାନରେ ଏହି ସଚେତନତାମୂଳକ କାର୍ଯ୍ୟକ୍ରମ ଅନୁଷ୍ଠିତ ହୋଇଥିଲା। ଜିଲ୍ଲା ଆଇନ ସେବା ପ୍ରାଧିକରଣର ସଚିବ ପୁଣ୍ୟଶ୍ଳୋକ ରଥ ଏହି କାର୍ଯ୍ୟକ୍ରମକୁ ପରିଚାଳନା କରିଥିଲେ। ପ୍ରାରମ୍ଭରେ ସ୍କୁଲ ଛାତ୍ର ସଂସଦ ସଭାପତି ପ୍ରଭାତ କୁମାର ଦାସ ଅତିଥି ପରିଚୟ ପ୍ରଦାନ କରି ସଭାକାର୍ଯ୍ୟ ସମ୍ବନ୍ଧରେ ସମ୍ୟକ୍ ଆଲୋକପାତ କରିଥିଲେ। ଅତିଥିମାନଙ୍କ ମଧ୍ୟରେ ଜିଲ୍ଲା ଶିଶୁ ମଙ୍ଗଳ କମିଟି ଅଧ୍ୟକ୍ଷ ଡ. ଦେବରାଜ ପାଣିଗ୍ରାହୀ, ଜିଲ୍ଲା ଶିଶୁ ସୁରକ୍ଷା ଅଧିକାରୀ ଅବିନାଶ ମହାନ୍ତି, ଲିଗାଲ୍ ସୁରକ୍ଷା ଅଧିକାରୀ(ଶିଶୁ ଯତ୍ନ ବିଭାଗ) ସୁବ୍ରତ କୁମାର ଦାସ, ଇନ୍ସପେକ୍ଟର ସଂଗ୍ରାମ ପଟ୍ଟନାୟକ, ଶିକ୍ଷାବିତ୍ କୃଷ୍ଣ ଚନ୍ଦ୍ର ସେନାପତି, ପ୍ରଧାନଶିକ୍ଷକ ଗୋପିନାଥ ବେହେରା, ସହାୟତା ଏଲ୍‌ଡିଏମ୍ ବହ୍ନିଶିଖା ବିଶ୍ୱାଳ ତଥା ବିଦ୍ୟାଳୟର ଶିକ୍ଷକଶିକ୍ଷୟିତ୍ରୀ ଏବଂ ଛାତ୍ରଛାତ୍ରୀ ଯୋଗଦେଇଥିଲେ। ବିଦ୍ୟାଳୟର ଛାତ୍ରଛାତ୍ରୀମାନେ ଏହି କାର୍ଯ୍ୟକ୍ରମରେ ନିଜର ବକ୍ତବ୍ୟ ପ୍ରଦାନ କରି ଅତିଥିଙ୍କଠାରୁ ପୁରସ୍କାର ଗ୍ରହଣ କରିଥିଲେ। ଛାତ୍ରଛାତ୍ରୀଙ୍କର ଏହି କମ୍ ବୟସରେ ସେମାନଙ୍କ ମାନସିକତାସ୍ତରରେ ପରିପକ୍ୱତା ଆସି ନ ଥାଏ। ତେଣୁ ସେମାନଙ୍କୁ ସମାଜର ଏକ ମୁଖ୍ୟ ଭୂମିକା ଏବଂ ଦାୟିତ୍ୱ ସମ୍ପାଦନ କରିବାକୁ ହେଲେ ପ୍ରଥମେ ନିଜକୁ ଏକ ଉତ୍ତମ ମଣିଷ ଗଢ଼ି ତୋଳିବା ସଙ୍ଗେ ସଙ୍ଗେ ପାରିପାର୍ଶ୍ୱିକ ସ୍ତରରେ ସାମାଜିକ କ୍ଷେତ୍ରରେ ନିଜକୁ ନିଜର ହକ୍ ପାଇଁ ଲଢ଼େଇ କରନ୍ତୁ ଓ ନିଜ ଜାଣତରେ ଯଦି କିଛି ଅନ୍ୟାୟ କିମ୍ବା ଅପରାଧ ଘଟୁଛି ତେବେ ସ୍ୱର ଉତ୍ତୋଳନ କରି ପ୍ରତିବାଦ କରନ୍ତୁ। ସାନପିଲାମାନେ ମୋବାଇଲ୍‌ର ସଦୁପଯୋଗ କେବଳ କରିବା ଉଚିତ୍ ଏବଂ ନିଜର ସୁରକ୍ଷା ତଥା ପରିବାରର ସୁରକ୍ଷା ନିମିତ ପିଲାମାନେ ଶିକ୍ଷିତ ହୋଇ ସବୁକ୍ଷେତ୍ରରେ ସମାଜର ମଙ୍ଗଳ ଉଦ୍ଦେଶ୍ୟରେ କାର୍ଯ୍ୟ କରିବାକୁ ଅତିଥିମାନେ ନିଜ ବକ୍ତବ୍ୟରେ କହିଥିଲେ। ୧୦୯୮- ଚାଇଲ୍ଡ ହେଲ୍ପ ଲାଇନ୍ ନମ୍ବର ତଥା ଆଇନ ସେବା ନିମିତ ନାଲସା ଦେୟମୁକ୍ତ ନମ୍ବର ୧୫୧୦୦କୁ ମାଗଣାରେ ଯୋଗାଯୋଗ ନିମିତ୍ତ ଛାତ୍ରଛାତ୍ରୀମାନଙ୍କୁ ସଚେତନ କରାଯାଇଥିଲା। ଶେଷରେ ପ୍ରଧାନଶିକ୍ଷକ ଗୋପିନାଥ ବେହେରା ଧନ୍ୟବାଦ ଅର୍ପଣ କରିଥିଲେ।

## ବନଜିନୀଙ୍କ ଦୁଃଖ କେବେ ବୁଝିବେ ସରକାର ?



ଅସୁରାଳି,୨୭।୧୧(ସମିସ): ଗୋବିନ୍ଦପୁର ପଞ୍ଚାୟତ ଅନ୍ତର୍ଗତ କୋରୁଆ ଶାସନ ଗାଁର ବାସିନ୍ଦା ବନଜିନୀ ମିଶ୍ର(୩୮)। ବର୍ଷେ ହେଲା ସ୍ୱାମୀ ସନ୍ତୋଷ ମିଶ୍ରଙ୍କ ପରଲୋକ ହୋଇଯାଇଛି। ତେବେ ବନଜିନୀଙ୍କ ଭାଗ୍ୟରେ ଛାଡ଼ି ଯାଇଛନ୍ତି ଦୁଃଖ। ସ୍ୱାମୀ ଅନ୍ତେ ଘର ଚଳେଇବା ହୋଇଯାଇଛି ତାଙ୍କ ତାଙ୍କପକ୍ଷେ କଷ୍ଟକର। ଗୋଟିଏ ଓଳି ଚୁଲି ଜଳିଲେ, ଆଉ ଗୋଟେ ଓଳି ଉପାସ ରହିବାକୁ ପଡ଼େ। ସ୍ୱାମୀଙ୍କ ମୃତ୍ୟୁକୁ ବର୍ଷେ ପୂରିଲାଣି, ଅଥଚ ଏଯାଏଁ ମିଳିନାହିଁ ବିଧବା ଭତ୍ତା। ତାଙ୍କର ଏକମାତ୍ର ପୁଅ ରାକେଶ ମିଶ୍ର (୧୪) ନବମ ଶ୍ରେଣୀରେ ପଢୁଛନ୍ତି। ତାଙ୍କର ମଧ୍ୟ ସ୍ୱପ୍ନ ପୁଅକୁ ପାଠ ପଢ଼ାଇ ବଡ଼ ମଣିଷ କରିବା ଲାଗି। କିନ୍ତୁ ଗୋଟିଏ ଓଳି ଚୁଲି ଲାଗିଲେ ଆଉ ଗୋଟେ ଓଳି ଉପାସ ରହୁଥିବା ବନଜିନୀଙ୍କ ପାଇଁ ଏହା ଏକ ସ୍ୱପ୍ନ ପାଲଟିଛି। ଛପର ଘରେ ରହି ଦିନରେ ସୂର୍ଯ୍ୟ ଆଉ ରାତିରେ ତାରା ଗଣି ଦିନରାତି ବିତୁଛି। ଅର୍ଥାଭାବ ଯୋଗୁଁ ଚାଳର ଖଣ୍ଡେ କୁଟା ମଧ୍ୟ ବଦଳାଇ ପାରୁନାହାନ୍ତି। ଯେତିକି ଚାଉଳ ରାସନ୍ କାର୍ଡ ଯୋଗେ ମିଳୁଛି ସେତିକିରେ ମାଆ-ପୁଅ ଦୁହେଁ କଷ୍ଟେମଷ୍ଟେ ଚଳୁଛନ୍ତି। ବନଜିନୀଙ୍କ ପାଖରେ ରହିବା ଲାଗି ନା ମିଳିଛି ଖଣ୍ଡେ ଆବାସ ନା ମିଳିଛି ବିଧବା ଭତ୍ତା। ଅର୍ଥାଭାବ ଯୋଗୁଁ ବଡ଼ ବାବୁଙ୍କ ହାତ ଗୁଞ୍ଜିବାକୁ କିଛି ନାହିଁ ସେଥିପାଇଁ ସରକାରୀ ସୁବିଧାରୁ ବଞ୍ଚିତ ହୋଇ ରହିଛନ୍ତି। ସରକାର ତେଲିଆ ମୁଣ୍ଡରେ ତେଲ ଢାଳୁଛନ୍ତି କିନ୍ତୁ ଯୋଗ୍ୟ ହିତାଧିକାରୀ ଅଣଦେଖା ହୋଇ ରହିଯାଉଛନ୍ତି। ତାଙ୍କର ଏହି ଅସହାୟ ଅବସ୍ଥା ଦେଖି ସ୍ଥାନୀୟ ବାସିନ୍ଦାଗଣ ବନଜିନୀଙ୍କୁ ଆବାସ, ବିଧବା ଭତ୍ତା ସହ ପୁଅ ରାକେଶର ପଢ଼ା ଖର୍ଚ୍ଚ ପ୍ରଦାନ କରିବା ପାଇଁ ପ୍ରଶାସନ ପାଖରେ ଦାବି କରିଛନ୍ତି। ଏନେଇ ପିଇଓ ରାକେଶ ସେନାପତିଙ୍କୁ ପଚାରିବାରୁ ତଦନ୍ତ କରି ଖୁବ୍‌ଶୀଘ୍ର ଆବଶ୍ୟକୀୟ ପଦକ୍ଷେପ ଗ୍ରହଣ କରାଯିବ ବୋଲି କହିଛନ୍ତି।

## ପ୍ରତିଶ୍ରୁତି ରକ୍ଷା କରିବାରେ ରାଜ୍ୟ ସରକାର ବିଫଳ

# ପୁଣି ଆଣ୍ଟେଇ ଆଣ୍ଟେଇ ପ୍ରତିବାଦ କରିବେ ସେବାୟତ

ବାରିପଦା,୨୭।୧୧(ସମିସ):

ଦ୍ୱିତୀୟ ଶ୍ରୀକ୍ଷେତ୍ର ବାରିପଦାର ଶ୍ରୀଶ୍ରୀ ହରିବଳଦେବ ଜୀଉ ବିଜେଙ୍କ ସମ୍ପତ୍ତିର ପୁନରୁଦ୍ଧାର ହେଉ ନ ଥିବାରୁ ସେବାୟତଙ୍କ ମଧ୍ୟରେ ଉଦବେଗ ପ୍ରକାଶ ପାଇଛି। ଜିଲ୍ଲା ପ୍ରଶାସନିକ ଅଧିକାରୀମାନେ ଠାକୁରଙ୍କ ରୀତିନୀତିକୁ ନେଇ ଉପୁଜୁଥିବା ସମସ୍ୟାର ସମାଧାନ କରୁ ନ ଥିବା ବେଳେ ବେଆଇନ ଭାବେ ଠାକୁରଙ୍କ ସମ୍ପତ୍ତିକୁ ଠିକ



### ମୁଖ୍ୟମନ୍ତ୍ରୀଙ୍କୁ ଅବଗତ କଲେ ପୂଜକ କାମେଶ୍ୱର ତ୍ରିପାଠୀ

ଭାବେ ପରିଚାଳନା କରିବାରେ ଅବହେଳା ପ୍ରଦର୍ଶନ କରିବାରେ ଲାଗିଛନ୍ତି ; ଯାହାକୁ ନେଇ ସରକାରଙ୍କୁ ବାରମ୍ବାର ଦୃଷ୍ଟି ଆକର୍ଷଣ କରାଯାଇଥିଲେ ମଧ୍ୟ କେବଳ ପ୍ରତିଶ୍ରୁତିରେ ଅଟକି ରହିଛି। ତ୍ୱରିତ ଭାବରେ ସମାଧାନ କରା ନ ଗଲେ ଡିସେମ୍ବର ପହିଲାରୁ ଜିଲାପାଳଙ୍କ କାର୍ଯ୍ୟାଳୟ ସମ୍ମୁଖରେ ସେବାୟତମାନେ ଅଭିନବ ଉପାୟରେ ଆନ୍ଦୋଳନକୁ ଓହ୍ଲାଇବେ ବୋଲି ଚେତାବନୀ ଦେଇଛନ୍ତି। ଏ ସଂକ୍ରାନ୍ତରେ ଏକ ଦାବିପତ୍ର ମୁଖ୍ୟମନ୍ତ୍ରୀ, ଗୃହ ନିର୍ମାଣ ଓ ନଗର ଉନ୍ନୟନ ମନ୍ତ୍ରୀ, ରାଜସ୍ୱ ମନ୍ତ୍ରୀ, ଆଇନମନ୍ତ୍ରୀ, ରାଜ୍ୟସଭା ସଦସ୍ୟା, ମୟୂରଭଞ୍ଜ ସାଂସଦ, ବାରିପଦା ବିଧାୟକ, ଦେବୋତ୍ତର ଆୟୁକ୍ତ, ଜିଲ୍ଲାପାଳ, ଏସପି ଏବଂ ଦେବୋତ୍ତର ଅଧିକାରୀଙ୍କୁ ପ୍ରଦାନ କରିଛନ୍ତି। ସୂଚନାଯୋଗ୍ୟ, ଯେ, ବାରିପଦା ସ୍ଥିତ ବଡ଼ ଜଗନ୍ନାଥ ମନ୍ଦିର ପରିଚାଳନା ପାଇଁ ରାଜାରାଜୁଡା ସମୟରେ ଜମି ପ୍ରଦାନ କରାଯାଇଛି। ଏହି ଜମିଗୁଡିକର ଠିକ ପରିଚାଳନା ହେଉ ନ ଥିବାରୁ ମନ୍ଦିର ପରିଚାଳନାରେ ଆର୍ଥିକ ସମସ୍ୟା ଉପୁଜିବାରେ ଲାଗିଛି। ଏକ ହଜାର ଏକର ଜମିରେ କାଜୁ ଚାଷ ପାଇଁ ନିଲାମ ହୋଇଥିବା ଜମିର ଲିଜ୍‌କୁ ନବୀକରଣ କରାଯାଉନାହିଁ। ଫଳରେ ଏକର ପିଛା ୧୫ ହଜାର ଟଙ୍କା ଦେବାକୁ ଲିଜଧାରୀ ଅମଙ୍ଗ ହେଉଥିବା ବେଳେ ସେହି ସ୍ଥାନରୁ ୨ ଲକ୍ଷ ଟଙ୍କା କାଜୁ ଚାଷରୁ ଆୟ ହେଉଛି। ଏପରିକି ୨୦୧୯ରେ କାଜୁ ନିଗମର ଲିଜ ଅବଧି ଶେଷ ହୋଇଥିଲେ ମଧ୍ୟ ନବୀକରଣ ନିମନ୍ତେ ସରକାରୀ ସ୍ତରରେ କୌଣସି ପଦକ୍ଷେପ ଗ୍ରହଣ କରାଯାଉନାହିଁ। ଦେବୋତ୍ତର ବିଭାଗରେ ଦେଢ କୋଟି ଟଙ୍କା ଋଣରେ ବସିଥିବା ବେଳେ ୪୦ ଲକ୍ଷ ଦେଣ ଥିବା ଦୋକାନୀ ଜିନିଷ ଦେବାକୁ ଅମଙ୍ଗ ହେଉଛି। ଫଳରେ ବାରମ୍ବାର ଠାକୁରଙ୍କ ରୀତିନୀତିରେ ବାଧା ଉପୁଜିବାରେ ଲାଗିଛି। ଦେବୋତ୍ତ ବିଭାଗର ଜମିକୁ ଅସାମାଜିକ ବ୍ୟକ୍ତିମାନେ ଜବରଦଖଲରେ ରଖିଥିବାବେଳେ ପ୍ରଶାସନ ପକ୍ଷରୁ ଉଚ୍ଛେଦ କରାଯାଉନାହିଁ। ମନ୍ଦିର ପାଇଁ ସ୍ଥାୟୀ ଅଫିସର ଓ ଅଧିକ ସେବାୟତ ନିଯୁକ୍ତି କରିବା ସହିତ ପରିଚାଳନା ପାଇଁ ୫୦ କୋଟିର ଅନୁଦାନ ପ୍ରଦାନ କରିବାକୁ ଦାବିପତ୍ରରେ ଉଲ୍ଲେଖ କରିଛନ୍ତି। ଉପରୋକ୍ତ ସମସ୍ୟାକୁ ନେଇ ପୂଜକ କାମେଶ୍ୱର ତ୍ରିପାଠୀ ମୁଖ୍ୟମନ୍ତ୍ରୀଙ୍କୁ ଅବଗତ କରିବା ସହିତ ବାରମ୍ବାର ମନ୍ତ୍ରୀ ଓ ପ୍ରଶାସନିକ ଅଧିକାରୀଙ୍କ ମଧ୍ୟ ଦୃଷ୍ଟି ଆକର୍ଷଣ କରିଛନ୍ତି। ଏହାକୁ ନେଇ ସମସ୍ତେ ପ୍ରତିଶ୍ରୁତି ଦେଇଚାଲିଥିବା ବେଳେ ଏହାର ପାଣିର ଗାର ସଦୃଶ ହୋଇପଡିଛି। ଫଳରେ ମନ୍ଦିରର ନୀତିକାନ୍ତି ବନ୍ଦ ହେବାକୁ ନେଇ ଆଶଙ୍କା ଉପୁଜିବାରେ ଲାଗିଛି। ତିନିଦିନ ମଧ୍ୟରେ ଏହାର ସମାଧାନ ପାଇଁ ପଦକ୍ଷେପ ଗ୍ରହଣ ନ କଲେ ଜିଲ୍ଲାପାଳଙ୍କ କାର୍ଯ୍ୟାଳୟ ସମ୍ମୁଖରୁ ସେବାୟତମାନେ ହାତରେ ଦୀପଜାଳି ଆଣ୍ଟେଇ ଆଣ୍ଟେଇ ଅହିଂସାତ୍ମକ ପ୍ରତିବାଦ ପ୍ରଦର୍ଶନ କରିବେ ବୋଲି ଚେତାବନୀ ଦେଇଛନ୍ତି। ଦାବିପତ୍ର ପ୍ରଦାନ ସମୟରେ ପୂଜକ ଅରୁଣ କୁମାର ମିଶ୍ର, ଦେବକାନ୍ତ ପଣ୍ଡା, ଚଣ୍ଡୀ ପ୍ରସାଦ ଦାଶ, ପ୍ରଦୀପ କୁମାର ପଣ୍ଡା, ସେବାୟତ ଅମିତ କୁମାର ମିଶ୍ର ଓ ଶଶିଭୂଷଣ ଦାଶ ପ୍ରମୁଖ ଉପସ୍ଥିତ ଥିଲେ।

## ଅବକାରୀ କନେଷ୍ଟବଲଙ୍କ ସ୍ତ୍ରୀଙ୍କ ଝୁଲନ୍ତା ଶବ ଉଦ୍ଧାର

ଆନନ୍ଦପୁର, ୨୭।୧୧ (ସମିସ): ଆନନ୍ଦପୁର ପୌରାଞ୍ଚଳ ଖପରଖାଇରେ ଭଡ଼ାଘରେ ରହି କେନ୍ଦୁଝର ଅବକାରୀ ବିଭାଗରେ କନେଷ୍ଟବଲ ଭାବେ ଚାକିରି କରିଥିବା ମିଥୁନ ଜେନାଙ୍କ ସ୍ତ୍ରୀ ସୁଭଦ୍ରା ଜେନାଙ୍କ ମୃତଦେହକୁ ଝୁଲନ୍ତା ଅବସ୍ଥାରେ ପୁଲିସ ଉଦ୍ଧାର କରିଛି। ଗୁରୁବାର ସକାଳ ୭ଟା ସମୟରେ ଖବର ଜଣାପଡ଼ିବା ପରେ ଘସିପୁରା ପୁଲିସ ପ୍ରାଥମିକ ତଦନ୍ତ କରିଥିଲା। ପରେ ମୃତଦେହକୁ ଆନନ୍ଦପୁର ଡାକ୍ତରଖାନାରେ ବ୍ୟବଚ୍ଛେଦ କରାଇଥିବା ବେଳେ ମୃତ୍ୟୁର କାରଣକୁ ନେଇ ସନ୍ଦେହ ପ୍ରକାଶ ପାଇଛି।



ସୂଚନା ଅନୁସାରେ, କେନ୍ଦୁଝର ଜିଲ୍ଲା ସୋସୋ ଥାନା ମୌଦା ଗ୍ରାମର ମିଥୁନ ବରାଙ୍ଗ ଗ୍ରାମର ସୁଭଦ୍ରାଙ୍କୁ ଭଲପାଇ ବିବାହ କରିଥିଲେ। ପରେ ଖପରାଖାଇରେ ଭଡା ଘରେ ରହି କେନ୍ଦୁଝରରୁ ଯିବାଆସିବା କରୁଥିଲେ ମିଥୁନ। ସ୍ତ୍ରୀ ଅସୁସ୍ଥ ଦର୍ଶାଇ ଗତ ବୁଧବାର ଦିନ ଛୁଟିରେ ଆସିଥିଲେ ମିଥୁନ। ଗୁରୁବାର ସନ୍ଦେହଜନକ ଭାବେ ମୃତଦେହ ଝୁଲୁଥିବା ବେଳେ ପୁଲିସ ଏକ ମାମଲା ରୁଜୁକରି ତଦନ୍ତ ଜାରି ରଖିଛି।

## ସାହାରପଡ଼ା ବ୍ଲକ୍ ଠିକାଦାର ସଂଘର ବୈଠକ



ତୁରୁମୁଙ୍ଗା, ୨୭।୧୧(ସମିସ): କେନ୍ଦୁଝର ଜିଲ୍ଲା ସାହାରପଡା ବ୍ଲକ ଠିକାଦାର ସଙ୍ଘର ଏକ ଜରୁରୀ ବୈଠକ ସାହାରପଡାଠାରେ ଅନୁଷ୍ଠିତ ହୋଇଯାଇଛି। ସଂଘର ସଭାପତି ଦିପୁ ଖଟୁଆଙ୍କ ସଭାପତିତ୍ୱରେ ଅନୁଷ୍ଠିତ କାର୍ଯ୍ୟକ୍ରମରେ ବ୍ଲକ ବାହାର କଣ୍ଟ୍ରାକ୍ଟରକୁ ତୀବ୍ର ବିରୋଧ କରାଯିବ ସହ ସବୁବେଳେ ନିମ୍ନମାନର କାମ କରାଯାଉଥିବାରୁ ଉଦବେଗ ପ୍ରକାଶ ପାଇଥିଲା। ବାହାରୁ ଆସୁଥିବା କଣ୍ଟ୍ରାକ୍ଟରମାନେ ବହୁ ପ୍ରକଳ୍ପ ଅଧାଖଣ୍ଡିଆ କରି ଛାଡି ଚାଲି ଯାଉଥିବାରୁ ବ୍ଲକରେ ଉନ୍ନୟନ କାର୍ଯ୍ୟ ଅଧୁରା ରହୁଥିବା ସଂଘ ସଭାପତି ଅଭିଯୋଗ କରିଥିଲେ। ବ୍ଲକ ଟେଣ୍ଡରରେ ଅଧିକାଂଶ ସମୟରେ ଠିକ ସମୟରେ ବିଲ୍ ମିଳୁ ନଥିବାରୁ ଏନେଇ ଉପସ୍ଥିତ ଅଧିକାରୀଙ୍କଠାରେ ଦାବି ରଖିବାକୁ ନିଷ୍ପତ୍ତି ହୋଇଥିଲା। ଠିକାଦାରଙ୍କ ବିଭିନ୍ନ ସମସ୍ୟାର ସମାଧାନ ଦିଗରେ ପଦକ୍ଷେପ ନିଆଯିବ ବୋଲି ଠିକାଦାର ସଙ୍ଘର ସମ୍ପାଦକ ଗୋବିନ୍ଦଚନ୍ଦ୍ର ମହାନ୍ତ ପ୍ରକାଶ କରିଥିଲେ। ଠିକାଦାର ହୃଷୀକେଶ ମହାନ୍ତ ପରିଚାଳନା କରିଥିବା ବେଳେ ଠିକାଦାର ବିମଳ ଭୂଷଣ ମହାନ୍ତ, ଜଗଦିଶ ସିଂ, ଦିବାକର ମହାନ୍ତ, ପ୍ରହଲ୍ଲାଦ ମହାନ୍ତ, ପିଣ୍ଟୁ ରାଜ ଓ ଦିଗାମ୍ବର ମହାନ୍ତ ସହଯୋଗ କରିଥିଲେ।

## ପଦ୍ମଶ୍ରୀ ବାବା ବଳିଆଙ୍କ ପରିବେଶ ସଚେତନତା



ଆନନ୍ଦପୁର, ୨୭।୧୧ (ସମିସ): ଘସିପୁରା ବ୍ଲକ କେଶଦୁରାପାଳସ୍ଥିତ ତକ୍ଷଶୀଳା ଇଣ୍ଟରନ୍ୟାସନାଲ ସ୍କୁଲ ପରିସରରେ ପଦ୍ମଶ୍ରୀ ବାବା ବଳିଆ ଓ ବିଦ୍ୟାଳୟର ପ୍ରବନ୍ଧନ କମିଟି ଆକାଶ ରଥଙ୍କ ନେତୃତ୍ୱରେ ବୃକ୍ଷ ରୋପଣ କରାଯାଇଛି। ମାନବ ଜୀବନରେ ଏହାର ଉପକାରିତା ସମ୍ପର୍କରେ ବାବା ବଳିଆ ଆଲୋକପାତ କରିଥିଲେ। କୁନିକୁନି ଛାତ୍ରଛାତ୍ରୀଙ୍କ ପାଖରେ ବସି ସେମାନଙ୍କ ଜୀବନରେ କିଭଳି ଭାବେ ଉଜ୍ଜ୍ୱଳ ଭବିଷ୍ୟତ ଗଠନ ହେବ ସେ ସମ୍ପର୍କରେ ଅନେକ ଉପାଦେୟ ବାର୍ତ୍ତା ଦେଇ ଆଧ୍ୟାତ୍ମିକ ରାସ୍ତାରେ ଅଗ୍ରସର ହେବାପାଇଁ ପ୍ରେରଣା ଦେଇଥିଲେ। ଏହି କାର୍ଯ୍ୟକ୍ରମକୁ ବିଜେଶ୍ରୀ ଦଧିବାମନଜୀଉ ମନ୍ଦିର କମିଟିର ସମସ୍ତ ସଦସ୍ୟ ସହ କେଶଦୁରାପାଳ ଗ୍ରାମବାସୀ ଓ ବିଦ୍ୟାଳୟର ଶିକ୍ଷକଶିକ୍ଷୟିତ୍ରୀ ସହଯୋଗ କରିଥିଲେ।

## ଟ୍ରାକ୍ଟର ଦୁର୍ଘଟଣାରେ ଚାଳକ ମୃତ

ତୁରୁମୁଙ୍ଗା, ୨୭।୧୧(ସମିସ): କେନ୍ଦୁଝର ଜିଲ୍ଲା ସାହାରପଡା ବ୍ଲକ ଅନ୍ତର୍ଗତ ହାଣ୍ଡିଆଶୀଲ ନିକଟରେ ଭାରସାମ୍ୟ ହରାଇ ଏକ ଟ୍ରାକ୍ଟର ଗୁରୁବାର ସନ୍ଧ୍ୟାରେ ଓଲଟି ପଡିବାରୁ ଇଞ୍ଜିନ ତଳେ ଚାପି ହୋଇ ଚାଳକ ଗୋହିରା ଗ୍ରାମର ଆକାଶ ମହାନ୍ତ(୧୭)ଙ୍କ ମୃତ୍ୟୁ ଘଟିଛି। ସେ ଟ୍ରାକ୍ଟର ଚଳାଇ ଆସୁଥିବା ସମୟରେ ଏହି ଦୁର୍ଘଟଣା ଘଟିଛି। ସାହାରପଡା ଫାଣ୍ଡି ଅଧିକାରୀ ପାର୍ଥ ଓରାମ ମୃତଦେହ ଓ ଟ୍ରାକ୍ଟରକୁ ଜବତ କରି ଘଟଣାର ତଦନ୍ତ କରୁଛନ୍ତି।

## ଆନନ୍ଦପୁରରେ ନୂଆ ଲୋକସମ୍ପର୍କ ଅଧିକାରୀ



ଆନନ୍ଦପୁର, ୨୭।୧୧(ସମିସ): ଆନନ୍ଦପୁର ଉପଖଣ୍ଡରେ ନୂଆ ସୂଚନା ଓ ଲୋକସମ୍ପର୍କ ଅଧିକାରୀ ଭାବେ ଦୀପାଳି ପ୍ରିୟଦର୍ଶିନୀ ନାୟକ ଗୁରୁବାର ଯୋଗ ଦେଇଛନ୍ତି। ସେ ଆଜି ଆନନ୍ଦପୁରରେ ପହଞ୍ଚିବା ପରେ ଉପଜିଲ୍ଲାପାଳ ନୀଳମାଧବ ସୁନାଙ୍କୁ ସାକ୍ଷାତ କରି ନିଜ ଦାୟିତ୍ୱ ଗ୍ରହଣ କରିଥିଲେ। ଗତ ୨୦୧୯ରୁ ଏହି ପଦ ଖୋଲା ପଡ଼ିଥିଲା। ନୂତନ ଲୋକସମ୍ପର୍କ ଅଧିକାରୀଙ୍କ ଯୋଗଦାନ ପରେ ଆନନ୍ଦପୁର ଗଣମାଧ୍ୟମର ପ୍ରତିନିଧିମାନେ କାର୍ଯ୍ୟାଳୟରେ ସାକ୍ଷାତ କରି ତାଙ୍କୁ ପୁଷ୍ପଗୁଚ୍ଛ ଦେଇ ସମ୍ବର୍ଦ୍ଧିତ କରିଥିଲେ।

## ବୃଦ୍ଧାଙ୍କ ମୃତଦେହ ଉଦ୍ଧାର

ଆନନ୍ଦପୁର,୨୭।୧୧(ସମିସ): ଘସିପୁରା ଥାନା ରାଧିକାଦେଇପୁର ପଞ୍ଚାୟତ କୋଲ୍ଲବେଡା ଗାଁର ସାକ୍ରୁ ମୁର୍ମୁ (୭୨)ଙ୍କ ମୃତଦେହ ଉଦ୍ଧାର ହୋଇଛି। ପୁଅ ବୋହୂ ନ ପଚାରିବାରୁ ଘର ଛାଡ଼ି ଖାଲିଆମେଣ୍ଟା ହାଟପିଣ୍ଡିରେ ଦୀର୍ଘଦିନ ଧରି ଭିକମାଗି ପେଟ ପୋଷୁଥିଲେ। ଗତକାଲି ରାତିରେ ଅସହ୍ୟ ଥଣ୍ଡା ଯୋଗୁଁ ତାଙ୍କ ମୃତ୍ୟୁ ହୋଇଯାଇଥିଲା। ପୁଅକୁ ଜଣାଇବା ପରେ ସେ ମା'ର ସତ୍କାର ପାଇଁ ମନା କରିବା ପରେ ମୃତଦେହ ସେମିତି ହାଟପିଣ୍ଡିରେ ପଡ଼ି ରହିଥିଲା। ସ୍ଥାନୀୟ ସରପଞ୍ଚ ବୃନ୍ଦାବନ ଜେନା ଏ ସଂକ୍ରାନ୍ତରେ ଖବର ପାଇ ତାଙ୍କ ବାପ ଘର ଗୌଡ଼ଶୀଙ୍ଗା ଗାଁର ତାଙ୍କୁ ପୁତୁରା ଦାମ କିସ୍କୁଙ୍କୁ ଜଣାଇଥିଲେ। ପରେ ସନ୍ଧ୍ୟାରେ ଶବ ସତ୍କାର ହୋଇଥିଲା।

● ମୟୂରଭଞ୍ଜରେ ହାଡ଼ଭଙ୍ଗା ଶୀତ

## ଶିମିଳିପାଳର ଯୁବିକେରେ ପୁଣି ୩ ଡିଗ୍ରୀ

ବାରିପଦା, ୨୭।୧୧(ସମିସ): ମୟୂରଭଞ୍ଜ ଜିଲ୍ଲାରେ ଶୀତର ଲହରୀ ବୃଦ୍ଧି ପାଇଛି। ଶିମିଳିପାଳର ଉପରବାରାହାକାମୁଡା (ଯୁବିକେ) ପାରଦ ୩ ଡିଗ୍ରୀକୁ ଖସିଛି ବୋଲି ଶିମିଳିପାଳ ବ୍ୟାଘ୍ର ସଂରକ୍ଷଣ ପ୍ରକଳ୍ପର କ୍ଷେତ୍ର ନିର୍ଦ୍ଦେଶକ ଡ ପ୍ରକାଶ ଚାନ୍ଦ ଗୋଗିନେନୀ ସୂଚନା ଦେଇଛନ୍ତି। ଜିଲ୍ଲାର ଅଧିକାଂଶ ସ୍ଥାନରେ ସର୍ବନିମ୍ନ ତାପମାତ୍ରା ୧୦ରୁ ୧୫ଡିଗ୍ରୀ ରହୁଥିବା ବେଳେ ଗତ ୨୪ଘଣ୍ଟା ମଧ୍ୟରେ ଶିମିଳିପାଳରେ ସର୍ବନିମ୍ନ ତାପମାତ୍ରା ୩ ଡିଗ୍ରୀ ରେକର୍ଡ ହୋଇଛି। ଗୁରୁବାର ସକାଳ ୬ଟାରେ ଶିମିଳିପାଳ ଅଭୟାରଣ୍ୟ ଉତ୍ତର ଡିଭିଜନର ଉପରବାରହାକାମୁଡା ରେଞ୍ଜରେ ୩ଡିଗ୍ରୀ, ଚହଲା ରେଞ୍ଜରେ ୫ଡିଗ୍ରୀ, ବରେହିପାଣିରେ ୭ଡିଗ୍ରୀ, ଗୁଡୁଗୁଡିଆରେ ୮ଡିଗ୍ରୀ, ରାମତୀର୍ଥ ଓ କିଆଝରୀରେ ୧୨ଡିଗ୍ରୀ ଓ ସାତକୋଶିଆରେ ୧୩ଡିଗ୍ରୀ ସେଲସିୟସ ରେକର୍ଡ କରାଯାଇଛି। ୧୨ଦିନ ପୂର୍ବରୁ ସର୍ବନିମ୍ନ ୩ଡିଗ୍ରୀ ତାପମାତ୍ରା ରେକର୍ଡ ପରାଯାଇଥିବା ବେଳେ ଚଳିତ ବର୍ଷର ଅଦ୍ୟାବଧି ସର୍ବନିମ୍ନ ତାପମାତ୍ରା। ସେହିପରି ବାରିପଦା ସହରରେ ତାପମାତ୍ର ଦିନକୁ ଦିନ ଖସିବାରେ ଲାଗିଛି। ରାତି ଓ ବଡିଭୋରୁ କୁହୁଡ଼ି ପାଇଁ ଗାଡି ଚଳାଚଳ ବାଧାପ୍ରାପ୍ତ ହେଉଛି।

## ବ୍ରାହ୍ମଣମରା ଗାଁରୁ ୨ଲକ୍ଷରୁ ଉର୍ଦ୍ଧ୍ୱ ବିଦ୍ୟୁତ ଯନ୍ତ୍ରାଂଶ ଚୋରି

ବାରିପଦା, ୨୭ ।୧୧(ସମିସ): ବ୍ରାହ୍ମଣମରା ଗ୍ରାମ ଅଞ୍ଚଳରୁ ୨ଲକ୍ଷରୁ ଉର୍ଦ୍ଧ୍ୱ ଟଙ୍କାର ବିଦ୍ୟୁତ ଯନ୍ତ୍ରାଂଶ ଚୋରି ହୋଇଥିବା ନେଇ ଟିପିଏନଓଡିଏଲ ରଘୁନାଥପୁର ସେକ୍ସନ କନିଷ୍ଠ ଯନ୍ତ୍ରୀ କ୍ଷୀତିଶ ଚନ୍ଦ୍ର ଜେନା ବାରିପଦା ସଦର ଥାନାରେ ଅଭିଯୋଗ କରିଛନ୍ତି। ଉକ୍ତ ସ୍ଥାନକୁ ଲାଇନ ମ୍ୟାନ ଓ ଅନ୍ୟ କର୍ମଚାରୀ କାର୍ଯ୍ୟ କରିବାକୁ ଯାଇଥିବା ବେଳେ ସ୍ୱାନ ଓ କଣ୍ଡକ୍ଟର ଆଦି ସାମଗ୍ରୀ ଚୋରି ନେଇ ଜାଣିଥିଲେ। ଫଳରେ ଉକ୍ତ ଅଞ୍ଚଳର ୧୪ଗ୍ରାମର ପ୍ରାୟ ୧୨୦୦ଟି ପରିବାର ବିଦ୍ୟୁତ ସେବାରୁ ବଞ୍ଚିତ ହୋଇଛନ୍ତି। ଏହାର ଆନୁମାନିକ ମୂଲ୍ୟ ୨ଲକ୍ଷ ଟଙ୍କାରୁ ଉର୍ଦ୍ଧ୍ୱ ହେବ। ଏନେଇ ସେ ବାରିପଦା ସଦର ଥାନାରେ ମାମଲା ରୁଜୁ ହୋଇ ତଦନ୍ତ ଆରମ୍ଭ ହୋଇଛି।

■ ଠିକାଦାର ଲାଇସେନ୍ସ ପାଇଁ ଫି' ୫.୯୩ ଲକ୍ଷ ଟଙ୍କା ଆତ୍ମସାତ ଘଟଣା

## ପୂର୍ବତନ କନିଷ୍ଠ କିରାଣିଙ୍କୁ ୩ ବର୍ଷ ଜେଲ୍; ବନ୍ଦ ହେବ ପେନସନ୍

ବାରିପଦା, ୨୭ ।୧୧(ସମିସ): ବାରିପଦା ସ୍ୱତନ୍ତ୍ର ଦୁର୍ନୀତି ନିବାରଣ କୋର୍ଟ ପକ୍ଷରୁ ସରକାରୀ ଅର୍ଥ ଆତ୍ମସାତ କରିବା ମାମଲାର ଗୁରୁବାର ରାୟ ପ୍ରକାଶ ପାଇଛି। ସ୍ୱତନ୍ତ୍ର ବିଚାରପତି ପୂର୍ଣ୍ଣିମା ଜେନା ମାମଲାର ବିଚାର କରି ଜଣେ ପୂର୍ବତନ କନିଷ୍ଠ କିରାଣୀଙ୍କୁ ଦୋଷୀ ସାବ୍ୟସ୍ତ କରି ୩ ବର୍ଷ କାରାଦଣ୍ଡାଦେଶ ପ୍ରଦାନ କରିଛନ୍ତି।

ଏହା ସହିତ ୭୦ହଜାର ଟଙ୍କା ଲେଖାଏଁ ଜରିମାନା କରିଥିବା ବେଳେ ଜରିମାନା ଅନାଦେୟ ଅଧିକ ୩ମାସ ଅଧିକ କାରାଦଣ୍ଡ ଭୋଗିବାକୁ ପଡିବ ବୋଲି ରାୟରେ ଉଲ୍ଲେଖ ରହିଛି। ଅଭିଯୁକ୍ତ ଜଣକ ହେଲେ ବାଲେଶ୍ୱର ଜିଲ୍ଲା ନୀଳଗିରି ଥାନା ନରଣପୁର ଅଞ୍ଚଳର ଗୌରହରି ପାତ୍ର। ସେ ବାରିପଦା ସ୍ଥିତ ସୁବର୍ଣ୍ଣରେଖା ପ୍ରକଳ୍ପର ପୂର୍ବତନ କନିଷ୍ଠ କିରାଣୀ ଥିଲେ। ଗତ ୨୦୦୯ ମସିହାରେ ଠିକାଦାର ଲାଇସେନ୍ସ କରିବା ପାଇଁ ଫି' ବାବଦକୁ ୫ଲକ୍ଷ ୯୩ହଜାର ଟଙ୍କା ଆତ୍ମସାତ କରିଥିଲେ। ଏ ନେଇ ଅଭିଯୋଗକ୍ରମେ ତାଙ୍କ ନାମରେ ଭିଜିଲାନ୍ସ ବିଭାଗରେ ମାମଲା ହୋଇ ତଦନ୍ତ ଆରମ୍ଭ ହୋଇଥିଲା। ତଦନ୍ତ ପରେ ଗୌରହରିଙ୍କୁ ଭିଜିଲାନ୍ସ ବିଭାଗ ଗିରଫ କରି କୋର୍ଟ ଚାଲାଣ କରିଥିଲା। ବୟାନ ଓ ଭିଜିଲାନ୍ସର ତଦନ୍ତ ରିପୋର୍ଟକୁ ଭିତ୍ତିକରି ଜଜ୍ ଉପରୋକ୍ତ ଶୁଣାଣି କରିଛନ୍ତି।

ତେବେ ସେ ଚାକିରିରୁ ଅବସର ଗ୍ରହଣ କରିଥିବା ବେଳେ ତାଙ୍କର ପେନସନ ଟଙ୍କା ବନ୍ଦ କରିବାକୁ ରାଜ୍ୟ ସରକାରଙ୍କୁ ଭିଜିଲାନ୍ସ ବିଭାଗପତ୍ର ଯୋଗେ ସୂଚିତ କରିଛନ୍ତି। ଉକ୍ତ ମାମଲାକୁ ଭିଜିଲାନ୍ସ କୋର୍ଟର ସ୍ୱତନ୍ତ୍ର ସରକାରୀ ଆଇନଜୀବୀ ଦୀପକ କୁମାର ସେଠୀ ପରିଚାଳନା କରୁଥିଲେ।

## ବ୍ଲକ୍‌ସ୍ତରୀୟ ବାଲ୍ ବୈଜ୍ଞାନିକ ପ୍ରଦର୍ଶନୀ

ଖୁଣ୍ଟି, ୨୭।୧୧(ସମିସ): ଶୁକୃଳି ସରକାରୀ ଉଚ୍ଚ ବିଦ୍ୟାଳୟଠାରେ ରାଷ୍ଟ୍ରୀୟ ଆବିଷ୍କାର ଅଭିଯାନ ଆନୁକୂଲ୍ୟରେ ବ୍ଲକ୍ ସ୍ତରୀୟ ଏକ ବାଲ୍ ବୈଜ୍ଞାନିକ ପ୍ରଦର୍ଶନୀ ଅନୁଷ୍ଠିତ ହୋଇଯାଇଛି। ଅତିରିକ୍ତ ଗୋଷ୍ଠୀ ଶିକ୍ଷା ଅଧିକାରୀ ନୟନତାରା ମହାନ୍ତଙ୍କ ସଭାପତିତ୍ୱରେ ଅନୁଷ୍ଠିତ ସାଧାରଣ ସଭାରେ ମୁଖ୍ୟ ଅତିଥି ଭାବେ ଶୁକୃଳି ବିଡିଓ ବ୍ରହ୍ମାନନ୍ଦ ବେହେରା, ମୁଖ୍ୟ ବକ୍ତା ଭାବେ ଶୁକୃଳି ଗୋଷ୍ଠୀ ଶିକ୍ଷା ଅଧିକାରୀ ସୁଶାନ୍ତ କୁମାର ସିଂ ତଥା ସମ୍ମାନିତ ଅତିଥି ଭାବେ ଶୁକୃଳି ଅତିରିକ୍ତ ଗୋଷ୍ଠୀ ଶିକ୍ଷା ଅଧିକାରୀ ରାମଚନ୍ଦ୍ର ବେହେରା, ବ୍ଲକ୍ ବିଜ୍ଞାନ ସଂଯୋଜକ କେଦାରନାଥ ମହାନ୍ତ ଓ ବିଦ୍ୟୁତ ପ୍ରଭା ସେଠୀ ପ୍ରମୁଖ ଯୋଗଦେଇ ଛାତ୍ରଛାତ୍ରୀଙ୍କ ମଧ୍ୟରେ ବିଜ୍ଞାନ ମନୋବୃତ୍ତିର ଉଦ୍ରେକ ଲାଗି ପ୍ରେରଣାଦାୟୀ ବକ୍ତବ୍ୟ ରଖିଥିଲେ। ଏହି ଅବସରରେ ବ୍ଲକର ୧୦୫ଟି ବିଜ୍ଞାନ ପ୍ରକଳ୍ପ ପ୍ରଦର୍ଶିତ ହୋଇଥିଲା। ବିଚାରକ ଭାବେ ବିଜ୍ଞାନ ଶିକ୍ଷକ ପ୍ରଦୀପ ମହାନ୍ତ, ସପନ ମହାନ୍ତ, ବିନୟ ମହାନ୍ତ ଓ ଅବସରପ୍ରାପ୍ତ ବିଜ୍ଞାନ ଶିକ୍ଷୟିତ୍ରୀ କ୍ଷୀରମଣି ମହାନ୍ତ ପ୍ରକଳ୍ପର ମୂଲ୍ୟାଙ୍କନ କରିଥିଲେ।



ଉଦଯାପନୀ ସଭାରେ ବ୍ଲକ୍ ଅଧ୍ୟକ୍ଷା କବିତା ମଞ୍ଜରୀ ନାୟକ ଯୋଗଦେଇ ଶ୍ରେଷ୍ଠ ବିବେଚିତ କୁନି ବୈଜ୍ଞାନିକଙ୍କୁ ପୁରସ୍କୃତ କରିଥିଲେ। ଶ୍ରେଷ୍ଠ ବିବେଚିତ ୭ଟି ସବ୍‌ଥିମ୍ ମଧ୍ୟରୁ ସର୍ବଶ୍ରେଷ୍ଠ କୃତିତ୍ୱ ହାସଲ କରିଥିବା ୩ ଜଣ ଛାତ୍ରଛାତ୍ରୀଙ୍କୁ ୩୦୦୦ ଟଙ୍କା ଅର୍ଥରାଶି ପ୍ରଦାନ କରାଯାଇଥିଲା।

## ଚାକିରି ଦେବା ଆଳରେ ୨ଲକ୍ଷରୁ ଉର୍ଦ୍ଧ୍ୱ ଟଙ୍କା ଠକେଇ

ବାରିପଦା, ୨୭ ।୧୧(ସମିସ): ଚାକିରି ଦେବା ଆଳରେ ଜଣେ ଯୁବକଙ୍କଠାରୁ ୨ଲକ୍ଷରୁ ଉର୍ଦ୍ଧ୍ୱ ଟଙ୍କା ଠକେଇ ହୋଇଥିବା ନେଇ ଅଭିଯୋଗ ହୋଇଛି। ଏନେଇ ବାରିପଦା ଟାଉନ ଥାନା ଅନ୍ତର୍ଗତ ଦେଉଳସାହିର ବିଶ୍ୱଜିତ ଦାସ ସାଇବର ଓ ଅର୍ଥନୈତିକ ଅପରାଧ ଥାନାରେ ଅଭିଯୋଗ କରିଛନ୍ତି। ତାଙ୍କୁ ଏକ ଅଜଣା ସ୍ଥାନରୁ ମେଲ ଯୋଗେ ଚାକିରି ଅଫର ଆସିଥିଲା। ଯାହାକୁ ନେଇ ତାଙ୍କୁ ବାଏଡାଟା ପ୍ରଦାନ କରିଥିଲେ। ଏହାପରେ ସେ ତାଙ୍କୁ ପଞ୍ଜିକରଣ ନିମନ୍ତେ ଟଙ୍କା ମାଗିଥିଲେ। ପ୍ରଥମେ ୧,୮୪,୩୧୧ ଟଙ୍କା ଦେଇଥିଲେ। ଏହାପରେ ପର୍ଯ୍ୟାୟକ୍ରମରେ ସମୁଦାୟ ୨,୯୬,୫୧୧ ଟଙ୍କା ପ୍ରଦାନ କରିଥିଲେ। ଟଙ୍କା ନେବା ପରେ ଠକ ମାନେ କିନ୍ତୁ ତାଙ୍କୁ ଚାକିରୀ ବାବଦ ଆଉ ଯୋଗାଯୋଗ କରିନଥିଲେ। ସେ ବାରମ୍ବାର ଯୋଗାଯୋଗ କରିବାକୁ ଚେଷ୍ଟା କରି ବିଫଳ ହୋଇଥିଲେ। ସାଇବର ଠକାମିର ଶିକାର ହୋଇଥିବା ଜାଣିବା ପରେ ନ୍ୟାୟ ପାଇବା ପାଇଁ ଥାନାର ଦ୍ୱାରସ୍ଥ ହୋଇଛନ୍ତି। ଅଭିଯୋଗକ୍ରମେ ପୁଲିସ ମାମଲା ରୁଜୁ କରି ତଦନ୍ତ ଜାରି ରଖିଛି।

## ତାଲା ବନ୍ଦ ଘରୁ ଅଳଙ୍କାର ଓ ଟଙ୍କା ଚୋରି

ରାଇରଙ୍ଗପୁର/ଯଶିପୁର,୨୭।୧୧(ସମିସ): ଯଶିପୁର ଥାନା ଅଞ୍ଚଳରେ ଏକ ତାଲା ବନ୍ଦ ଘରୁ ସୁନା ଅଳଙ୍କାର ଓ ଟଙ୍କା ଚୋରି ହୋଇଛି। ଏ ନେଇ ପଦ୍ମପୁର ଗ୍ରାମର ସମରେନ୍ଦ୍ର କୁମାର ସାହୁ ଥାନାରେ ଅଭିଯୋଗ କରିଛନ୍ତି। ସେ ପରିବାର ଲୋକଙ୍କ ସହ ବଜାର ଯାଇଥିବା ବେଳେ ଏହାର ସୁଯୋଗ ନେଇ ଦୁର୍ବୃତ୍ତମାନେ ଚୋରି କରିଛନ୍ତି। ଘରେ ଥିବା ସୁନା ଅଳଙ୍କାର ଓ ଟଙ୍କା ଚୋରି ହୋଇଛି। ପୁଲିସ ଏକ ମାମଲା ରୁଜୁ କରି ତଦନ୍ତ ଜାରି ରଖିଛି।

## ବୁଢ଼ାମରା ଗ୍ରାମରୁ ଲକ୍ଷାଧିକ ଟଙ୍କାର ଅଳଙ୍କାର ଚୋରି

ରାଇରଙ୍ଗପୁର/ଗୋରୁମହିଷାଣୀ, ୨୭।୧୧(ସମିସ): ଗୋରୁମହିଷାଣୀ ଥାନା ଅଞ୍ଚଳରେ ଏକ ତାଲା ବନ୍ଦ ଘରୁ ଲକ୍ଷାଧିକ ଟଙ୍କା ମୂଲ୍ୟର ସୁନା ଓ ରୁପା ଅଳଙ୍କାର ଏବଂ ଟଙ୍କା ଚୋରି କରିଛନ୍ତି। ଚଢେଇପାହାଡି ଗ୍ରାମ ପଞ୍ଚାୟତ ଅନ୍ତର୍ଗତ ବୁଢାମରା ଗ୍ରାମର ସବାନ ମୁର୍ମୁଙ୍କ ଘରୁ ଚୋରି ନେଇ ଥାନାରେ ଅଭିଯୋଗ କରିଛନ୍ତି। ସେ ପରିବାର ଲୋକଙ୍କ ସହ ବାହାରକୁ ଯାଇଥିବା ବେଳେ ଏହାର ସୁଯୋଗ ନେଇ ଦୁର୍ବୃତ୍ତମାନେ ଚୋରି କରିଛନ୍ତି। ଦୁର୍ବୃତ୍ତମାନେ ଆଲମାରୀ ତାଲା ଭାଙ୍ଗି ସୁନା ଓ ରୁପା ଅଳଙ୍କାର ଏବଂ ୩୫ ହଜାର ଟଙ୍କା ଚୋରି କରିନେଇ ପଳାଇଛନ୍ତି। ସେ ଘରକୁ ଫେରିବା ପରେ ଚୋରି ବାବଦରେ ଜାଣି ଥାନାରେ ଅଭିଯୋଗ କରିଛନ୍ତି। ଅଭିଯୋଗକ୍ରମେ ପୁଲିସ ମାମଲା ରୁଜୁ କରି ତଦନ୍ତ ଜାରି ରଖିଛି।

## ବାଲି ବୋଝେଇ ଟ୍ରାକ୍ଟର ଜବତ

ରାଇରଙ୍ଗପୁର/କରଞ୍ଜିଆ,୨୭।୧୧(ସମିସ): ବେଆଇନ ଭାବେ ବାଲି ଚୋରା ଚାଲାଣ ବେଳେ କରଞ୍ଜିଆ ଥାନା ପୁଲିସ ଏକ ବାଲି ବୋଝେଇ ଟ୍ରାକ୍ଟର ଜବତ ସହ ଚାଳକ ଫେରାର ହୋଇଯାଇଛି। ଅନେକ ପରିମାଣର ଲଘୁ ଖଣିଜ ଚୋରା ଚାଲାଣ ହେଉଥିବା ବାରମ୍ବାର ଅଭିଯୋଗ ହେଉଛି। ଦେଓ ନଦୀ କୂଳ ଭଓଁରା ଗ୍ରାମରୁ ବାଲି ମାଫିଆ ବେଆଇନ ଭାବେ ବାଲି ଉତ୍ତୋଳନ କରିବା ନେଇ ଖବର ପାଇ ପୁଲିସ ଚଢ଼ଉ କରିଥିଲେ। ଟ୍ରାକ୍ଟର ଗାଡିକୁ ଅଟକାଇ ପଚରାଉଚରା କରିଥିଲା। ବେଆଇନ ଭାବେ ବାଲି ଚୋରା ଚାଲାଣ ହେଉଥିବା ନେଇ ପୋଲିସ ଜାଣିବା ପରେ ଗାଡିକୁ ଜବତ କରାଯାଇଛି। ଏନେଇ ଥାନାରେ ଲଘୁ ଖଣିଜ ବେଆଇନ ଚୋରା ଚାଲାଣ ନେଇ ମାମଲା ରୁଜୁ କରାଯାଇ ତଦନ୍ତ ଜାରି ରହିଛି।

## କୃଷି ମହାବିଦ୍ୟାଳୟ ପାଇଁ ଜମି ଚିହ୍ନଟ

ରାଇରଙ୍ଗପୁର, ୨୭।୧୧(ସମିସ): ରାଇରଙ୍ଗପୁରରେ କେନ୍ଦ୍ରୀୟ କୃଷି ମହାବିଦ୍ୟାଳୟ ପ୍ରତିଷ୍ଠା ନିମନ୍ତେ ଜମି ଚିହ୍ନଟ ପ୍ରକ୍ରିୟା ଆରମ୍ଭ ହୋଇଛି। ଜିଲ୍ଲାପାଳ ହେମକାନ୍ତ ସଏଙ୍କ ନେତୃତ୍ୱରେ ଏକ ପ୍ରତିନିଧି ଦଳ ବିଭିନ୍ନ ସ୍ଥାନ ପରିଦର୍ଶନ କରି ଜମି ଚିହ୍ନଟ କରିଛନ୍ତି। ପ୍ରତିନିଧି ଦଳରେ ରାଇରଙ୍ଗପୁର ଅତିରିକ୍ତ ଜିଲ୍ଲାପାଳ ସୁଚାରୁ କୁମାର ବଳ, କୃଷି ମହାବିଦ୍ୟାଳୟ ଅଧ୍ୟକ୍ଷ, ସମ୍ପ୍ରସାରଣ ଅଧିକାରୀ, ଯଶିପୁର କୃଷି ବିଜ୍ଞାନ କେନ୍ଦ୍ରର ମୁଖ୍ୟ, ବାମନଘାଟି ଉପଖଣ୍ଡର ସମସ୍ତ ତହସିଲଦାର, ବିଡିଓ ପ୍ରମୁଖ ଉପସ୍ଥିତ ଥିଲେ। ଏହି ଟିମ୍ ବହଳଦା ବ୍ଲକର ଅଁଳାଯୋଡ଼ି, ଜାମଦା ବ୍ଲକ୍‌ର ଗୋପୀନାଥପୁର ଓ କୁସୁମୀ ବ୍ଲକର ଚିଙ୍ଗୁଡ଼ିପୋଖରୀ ଏବଂ ଦଲକି ନିକଟରେ ଜମି ଚିହ୍ନଟ କରିଛନ୍ତି। ଡିପିଆର ଅନୁଯାୟୀ ଜମି ଚୂଡାନ୍ତ କରାଯାଇ କୃଷି ମହାବିଦ୍ୟାଳୟ ନିର୍ମାଣ କାର୍ଯ୍ୟ ଆରମ୍ଭ ହେବ।

## ସିରିଡ଼ି ସାଇଙ୍କ ବିଗ୍ରହ ପ୍ରତିଷ୍ଠା ଓ କଳସ ଯାତ୍ରା

ରାସଗୋବିନ୍ଦପୁର,୨୭।୧୧(ସମିସ): ରାସଗୋବିନ୍ଦପୁର ବ୍ଲକ ଅମର୍ଦାଠାରେ ସିରିଡ଼ି ସାଇ ବାବାଙ୍କ ବିଗ୍ରହ ପ୍ରତିଷ୍ଠା ଉତ୍ସବ ଅନୁଷ୍ଠିତ ହୋଇଯାଇଛି। ଏହି ଉପଲକ୍ଷେ ମହିଳା ଶ୍ରଦ୍ଧାଳୁମାନେ ପୋଖରୀରୁ ପାଣି ଉଠାଇ ଏକ କଳସଯାତ୍ରାରେ ଆସି ବାବାଙ୍କ ମସ୍ତକରେ ଢାଳିଥିଲେ। ଗାଁରେ ଏକ ଆଧ୍ୟାତ୍ମିକ ପରିବେଶ ସୃଷ୍ଟି ହୋଇଥିଲା। ଗତ ୨୦୨୧ ମସିହାରେ ଏହି ମନ୍ଦିର ନିର୍ମାଣ କରାଯାଇଥିଲା। ଦୀର୍ଘ ଦିନ ପରେ



ବାବାଙ୍କ ମୂର୍ତ୍ତି ଆଣି ପ୍ରତିଷ୍ଠା କରାଯାଇଛି। ଗତ ୨୬ରେ ବାସ୍ତୁପୂଜା, ୨୭ରେ ନେତ ଉତ୍ସବ ଓ ବାବାଙ୍କ ବିଗ୍ରହ ପ୍ରତିଷ୍ଠା, କଳସ ଯାତ୍ରା ଅନୁଷ୍ଠିତ ହୋଇଥିଲା। ସେହିପରି ୨୮ରେ ଭାଗବତ ପାରାୟଣ ଏବଂ ପ୍ରସାଦସେବନ କାର୍ଯ୍ୟକ୍ରମ ଅନୁଷ୍ଠିତ ହେବ। ସାଇ ପରିବାରର ସଦସ୍ୟ ଅତୁଲ କୁମାର ମହାନ୍ତି, ପରେଶ ପରିଡା, ସୁଭାଷ ଚନ୍ଦ୍ର ଗିରି, ଗୋଟିକୃଷ୍ଣ କର, ସୁବ୍ରତ ପୁଷ୍ଟି, ମଧୁସୂଦନ ଦାସ ପ୍ରମୁଖ ସହଯୋଗ କରିଥିଲେ।

## ଚିକିଟାମାଟିଆ ବାଳକ ଆଶ୍ରମ ବିଦ୍ୟାଳୟ କର୍ତ୍ତୃପକ୍ଷଙ୍କ ଅବହେଳା

# ହଷ୍ଟେଲ ପାଚେରି ଡେଇଁ ପଳାଇଥିବା ୪ ଛାତ୍ର ଜଙ୍ଗଲରୁ ଉଦ୍ଧାର

ମୋରଡା,୨୭।୧୧(ସମିସ):

ଏକ ଆଶ୍ରମ ବିଦ୍ୟାଳୟ କର୍ତ୍ତୃପକ୍ଷଙ୍କ ଅବହେଳା ଯୋଗୁଁ ୪ ଜଣ ଛାତ୍ର ହଷ୍ଟେଲ ପାଚେରୀ ଡେଇଁ ପଳାଇଥିବାବେଳେ ପୁଲିସ ସେମାନଙ୍କୁ ଧାତିକା ଜଙ୍ଗଲରୁ ଉଦ୍ଧାର କରିଛି। ମୋରଡା ଥାନା ଅଧୀନ ଚିକିଟାମାଟିଆ ବାଳକ ଆଶ୍ରମ ବିଦ୍ୟାଳୟରେ ପ୍ରଥମରୁ ସପ୍ତମ ଶ୍ରେଣୀ ପର୍ଯ୍ୟନ୍ତ ୧୫୭ ଜଣ ଛାତ୍ର ହଷ୍ଟେଲ ରହି ପାଠ ପଢୁଛନ୍ତି। ଏହି ବିଦ୍ୟାଳୟର ହଷ୍ଟେଲ ସୁପରିଣ୍ଟେଣ୍ଡେଣ୍ଟ ଦାୟିତ୍ୱରେ ରହିଛନ୍ତି ଜ୍ୟୋସ୍ନା ମୁର୍ମୁ। ଗୁରୁବାର ସକାଳେ ହଷ୍ଟେଲର ପ୍ରଥମ ଶ୍ରେଣୀର ଜଣେ, ଦ୍ୱିତୀୟ ଶ୍ରେଣୀର ୨ ଜଣ ଏବଂ ଷଷ୍ଠ ଶ୍ରେଣୀର ଜଣେ ଛାତ୍ର କୌଣସି କାରଣ ବଶତଃ ହଷ୍ଟେଲ ପାଚେରୀ ଡେଇଁ ଜଙ୍ଗଲ ରାସ୍ତା ହୋଇ ଶୁଳିଆପଦା ଥାନା ଅଧୀନ ଧାତିକା କେନାଲ ରାସ୍ତାରେ ପହଞ୍ଚିଥିଲେ। ଧାତିକା ପୂର୍ବତନ ମିନତୀ ସୋରେନ ସେମାନଙ୍କୁ କେନାଲ ନିକଟରେ ଦେଖି ସନ୍ଦେହ କରି ପଚରାଉଚୁରା କରିଥିଲେ; ହେଲେ ୪ ଜଣ ଛାତ୍ର କିଛି କହିନଥିଲେ। ପରେ ସେ ଚାରିଜଣ ଛାତ୍ରଙ୍କୁ ନିଜ ଘରକୁ ଆଣି ଶୁଳିଆପଦା ପୁଲିସକୁ ଖବର ଦେଇଥିଲେ। ପରେ ପୁଲିସ ପହଞ୍ଚି ଛାତ୍ରଙ୍କୁ ଥାନାକୁ ଆଣିଥିଲେ। ଏବାବଦରେ ଥାନା ଅଧିକାରୀ ସତ୍ୟନାରାୟଣ ବଳଙ୍କୁ ପଚାରିବାରୁ ଚାରିଜଣ ଛାତ୍ର ଶୁଳିଆପଦା ଥାନା ଅଞ୍ଚଳର ଏବଂ ସେମାନେ ହଷ୍ଟେଲରୁ ଚାଲି ଆସିବାର କାରଣ କହୁନାହାନ୍ତି। ତେଣୁ ପରବର୍ତ୍ତୀ ସମୟରେ ସିଡବ୍ଲ୍ୟୁସିକୁ ହସ୍ତାନ୍ତର କରାଯିବ ବୋଲି କହିଛନ୍ତି। ତେବେ ଏହି ନାବାଳକ ଛାତ୍ରମାନେ ପାଚେରୀ ଡେଇଁ ପଳାଇ ଆସିବାକୁ ନେଇ ହଷ୍ଟେଲ କର୍ତ୍ତୃପକ୍ଷଙ୍କ ଅବହେଳାକୁ ଅଙ୍ଗୁଳି ନିର୍ଦ୍ଦେଶ କରୁଛି। ବିଦ୍ୟାଳୟ ପ୍ରଧାନ ଶିକ୍ଷକ କୃଷ୍ଣକୁମାର ଲେଙ୍କାଙ୍କୁ ପଚାରିବାରୁ ସକାଳ ଜଳଖିଆ ଖାଇ ସାରି ପାଚେରୀ ଡେଇଁ ପଳାଇଥିବା ସେ ସ୍ୱୀକାର କରିବା ସହିତ ପିଲାଙ୍କୁ କ'ଣ ସବୁବେଳେ ଜଗି ରହିବା ସମ୍ଭବ ବୋଲି କହି ହଷ୍ଟେଲ କର୍ତ୍ତୃପକ୍ଷ ତଥା ସୁପରିଣ୍ଟେଣ୍ଡେଣ୍ଟ ଦାୟିତ୍ୱରେ ଥିବା ଜ୍ୟୋସ୍ନା ମୁର୍ମୁଙ୍କୁ ଘଣ୍ଟ ଘୋଡାଇଥିଲେ। ଘଟଣା ବାବଦରେ ଜିଲ୍ଲା ମଙ୍ଗଳ ଅଧିକାରୀ ଗୁରୁଚରଣ ମଲ୍ଲିକଙ୍କୁ ପଚାରିବାରୁ ପାର୍ବତୀ ହାଁସଦାଙ୍କୁ ନୂତନ ବ୍ଲକ ମଙ୍ଗଳ ସମ୍ପ୍ରସାରଣ ଅଧିକାରୀଙ୍କୁ ନିଯୁକ୍ତି ଦିଆଯାଇଛି ଏବଂ ତାଙ୍କୁ ଆସନ୍ତାକାଲି ତଦନ୍ତ କରିବା ପାଇଁ କୁହାଯିବ ବୋଲି କହିଥିଲେ।

## ଆଜିର ରାଶିଫଳ

**ମେଷ:** ଦିନଟି ଶୁଭଫଳ ପ୍ରଦାନ କରିବ। ନୂଆ ଲୋକଙ୍କ ସଂସ୍ପର୍ଶରେ ଆସିବେ। ସ୍ୱାସ୍ଥ୍ୟ ପ୍ରତି ଯତ୍ନବାନ ହେବେ। ଜୀବନସାଥୀଙ୍କ ବ୍ୟବହାରରେ ଖୁସି ହେବେ। ପ୍ରେମ ସମ୍ବନ୍ଧ ମଜଭୁତ ହେବ।

**ବୃଷ:** ବିବାହ ପ୍ରସ୍ତାବ ସ୍ଥିର ହେବ। ସମାଜରେ ପ୍ରତିଷ୍ଠା ବଢ଼ିବ। ଛାତ୍ରଛାତ୍ରୀ କଠିନ ପରିଶ୍ରମ କରିବେ। କୋର୍ଟ ମାମଲାରେ ସଫଳତା ହାସଲ କରିବେ। ମହିଳାମାନେ କିଣାକିଣିରେ ଅଧିକ ଖର୍ଚ୍ଚ କରିବେ।

**ମିଥୁନ:** ରାଜନୀତିରେ ସଫଳତା ମିଳିବ। ଚାକିରିରେ ପଦୋନ୍ନତି ସମ୍ଭାବନା ଅଛି। ବାଦବିବାଦ ତଥା ଧାରକରଜରୁ ଦୂରେଇ ରହିବେ। ବ୍ୟବସାୟରେ ଉନ୍ନତି ପରିଲକ୍ଷିତ ହେବ।

**କର୍କଟ:** ଦିନଟି ମିଶ୍ରଫଳ ପ୍ରଦାନ କରିବ। ବ୍ୟବସାୟ ଜନିତ ସମସ୍ୟା ସମାଧାନ ହେବ। ଅଫିସ୍‌ରେ ସହକର୍ମୀଙ୍କ ସହଯୋଗ ମିଳିବ। ଏକାଗ୍ରତାର ସହ କାମ କରିବେ। ସନ୍ତାନ ସୁଖ ପ୍ରାପ୍ତ ହେବ।

**ସିଂହ:** ବନ୍ଧୁ ମିଳନ ଯୋଗ ଅଛି। ଘରେ ପୂଜାପାଠ ଆୟୋଜନ କରିବେ। ପ୍ରେମ ସମ୍ବନ୍ଧରେ ତିକ୍ତତା ଦେଖା ଦେବ। ଜୀବନସାଥୀଙ୍କଠାରୁ ଉପହାର ପାଇବେ। କାର୍ଯ୍ୟକ୍ଷେତ୍ରରେ ସମସ୍ୟା ଦୂର ହେବ।

**କନ୍ୟା:** ଭାଇଭଉଣୀଙ୍କ ମଧ୍ୟରେ ଭୁଲ ବୁଝାମଣା ଦୂର ହେବ। ସକାରାତ୍ମକ ଚିନ୍ତାଧାରାରେ କାର୍ଯ୍ୟ କରିବେ। ବ୍ୟବସାୟ ପାଇଁ ନୂଆ ଯୋଜନା କରିବେ। ଛାତ୍ରଛାତ୍ରୀଙ୍କୁ ପରିଶ୍ରମର ଉଚିତ ଫଳ ମିଳିବ।

**ତୁଳା:** ବୁଝିବିଚାରି ନିଷ୍ପତ୍ତି ନିଅନ୍ତୁ। କାମ ଆରମ୍ଭ କରିବା ପୂର୍ବରୁ ଗୁରୁଜନଙ୍କ ପରାମର୍ଶ ନେବେ। ସରକାରୀ ଚାକିରି ପାଇଁ ସମୟ ଲାଗିବ। ବିଦ୍ୟାର୍ଥୀ କଠିନ ପରିଶ୍ରମ କରିବେ। ଦାମ୍ପତ୍ୟ ଜୀବନରେ ମତଭେଦ ସୃଷ୍ଟି ହେବ।

**ବିଛା:** ଅଫିସ୍ କାର୍ଯ୍ୟ ଠିକ୍ ସମୟରେ ପୂରା କରିବେ। ବରିଷ୍ଠ ଅଧିକାରୀ କାମ ପାଇଁ ପ୍ରଶଂସା କରିବେ। ଗରିବ ଲୋକଙ୍କୁ ସାହାଯ୍ୟ କରିବେ। ତୈଳାକ୍ତ ଖାଦ୍ୟ ପଦାର୍ଥରୁ ଦୂରେଇ ରହିବେ।

**ଧନୁ:** ଶାନ୍ତ ମନରେ କାର୍ଯ୍ୟ କରିବେ। ବ୍ୟବସାୟରେ ସଫଳ ହେବେ। ସ୍ୱାସ୍ଥ୍ୟ ସମସ୍ୟା ଦେଖା ଦେବ। ଆର୍ଥିକ ସ୍ଥିତି ମଜଭୁତ ହେବ। ପରିବାର ସଦସ୍ୟଙ୍କୁ ସମୟ ଦେବେ।

**ମକର:** ପୁରୁଣା ବନ୍ଧୁଙ୍କ ସହ ଦେଖାସାକ୍ଷାତ ହେବ। ଗୁରୁତ୍ୱପୂର୍ଣ୍ଣ ପ୍ରସଙ୍ଗ ଉପରେ ବନ୍ଧୁଙ୍କ ସହ ଆଲୋଚନା କରିବେ। ଅଟକିଥିବା କାର୍ଯ୍ୟ ପୂରା ହେବ। ଧାର୍ମିକ ସ୍ଥାନକୁ ଯାତ୍ରା କରିବେ।

**କୁମ୍ଭ:** ଇଚ୍ଛା ପୂରଣ ହେବ। ଛାତ୍ରଛାତ୍ରୀ କ୍ୟାରିୟର ପାଇଁ ନୂଆ ଯୋଜନା କରିବେ। ଅଫିସ୍‌ରେ ପଦୋନ୍ନତି ସମ୍ଭାବନା ଅଛି। ବିରୋଧୀଙ୍କଠାରୁ ଦୂରେଇ ରହିବେ। ଅଧିକ ଖର୍ଚ୍ଚାନ୍ତ ହେବେ।

**ମୀନ:** ମନ ପ୍ରସନ୍ନ ରହିବ। ନୂଆ ଯୋଜନା ସହ କାମ ଆରମ୍ଭ କରିବେ। ଆର୍ଥିକ ସ୍ଥିତିରେ ସୁଧାର ଆସିବ। ସାଙ୍ଗସାଥୀଙ୍କ ସହିତ ସମୟ ଅତିବାହିତ କରିବେ। ଦାମ୍ପତ୍ୟ ଜୀବନ ସୁଖମୟ ହେବ।

## ଆଜିର ଇତିହାସ

- ୧୬୬୦: ଲଣ୍ଡନରେ ଦ ରୟାଲ ସୋସାଇଟିର ଗଠନ।
- ୧୮୧୪: ଦ ଟାଇମ୍ସ ଅଫ୍ ଲଣ୍ଡନକୁ ପ୍ରଥମଥର ସ୍ୱଚାଳିତ ପ୍ରିଣ୍ଟିଂ ମେସିନ୍‌ରେ ଛପାଗଲା।
- ୧୮୯୦: ସମାଜସେବୀ ଜ୍ୟୋତିବା ଫୁଲେଙ୍କ ପରଲୋକ।
- ୧୯୪୫: ସାହିତ୍ୟିକ ଅମର ଗୋସ୍ୱାମୀଙ୍କ ଜନ୍ମ।
- ୧୯୯୬: ଏୟାରବସ୍ ଏ-୩୦୦ ବିମାନକୁ କମାଣ୍ଡ କରିବା ପ୍ରଥମ ମହିଳା ହେଲେ କ୍ୟାପ୍ଟେନ୍ ଇନ୍ଦ୍ରାଣି ସିଂହ।

# ମେସିନ୍ କାଟୁଛି କେଶ



ସାମାଜିକ ଗଣମାଧ୍ୟମରେ ଏବେ ଏକ ଭିଡିଓ ଖୁବ୍ ଭାଇରାଲ ହେଉଛି। ଏଥିରେ ଦେଖିବାକୁ ମିଳିଛି, ରାସ୍ତାକଡ଼ରେ ଏକ ମେସିନ୍ ଲୋକଙ୍କର ଖୁବ୍ କମ୍ ସମୟ ମଧ୍ୟରେ କେଶ କାଟି ଦେଉଛି। ଭିଡିଓରେ ଦେଖା ଯାଇଛି, ଜଣେ ଯୁବକ ମେସିନ୍‌କୁ ଟେପର୍ଡ ଫେଡ୍ ହେୟାରକଟ୍ କରିବାକୁ କହିଛନ୍ତି। ମେସିନ୍ ଉତ୍ତରରେ ଯୁବକଙ୍କୁ ମୁଣ୍ଡ ରଖିବାକୁ କହିଛି। ବହୁତ କମ୍ ସମୟ ମଧ୍ୟରେ ସମ୍ପୃକ୍ତ ଯୁବକ ଜଣକ ଯେତେବେଳେ ନିଜ ମୁଣ୍ଡକୁ ମେସିନ୍‌ରୁ ବାହାର କରିଛନ୍ତି, ତାଙ୍କୁ ସଂପୂର୍ଣ୍ଣ ଭାବେ ଏକ ନୂଆ ଲୁକ୍‌ରେ ଦେଖିବାକୁ ମିଳିଛି। ଭିଡିଓରେ ଦାବି କରାଯାଇଛି ଯେ, ଏହି ମେସିନ୍ ନରୱେ ରାଜଧାନୀ ଓସ୍‌ଲୋରେ ଲାଗିଛି। ଭିଡିଓରେ ତିନି ଜଣ ଯୁବକ ଜଣକ ପରେ ଜଣେ କେଶ କାଟିଥିବା ଦେଖାଯାଇଛି। ଅନ୍ୟପଟେ ଭିଡିଓର ଶୀର୍ଷକରେ ଲେଖାଯାଇଛି, 'ଆଉ ଅପେକ୍ଷା କରନ୍ତୁ ନାହିଁ। ଏବେ ରାସ୍ତାକଡ଼ରେ କେଶ କାଟିବା ସୁବିଧା ଅଟୋପାଇଲଟ୍ ପର୍ଯ୍ୟାୟରେ ଅଛି। ସେହିପରି ଲୋକଙ୍କୁ ହେୟାର ଷ୍ଟାଇଲିଷ୍ଟ ବିନା ରାସ୍ତାକଡ଼ରେ କେଶ କାଟିବା ସୁଯୋଗ ମିଳିପାରିବ।' ତେବେ ଏହି ଭିଡିଓ ଅସଲି ନୁହେଁ, ବରଂ ଏହାକୁ ଏଆଇ ଦ୍ୱାରା ପ୍ରସ୍ତୁତ କରାଯାଇଛି ବୋଲି କୁହାଯାଉଛି। ଇନ୍‌ଷ୍ଟାଗ୍ରାମ ପେଜ୍ ଆକ୍ସ ଡ୍ରପ୍ ଏକ୍ସ ଏଆଇ ଏହାକୁ ତିଆରି କରିଛି। ଏହା ଏଭଳି ଭବିଷ୍ୟବାଦୀ ଏବଂ କାଳ୍ପନିକ ଭିଡିଓ ପୋଷ୍ଟ କରିଥାଏ। ଏହି ଭିଡିଓ ମାଧ୍ୟମରେ ଲୋକଙ୍କ କଳ୍ପନାକୁ ବାସ୍ତବରେ ଦେଖାଇବାକୁ ପ୍ରୟାସ କରାଯାଇଛି। ସେହିପରି ଲୋକେ ବି ଚିନ୍ତା କରୁଛନ୍ତି କ'ଣ ସତରେ ଭବିଷ୍ୟତରେ ଏମିତି ମେସିନ୍ ଆସିବା ସମ୍ଭବ, ଯାହା ମଣିଷଙ୍କ ଭଳି କେଶ କାଟିବ। ଅନ୍ୟପଟେ ଭିଡିଓଟି ସତ ନ ହେଲେ ବି ଏହା ଏକ ବଡ଼ ପ୍ରଶ୍ନବାଚୀ ସୃଷ୍ଟି କରିଛି ଯେ, କ'ଣ ଆଗାମୀ ଦିନରେ ମଣିଷର କାମ ମେସିନ୍ କରିବ? ଯଦି ଏଆଇର ପ୍ରଗତି ଏମିତି ଚାଲିବ, ତେବେ ଭବିଷ୍ୟତରେ ମେସିନ୍ ହେୟାର ଷ୍ଟାଇଲିଷ୍ଟଙ୍କ ସ୍ଥାନ ନେବ ଏଥିରେ ଦ୍ୱିମତ ନାହିଁ। ଅନ୍ୟପଟେ ଏହି ଭିଡିଓରେ ଲୋକେ ଭିନ୍ନ ଭିନ୍ନ ପ୍ରତିକ୍ରିୟା ଦେଇଛନ୍ତି।

# 'ବର୍ଡର ୨'
## ନୂଆ ରୂପରେ ଆସିବ 'ସନ୍ଦେଶେ ଆତେ ହେଁ'



ବଲିଉଡ୍ ଅଭିନେତା ସନ୍ନି ଦେଓ୍ୱଲ ତାଙ୍କ ଆଗାମୀ ଫିଲ୍ମ 'ବର୍ଡର ୨'କୁ ନେଇ ଚର୍ଚ୍ଚାରେ ଅଛନ୍ତି। ଏବେ ଫିଲ୍ମର ପ୍ରଯୋଜକ ମୂଳ ଫିଲ୍ମର ଆଇକନିକ୍ ଗୀତ 'ସନ୍ଦେଶେ ଆତେ ହେଁ'କୁ ରିକ୍ରିଏଟ୍ କରିବା ପାଇଁ ଯୋଜନା କରିଛନ୍ତି। ପୂର୍ବରୁ ଏହି ଗୀତକୁ ସୋନୁ ନିଗମ୍ ଓ ଅରିଜିତ୍ ସିଂହ ଗାଇବେ ବୋଲି କୁହାଯାଉଥିଲା। ଏବେ ଏଥିରେ ଆଉ ଜଣେ ଜଣାଶୁଣା ଗାୟକଙ୍କ ଏଣ୍ଟ୍ରି ହୋଇଛି। ପଞ୍ଜାବୀ ଅଭିନେତା ତଥା ଗାୟକ ଦିଲଜିତ୍ ଦୋସାଞ୍ଜ ଏଥିରେ ଗୀତ ଗାଇବେ। ତେବେ ଫିଲ୍ମ ନିର୍ମାତା ଏପରି ଜଣେ ଗାୟକ ଚାହୁଁଥିଲେ ଯାହାଙ୍କଠାରେ ଆଧୁନିକ ଓ ପୁରୁଣା ଗୀତ ସୁଟ୍ କରୁଥିବ। ଏଥିପାଇଁ ଦିଲଜିତ୍‌ଙ୍କୁ ବଛାଯାଇଥିଲା। ଏହି ଗୀତକୁ ବେଶ୍ ବଡ଼ ଆକାରରେ ପ୍ରମୋଟ୍ ମଧ୍ୟ କରାଯିବ। 'ବର୍ଡର ୨'ରେ ସନ୍ନି ଦେଓ୍ୱଲଙ୍କ ସହ ବରୁଣ ଧୱନ, ଦିଲଜିତ୍ ଦୋସାଞ୍ଜ, ଅହାନ୍ ସେଟ୍ଟୀ, ସୋନମ୍ ବାଜୱା, ମେଘା ରାଣା ପ୍ରମୁଖ ନଜର ଆସିବେ। ଏହା ଆସନ୍ତା ଜାନୁୟାରୀ ୨୩ରେ ମୁକ୍ତିଲାଭ କରିବ।

# ଛିଙ୍କ ରୋକିବା ବିପଦ

ଅନେକ ଲୋକ ସର୍ବସାଧାରଣ ସ୍ଥାନ ତଥା ଆଖପାଖରେ ଲୋକ ଥିଲେ ଛିଙ୍କ ରୋକିବାକୁ ଚେଷ୍ଟା କରିଥାନ୍ତି। ହେଲେ ଏଭଳି କରିବା ବିପଜ୍ଜନକ। କାରଣ ଛିଙ୍କ ଆସିବା ହେଉଛି ଶରୀରକୁ ଜୀବାଣୁ କିମ୍ବା ଧୂଳିକଣିକାରୁ ଶ୍ୱାସନଳୀକୁ ରକ୍ଷା କରିବାର ଏକ ଉପାୟ। ଏହା ଏକ ସ୍ୱାଭାବିକ ପ୍ରକ୍ରିୟା। ହେଲେ ଛିଙ୍କକୁ ରୋକି ବ୍ରିଟେନ୍‌ର ଜଣେ ଯୁବକଙ୍କୁ ଅସହ୍ୟ ଯନ୍ତ୍ରଣା ଭୋଗିବାକୁ ପଡ଼ିଛି। ଏହି ଘଟଣା ଦୁଇ ବର୍ଷ ପୂର୍ବରୁ ଅର୍ଥାତ୍ ୨୦୨୩ ମସିହାରେ ଘଟିଥିଲା। ଜଣେ ୩୦ ବର୍ଷୀୟ ଯୁବକ କାର୍ ଚଳାଉ ଥିଲେ। ଏହି ସମୟରେ ଆଲର୍ଜି ଯୋଗୁଁ ତାଙ୍କୁ ଛିଙ୍କ ଆସିଥିଲା। ହେଲେ ଲଜ୍ୟା ଓ ଭୟ ଯୋଗୁଁ ନ ଛିଙ୍କି ତାକୁ ରୋକିବାକୁ ଚେଷ୍ଟା କଲେ। ଏପରିକି ନାକକୁ ବନ୍ଦ କରିବା ସହିତ ପାଟି ମଧ୍ୟ ଖୋଲିଲେ ନାହିଁ। ଏହାପରେ ସେ ଭାବିଲେ ଛିଙ୍କ ଅଟକିଗଲା। ହେଲେ ଗଳାରେ ତାଙ୍କର ଅଚାନକ ଯନ୍ତ୍ରଣା ହେଲା। ତାଙ୍କୁ ଲାଗୁଥିଲା ଯେମିତି ଗଳାରେ କିଛି ଫାଟିଗଲା। ଏହି ସମୟରେ ଶ୍ୱାସକ୍ରିୟାରେ ବି ତାଙ୍କୁ ସମସ୍ୟା ସାମ୍ନା କରିବାକୁ ପଡ଼ିଲା। ସେ ତୁରନ୍ତ ଡାକ୍ତରଙ୍କ ପାଖରେ ପହଞ୍ଚିବାରୁ ସେଠାରେ ସିଟି ସ୍କାନ କରାଯିବାରୁ ଯୁବକଙ୍କ ଶ୍ୱାସନଳୀରେ ଛେଦ ହୋଇଯାଇଥିବା ଜଣାପଡ଼ିଲା। ଛିଙ୍କ ଆସିବାରୁ ଯେଉଁ ପବନ ପାଟି ଓ ନାକରୁ ବାହାରକୁ ଆସିବାର ଥିଲା, ତାହା ତାଙ୍କ ଛାତି ଓ ଫୁସ୍‌ଫୁସ୍‌ରେ ଜମା ହୋଇଯାଇଥିଲା। ଛିଙ୍କ ରୋକିବାରୁ ଶ୍ୱାସନଳୀରେ ବାୟୁର ଚାପ ୨୦ ଗୁଣ ଅଧିକ ହେଲା। ଫଳରେ ତାଙ୍କ ଗଳାରେ ଛେଦ ହୋଇଯାଇଥିଲା। ସେହିପରି ଏହି ଛେଦ ଯଦି ବଡ଼ ହୋଇଥାନ୍ତା, ତେବେ ରକ୍ତସ୍ରାବ, ସଂକ୍ରମଣ ନଚେତ ଶ୍ୱାସକ୍ରିୟା ବନ୍ଦ ହୋଇ ଜୀବନ ଯାଇଥାନ୍ତା। ଏହି ଘଟଣା ପରେ ବ୍ୟକ୍ତିଙ୍କୁ ପେନକିଲର ଦିଆଯାଇ ଅବଜରଭେସନରେ ରଖାଯାଇଥିଲା। ସୌଭାଗ୍ୟରୁ ତାଙ୍କ ଶ୍ୱାସନଳୀର ଛେଦ ଆପେ ଆପେ ଭରିଗଲା। ଏହି ଘଟଣା ପରେ ଛିଙ୍କ ନ ରୋକିବାକୁ ଡାକ୍ତର ଲୋକଙ୍କୁ ଚେତାବନୀ ଦେଇଛନ୍ତି। ଅନ୍ୟପଟେ ଛିଙ୍କକୁ ନେଇ ଏହା ଥିଲା ବିଶ୍ୱର ପ୍ରଥମ ଘଟଣା। ଯାହାକି ବିଏମ୍‌ଜେ କେସ୍ ରିପୋର୍ଟ ଜର୍ଣ୍ଣାଲରେ ପ୍ରକାଶିତ।



## ସଞ୍ଜୀବନୀ

# ଶୀତଦିନେ ହୃଦ୍‌ରୋଗୀଙ୍କ ପାଇଁ ସତର୍କତା



**ଶୀତଋତୁରେ ବାୟୁମଣ୍ଡଳର ତାପମାତ୍ରା କମିଯାଏ। ଏହି ପରିବର୍ତ୍ତନ ମନୁଷ୍ୟର ଶରୀର ଉପରେ ପ୍ରଭାବ ପକାଇଥାଏ। ତାପମାତ୍ରା ସର୍ବାଧିକ ହ୍ରାସ ପାଇଲେ, ଧମନୀ ସଙ୍କୁଚିତ ହୁଏ। ଏହାଦ୍ୱାରା ରକ୍ତଚାପସ୍ତର ବଢ଼ିଯାଇଥାଏ। ରକ୍ତଚାପ ବଢ଼ିଲେ ହୃଦୟ ଉପରେ ପ୍ରଭାବ ପଡ଼ିପାରେ। ତେଣୁ ଉଚ୍ଚରକ୍ତଚାପରେ ପୀଡ଼ିତ ଓ ହୃଦ୍‌ରୋଗୀ ଥଣ୍ଡା ସମୟରେ ସତର୍କ ରହିବା ଜରୁରି।**


ଶୀତଋତୁରେ ବୟସ୍କ ବ୍ୟକ୍ତି, ମଧୁମେହ, ଉଚ୍ଚରକ୍ତଚାପ, କୋଲେଷ୍ଟ୍ରଲରେ ପୀଡ଼ିତ, ହୃଦ୍‌ଜନିତ ସମସ୍ୟାରେ ପୀଡ଼ିତ ବ୍ୟକ୍ତି ଥଣ୍ଡା ପବନରେ ବୁଲିବା ଅନୁଚିତ। ଏହା ଦ୍ୱାରା ରକ୍ତ ଜମାଟ ବାନ୍ଧିଥାଏ। ରକ୍ତସଞ୍ଚାଳନରେ ବାଧାପ୍ରାପ୍ତ ହୋଇ ସ୍ୱାସ୍ଥ୍ୟ ସମସ୍ୟା ସୃଷ୍ଟି ହୋଇପାରେ। ତେଣୁ ବାହାରକୁ ଯାଉଥିଲେ, ଗରମ ପୋଷାକ, ମୋଜା, ଟୋପି, ହ୍ୟାଣ୍ଡ ଗ୍ଲୋବ୍‌ସ ଆଦି ପିନ୍ଧନ୍ତୁ। ଏହାଦ୍ୱାରା ରକ୍ତଚାପ ନିୟନ୍ତ୍ରଣ ରହିପାରେ।

**କଠିନ ବ୍ୟାୟାମ ଅନୁଚିତ:** ନିୟମିତ ୨୦ରୁ ୩୦ ମିନିଟ୍ ଚାଲିବା, ବ୍ୟାୟାମ ଓ ଯୋଗ ଦ୍ୱାରା ରକ୍ତଚାପ ନିୟନ୍ତ୍ରଣ ହୁଏ। ମାଂସପେଶୀରେ ରକ୍ତସଞ୍ଚାଳନ ହୋଇଥାଏ। ଏହା ହୃଦୟ ପାଇଁ ଭଲ। ତେବେ ହୃଦ୍‌ରୋଗୀ ଥଣ୍ଡା ସମୟରେ ଅଧିକ କଠିନ ବ୍ୟାୟାମ କରିବା ଅନୁଚିତ।

**ଜୀବନଶୈଳୀରେ ପରିବର୍ତ୍ତନ :** ଶୀତଦିନେ ଶରୀରରେ ଜଳୀୟ ଅଂଶ କମ୍ ହୁଏ। ଦିନକୁ ୩ଲିଟର ପାଣି ପିଇ ହୃଦ୍‌ପିଣ୍ଡକୁ ସୁସ୍ଥ ରଖିପାରିବେ। ମାସ୍କ ଲଗାଇବା ଉଚିତ। ଧୂମପାନଠାରୁ ଦୂରେଇ ରୁହନ୍ତୁ। କମ୍ ଲୁଣଯୁକ୍ତ ସନ୍ତୁଳିତ ଖାଦ୍ୟ ଗ୍ରହଣ ସହ ଖାଦ୍ୟରେ ଓମେଗା-୩ଯୁକ୍ତ ଖାଦ୍ୟ, ଫାଇବର, ଭିଟାମିନ୍ ଡି ଆଦି ସାମିଲ କରିପାରିବେ। ମୁଣ୍ଡବିନ୍ଧା, ଛାତିରେ ଯନ୍ତ୍ରଣା ଆଦି ଲକ୍ଷଣ ଦେଖିବା ମାତ୍ରେ ତୁରନ୍ତ ଡାକ୍ତରଙ୍କ ପରାମର୍ଶ ନେବା ଜରୁରି। ନିୟମିତ ଉଚ୍ଚରକ୍ତଚାପସ୍ତର, ରକ୍ତ ଶର୍କରା, କୋଲେଷ୍ଟ୍ରଲ ଆଦିକୁ ପରୀକ୍ଷା କରାଇ ଚିକିତ୍ସକଙ୍କ ପରାମର୍ଶ ଅନୁସାରେ ଔଷଧ ସେବନ କରିବା ଜରୁରି।

## 'ସକାଳ'ର ସ୍ୱାସ୍ଥ୍ୟ

# ଚକ୍ଷୁ କର୍କଟ



**ଆଖି ମନୁଷ୍ୟ ଶରୀରର ସବୁଠୁ ସୂକ୍ଷ୍ମ ଅଙ୍ଗ। ହେଲେ ଜୀବନଶୈଳୀ, ବଂଶାନୁଗତ ଆଦି କାରଣରୁ ଚକ୍ଷୁଜନିତ କର୍କଟ ଦେଖାଯାଉଛି। ଆଖି ଭିତରେ କିମ୍ବା ଏହାର ଆଖପାଖରେ ଅସାମାନ୍ୟ ଭାବେ କୋଷ ବୃଦ୍ଧି ପାଇ ଏହା ଟ୍ୟୁମରର ରୂପ ନିଏ। ସଠିକ୍ ସମୟରେ ଟ୍ୟୁମରର ଚିହ୍ନଟ ହୋଇ ନ ପାରିଲେ ଏହା ଲିମ୍ଫ ନୋଡ୍‌ସ ଯାଏଁ ବ୍ୟାପିପାରେ। ତେବେ ଚକ୍ଷୁ କର୍କଟର କାରଣ, ଲକ୍ଷଣ ଓ ପ୍ରତିକାର ବିଷୟରେ ଜାଣିବା।**

ବୟସ୍କ, ସମ୍ବେଦନଶୀଳ ତ୍ୱଚା, ବଂଶାନୁଗତ, ଅତି ବାଇଗଣୀ ରଶ୍ମି ସମ୍ପର୍କରେ ଅଧିକ ଆସିବା ଯୋଗୁଁ ଏହି ଚକ୍ଷୁ କର୍କଟ ହୋଇଥାଏ। ଚକ୍ଷୁ କର୍କଟ ଇଣ୍ଟ୍ରାଅକୁଲାର ମେଲାନୋମା, କଞ୍ଜକ୍ଟିଭାଲ ମେଲାନୋମା, ଅରବିଟାଲ କ୍ୟାନସ୍‌ର, ରେଟିନୋବ୍ଲାଷ୍ଟମା (ପିଲାଙ୍କଠାରେ), ଇଣ୍ଟ୍ରାଅକୁଲାର ଲିମ୍ଫୋମା (ବୟସ୍କ ଏବଂ ଦୁର୍ବଳ ରୋଗପ୍ରତିରୋଧକ ଶକ୍ତି ବ୍ୟକ୍ତିଙ୍କୁ ବିପଦ) ପ୍ରକାରର ରହିଛି। କର୍କଟ ଆଖିର ଡୋଳା, ପଲକ, ଚକ୍ଷୁର ଅନ୍ୟାନ୍ୟ ଅଂଶରେ ହୋଇଥାଏ। ପ୍ରାରମ୍ଭିକ ଅବସ୍ଥାରୁ କିଛି ଲକ୍ଷଣ ଜଣାପଡ଼େ ନାହିଁ। ଚକ୍ଷୁ କର୍କଟକୁ ଆରମ୍ଭରୁ ଚିହ୍ନଟରେ ସମସ୍ୟା ହୁଏ। ଯାହାଫଳରେ ଏହା ଧୀରେ ଧୀରେ ଶରୀରର ଅନ୍ୟ ଅଙ୍ଗକୁ ବ୍ୟାପି ସମସ୍ୟା ସୃଷ୍ଟି କରେ।

**ଲକ୍ଷଣ:** ଆଖିକୁ ଝାପ୍‌ସା ଦିଶିବା, ଧୀରେ ଧୀରେ ଦୃଷ୍ଟିଶକ୍ତି ହ୍ରାସ ପାଇବା ଆଦି ଚକ୍ଷୁ କର୍କଟର ସଙ୍କେତ। ବିନା କାରଣରେ ଆଖି ଭିତରେ ପରିବର୍ତ୍ତନ, ଆଖି ବାହାରକୁ ବାହାରିବା ପରି ଦିଶିବା, କୁଣ୍ଡାଇ ହୋଇ ଜଳାପୋଡ଼ା ଏହି ରୋଗର ଲକ୍ଷଣ।

**ପ୍ରତିକାର:** ଏହି କର୍କଟ ଅଧିକ ବିପଜ୍ଜନକ। ଆଖିରେ ଅସ୍ୱାଭାବିକ ପରିବର୍ତ୍ତନ ଓ ଉପରୋକ୍ତ ଲକ୍ଷଣ ଦେଖିଲେ ଚକ୍ଷୁ ବିଶେଷଜ୍ଞଙ୍କ ପରାମର୍ଶରେ ଚକ୍ଷୁ ପରୀକ୍ଷା କରିବା ଆବଶ୍ୟକ। ଏହି କର୍କଟ ପାଇଁ ବିକିରଣ ଥେରାପି, ଲେଜର ଥେରାପି, ଇମ୍ୟୁନୋଥେରାପି, ଟାରଗେଟେଡ୍ ଥେରାପି, ଅସ୍ତ୍ରୋପଚାର ଆଦି ସୁବିଧା ରହିଛି। ସଠିକ୍ ସମୟରେ ରୋଗ ଚିହ୍ନଟ ଏବଂ ଚିକିତ୍ସା ଦ୍ୱାରା ଦୃଷ୍ଟିଶକ୍ତି ଏବଂ ଜୀବନ ଉଭୟ ବଞ୍ଚିପାରିବ।

# ଦିବ୍ୟାଙ୍ଗଙ୍କ ପାଇଁ ବରଦାନ ୱାଇଡି ୱାନ୍



ରୋଗାଗ୍ରସ୍ତ ବ୍ୟକ୍ତି, ବୟସ୍କ କିମ୍ବା ଆଘାତ ଲାଗି ଚାଲିବାକୁ ଅସମର୍ଥ ଲୋକ ହ୍ୱିଲ୍‌ଚେୟାର ବ୍ୟବହାର କରିଥାନ୍ତି। ଦିବ୍ୟାଙ୍ଗଙ୍କ ପାଇଁ ହ୍ୱିଲ୍‌ଚେୟାର ସାହାରା ସଦୃଶ ହୋଇଥାଏ। ଏହି କ୍ରମରେ ଏବେ ଆଇଆଇଟି ମାଡ୍ରାସ ସବୁଠୁ ହାଲୁକା ଓ ସକ୍ରିୟ ହ୍ୱିଲଚେୟାର ବିକଶିତ କରିଛନ୍ତି। ଏହାର ନାଁ ହେଉଛି 'ୱାଇଡି ୱାନ୍'। ଓଜନ ମାତ୍ର ୯ କିଲୋ। ଏହାକୁ ପରିଚାଳନା କରିବା ସହଜ। ଏହାକୁ କାର୍, ଅଟୋ, ସାଧାରଣ ଯାନବାହନରେ ଗୋଟିଏ ସ୍ଥାନରୁ ଅନ୍ୟ ସ୍ଥାନକୁ ସହଜରେ ନେଇ ହେବ। ବ୍ୟବହାରକାରୀଙ୍କ ଶରୀର, ଅଙ୍ଗଭଙ୍ଗୀ ଏବଂ ଗତିଶୀଳତାର ଆବଶ୍ୟକ ଅନୁଯାୟୀ ଏହାକୁ କଷ୍ଟମାଇଜ୍ କରାଯାଇଛି। ଏହା ୧୨୦ କେଜି ଭାର ଉଠାଇ ପାରିବ। ଏହା ମୋନୋ ଟ୍ୟୁବ୍ ରିଜିଡ ଡିଜାଇନ୍ ଫ୍ରେମ୍ ହ୍ୱିଲଚେୟାର। ଏୟରୋସ୍ପେସ-ଗ୍ରେଡ ସାମଗ୍ରୀରୁ ବନାଯାଇଛି। ଏହି ହ୍ୱିଲଚେୟାରଟି ସ୍ୱତନ୍ତ୍ରତା, ଆତ୍ମ-ସମ୍ମାନ ଏବଂ ସାମାଜିକ ଭାଗୀଦାରିର ପ୍ରତୀକ ହୋଇଥାଏ। ଆଇଆଇଟି ମାଡ୍ରାସର ନିର୍ଦ୍ଦେଶକ ପ୍ରଫେସର ବି କମକୋଟି ଏହି ନୂତନ ଚେୟାରଟି ଦୁର୍ବଳ, ଅସୁସ୍ଥ, ଦିବ୍ୟାଙ୍ଗଙ୍କ ପାଇଁ ଗୁରୁତ୍ୱପୂର୍ଣ୍ଣ ଭୂମିକା ନିଭାଇବ ବୋଲି ମତ ରଖିଛନ୍ତି। ଏହି ହ୍ୱିଲ୍‌ଚେୟାରକୁ ତାଙ୍କର ଟିମ୍ ଏବଂ ଆଇଆଇଟି ମାଡ୍ରାସ- ଇନ୍‌କ୍ୟୁବେଟେଡ୍ ଷ୍ଟାର୍ଟଅପ୍ ଥ୍ରଭ୍ ମୋବିଲିଟି ସହଯୋଗରେ ପ୍ରସ୍ତୁତ କରାଯାଇଛି।

# ସ୍ୱାସ୍ଥ୍ୟକୁ ପ୍ରଭାବିତ କରିପାରେ ଅଦା



**ଅଦା ସ୍ୱାସ୍ଥ୍ୟ ପାଇଁ ଲାଭଦାୟକ। ଏଥିରେ ଆଣ୍ଟିଅକ୍ସିଡାଣ୍ଟ, ଭିଟାମିନ୍-ସି, ବି୬ ଆଦି ରହିଛି। ଅଦାରେ ଥିବା ଔଷଧୀୟ ଗୁଣ ଥଣ୍ଡା, କାଶ, ପେଟଜନିତ ସମସ୍ୟା ଦୂର କରେ। ଓଜନ ହ୍ରାସ, ରକ୍ତଚାପ ନିୟନ୍ତ୍ରଣ, ମୁଣ୍ଡବିନ୍ଧା ପାଇଁ ମଧ୍ୟ ଅଦା ହିତକର। ହେଲେ ଅଦାକୁ ସଠିକ୍ ମାତ୍ରାରେ ବ୍ୟବହାର କରା ନ ଗଲେ, ସ୍ୱାସ୍ଥ୍ୟ ପ୍ରଭାବିତ ହୋଇପାରେ।**

**ଅଦାକୁ ଅଧିକ ଫୁଟାନ୍ତୁନି:** ଅଦା ଖଣ୍ଡକୁ ଉଷୁମ ପାଣିରେ ଫୁଟାଇ ପିଇଲେ ଚର୍ବି ହ୍ରାସ ହୁଏ। ହେଲେ ଅଦାକୁ ଅଧିକ ସମୟ ଫୁଟାଇବା ଅନୁଚିତ। ଏହାଦ୍ୱାରା ଅଦାର ପୋଷକତତ୍ତ୍ୱ ହ୍ରାସ ପାଏ। ଏହା ପାଚନତନ୍ତ୍ର ଉପରେ କୁପ୍ରଭାବ ପକାଏ। ଛାତି ଜଳାପୋଡ଼ା, ପେଟ ଗ୍ୟାସ୍ ହେବା ସହ ପେଟ ଯନ୍ତ୍ରଣା ମଧ୍ୟ ହୋଇପାରେ।

**ସଠିକ୍ ମାତ୍ରା ବ୍ୟବହାର:** କାଶ, ଥଣ୍ଡା ଆଦି ପାଇଁ ଦିନକୁ ମାତ୍ର ୨ ଗ୍ରାମ୍ ଅଦା ସେବନ ଜରୁରି। ଅଧିକ ମାତ୍ରାର ଅଦା ଖାଇଲେ ରକ୍ତ ପତଳା ହୋଇପାରେ। ରକ୍ତଚାପ, ଗ୍ଲୁକୋଜ୍ କମିଯାଇ ପାରେ। ତେଣୁ ଚିକିତ୍ସକଙ୍କ ପରାମର୍ଶରେ ଅଦା ସେବନ କରିବା ନିହାତି ଜରୁରି।

ଅଦାକୁ ଦୁଗ୍ଧ, ଦହି କିମ୍ବା ଦୁଗ୍ଧଜାତୀୟ ଉତ୍ପାଦ ସହିତ ମିଶାଇ ଖାଇବା ଅନୁଚିତ। ଅଦାକୁ ଖାଇବା ପରେ କିମ୍ବା ଖାଇବା ସହିତ ଅଳ୍ପ ଲୁଣ ମିଶାଇ ଚୋବାଇ ଖାଇଲେ ହଜମଶକ୍ତି ସକ୍ରିୟ ରୁହେ। ଅଦାର ପୋଷକତତ୍ତ୍ୱ ଶରୀରକୁ ଭଲ କାମ ଦିଏ।




ସକାଳ
THE SAKALA
www.sakalaepaper.com

### ସୁଲତାନ ଆଜଲାନ ଶାହ କପ୍ ହକି

# ଭାରତର ତୃତୀୟ ବିଜୟ

ଇପୋ,୨୭।୧୧(ଏଜେନ୍ସି): ନ୍ୟୁଜିଲାଣ୍ଡକୁ ୩-୨ ଗୋଲରେ ପରାସ୍ତ କରି ଭାରତ ଏଠାରେ ଚାଲିଥିବା ସୁଲତାନ ଆଜଲାନ ଶାହ କପ୍ ହକି ପ୍ରତିଯୋଗିତାରେ ତୃତୀୟ ବିଜୟ ହାସଲ କରିଛି। ଏହି ବିଜୟ ଫଳରେ ଭାରତ ୪ର୍ଥ ମ୍ୟାଚ୍‌ରୁ ତୃତୀୟ ବିଜୟ ସହ ୯ ପଏଣ୍ଟ ସଂଗ୍ରହ କରି ପ୍ରଥମ ବେଲଜିୟମ ପଛକୁ ଦ୍ୱିତୀୟ ସ୍ଥାନକୁ ଉନ୍ନୀତ ହୋଇଛି। କାନାଡା ସହ ଦଳ ଶେଷ ଲିଗ୍ ମ୍ୟାଚ୍ ଖେଳିବ। ଆସନ୍ତାକାଲିର ସମସ୍ତ ୩ଟି ଯାକ ଲିଗ୍ ମ୍ୟାଚ୍ ଶେଷ ହେବା ପରେ କେଉଁ ଦୁଇ ଦଳ ଫାଇନାଲକୁ ଉନ୍ନୀତ ହେବେ ତାହା ଜଣାପଡ଼ିବ। କିନ୍ତୁ ନ୍ୟୁଜିଲାଣ୍ଡ ବିପକ୍ଷରେ ଭାରତ ବିଜୟୀ ହେବା ପରେ ଫାଇନାଲ ଖେଳିବା ରାସ୍ତା ଏକପ୍ରକାର ପରିଷ୍କାର ହୋଇଯାଇଛି। ଭାରତ ପକ୍ଷରୁ ଅମିତ ରୋହିଦାସ, ଅଧିନାୟକ ସଞ୍ଜୟ ଓ ସେଲଭାମ କାର୍ତ୍ତି ଗୋଟିଏ ଲେଖାଏଁ ଗୋଲ ଦେଇଥିଲେ। ନ୍ୟୁଜିଲାଣ୍ଡର ଜର୍ଜ ବାକର ୨ଟି ଯାକ ଗୋଲ ଶୁଝାଇଥିଲେ। ଆଜିର ଅନ୍ୟ ମ୍ୟାଚ୍‌ରେ କାନାଡା ୩-୨ ଗୋଲରେ ଦକ୍ଷିଣ କୋରିଆକୁ ଓ ବେଲଜିୟମ ୯-୧ ଗୋଲରେ ମାଲେସିଆକୁ ପରାସ୍ତ କରିଛି। ବେଲଜିୟମ, ଭାରତ, ମାଲେସିଆ ଓ କାନାଡା ପ୍ରଥମ ୪ଟି ସ୍ଥାନରେ ରହିଛନ୍ତି।

# କେଆଇୟୁଜିରେ ଓଡ଼ିଶାକୁ ୪ ପଦକ

ଭୁବନେଶ୍ୱର, ୨୭ ।୧୧ (ସମିସ): ରାଜସ୍ଥାନରେ ଚାଲିଥିବା ଖେଲୋ ଇଣ୍ଡିଆ ବିଶ୍ୱବିଦ୍ୟାଳୟ କ୍ରୀଡ଼ା(କେଆଇୟୁଜି)ର ୪ର୍ଥ ଦିବସରେ ଗୁରୁବାର ଓଡ଼ିଶା ମୋଟ୍ ୪ଟି ପଦକ ମିଳିଛି। ଯେଉଁଥିରେ ଉତ୍କଳ ବିଶ୍ୱବିଦ୍ୟାଳୟର ଛାତ୍ରୀ ପ୍ରତ୍ୟାଶା ରାୟ ମହିଳା ସନ୍ତରଣ ୨୦୦ ମିଟର ଫ୍ରିଷ୍ଟାଇଲରେ ରୌପ୍ୟ ବିଜୟୀ ହୋଇଛନ୍ତି। ପ୍ରତିଯୋଗିତାରେ ପ୍ରତ୍ୟାଶାଙ୍କ ଏହା ୪ର୍ଥ ପଦକ। ଅପରପକ୍ଷରେ କିଟ୍ ବିଶ୍ୱବିଦ୍ୟାଳୟର କ୍ରୀଡ଼ାବିତ୍ ଗୁରୁବାର ସନ୍ତରଣରେ ୩ଟି କାଂସ୍ୟ ପଦକ ବିଜୟୀ ହୋଇଥିଲେ। ଦିବ୍ୟାଙ୍କା ଦିବ୍ୟଜ୍ୟୋତି ପ୍ରଧାନ ମହିଳା ୨୦୦ ମିଟର ବଟରଫ୍ଲାଏରେ, ନୀଳବଜା ଘୋଷ ୧୦୦ ମିଟର ବଟରଫ୍ଲାଏରେ ଏବଂ ୪ ଗୁଣା ୧୦୦ ମିଟର ମିଡଲେ ରିଲେରେ କିଟ୍ ଦଳ ଏହି ପଦକ ଜିତିଥିଲେ।

### ମହିଳା ପ୍ରିମିୟର ଲିଗ୍ ମେଗା ନିଲାମ

# ୩.୨ କୋଟିରେ ଦୀପ୍ତି ସବୁଠୁ ଦାମୀ

ନୂଆଦିଲ୍ଲୀ,୨୭।୧୧(ଏଜେନ୍ସି):

ବିସିସିଆଇ ପକ୍ଷରୁ ମହିଳା ପ୍ରିମିୟର ଲିଗ୍‌ର ପ୍ରଥମ ମେଗା ନିଲାମ ଆଜି ଏଠାରେ ଆରମ୍ଭ ହୋଇଛି। ଦୁଇଦିନ ଧରି ହେବାକୁ ଥିବା ଏହି ଅକ୍ସନର ପ୍ରଥମ ଦିନରେ ଦିନିକିଆ ବିଶ୍ୱକପ୍ ଚାମ୍ପିଅନ ଭାରତର ତାରକା ଅଲରାଉଣ୍ଡର ଦୀପ୍ତି ଶର୍ମା ସବୁଠୁ ଦାମି ଖେଳାଳି ବିବେଚିତ ହୋଇଛନ୍ତି। ୟୁପି ୱାରିୟର୍ଜ ତାଙ୍କୁ ୩.୨ କୋଟି ଟଙ୍କାରେ କିଣିଛି। ଦୀପ୍ତିଙ୍କ ବ୍ୟତୀତ ନ୍ୟୁଜିଲାଣ୍ଡର ଆମେଲିଆ କେରଙ୍କୁ ୩ କୋଟି ଟଙ୍କାରେ କିଣିଛି ମୁମ୍ବଇ ଇଣ୍ଡିଆନ୍ସ। ନ୍ୟୁଜିଲାଣ୍ଡର ଅନ୍ୟତମ ଖେଳାଳି ସୋଫି ଡିଭାଇନ୍‌ଙ୍କୁ ଗୁଜରାଟ ଜାଏଣ୍ଟସ ୨ କୋଟି ଓ ଅଷ୍ଟ୍ରେଲିଆର ମେଗ୍ ଲାନିଙ୍ଗ୍‌ଙ୍କୁ ୟୁପି ୱାରିୟର୍ଜ ୧.୯ କୋଟି ଟଙ୍କାରେ କିଣିଛି। ଏହି ୪ ଖେଳାଳିଙ୍କ ବେସ୍ ପ୍ରାଇସ୍ ୫୦ ଲକ୍ଷ ଟଙ୍କା ରହିଥିଲା। ଫ୍ରାଞ୍ଚାଇଜ୍‌ଗୁଡିକ ଯେଉଁ ଖେଳାଳିଙ୍କୁ ରିଟେନ କରିଛି, ସେମାନଙ୍କ ଦାମ୍ ପ୍ରକାଶ ପାଇନାହିଁ। ହରମନପ୍ରୀତ୍ କୌର ଓ ସ୍ମୃତି ମନ୍ଧାନାଙ୍କ ପରି ଖେଳାଳି କୋଟିପତି ତାଲିକାରେ ରହିଛନ୍ତି।



ଦିଲ୍ଲୀ କ୍ୟାପିଟାଲ୍ସ ୧.୩ କୋଟି ଲେଖାଏଁ ଟଙ୍କାରେ ଦକ୍ଷିଣ ଆଫ୍ରିକାର ଚିନେଲେ ହେନରୀ ଓ ଭାରତର ସ୍ପିନର ଶ୍ରୀଚରଣିଙ୍କୁ ଦଳରେ ସାମିଲ କରିଛି। ଅଷ୍ଟ୍ରେଲିଆର ଫୋଏବି ଲିଚ୍‌ଫିଲ୍ଡଙ୍କୁ ୧.୨ କୋଟି ଓ ଆଶା ଶୋଭନାଙ୍କୁ ୧.୧ କୋଟି ଟଙ୍କାରେ ୟୁପି ୱାରିୟର୍ଜ, ଦକ୍ଷିଣ ଆଫ୍ରିକାର ଲୌରା ୱଲଭାର୍ଟଙ୍କ ୧.୧ କୋଟି ଟଙ୍କାରେ ଦିଲ୍ଲୀ କ୍ୟାପିଟାଲ୍ସ, ଇଂଲଣ୍ଡର ଫାଷ୍ଟ ବୋଲର ଲୌରେନ ବେଲ୍‌ଙ୍କୁ ୯୦ ଲକ୍ଷ ଟଙ୍କାରେ ଆର୍‌ସିବି କିଣିଛି। କିନ୍ତୁ ପ୍ରଥମ ଦିନରେ ଅଷ୍ଟ୍ରେଲିଆ ଅଧିନାୟିକା ଆଲିସା ହିଲୀଙ୍କୁ କେହି କିଣି ନାହାନ୍ତି। ସୋଫି ଇକ୍ଲେଷ୍ଟନଙ୍କୁ ୮୫ ଲକ୍ଷ ଟଙ୍କାରେ ୟୁପି, ଭାରତୀ ଫୁଲମାଲିଙ୍କୁ ୭୦ ଲକ୍ଷ ଟଙ୍କାରେ ଗୁଜରାଟ, ଦ. ଆଫ୍ରିକାର ନାଦିନ ଡି କ୍ଲର୍କ ଓ ଭାରତର ରାଧା ଯାଦବଙ୍କୁ ୬୫ ଲକ୍ଷ ଲେଖାଏଁ ଟଙ୍କାରେ ଆର୍‌ସିବି, ରେଣୁକା ସିଂ ଠାକୁରଙ୍କୁ ଗୁଜରାଟ, ଜର୍ଜିଆ ଭୋଲଙ୍କୁ ଆର୍‌ସିବି, କିରଣ ନାଗଭିରେଙ୍କୁ ୟୁପି, ଦକ୍ଷିଣ ଆଫ୍ରିକାର ସବ୍‌ନିମ ଇସ୍‌ମାଏଲଙ୍କୁ ମୁମ୍ବଇ ୬୦ ଲକ୍ଷ ଲେଖାଏଁ ଟଙ୍କା ଦେଇ ଦଳରେ ସାମିଲ କରିଛି। ୫୦ ଲକ୍ଷ ଲେଖାଏଁ ଟଙ୍କାରେ ୩ଜଣ ଖେଳାଳି ଯଥା ସ୍ନେହ ରାଣାଙ୍କୁ ଦିଲ୍ଲୀ, ହର୍ଲିନ ଦେଓଲ ଓ କ୍ରାନ୍ତି ଗୌଡ଼ଙ୍କୁ ୟୁପି ଟିମ୍‌ରେ ସାମିଲ କରିଛି।

ମହିଳା ପ୍ରିମିୟର ଲିଗ୍‌ର ଚତୁର୍ଥ ସଂସ୍କରଣ ନଭି ମୁମ୍ବଇ ଓ ଭଦୋଦରାରେ ଆସନ୍ତାବର୍ଷ ଜାନୁଆରୀ ୯ରୁ ଆରମ୍ଭ ହୋଇ ଫେବୃଆରୀ ୭ରେ ଶେଷ ହେବ। ନଭି ମୁମ୍ବଇରେ ଉଦ୍‌ଘାଟନୀ ସହ ପ୍ରଥମ ପର୍ଯ୍ୟାୟ ଓ ଭଦୋଦରାରେ ଦ୍ୱିତୀୟ ପର୍ଯ୍ୟାୟ ସହ ଫାଇନାଲ ମୁକାବିଲା ଖେଳାଯିବାର କାର୍ଯ୍ୟକ୍ରମ ରହିଛି।

# ୨୦୨୭ ବିଶ୍ୱକପ୍ ପର୍ଯ୍ୟନ୍ତ ଗମ୍ଭୀର କୋଚ୍

ମୁମ୍ବଇ, ୨୭ ।୧୧ (ଏଜେନ୍ସି): ଦକ୍ଷିଣ ଆଫ୍ରିକା ବିପକ୍ଷ ଟେଷ୍ଟ ସିରିଜକୁ ଲଜ୍ଜାଜନକ ଭାବେ ୨-୦ କ୍ଲିନସୁଇପ୍ ହେବାପରେ ଘରୋଇ ଭାରତୀୟ କ୍ରିକେଟ୍ ଦଳର ମୁଖ୍ୟ କୋଚ୍ ଗୌତମ ଗମ୍ଭୀର ନିଶାଣକୁ ଆସିଯାଇଛନ୍ତି। ତାଙ୍କ ପ୍ରଶିକ୍ଷଣ ସମୟ ମଧ୍ୟରେ ଭାରତ ଗତ ୧୨ ମାସ ମଧ୍ୟରେ ଦ୍ୱିତୀୟଥର ଲାଗି ଘରୋଇ ମାଟିରେ ଟେଷ୍ଟ ସିରିଜ କ୍ଲିନସୁଇପ୍ ହୋଇଛି। ଏଥିପୂର୍ବରୁ ଗତବର୍ଷ ନ୍ୟୁଜିଲାଣ୍ଡ ୩-୦ରେ ବିଜୟୀ ହୋଇଥିଲା। ତେଣୁ ଗମ୍ଭୀରଙ୍କୁ ତୁରନ୍ତ ମୁଖ୍ୟ କୋଚ୍ ପଦରୁ ହଟାଯାଉ ବୋଲି ସାମାଜିକ ଗଣମାଧ୍ୟମରେ ଦାବି ହୋଇଛି। ବୁଧବାର ଦ୍ୱିତୀୟ ଟେଷ୍ଟକୁ ୪୦୮ ରନରେ ହାରିବା ପରେ ସାମ୍ବାଦିକ ସମ୍ମିଳନୀରେ ଗମ୍ଭୀର କହିଥିଲେ ଯେ ତାଙ୍କ ଭବିଷ୍ୟତ ବିସିସିଆଇ ହାତରେ ରହିଛି। ତେବେ ଭାରତୀୟ କ୍ରିକେଟ୍‌ର ସର୍ବୋଚ୍ଚ ସଂସ୍ଥା ବିସିସିଆଇ ବର୍ତ୍ତମାନ ଗମ୍ଭୀରଙ୍କ ଉପରେ କୌଣସି କାର୍ଯ୍ୟାନୁଷ୍ଠାନ ନେବନି ବୋଲି ଜଣାପଡ଼ିଛି। ଆଗାମୀ ଦୁଇ ବର୍ଷ ମଧ୍ୟରେ ଦୁଇ ଦୁଇଟି ବିଶ୍ୱକପ୍ ମୁଣ୍ଡ ଉପରେ ରହିଛି। ତେଣୁ ଚୁକ୍ତି ଅନୁସାରେ ୨୦୨୭ ପର୍ଯ୍ୟନ୍ତ ଗମ୍ଭୀର ତାଙ୍କ ପଦ ବଜାୟ ରଖିବେ ବୋଲି ରିପୋର୍ଟ ପ୍ରକାଶ ପାଇଛି।

ଏକ ଜାତୀୟ ଗଣମାଧ୍ୟମକୁ ନାମ ଗୋପନ ରଖିବା ସର୍ତ୍ତରେ ବିସିସିଆଇର ଜନୈକ ଅଧିକାରୀ କହିଛନ୍ତି, 'ଦଳ ବର୍ତ୍ତମାନ ଏକ ପରିବର୍ତ୍ତନ ପର୍ଯ୍ୟାୟରେ ରହିଛି। ତେଣୁ ବିସିସିଆଇ କୌଣସି



ନିଷ୍ପତ୍ତି ତରତର ଭାବେ ନେବନାହିଁ। ମୁଖ୍ୟ ପ୍ରଶିକ୍ଷକ ଗୌତମ ଗମ୍ଭୀରଙ୍କ ଭବିଷ୍ୟତ ସମ୍ପର୍କ କୌଣସି ନିଷ୍ପତ୍ତି ନେବୁ ନାହିଁ। କାରଣ ବିଶ୍ୱକପ୍ ପାଖେଇ ଆସୁଛ ଏବଂ ତାଙ୍କର ଚୁକ୍ତି ୨୦୨୭ ବିଶ୍ୱକପ୍ ପର୍ଯ୍ୟନ୍ତ ରହିଛି। ବିସିସିଆଇ ଆଗକୁ ଚୟନକର୍ତ୍ତା ଓ ଟିମ୍ ମ୍ୟାନେଜମେଣ୍ଟ ସହ ଆଲୋଚନା କରିବ, କିନ୍ତୁ କୌଣସି କାର୍ଯ୍ୟାନୁଷ୍ଠାନ ନିଆଯିବନି।' ଏହି ବୟାନରୁ ଗମ୍ଭୀରଙ୍କ ପଦ ବର୍ତ୍ତମାନ ସୁରକ୍ଷିତ ରହିଥିବା ସ୍ପଷ୍ଟ ହୋଇଛି।

### ଉତ୍ତରପୂର୍ବ-ଅସ୍ମିତା ଭାରୋତ୍ତୋଳନ

# ୧ ସ୍ୱର୍ଣ୍ଣ ସହ ଓଡ଼ିଶାକୁ ୫ ପଦକ

ଭୁବନେଶ୍ୱର,୨୭।୧୧(ସମିସ): କୋଲକାତାରେ ଆଜି ଆରମ୍ଭ ହୋଇଛି ଉତ୍ତର-ପୂର୍ବାଞ୍ଚଳ ଅସ୍ମିତା ଭାରୋତ୍ତୋଳନ ଚାମ୍ପିଅନସିପ୍। ପ୍ରତିଯୋଗିତାର ପ୍ରଥମ ଦିନରେ ବନିତା ନାଏକ ୩ଟି ପଦକ ଜିତିଛନ୍ତି। ସେ ୪୮ କିଲୋଗ୍ରାମ୍ ଶ୍ରେଣୀରେ ଭାଗନେଇ ଯୁବବର୍ଗରେ ସ୍ୱର୍ଣ୍ଣ,


ବନିତା ନାଏକ


ମିନା ସିଂ

କନିଷ୍ଠ ବର୍ଗରେ ରୌପ୍ୟ ଓ ବରିଷ୍ଠ ବର୍ଗରେ କାଂସ୍ୟ ପଦକ ହାସଲ କରିଛନ୍ତି। ମିନା ସିଂ ଉଭୟ କନିଷ୍ଠ ଓ ବରିଷ୍ଠ ବିଭାଗ ୫୩ କେଜିରେ ୨ଟି କାଂସ୍ୟ ପଦକ ହାସଲ କରିଛନ୍ତି। ଏହି ପ୍ରତିଯୋଗିତାରେ ୧୦୦ରୁ ଊର୍ଦ୍ଧ୍ୱ ପ୍ରତିଯୋଗୀ ଅଂଶଗ୍ରହଣ କରୁଛନ୍ତି। ଉଭୟ ବନିତା ଓ ମିନା କଳିଙ୍ଗ ଷ୍ଟାଡିୟମ୍ ଭାରୋତ୍ତୋଳନ ହାଇ ପରଫର୍ମାନ୍ସ ସେଣ୍ଟରରେ ପ୍ରଶିକ୍ଷଣ ନେଉଛନ୍ତି। ଏହି ସଫଳତା ଲାଗି ଉଭୟଙ୍କୁ ଓଡ଼ିଶା ଭାରୋତ୍ତୋଳନ ସଂଘ ସଭାପତି ଇଂ ଚିତ୍ତରଞ୍ଜନ ସ୍ୱାଇଁ ଓ ଅନ୍ୟ କର୍ମକର୍ତ୍ତାମାନେ ଅଭିନନ୍ଦନ ଜଣାଇଛନ୍ତି।

# ଦିବ୍ୟାଙ୍ଗ ହ୍ୱିଲ୍‌ଚେୟାର କ୍ରିକେଟ: ଓଡ଼ିଶା ଚାମ୍ପିଅନ

ଭୁବନେଶ୍ୱର,୨୭।୧୧(ସମିସ): ଗୁଜରାଟରେ ଖେଳାଯାଇଥିବା ପ୍ରଥମ ଦିବ୍ୟାଙ୍ଗ ହ୍ୱିଲଚେୟାର ଟି-୧୦ କ୍ରିକେଟ ଟୁର୍ଣ୍ଣାମେଣ୍ଟ। ଏହି ଟୁର୍ଣ୍ଣାମେଣ୍ଟର ଫାଇନାଲରେ ଆୟୋଜକ ଗୁଜରାଟକୁ ହରାଇ ଓଡ଼ିଶା ଦଳ ଚାମ୍ପିଅନ ଆଖ୍ୟା ଅର୍ଜନ କରିଛନ୍ତି। ଖରାପ ହ୍ୱିଲଚେୟାର ସତ୍ତ୍ୱେ ଏହି ବିଭାଗରେ ବିତ୍ତ ଓ ଶକ୍ତିଶାଳୀ ଗୁଜରାଟକୁ ହରାଇ ଓଡ଼ିଶା ଚାମ୍ପିଅନ ହେବା ନିଶ୍ଚିତଭାବେ ଏକ ଉଲ୍ଲେଖନୀୟ ପ୍ରଦର୍ଶନ ବୋଲି କନ୍ଧମାଳର ମାଧବ ବଡ଼ସେଠ କହିଛନ୍ତି। କଳାହାଣ୍ଡିର ସରୋଜକାନ୍ତ କୁମାର ଉପଅଧିନାୟକ ରହିଥିଲେ। ସୁରେଶ କୁମାର ନାଗଙ୍କ ତତ୍ତ୍ୱାବଧାନରେ ଏହି ଦଳ ଗୁଜରାଟ ଯାଇଥିଲା।



# ଆଇକନିକ୍ ଇଣ୍ଟରନ୍ୟାସନାଲ ଓପନ୍ ଗେଟ୍‌ବଲ୍ ୩୦ରୁ




ଭୁବନେଶ୍ୱର, ୨୭ ।୧୧ (ସମିସ): ସ୍ଥାନୀୟ କଳିଙ୍ଗ ଷ୍ଟାଡିୟମରେ ଚଳିତ ମାସ ୩୦ ତାରିଖରୁ ଆଇକନିକ ଇଣ୍ଡିଆ ଇଣ୍ଟରନ୍ୟାସନାଲ ଓପନ୍ ଗେଟ୍‌ବଲ୍ ଟୁର୍ଣ୍ଣାମେଣ୍ଟ ଆରମ୍ଭ ହେବ। ଆଇକନିକ ସ୍ପୋର୍ଟ୍ସ ଫାଉଣ୍ଡେସନ (ଆଇଏସ୍‌ଏଫ୍) ଓ ଭାରତୀୟ ଗେଟ୍‌ବଲ ୟୁନିୟନ (ଆଇଜିୟୁ)ର ମିଳିତ ସହଯୋଗରେ ଆୟୋଜିତ ହେବାକୁ ଥିବା ଏହି ପ୍ରତିଯୋଗିତାରେ ୪୦୦ରୁ ଊର୍ଦ୍ଧ୍ୱ ଖେଳାଳି ଅଂଶଗ୍ରହଣ କରିବେ। ଯେଉଁଥିରେ ଜାପାନ, ଥାଇଲାଣ୍ଡ, ଇଣ୍ଡୋନେସିଆ ଓ ତାଇୱାନର ୩୦ଜଣ ଖେଳାଳି ରହିଛନ୍ତି। ସେହିଭଳି ଆୟୋଜକ ଓଡ଼ିଶା ସମେତ ୧୮ଟି ରାଜ୍ୟର ଖେଳାଳି ମଧ୍ୟ ଏହି ଦୁଇଦିନିଆ ପ୍ରତିଯୋଗିତାରେ ଭାଗନେବେ ବୋଲି ଆଇଜିୟୁ ତଥା ଆୟୋଜକ କମିଟିର ଦ୍ୱୀପାୟନ ପଟ୍ଟନାୟକ ଗୁରୁବାର ସାମ୍ବାଦିକ ସମ୍ମିଳନୀରେ ସୂଚନା ଦେଇଛନ୍ତି। ଏହି ଅବସରରେ ଟ୍ରଫି ଓ ଜର୍ସି ଉନ୍ମୋଚନ କରାଯାଇଥିଲା। ସାମ୍ବାଦିକ ସମ୍ମିଳନୀରେ ଅନ୍ୟମାନଙ୍କ ମଧ୍ୟରେ ଆଇଏସ୍‌ଏଫ୍‌ର ଡିରେକ୍ଟର ସଞ୍ଜୟ ଚୌଧୁରୀ, ଚିଦାତମିକା ଖଟୁଆ, ଶେଖ ଅବଦୁଲ ସମିସ, ଆୟୋଜକ କମିଟିର ଅଧ୍ୟକ୍ଷ ତାରିଣୀ ପ୍ରସାଦ ମହାନ୍ତି, ଆଇଜିୟୁ ସଭାପତି ଉମାକାନ୍ତ ପାଣି ପ୍ରମୁଖ ଉପସ୍ଥିତ ରହିଥିଲେ।

# ଶୁଭଶ୍ରୀଙ୍କୁ ଡବଲ ସ୍ୱର୍ଣ୍ଣ

ଭୁବନେଶ୍ୱର,୨୭।୧୧(ସମିସ): ଅଡଶପୁରଠାରେ ଆଜି ଶେଷ ହୋଇଥିବା ଉତ୍କଳ ବିଶ୍ୱବିଦ୍ୟାଳୟ ଆନ୍ତଃବିଶ୍ୱବିଦ୍ୟାଳୟ ଆଥଲେଟିକ ମିଟ୍‌ରେ ଏକାମ୍ର କଲେଜ୍‌ରେ ଶୁଭଶ୍ରୀ ପରିଡ। ଡବଲ ସ୍ୱର୍ଣ୍ଣ ପଦକ ବିଜୟୀ ହୋଇଛନ୍ତି। ସେ ମହିଳା ୧୦୦ ଓ ୪୦୦ ମିଟର ଦୌଡ଼ରେ ସ୍ୱର୍ଣ୍ଣ, ୨୦୦ ମିଟର ଦୌଡ଼ରେ ରୌପ୍ୟ ପଦକ ଜିତିଛନ୍ତି। ସେହିପରି କୃଷ୍ଣପ୍ରିୟା ବରିସାଲ ୧୦୦ ଓ ୨୦୦ ମିଟର ଦୌଡ଼ରେ କାଂସ୍ୟ ପଦକ ହାସଲ କରିଛନ୍ତି। ଖେଳ ଶିକ୍ଷକ ମନୋଜ ମହାପାତ୍ରଙ୍କ ତତ୍ତ୍ୱାବଧାନରେ ଉଭୟ ପ୍ରତିଯୋଗୀ ସଫଳ ହୋଇଛନ୍ତି।



# 'ସଟଲ୍'ରେ ୧ରୁ ଜାତୀୟ ସବ୍‌ଜୁନିଅର ବ୍ୟାଡ୍‌ମିଣ୍ଟନ

ଭୁବନେଶ୍ୱର,୨୭।୧୧(ସମିସ):

ଆଇକନିକ୍ କଳିଙ୍ଗ ଷ୍ଟାଡିୟମ୍ 'ସଟଲ'ରେ ଡିସେମ୍ବର ୧ରୁ ୬ ତାରିଖ ଯାଏ ୧୫ ଓ ୧୭ ବର୍ଷରୁ କମ୍ ଜାତୀୟ ସବ୍‌ଜୁନିଅର ବ୍ୟାଡ୍‌ମିଣ୍ଟନ ଚାମ୍ପିଅନସିପ୍ ଆୟୋଜିତ ହେବ। କ୍ରମାଗତ ୨ ବର୍ଷରେ କଳିଙ୍ଗ ୨ଟି ଜାତୀୟ ଚାମ୍ପିଅନସିପ୍ ଆୟୋଜନ କରିବାର ଅଧିକାର ପାଇଛି। ଏଥର ସବ୍‌ଜୁନିଅର ଚାମ୍ପିଅନସିପ୍‌ରେ ୩୨ଟି ରାଜ୍ୟ ଓ କେନ୍ଦ୍ରଶାସିତ ଅଞ୍ଚଳରୁ ରେକର୍ଡ ସଂଖ୍ୟକ ପ୍ରତିଯୋଗୀ ଅଂଶଗ୍ରହଣ କରିବାର ସୂଚନା ମିଳିଛି। ଏହା ମଧ୍ୟରୁ ବାଳିକା ବିଭାଗରେ ୨୫୬ ଓ ବାଳକ ବିଭାଗରେ ୩୨୪ ଜଣ ପ୍ରତିଯୋଗୀ ଭାଗ ନେବାର ସମ୍ଭାବନା ରହିଛି।

### ନଜରରେ ତନ୍‌ଭୀ ପତ୍ରୀ

ଓଡ଼ିଶାର ଜୁନିଅର ସୁପରଷ୍ଟାର ତନ୍‌ଭୀ ପତ୍ରୀଙ୍କୁ ଏହି ଟୁର୍ଣ୍ଣାମେଣ୍ଟର ବାଳିକା ବିଭାଗରେ ଫେବରାଇଟ୍ ବିବେଚନା କରାଯାଇଛି। ଉଭୟ ର୍ୟାଙ୍କିଙ୍ଗ୍ ଓ ଫର୍ମକୁ ଦେଖିଲେ ବାଲେଶ୍ୱରର ଏହି ଖେଳାଳି ଜଣଙ୍କ ଉଭୟ ୧୫ ଓ ୧୭ ବର୍ଷରୁ କମ୍ ବିଭାଗରେ ଏକକ ଟାଇଟଲ ଜିତିବାର ଦୃଢ଼ ଦାବିଦାର ରହିଛନ୍ତି। ଗତ ୬ ମାସରେ ସେ ୬ଟି ଟୁର୍ଣ୍ଣାମେଣ୍ଟରେ ପଦକ ଜିତିବାରେ ସମର୍ଥ ହୋଇଛନ୍ତି। ୩୫ତମ ସବ୍‌ଜୁନିଅର ବ୍ୟାଡ୍‌ମିଣ୍ଟନ ଚାମ୍ପିଅନସିପ୍‌ରେ ସେ ଉଭୟ ୧୩ ଓ ୧୫ ବର୍ଷରୁ କମ୍ ବିଭାଗରେ ଏକକ ଟାଇଟଲ ଜିତିଥିଲେ। ଟୁର୍ଣ୍ଣାମେଣ୍ଟ ଆରମ୍ଭ ହେବା ପୂର୍ବରୁ କ୍ରୀଡ଼ାମନ୍ତ୍ରୀ ତାଙ୍କୁ ସମ୍ବର୍ଦ୍ଧିତ କରିବା ସହ ମନୋବଳ ବଢ଼ାଇବାକୁ ଉତ୍ସାହ ଦେଇଛନ୍ତି। ଆନ୍ଧ୍ରପ୍ରଦେଶର ପି. ରାମକ୍ରିଷ୍ଣା ଚିଫ୍ ରେଫରୀ ଭାବେ ଟୁର୍ଣ୍ଣାମେଣ୍ଟ ପରିଚାଳନା କରିବେ।



# ଓଡ଼ିଶା ମାଷ୍ଟର୍ସରେ ୨୨ ଦେଶ

ଡିସେମ୍ବର ୯ରୁ ୧୪ ତାରିଖଯାଏ କଟକର ଇଣ୍ଡୋର ଷ୍ଟାଡିୟମ୍‌ରେ ଖେଳାଯିବ ଓଡ଼ିଶା ମାଷ୍ଟର୍ସ ବିଡବ୍ଲ୍ୟୁଏଫ୍ ଟୁର ସୁପର ୧୦୦ ବ୍ୟାଡମିଣ୍ଟନ ଟୁର୍ଣ୍ଣାମେଣ୍ଟ। ବିଶ୍ୱ ଓ ଭାରତୀୟ ବ୍ୟାଡମିଣ୍ଟନ ସଂଘ ଦ୍ୱାରା ଅନୁମୋଦିତ ଏହି ଟୁର୍ଣ୍ଣାମେଣ୍ଟର ଚତୁର୍ଥ ସଂସ୍କରଣରେ ଏଥର ୨୨ଟି ଦେଶ ଅଂଶଗ୍ରହଣ କରିବେ। ବିଶ୍ୱ ବ୍ୟାଡ୍‌ମିଣ୍ଟନରେ ପ୍ରାଧାନ୍ୟ ବିସ୍ତାର କରିଥିବା ଏସୀୟ ଖେଳାଳିମାନେ ଏଥିରେ ଅଂଶଗ୍ରହଣ କରିବେ ବୋଲି କ୍ରୀଡ଼ାମନ୍ତ୍ରୀ ସୂର୍ଯ୍ୟବଂଶୀ ସୂରଜ ଓ ଆୟୋଜକ ଓଡ଼ିଶା ବ୍ୟାଡମିଣ୍ଟନ ସଂଘ ସଭାପତି ରାଜେଶ ପ୍ରଭାକର ପାଟିଲ ଏକ ସମ୍ବାଦିକ ସମ୍ମିଳନୀରେ ପ୍ରକାଶ କରିଛନ୍ତି। ଏହି ଟୁର୍ଣ୍ଣାମେଣ୍ଟ ଓଡ଼ିଶାକୁ ଅନ୍ତର୍ଜାତୀୟ ସ୍ତରରେ ପରିଚିତ କରାଇଥିବାରୁ ରାଜ୍ୟ ସଂଘ ଓ ରାଜ୍ୟ କ୍ରୀଡ଼ା ଓ ଯୁବସେବା ନିର୍ଦ୍ଦେଶାଳୟ ଏହାକୁ ସମ୍ମାନର ସହ ଆୟୋଜନ କରିବାକୁ ସମସ୍ତ ପ୍ରକାର ଯୋଜନା କରିଛନ୍ତି।




PRINTED & PUBLISHED BY AMIT KUMAR MALLICK FOR 'THE SAKALA' A UNIT OF NANDIGHOSHA NETWORK PRIVATE LIMITED.
PRINTED AT THE SAKALA, SWOTI VILLAGE, PANIKOILI-755043, DIST: JAJPUR, ODISHA

କାର୍ଯ୍ୟନିର୍ବାହୀ ସମ୍ପାଦକ : ସମରେନ୍ଦୁ ଦାସ
EXECUTIVE EDITOR: SAMARENDU DAS